


◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 44 ♦ISSUE-11 ♦SUNDAY ♦05 JULY 2026 ♦PAGE-12+4 ♦₹ 7.00 | PANIKOILI | ♦ବର୍ଷ-୪୪ ♦ସଂଖ୍ୟା-୧୧ ♦ରବିବାର ♦୦୫ ଜୁଲାଇ ୨୦୨୬ ♦ପୃଷ୍ଠା-୧୨+୪ (ସିନ୍ଦୂରା) ♦ଟ.୭.୦୦


# ଲଘୁଚାପ ସକ୍ରିୟ ଆଜି ୯ ଜିଲ୍ଲାରେ ଛେଚିବ

## ୭ ତାରିଖ ଯାଏଁ ଲାଗିରହିବ ବର୍ଷା; ୩ ଜିଲ୍ଲାକୁ ରେଡ୍ ଆଲର୍ଟ

■ ଭୁବନେଶ୍ୱର, ୪।୭ (ସମିସ): ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଏବଂ ସଂଲଗ୍ନ ଉତ୍ତର ଓଡ଼ିଶା-ପଶ୍ଚିମବଙ୍ଗ ଉପକୂଳରେ ସକ୍ରିୟ ଥିବା ସୁଦୃଢ଼ ଲଘୁଚାପ କ୍ଷେତ୍ରର ପ୍ରଭାବରେ ରାଜ୍ୟରେ ବ୍ୟାପକ ବର୍ଷା ଜାରି ରହିଛି। ଗତ ୨ ଦିନ ଧରି ଲଗାଣ ବର୍ଷା ପ୍ରଭାବରୁ ସାଧାରଣ ଜନଜୀବନ ପ୍ରଭାବିତ ହୋଇଥିବା ବେଳେ କେତେକ ସ୍ଥାନରେ ଜଳବନ୍ଦୀ ସମସ୍ୟା ଦେଖାଦେଇଛି। ଏପଟେ ଆସନ୍ତା ୭ ତାରିଖ ପର୍ଯ୍ୟନ୍ତ ରାଜ୍ୟବ୍ୟାପୀ ବର୍ଷାର ପ୍ରକୋପ ଦେଖିବାକୁ ମିଳିବ ବୋଲି ସୂଚନା ଦେଇଛି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର।

କେନ୍ଦ୍ର ପ୍ରଦତ୍ତ ସୂଚନା ଅନୁଯାୟୀ ଗତ ୩୩ ଘଣ୍ଟା ମଧ୍ୟରେ ଗଞ୍ଜାମ ଛତ୍ରପୁରରେ ସର୍ବାଧିକ ୧୩୮.୭ ମିଲିମଟର ବର୍ଷା ହୋଇଛି। ସେହିପରି କୋରାପୁଟରେ ୧୦୮ ମିଲିମିଟର, ଗୋପାଳପୁରରେ ୧୦୭.୮ ମିଲିମିଟର, ବାରିପଦାରେ ୧୦୪ ମିଲିମିଟର, ଚାନ୍ଦବାଲିରେ



୯୧.୬ ମିଲିମିଟର ବର୍ଷା ହୋଇଛି। ଏତଦବ୍ୟତୀତ କଟକ ଓ ଭୁବନେଶ୍ୱରରେ ୮୮.୬ ମିଲିମିଟର, ପୁରୀରେ ୭୬ ମିଲିମିଟର, ନୟାଗଡରେ ୮୯ ମିଲିମିଟର, ସୋନପୁରରେ ୭୩.୪ ମିଲିମିଟର, ବରଗଡ଼ରେ ୭୨.୪ ମିଲିମିଟର, ଖୋର୍ଦ୍ଧାରେ ୮୮ ମିଲିମିଟର, ଜଗତସିଂହପୁରରେ ୭୯.୨ ମିଲିମିଟରର ବର୍ଷା ରେକର୍ଡ କରାଯାଇଛି। ସେହିପରି ଶନିବାର ସକାଳ ୮ଟା୩୦ରୁ ସନ୍ଧ୍ୟା ୫ଟା ୩୦ ମିନିଟ ମଧ୍ୟରେ କୋରାପୁଟରେ ସର୍ବାଧିକ ୬୯.୨ ମିଲିମିଟର ବର୍ଷା ହୋଇଥିବା ବେଳେ ବଲାଙ୍ଗୀରରେ ୬୭ ମିଲିମିଟର, ଭୁବନେଶ୍ୱରରେ ୪୫.୬ ମିଲିମିଟର, କଟକରେ ୩୨.୪ ମିଲିମଟର, ▶ପୃଷ୍ଠା-୭

### ମୁକାବିଲା ପାଇଁ ସଜାଗ ରହିବାକୁ ପ୍ରଶାସନକୁ ନିର୍ଦ୍ଦେଶ

■ ଭୁବନେଶ୍ୱର, ୪।୭ (ସମିସ): ଉତ୍ତର-ପଶ୍ଚିମ ବଙ୍ଗୋପସାଗର ଏବଂ ସଂଲଗ୍ନ ଉତ୍ତର ଓଡ଼ିଶା-ପଶ୍ଚିମବଙ୍ଗ ଉପକୂଳରେ ଲଘୁଚାପ କାରଣରୁ ରାଜ୍ୟବ୍ୟାପୀ ବର୍ଷା ଜାରି ରହିଛି। ରାଜ୍ୟ ସରକାର ପରିସ୍ଥିତି ଉପରେ କଡ଼ା ନଜର ରଖିଥିବା ବେଳେ ସମ୍ଭାବ୍ୟ ପରିସ୍ଥିତିର ମୁକାବିଲା ପାଇଁ ସମ୍ପୂର୍ଣ୍ଣ ସଜାଗ ଥିବା କହିଛନ୍ତି। ସ୍ୱତନ୍ତ୍ର ରିଲିଫ କମିଶନର (ଏସଆରସି)ଙ୍କ ଅଧୀନସ୍ଥ ଷ୍ଟେଟ୍ ଇମର୍ଜେନ୍ସି ଅପରେସନ୍ ସେଣ୍ଟର୍ (ଏସଇଓସି) ସମସ୍ତ ଜିଲ୍ଲା ଜରୁରୀକାଳୀନ ପରିଚାଳନା କେନ୍ଦ୍ର (ଡିଇଓସି) ସହ ସମନ୍ୱୟ ରକ୍ଷା କରି ୨୪ ଘଣ୍ଟିଆ ପରିସ୍ଥିତିର ନିରୀକ୍ଷଣ କରୁଥିବା ସୂଚନା ମିଳିଛି।

ଭାରତୀୟ ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ଏବଂ କେତେକ ସ୍ଥାନରେ ଅତ୍ୟଧିକ ପ୍ରବଳ ବର୍ଷା ହେବାର ▶ପୃଷ୍ଠା-୭

# ଜୁଲାଇ ୨୦ରୁ ସଂସଦର ମୌସୁମୀ ଅଧିବେଶନ

**ଅଗଷ୍ଟ ୧୩ ପର୍ଯ୍ୟନ୍ତ ଚାଲିବ ଗୃହ କାର୍ଯ୍ୟ**

■ ନୂଆଦିଲ୍ଲୀ, ୪।୭ (ଏଜେନ୍ସି): ଚଳିତ ବର୍ଷ ସଂସଦର ମୌସୁମୀ ଅଧିବେଶନ ଆସନ୍ତା ଜୁଲାଇ ୨୦ ତାରିଖରୁ ଆରମ୍ଭ ହେବାକୁ ଯାଉଛି। ଏହି ଗୁରୁତ୍ୱପୂର୍ଣ୍ଣ ଅଧିବେଶନ ଆସନ୍ତା ଅଗଷ୍ଟ ୧୩ ତାରିଖ ପର୍ଯ୍ୟନ୍ତ ଚାଲିବ ବୋଲି ସଂସଦୀୟ ବ୍ୟାପାର ମନ୍ତ୍ରୀ କିରେନ୍ ରିଜିଜୁ ଆଜି ସୂଚନା ଦେଇଛନ୍ତି। ପ୍ରାୟ ତିନି ସପ୍ତାହରୁ ଅଧିକ ସମୟ ଧରି ଚାଲିବାକୁ ଥିବା ଏହି ଅଧିବେଶନରେ ଅନେକ ଗୁରୁତ୍ୱପୂର୍ଣ୍ଣ ବିଲ୍ ଏବଂ ଦେଶର ବିଭିନ୍ନ ସାମ୍ପ୍ରତିକ ସମସ୍ୟା ଉପରେ ଆଲୋଚନା ହେବାର ସମ୍ଭାବନା ରହିଛି।

ମିଳିଥିବା ସୂଚନା ଅନୁଯାୟୀ ଏହି ଅଧିବେଶନ ବିଶେଷ କରି ଦୁଇଟି ପ୍ରସଙ୍ଗ ନେଇ ସରଗରମ ରହିବ। ୩୦ ଦିନ ଧରି ଜେଲରେ ରହିଲେ ପ୍ରଧାନମନ୍ତ୍ରୀ, ମୁଖ୍ୟମନ୍ତ୍ରୀ ଓ ମନ୍ତ୍ରୀ ନିଜର ପଦ ହରାଇବେ ବୋଲି ସରକାର ଏସଂପର୍କରେ ଏକ ସମ୍ବିଧାନ ସଂଶୋଧନ ବିଲ୍ ଆଗତ କରିବେ। ଯଦି ଜଣେ ମନ୍ତ୍ରୀଙ୍କୁ ଏଭଳି ଏକ ଅଭିଯୋଗରେ ଗିରଫ କରାଯାଇଛି, ଯେଉଁଥିରେ ୫ ବର୍ଷ କିମ୍ବା ତାଠାରୁ ଅଧିକ ସମୟ ପାଇଁ ଜେଲଦଣ୍ଡର ବ୍ୟବସ୍ଥା ଥିବ, ସେମାନଙ୍କ ପ୍ରତି ଏହି ନିୟମ ଲାଗୁ ହେବ। ସେମାନେ ୩୦ ଦିନ ପର୍ଯ୍ୟନ୍ତ ଜେଲରେ ରହିଲେ ୩୧ତମ ଦିନରେ ଆପେ ଆପେ ମନ୍ତ୍ରୀ ପଦ ହରାଇବେ। ରାଷ୍ଟ୍ରପତି ଏବଂ ରାଜ୍ୟପାଳ ମଧ୍ୟ ସେମାନଙ୍କୁ



**ରାଜନାଥ ଓ ମନ୍ତ୍ରିପଦ ବିଲ୍‌କୁ ନେଇ ସରଗରମ ରହିବ ସଂସଦ**

**ଉଠିବ ଆଞ୍ଚଳିକ ଦଳରେ ବିଭାଜନ ପ୍ରସଙ୍ଗ**

ବରଖାସ୍ତ କରିପାରିବେ। ତେବେ ବିରୋଧୀ ଦଳ ଏହାକୁ ବିରୋଧ କରିଛନ୍ତି। ସେମାନେ ଅଭିଯୋଗ କରିଛନ୍ତି ବିରୋଧୀ ଦଳ ଶାସିତ ସରକାରଙ୍କୁ ଅସ୍ଥିର କରିବା ଲାଗି ସରକାର ଏହାର ରାଜନୈତିକ ଦୁରୁପଯୋଗ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ଏହା ଉଭୟ କେଜ୍ରିୱାଲ ଏବଂ ହେମନ୍ତ ସୋରେନଙ୍କ କ୍ଷେତ୍ରରେ ଦେଖାଦେଇଛି। ଅନ୍ୟପକ୍ଷରେ କେବଳ ସମ୍ବିଧାନ ସଂଶୋଧନ ଦ୍ୱାରା ଏହି ବିଲ୍ ପାସ୍ କରାଯାଇପାରିବ। ଏଥିପାଇଁ ଉଭୟ ଗୃହରେ ଦୁଇ ତୃତୀୟାଂଶ ଉପସ୍ଥିତ ସଭ୍ୟଙ୍କ ସମର୍ଥନ ଦରକାର। ରାଜ୍ୟସଭାରେ ସରକାର ଏହି ସଂଖ୍ୟାର ନିକଟବର୍ତ୍ତୀ ହୋଇଥିଲେ ମଧ୍ୟ ଲୋକସଭାରେ ବିଭିନ୍ନ ଦଳରେ ବିଭାଜନ ସତ୍ତ୍ୱେ ଆହୁରି ୪୦ ▶ପୃଷ୍ଠା-୭

# ରାଜଧାନୀ ଡ୍ରେନ୍‌ରେ ଭାସିଗଲେ ଯୁବକ

■ ଭୁବନେଶ୍ୱର, ୪।୭ (ସମିସ): ପୁଣି ଜୀବନ ନେଲା ରାଜଧାନୀର ମୁକ୍ତୁଲା ଡ୍ରେନ୍। ସହିଦନଗର ଥାନା ବାଣୀବିହାର ସ୍ଥିତ ଉତ୍କଳ ବିଶ୍ୱବିଦ୍ୟାଳୟ ନିକଟସ୍ଥ ଡ୍ରେନ୍ ନମ୍ବର ୪ରେ ଭାସିଯାଇ ଆଜି ଜଣେ ଯୁବକ ନିଖୋଜ ହୋଇଯାଇଛନ୍ତି। ନିଖୋଜ ଯୁବକ ଜଣକ ସ୍ଥାନୀୟ ପଥରବନ୍ଧ ବସ୍ତିର ବାସିନ୍ଦା ଅନିଲ ସିଂହ। ତାଙ୍କ ବୟସ ୩୫ ବୋଲି ଜଣାପଡ଼ିଛି। ପ୍ଲାଷ୍ଟିକ୍ ବୋତଲ ସଂଗ୍ରହ କରିବାକୁ ଯାଇଥିଲା ବେଳେ ଡ୍ରେନ୍‌ରେ ଗୋଡ଼ ଖସିଯିବାରୁ ସେ ଭାସିଯାଇ ପାଣି ଭିତରେ ନିଖୋଜ ହୋଇଯାଇଥିଲେ। ସ୍ଥାନୀୟ ଲୋକଙ୍କ ସହ ଅଗ୍ନିଶମ ବାହିନୀ ଏବଂ ଓଡ୍ରାଫ୍ ଟିମ୍ ମଧ୍ୟ ଖୋଜାଖୋଜି କରୁଛନ୍ତି। ୬ଘଣ୍ଟା ଧରି ଉଦ୍ଧାର କାର୍ଯ୍ୟ ଜାରି ରହିଥିଲେ ମଧ୍ୟ ନିଖୋଜ ଯୁବକଙ୍କ କୌଣସି ପତ୍ତା ମିଳିପାରି ନାହିଁ। ସ୍ଥିତି ଅନୁଧ୍ୟାନ କରିବାକୁ ଭୁବନେଶ୍ୱର ମେୟର ସୁଲୋଚନା ଦାସ, ବିଏମ୍‌ସି କମିସନର ଚଞ୍ଚଳ ରଣା ପ୍ରମୁଖ ଘଟଣାସ୍ଥଳ ପରିଦର୍ଶନରେ ଯାଇଥିଲେ।



ପ୍ରତ୍ୟକ୍ଷଦର୍ଶୀଙ୍କ ସୂଚନା ମୁତାବକ, ଅନିଲ ପେଶାରେ ଜରି ଏବଂ ପ୍ଲାଷ୍ଟିକ୍ ବୋତଲ ଗୋଟାଳି। ଗୋଟିଏ ବସ୍ତା ପ୍ଲାଷ୍ଟିକ ବୋତଲ ସଂଗ୍ରହ କରିବା ପରେ ଆଉ ଗୋଟିଏ ବସ୍ତା ବୋତଲ ସଂଗ୍ରହ କରିବାକୁ ଡ୍ରେନ୍ ଭିତରେ ପଶିଥିଲେ। ସେହି ସମୟରେ ତାଙ୍କର ଗୋଡ ଖସିଯିବାରୁ ସେ ଭାସି ଯାଇଛନ୍ତି। ଡ୍ରେନରେ ଥିବା ଅଳିଆରେ ଯୁବକ ଜଣକ ପୋତି ହୋଇଯାଇଥିବା ଆଶଙ୍କା କରାଯାଉଛି ବୋଲି ରାଜ୍ୟ ଫାୟାର ଆଣ୍ଡ ଏମର୍ଜେନ୍ସି ସର୍ଭିସେସ କମାଣ୍ଡ ସେଣ୍ଟର ପକ୍ଷରୁ ସୂଚନା ଦିଆଯାଇଛି। ଏହି ଘଟଣା ସମ୍ପର୍କରେ ଭୁବନେଶ୍ୱର ମେୟର ସୁଲୋଚନା କହିଛନ୍ତି, ଖବର ପାଇ କର୍ପୋରେଟର, ଅଧିକାରୀଙ୍କ ସମେତ ଆମେ ଘଟଣାସ୍ଥଳରେ ପହଞ୍ଚିଛୁ। ଏହି ଡ୍ରେନ ▶ପୃଷ୍ଠା-୭

**ଅଟୋକୁ ଧକ୍କାଦେଲା ଟ୍ରକ୍**

### ବାପାପୁଅ ମୃତ, ମାଆ ଓ ଅଟୋ ଚାଳକ ଗୁରୁତର

■କରଞ୍ଜିଆ, ୪।୭ (ସମିସ): ୨୨୦ନଂ ଜାତୀୟ ରାଜପଥର କାଳିକାପୁର ନିକଟରେ ଶନିବାର ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ଟ୍ରକ୍ ଧକ୍କା ଦେବାରୁ ବାପାପୁଅଙ୍କ ମୃତ୍ୟୁ ଘଟିଥିବାବେଳେ ମାଆ ଓ ଅଟୋ ଚାଳକ ଗୁରୁତର ଆହତ ହୋଇଛନ୍ତି। ମୃତକ ଜ୍ଞାନସେନ କିସ୍କୁ ଓ ରାମରାଜ କିସ୍କୁ ବୋଲି ଜଣାପଡ଼ିଛି।

ସୂଚନା ମୁତାବକ, ବଡ଼କା ପଞ୍ଚାୟତ ତରଠା ଗ୍ରାମର ବାସିନ୍ଦା ଜ୍ଞାନସେନ କିସ୍କୁ ନିଜ ସ୍ତ୍ରୀ ଓ ଛୋଟ ପୁଅ ରାମରାଜ କିସ୍କୁଙ୍କୁ ଅଟୋରେ କରଞ୍ଜିଆ ଉପଖଣ୍ଡ ଚିକିତ୍ସାଳୟରେ ଡାକ୍ତରଙ୍କୁ ଦେଖାଇ ଘରକୁ ଫେରୁଥିଲେ। କାଳିକାପୁର ନିକଟରେ ସେମାନେ ଯାଉଥିବା ଗାଡ଼ିକୁ ଏକ ଦ୍ରୁତଗାମୀ ଟ୍ରକ୍ ପଛପଟୁ ଧକ୍କା ଦେଇଥିଲା। ଧକ୍କା ଏତେ ଜୋରଦାର ଥିଲା ଯେ ଘଟଣାସ୍ଥଳରେ ଜ୍ଞାନସେନ ଓ ତାଙ୍କ ପୁଅ ରାମରାଜଙ୍କ ମୃତ୍ୟୁ ଘଟିଥିଲା। ଜ୍ଞାନସେନଙ୍କ ସ୍ତ୍ରୀ ଗୁରୁତର ଆହତ ହୋଇଥିଲେ। ତାଙ୍କୁ ପ୍ରଥମେ କରଞ୍ଜିଆ ଚିକିତ୍ସାଳୟ ଓ ପରେ ଉନ୍ନତ ଚିକିତ୍ସା ପାଇଁ କେନ୍ଦୁଝର ଜିଲ୍ଲା ▶ପୃଷ୍ଠା-୭

**ରାମ ମନ୍ଦିର ଚାନ୍ଦା ଘୋଟାଲା ମାମଲାରେ ନୂଆ ମୋଡ଼**

# ଦାନ ସୁନାକୁ ତରଳାଇ ବିସ୍କୁଟ କରିଦେଲେ !



■ଅଯୋଧ୍ୟା, ୪।୭ (ଏଜେନ୍ସି): ଅଯୋଧ୍ୟା ରାମ ମନ୍ଦିରର ଦାନ ସାମଗ୍ରୀ ହେରଫେର ଓ ଚୋରି ମାମଲାର ତଦନ୍ତ କରୁଥିବା ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସ୍‌ଆଇଟି) ହାତରେ ଏକ ନୂଆ ଚାଞ୍ଚଲ୍ୟକର ତଥ୍ୟ ଲାଗିଛି। ମନ୍ଦିରରୁ ଚୋରି ହୋଇଥିବା ସୁନା ଓ ରୁପା ଗହଣାର ପରିଚୟ ଲୁଚାଇବା ପାଇଁ ଅଭିଯୁକ୍ତମାନେ ସେଗୁଡ଼ିକୁ ତରଳାଇ ସୁନା ବିସ୍କୁଟରେ ପରିଣତ କରିଥିବା ସନ୍ଦେହ କରାଯାଉଛି। ତଲାସୀ ସତ୍ତ୍ୱେ ଗହଣା ମିଳିନଥିବାରୁ ଏହି ଆଶଙ୍କା ଆହୁରି ଦୃଢ଼ ହୋଇଛି। ଏହି ସମ୍ବେଦନଶୀଳ ମାମଲାରେ ଏସ୍‌ଆଇଟି ତଦନ୍ତର ପରିସରକୁ ବ୍ୟାପକ କରିଛି। ଅଭିଯୁକ୍ତମାନଙ୍କ ସଂପର୍କୀୟମାନଙ୍କ ଘରେ ମଧ୍ୟ ଚଢ଼ାଉ କରାଯିବା ସହିତ ସେମାନଙ୍କର ବ୍ୟାଙ୍କ ଲକରର ମଧ୍ୟ ଯାଞ୍ଚ କରାଯାଉଛି।

ତଦନ୍ତକାରୀ ଦଳ ଆଜି ମନ୍ଦିରର ଦାୟିତ୍ୱରେ ଥିବା କେଡି ବାବୁଙ୍କ ସମେତ ପୂର୍ବତନ ସାଧାରଣ ସମ୍ପାଦକ ଚମ୍ପତ ରାୟ ଓ ଅନିଲ ମିଶ୍ରଙ୍କୁ ପଚରାଉଚରା କରିଛି। ମୁଖ୍ୟ ଅଭିଯୁକ୍ତ ଅବିନାଶ ▶ପୃଷ୍ଠା-୭

### ବଦ୍ରିନାଥରେ ବି ଦାନଅର୍ଥ ଚୋରି

■ ବଦ୍ରିନାଥ: ଅଯୋଧ୍ୟାର ରାମ ମନ୍ଦିର ପରେ ଏବେ ପ୍ରସିଦ୍ଧ ବଦ୍ରିନାଥ ଧାମରେ ମଧ୍ୟ ଶ୍ରଦ୍ଧାଳୁଙ୍କ ଦାନ ଅର୍ଥ ହେରଫେର ହୋଇଥିବା ଅଭିଯୋଗ ଆସିଛି। ସାମାଜିକ ଗଣମାଧ୍ୟମରେ ଏହି ଖବର ପ୍ରସାରିତ ହେବା ପରେ ବଦ୍ରିନାଥ-କେଦାରନାଥ ମନ୍ଦିର ସମିତି ଏହାକୁ ଗମ୍ଭୀରତାର ସହ ନେଇ ଏକ ଉଚ୍ଚସ୍ତରୀୟ ତଦନ୍ତ ନିର୍ଦ୍ଦେଶ ଦେଇଛି। 'ଭୈରବ ସେନା' ନାମକ ଏକ ସଂଗଠନ ମନ୍ଦିର ସମିତିର ଅଧ୍ୟକ୍ଷଙ୍କ ବ୍ୟକ୍ତିଗତ ସହକାରୀଙ୍କ ସନ୍ଦେହଜନକ ଭୂମିକାକୁ ନେଇ ଆର୍ଥିକ ଅନିୟମିତତାର ଅଭିଯୋଗ ଆଣିବା ସହ ନିରପେକ୍ଷ ତଦନ୍ତ ଦାବି କରିଥିଲା। ଏହି ଘଟଣା ଉପରେ ସ୍ପଷ୍ଟୀକରଣ ଦେଇ ମନ୍ଦିର ସମିତିର ଅଧ୍ୟକ୍ଷ ହେମନ୍ତ ଦ୍ୱିବେଦୀ କହିଛନ୍ତି ଯେ, ଅଭିଯୋଗ ଆସିଥିବା ସଂପୃକ୍ତ କର୍ମଚାରୀମାନଙ୍କୁ କାରଣ ଦର୍ଶାଅ ନୋଟିସ୍ ଜାରି କରାଯାଇଛି। ଏକ ଆଭ୍ୟନ୍ତରୀଣ ତଦନ୍ତ କମିଟି ଗଠନ କରାଯାଇଛି ଏବଂ ଦୋଷୀ ସାବ୍ୟସ୍ତ ହେଲେ କଠୋର ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ମନ୍ଦିରର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ସୋହନ ସିଂହ ▶ପୃଷ୍ଠା-୭



# ଥାନା କ୍ୱାର୍ଟର୍ସରେ ଝୁଲିପଡ଼ିଲେ ଇନ୍ସପେକ୍ଟର ବିଝୁଟି

■କଟକ,୪।୭ (ସମିସ): ଚାଉଳିଆଗଞ୍ଜ ଥାନା ପରିସର କ୍ୱାର୍ଟର ଭିତରୁ ଆଇଆଇସି ବିଝୁଟି ମହାନ୍ତିଙ୍କ ମୃତଦେହ ଝୁଲନ୍ତା ଅବସ୍ଥାରେ ଉଦ୍ଧାର ହୋଇଛି। ମୃତ୍ୟୁର ପ୍ରକୃତ କାରଣ ଏ ପର୍ଯ୍ୟନ୍ତ ସ୍ପଷ୍ଟ ହୋଇନାହିଁ। ଏହି ଘଟଣାକୁ ନେଇ ପୁଲିସ ମହଲରେ ଆଲୋଡନ ସୃଷ୍ଟି ହୋଇଛି। ପାରିପାର୍ଶ୍ୱିକ ସ୍ଥିତି ଯାଞ୍ଚ ପରେ ମୃତଦେହକୁ ଜବତ କରି ବ୍ୟବଚ୍ଛେଦ ପାଇଁ ଏସସିବି ମେଡିକାଲକୁ ପଠାଯାଇଛି।

ମିଳିଥିବା ସୂଚନା ଅନୁସାରେ, ଶୁକ୍ରବାର ରାତି ପ୍ରାୟ ୯ଟା ଯାଏ ଆଇଆଇସି ଶ୍ରୀମତୀ ମହାନ୍ତି ଥାନାରେ

**ମୃତ୍ୟୁକୁ ନେଇ ନାନା ସନ୍ଦେହ**

କାର୍ଯ୍ୟରତ ଥିଲେ। ହଠାତ ଅସୁସ୍ଥ ଅନୁଭବ କରିବାରୁ ସେ ଥାନାର ଉପର ମହଲାରେ ଥିବା ନିଜ କ୍ୱାର୍ଟରକୁ ଯାଇଥିଲେ। ଶନିବାର ସକାଳେ ଥାନାରେ ନିୟମିତ ହେଉଥିବା ବ୍ରିଫିଙ୍ଗ ରୋଲ୍‌କଲ୍‌କୁ ଆସି ନଥିଲେ। ଦୀର୍ଘ ସମୟ ଅପେକ୍ଷା ପରେ ଦିନ ପ୍ରାୟ ୧୦ଟା ବେଳେ ଥାନା କର୍ମଚାରୀ କ୍ୱାର୍ଟରକୁ ଯାଇ ଆଇଆଇସିଙ୍କୁ ଡାକିଥିଲେ। ମାତ୍ର ରୁମ ଭିତରୁ କିଛି ଉତ୍ତର ମିଳି ନଥିଲା। ଏ ସମ୍ପର୍କରେ ଜୋନ ଏସିପି ସୁଧାଂଶୁ ଜେନାଙ୍କୁ ସୂଚନା ଦିଆଯାଇଥିଲା। ପରେ ଏସିପିଙ୍କ ଉପସ୍ଥିତିରେ କବାଟ ଭଙ୍ଗା ଯିବାରୁ ଆଇଆଇସିଙ୍କ ମୃତଦେହ ଝୁଲନ୍ତା ଅବସ୍ଥାରେ ମିଳିଥିଲା। ପୁଲିସ ପକ୍ଷରୁ ଉକ୍ତ ରୁମକୁ ସିଲ୍ କରାଯାଇଛି। ପୁଲିସ କମିସନର ସିପି ଦେବଦତ୍ତ ସିଂ ଏବଂ କଟକ ଡିସିପି ଖିଲାରୀ ଋଷିକେଶଙ୍କ ସମେତ ମୃତ ଆଇଆଇସିଙ୍କ ସ୍ୱାମୀ ଓ ପରିବାର ଲୋକେ ଏସସିବିରେ ପହଞ୍ଚିଥିଲେ। ସାଇଣ୍ଟିଫିକ ଟିମ ସାହାଯ୍ୟରେ ଘଟଣାସ୍ଥଳରୁ ▶ପୃଷ୍ଠା-୭

**୪ ଦିନ ରୋଗୀ ଦହଗଞ୍ଜ ପରେ ଆଲୋଚନାକୁ ଆସିଲେ ରାଜ୍ୟ ସରକାର**

# ଡାକ୍ତର ଆନ୍ଦୋଳନ ସ୍ଥଗିତ

■ ଭୁବନେଶ୍ୱର, ୪।୭ (ସମିସ): ଚାରି ଦିନ ହେଲା ଆନ୍ଦୋଳନରେ ଥିଲେ ଡାକ୍ତର। ସ୍ୱାସ୍ଥ୍ୟ ସେବାରୁ ବଞ୍ଚିତ ହୋଇ ସାରା ରାଜ୍ୟରେ ରୋଗୀମାନେ ଦହଗଞ୍ଜ ହେଲେ। କେଉଁଠି ବଞ୍ଚିଥିବା ରୋଗୀଙ୍କୁ ଠିକ୍ ଭାବେ ଚିକିତ୍ସା ମିଳିଲାନି ତ କେଉଁଠି ମୃତ୍ୟୁ ପରେ ବ୍ୟବଚ୍ଛେଦ ହୋଇ ନ ପାରି ପଡ଼ି ରହିଲା।। ଶବ। ଆଉ କେତେକ ସ୍ଥାନରେ ଭୟରେ ରୋଗୀମାନେ ନ ଆସିବାରୁ ଡାକ୍ତରଖାନା ଶଯ୍ୟା ବି ଖାଲି ହୋଇଗଲା। ଏପଟେ ଡାକ୍ତରମାନଙ୍କୁ ଡରାଇବାକୁ ଯାଇ ସରକାର କାର୍ଯ୍ୟାନୁଷ୍ଠାନର ଧମକ ବି ଦେଲେ। ହେଲେ କିଛି ସୁଫଳ ମିଳିଲା ନାହିଁ, ଓଲଟା ଦିନକୁ ଦିନ ସମସ୍ୟା ବଢ଼ି ସ୍ଥିତି ବିଗିଡ଼ିବାରେ ଲାଗିଲା। ସ୍ୱାସ୍ଥ୍ୟ ସେବା ନ ମିଳିବା ଭଳି ଗୁରୁତର ସମସ୍ୟାରେ ସାରା ରାଜ୍ୟବାସୀ ଘାଣ୍ଟି ହେବା ପରେ ଶେଷରେ ସରକାର ଡାକ୍ତରମାନଙ୍କ ଦାବି ସଂପର୍କରେ ଆଲୋଚନା ପାଇଁ ରାଜି ହେଲେ। ଆଲୋଚନା ପରେ ଗତ ୧ ତାରିଖଠାରୁ ଆରମ୍ଭ ହୋଇଥିବା ଡାକ୍ତର ଆନ୍ଦୋଳନ ଶନିବାର ସ୍ଥଗିତ ହୋଇଛି।

ଶନିବାର ପୂର୍ବାହ୍ନରେ ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗଙ୍କ ସହ ଓଡ଼ିଶା ମେଡିକାଲ ସର୍ଭିସ ଆସୋସିଏସନ(ଓମ୍‌ସା)ର କର୍ମକର୍ତ୍ତା ପ୍ରାୟ ସାଢ଼େ ୩ ଘଣ୍ଟା ଆଲୋଚନା କରିଥିଲେ। ଆଲୋଚନାରେ

**ଗଠନ ହେଲା ଉଚ୍ଚସ୍ତରୀୟ କମିଟି**

**ଆସନ୍ତା ୨୨ରେ ବସିବ ବୈଠକ**

ଡାକ୍ତରଙ୍କ ଦାବି ପୂରଣ ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯିବା ସହ ଅନ୍ୟାନ୍ୟ କେତେକ ନିଷ୍ପତ୍ତି ପରେ ଡାକ୍ତରମାନେ ଆନ୍ଦୋଳନ ସ୍ଥଗିତ ନିଷ୍ପତ୍ତି ନେଇଛନ୍ତି। ଶନିବାରଠାରୁ ଡାକ୍ତରମାନେ ନିଜ କର୍ମକ୍ଷେତ୍ରରେ ଯୋଗ ଦେଇଥିବା ନେଇ ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ଆଲୋଚନା ପରେ ଗଣଣାଧ୍ୟମକୁ ସୂଚନା ଦେଇ ସ୍ୱାସ୍ଥ୍ୟମନ୍ତ୍ରୀ ▶ପୃଷ୍ଠା-୭

# ଇ-୨୦ ପେଟ୍ରୋଲକୁ ଦେଶସାରା ନା-ନା

## ଭାରତଠାରୁ ଇ-୨୦ ପେଟ୍ରୋଲ ନେବାକୁ ମନା କଲା ଭୁଟାନ

■ ନୂଆଦିଲ୍ଲୀ, ୪।୭ (ଏଜେନ୍ସି): ସାରା ଦେଶରେ ଏବେ ଇ-୨୦ ପେଟ୍ରୋଲକୁ ନେଇ ବିବାଦ ତୀବ୍ର ହେବାରେ ଲାଗିଛି। ଗୋଟିଏ ପଟେ, ଲୋକମାନେ ଅଭିଯୋଗ କରୁଛନ୍ତି ଯେ ଇ-୨୦ ପେଟ୍ରୋଲ ଯୋଗୁଁ ଗତ କିଛି ମାସ ମଧ୍ୟରେ ସେମାନଙ୍କ ଗାଡ଼ିର ମାଇଲେଜ୍ ୩୦% ପର୍ଯ୍ୟନ୍ତ ହ୍ରାସ ପାଇଛି। ଏଥିଯୋଗୁ ଇଞ୍ଜିନ୍‌ରେ ସମସ୍ୟର ଏବଂ ଗାଡ଼ିର କାର୍ଯ୍ୟଦକ୍ଷତାରେ ହ୍ରାସ ହେଉଛି। ଏହି ସମସ୍ୟାଗୁଡ଼ିକ ପେଟ୍ରୋଲରେ ଅତ୍ୟଧିକ ଇଥାନଲ୍ ମିଶ୍ରଣ ଯୋଗୁ ହେଉଥିବା ଲୋକେ ଅଭିଯୋଗ କରୁଛନ୍ତି। ଅନ୍ୟପଟେ ସରକାର ଏ ସମସ୍ତ ପ୍ରକାର ଅଭିଯୋଗକୁ ଖଣ୍ଡନ କରିଛନ୍ତି। ମାମଲା କୋର୍ଟରେ ପହଞ୍ଚିବା ସହିତ ଏହି ପ୍ରସଙ୍ଗ ରାଜନୈତିକ ରୂପ ନେଇଛି। ଖୋଦ୍ ପେଟ୍ରୋଲିୟମ୍ ମନ୍ତ୍ରୀଏବଂ ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀ ମୁଖ୍ୟ ସ୍ୱୀକାର କରୁଛନ୍ତି ଯେ, ଇ-୨୦ ପେଟ୍ରୋଲ ଯୋଗୁ ଗାଡ଼ିର ମାଇଲେଜ୍ କମୁଛି। ଏଭଳି ଘଟଣା ମଧ୍ୟରେ ଭୁଟାନ୍ ଭାରତଠାରୁ




**ଫୁଏଲ୍ ପମ୍ପ ଜାମ୍, ଇଞ୍ଜିନ୍ ଯନ୍ତ୍ରାଂଶରେ ଲାଗୁଛି କଳଙ୍କି**

**ମାଇଲେଜ୍ କମୁଥିବା ନେଇ ପେଟ୍ରୋଲିୟମ୍ ମନ୍ତ୍ରୀ, ତେଲ କମ୍ପାନୀ ମୁଖ୍ୟଙ୍କ ସ୍ୱୀକାରୋକ୍ତି**

ଇ-୨୦ ପେଟ୍ରୋଲ ନେବାକୁ ମନା କରିଦେଇଛି।

କେନ୍ଦ୍ର ସରକାରଙ୍କ ଇ-୨୦ ନୀତି ଅନୁଯାୟୀ, ପେଟ୍ରୋଲରେ ୨୦% ଇଥାନଲ୍ ମିଶ୍ରଣ ବାଧ୍ୟତାମୂଳକ। ହେଲେ ଏହାକୁ ନେଇ ଦେଶରେ ଗାଡ଼ି ମାଲିକଙ୍କ ମଧ୍ୟରେ ଅସନ୍ତୋଷ ତେଜିବାରେ ଲାଗିଛି। ଜନସାଧାରଣଙ୍କ ଅସନ୍ତୋଷର ମୁଖ୍ୟ କାରଣ ହେଉଛି, ଯାନବାହାନ ଦକ୍ଷତା ଏବଂ ଆର୍ଥିକ କ୍ଷତି ଚିନ୍ତା। ଏଥିରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଅଭିଯୋଗ ହେଉଛି ଯେ ଇ-୨୦ ପେଟ୍ରୋଲ ବ୍ୟବହାର କରିବା ଦ୍ୱାରା ଯାନବାହାନର ମାଇଲେଜ୍ ୧୦% ରୁ ୩୦%କୁ ହ୍ରାସ ପାଇଛି, ଯାହା ଫଳରେ ମାସିକ ଇନ୍ଧନ ଖର୍ଚ୍ଚ ବୃଦ୍ଧି ପାଇଛି। ଇ-୨୦ ଇନ୍ଧନ ସହ ସୁସଙ୍ଗତ ନ ଥିବା କାରଗୁଡ଼ିକର ଫୁଏଲ୍ ପମ୍ପ ଜାମ୍ ହେବା ସହ ରବର ହୋସ୍ ଏବଂ ଇଞ୍ଜିନ୍ର ଯନ୍ତ୍ରାଂଶଗୁଡିକ କଳଙ୍କି ଲାଗିବା ଭଳି ସମସ୍ୟା ଉପୁଜିଛି। ତଥାପି, ସରକାର ଏପରୁ ଅଭିଯୋଗଗୁଡ଼ିକୁ ଖଣ୍ଡନ କରିଛନ୍ତି। ଅପରପକ୍ଷେ ଖୋଦ୍ କେନ୍ଦ୍ର ପେଟ୍ରୋଲିୟମ୍ ମନ୍ତ୍ରୀ ହରଦୀପ୍ ସିଂହ ପୁରୀ ଏହି କଥାକୁ ସ୍ୱୀକାର କରିଛନ୍ତି ଯେ, ଇ-୨୦ ପେଟ୍ରୋଲ ବ୍ୟବହାର ଯୋଗୁ ଗାଡ଼ିର ମାଇଲେଜ୍ ହ୍ରାସ ପାଉଛି। ଏହାଛଡା ଭାରତ ପେଟ୍ରୋଲିୟମ କର୍ପୋରେସନ ଲିମିଟେଡ (ବିପିସିଏଲ୍)ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ଜୈବ ଇନ୍ଧନ) ଅନୁରାଗ ▶ପୃଷ୍ଠା-୭

# ୟୁରୋପରେ ପ୍ରଚଣ୍ଡ ଗ୍ରୀଷ୍ମପ୍ରବାହର ପ୍ରକୋପ

## ଫ୍ରାନ୍ସରେ ଗଲାଣି ୧୦ ହଜାର ଜୀବନ



ପ୍ୟାରିସ୍,୪।୭(ଏଜେନ୍ସି): ୟୁରୋପରେ ଜାରି ରହିଥିବା ଐତିହାସିକ ଗ୍ରୀଷ୍ମପ୍ରବାହ ମଧ୍ୟରେ ଫ୍ରାନ୍ସରେ ମୃତ୍ୟୁ ସଂଖ୍ୟା ପ୍ରାୟ ୩୦ ପ୍ରତିଶତ ବୃଦ୍ଧି ପାଇଛି। ଜନସ୍ୱାସ୍ଥ୍ୟ କର୍ତ୍ତୃପକ୍ଷଙ୍କ ଆଶଙ୍କା, ଆଗାମୀ ଦିନରେ ଏହି ସଂଖ୍ୟା ଆହୁରି ବଢ଼ିପାରେ। ଜୁନ୍ ମାସର ସବୁଠାରୁ ଉତ୍ତପ୍ତ ସପ୍ତାହରେ ଫ୍ରାନ୍ସରେ ପ୍ରାୟ ୧୦ ହଜାରରୁ ଅଧିକ ମୃତ୍ୟୁ ରେକର୍ଡ କରାଯାଇଛି, ଯାହା ପୂର୍ବ ସପ୍ତାହ ତୁଳନାରେ ପ୍ରାୟ ୩୦ ପ୍ରତିଶତ ଅଧିକ। ୪୫ ବର୍ଷରୁ ଅଧିକ ବୟସ୍କଙ୍କ ମଧ୍ୟରେ ମୃତ୍ୟୁହାର ବେଶି ଥିବାବେଳେ ୬୫ ବର୍ଷରୁ ଅଧିକ ବୟସ୍କମାନେ ସର୍ବାଧିକ ପ୍ରଭାବିତ ହୋଇଛନ୍ତି। ରାଜଧାନୀ ପ୍ୟାରିସରେ ମୃତ୍ୟୁ ସଂଖ୍ୟା ସପ୍ତାହକ ମଧ୍ୟରେ ୬୨ ପ୍ରତିଶତ ବୃଦ୍ଧି ପାଇଥିବାରୁ ଏହା ସବୁଠାରୁ ଅଧିକ ପ୍ରଭାବିତ ଅଞ୍ଚଳ ପାଲଟିଛି। ଏପଟେ ଇଟାଲିରେ ମରୁଡ଼ି ପରିସ୍ଥିତି ଗୁରୁତର ହୋଇଥିବାବେଳେ ସ୍ୱିଜରଲ୍ୟାଣ୍ଡରେ ହିମବାହ ଦ୍ରୁତ ତରଳିବା ଜାରି ରହିଛି। ଜର୍ମାନୀ, ପୋଲାଣ୍ଡ, ସ୍ଲୋଭାକିଆ, ଚେକିଆ ଓ ହଙ୍ଗେରୀରେ ମଧ୍ୟ ନୂଆ ତାପମାତ୍ରା ରେକର୍ଡ ସୃଷ୍ଟି ହୋଇଛି। ୟୁରୋପରେ ବଢୁଥିବା ତାପପ୍ରବାହ ଜଳବାୟୁ ପରିବର୍ତ୍ତନର ଗମ୍ଭୀର ପ୍ରଭାବକୁ ପୁଣିଥରେ ସ୍ପଷ୍ଟ କରିଛି। ବିଶେଷଜ୍ଞମାନଙ୍କ ମତରେ, ଭବିଷ୍ୟତରେ ଏଭଳି ଚରମ ପାଣିପାଗ ଘଟଣାର ମୁକାବିଲା ପାଇଁ ଦୀର୍ଘମିଆଦି ପ୍ରସ୍ତୁତି ଏବଂ ପ୍ରଭାବଶାଳୀ ଜଳବାୟୁ ନୀତି ଅପରିହାର୍ଯ୍ୟ।

# ବିଭିନ୍ନ ଦେଶରେ ଡ୍ରଗ୍ସ ଦେଇ ମହିଳାଙ୍କୁ ଯୌନ ନିର୍ଯାତନା



## ଗିରଫ ହେଲେଣି ୫୭ ଜଣ

ନୂଆଦିଲ୍ଲୀ, ୪।୭ (ଏଜେନ୍ସି): ନଅଟି ଦେଶରେ ମହିଳାଙ୍କ ବିରୋଧରେ ସଂଗଠିତ ଭାବେ ମାଦକ ଦ୍ରବ୍ୟ ବ୍ୟବହାର କରି ଯୌନ ନିର୍ଯାତନା ଘଟାଉଥିବା ଏକ ଅନ୍ତର୍ଜାତୀୟ ଅପରାଧୀ ଚକ୍ରର ପର୍ଦ୍ଦାଫାସ ହୋଇଛି। ସାତଟି ଦେଶର ଆଇନ ପ୍ରବର୍ତ୍ତନକାରୀ ସଂସ୍ଥାର ମିଳିତ ତଦନ୍ତରେ ଏହି ଘଟଣା ସାମ୍ନାକୁ ଆସିଛି। 'ପ୍ରକଳ୍ପ ମେଡୁସା' ନାମକ ଏହି ଅଭିଯାନରେ ଜର୍ମାନୀ ଓ ବ୍ରିଟେନ୍‌ର ନେତୃତ୍ୱରେ ଆମେରିକା, ବ୍ରାଜିଲ୍, କାନାଡା, ଫ୍ରାନ୍ସ, ହଙ୍ଗେରୀ, ନେଦରଲ୍ୟାଣ୍ଡ ଓ ସ୍ପେନ୍‌ର ସୁରକ୍ଷା ସଂସ୍ଥା ସହଯୋଗ କରିଥିଲେ। ତଦନ୍ତରୁ ଜଣାପଡ଼ିଛି ଯେ, ସାଙ୍କେତିକ ବାର୍ତ୍ତା ଆଦାନପ୍ରଦାନ ମାଧ୍ୟମ ଓ ବନ୍ଦ ଆଲୋଚନା ଗୋଷ୍ଠୀ ଜରିଆରେ ଅପରାଧୀମାନେ ପରସ୍ପର ସହ ଯୋଗାଯୋଗ ରଖି ଅପରାଧ ଘଟାଇବାର ଉପାୟ, ପ୍ରମାଣ ଲୁଚାଇବାର କୌଶଳ ଓ ଅନ୍ୟାନ୍ୟ ସୂଚନା ବାଣ୍ଟୁଥିଲେ। ଏପର୍ଯ୍ୟନ୍ତ ୧୫୦ରୁ ଅଧିକ ପୀଡ଼ିତ ଓ ସନ୍ଦିଗ୍ଧଙ୍କ ପରିଚୟ ମିଳିଥିବାବେଳେ ୨୭୦ରୁ ଅଧିକ ନୂତନ ତଦନ୍ତ ଆରମ୍ଭ ହୋଇଛି ଏବଂ ୫୭ ଜଣଙ୍କୁ ଗିରଫ କରାଯାଇଛି। ତଦନ୍ତକାରୀ ସଂସ୍ଥାମାନଙ୍କ ମତରେ ପ୍ରକୃତ ପୀଡ଼ିତଙ୍କ ସଂଖ୍ୟା ଏହାଠାରୁ ଅଧିକ ହୋଇପାରେ। ଏହି ଘଟଣା ଡିଜିଟାଲ ମାଧ୍ୟମର ଅପବ୍ୟବହାର କରି ସଂଗଠିତ ଅପରାଧ କିପରି ବିଶ୍ୱସ୍ତରୀୟ ଚ୍ୟାଲେଞ୍ଜରେ ପରିଣତ ହେଉଛି, ତାହା ପୁଣିଥରେ ସ୍ପଷ୍ଟ କରିଛି। ଏଭଳି ଅପରାଧ ରୋକିବା ପାଇଁ ଦେଶଗୁଡ଼ିକ ମଧ୍ୟରେ ସମନ୍ୱୟ, ଆଧୁନିକ ତଦନ୍ତ ବ୍ୟବସ୍ଥା ଏବଂ ପୀଡ଼ିତଙ୍କୁ ନ୍ୟାୟ ଦେବା ପାଇଁ ତ୍ୱରିତ ପଦକ୍ଷେପର ଆବଶ୍ୟକତା ରହିଛି।

# ଖାଲିଦ୍, ସରଜିଲ୍‌ଙ୍କ ଜାମିନ ଆବେଦନ ପୁଣି ଖାରଜ



ନୂଆଦିଲ୍ଲୀ,୪।୭(ଏଜେନ୍ସି): ଦିଲ୍ଲୀରେ ୨୦୨୦ ଦଙ୍ଗା ଷଡ଼ଯନ୍ତ୍ର ମାମଲାରେ ଶନିବାର ଦିଲ୍ଲୀର ଏକ ଅଦାଲତ ଛାତ୍ର ନେତା ଉମର ଖାଲିଦ୍ ଏବଂ ସରଜିଲ୍ ଇମାମଙ୍କ ଜାମିନ ଆବେଦନକୁ ଖାରଜ କରିଛନ୍ତି। ଖାଲିଦ୍ ଏବଂ ଇମାମ ୟୁଏପିଏ ଅଧୀନରେ ପ୍ରାୟ ୬ ବର୍ଷ ଧରି ବିଚାର ବିଭାଗୀୟ ହାଜତରେ ଅଛନ୍ତି। ନିକଟରେ ସୁପ୍ରିମକୋର୍ଟ ଏହି ମାମଲାର ପର୍ଯ୍ୟବେକ୍ଷଣ ବେଳେ "ଜାମିନ ଏକ ନିୟମ' ବୋଲି କହିଥିଲେ। ଏହାକୁ ଖାଲିଦଙ୍କ ପକ୍ଷରୁ କୋର୍ଟରେ ଯୁକ୍ତି ଭାବେ ପ୍ରସ୍ତୁତ କରି ଜାମିନ ଆବେଦନ କରାହୋଇଥିଲା। ସେହିପରି, ଇମାମ ଦର୍ଶାଇଥିଲେ ଯେ ସୁପ୍ରିମକୋର୍ଟ ତାଙ୍କ ଜାମିନ ନାମଞ୍ଜୁର କରିବାର ୬ ମାସ ପରେ ମଧ୍ୟ ମାମଲାରେ କୌଣସି ଉଲ୍ଲେଖନୀୟ ଅଗ୍ରଗତି ହୋଇନାହିଁ। ଜାନୁଆରୀ ୫ରେ ସର୍ବୋଚ୍ଚ ନ୍ୟାୟାଳୟ ଉଭୟଙ୍କୁ ଜାମିନ ନାମଞ୍ଜୁର କରିଥିଲେ। ଏକ ବର୍ଷ ପରେ ଆବେଦନ କରିବାକୁ କହିଥିଲେ ସୁପ୍ରିମକୋର୍ଟ।

# ବଢ଼ି ଚାଲିଛି ମମତାଙ୍କ ସଙ୍କଟ

## ଟିଏମ୍‌ସି ରାଜ୍ୟ ସଭାପତି ପଦ ଛାଡ଼ିଲେ ଚନ୍ଦ୍ରିମା ଭଟ୍ଟାଚାର୍ଯ୍ୟ



### 'ଅଟକାଇବାକୁ ହେଲେ ମୋତେ ମାରିବାକୁ ପଡ଼ିବ'

କୋଲକାତା,୪।୭(ଏଜେନ୍ସି):

ପଶ୍ଚିମବଙ୍ଗର କ୍ଷମତାସୀନ ତୃଣମୂଳ କଂଗ୍ରେସ (ଟିଏମସି) ମଧ୍ୟରେ ଚାଲିଥିବା ଆଭ୍ୟନ୍ତରୀଣ ସଂକଟ ଆହୁରି ଗଭୀର ହେବାରେ ଲାଗିଛି। ଦଳର ମୁଖ୍ୟ ମମତା ବାନାର୍ଜୀଙ୍କୁ ଆଉ ଏକ ଶକ୍ତ ଧକ୍କା ଦେଇ ଶନିବାର ଦିନ ଟିଏମସିର ରାଜ୍ୟ ସଭାପତି ଚନ୍ଦ୍ରିମା ଭଟ୍ଟାଚାର୍ଯ୍ୟ ନିଜ ପଦବୀ ସମେତ ଦଳର ସମସ୍ତ ପୋଷ୍ଟରୁ ଇସ୍ତଫା ଦେଇଛନ୍ତି। ବିଧାନସଭା ନିର୍ବାଚନରେ ପରାଜୟ ପରେ ସଂଗଠନର ପୁନର୍ଗଠନ କରି ମମତା ତାଙ୍କୁ ଏହି ଦାୟିତ୍ୱ ଦେଇଥିଲେ। ମମତା ବାନାର୍ଜୀଙ୍କ ଅତି ନିକଟତମ ସହଯୋଗୀ ଭାବେ ଜଣାଶୁଣା ପୂର୍ବତନ ମନ୍ତ୍ରୀ ଚନ୍ଦ୍ରିମା ଭଟ୍ଟାଚାର୍ଯ୍ୟ ନିଜ ଇସ୍ତଫା ପତ୍ରରେ ଦଳର ସମସ୍ତ ବ୍ୟାଙ୍କ ଆକାଉଣ୍ଟ ଏବଂ ନିର୍ବାଚନ କମିଶନଙ୍କ ସମ୍ମୁଖରେ ଦଳର ଅଧିକୃତ ପ୍ରତିନିଧି ପଦବୀରୁ ନିଜକୁ ପ୍ରତ୍ୟାହାର କରିନେଇଛନ୍ତି। ଇସ୍ତଫା ଦେବାର ସଙ୍ଗେ ସଙ୍ଗେ ସେ ବିଧାନସଭାରେ ରତବ୍ରତ ବାନାର୍ଜୀଙ୍କ ନେତୃତ୍ୱରେ ଚାଲିଥିବା ବିଦ୍ରୋହୀ ଗୋଷ୍ଠୀର ସଦସ୍ୟମାନଙ୍କୁ ଭେଟିଛନ୍ତି। ଅଧିକାଂଶ ବିଧାୟକଙ୍କ ସମର୍ଥନରେ ରତବ୍ରତ ବାନାର୍ଜୀ ବିଧାନସଭାରେ ବିରୋଧୀ ଦଳ ନେତା ହୋଇଛନ୍ତି, ଯଦିଓ ମମତା ବାନାର୍ଜୀ ବରିଷ୍ଠ ବିଧାୟକ ଶୋଭନଦେବ ଚଟ୍ଟୋପାଧ୍ୟାୟଙ୍କୁ ଏହି ପଦ ପାଇଁ ମନୋନୀତ କରିଥିଲେ। ଗତ ଶୁକ୍ରବାର ଦିନ କୋଲକାତାରେ ଥିବା ମୁଖ୍ୟ କାର୍ଯ୍ୟାଳୟ 'ତୃଣମୂଳ ଭବନ'କୁ ବିଦ୍ରୋହୀ ଗୋଷ୍ଠୀ ନିଜ ନିୟନ୍ତ୍ରଣକୁ ନେଇ ସେଠାରେ ତାଲା ପକାଇ ଦେଇଛନ୍ତି ଏବଂ ନିଜକୁ ଅସଲି ଟିଏମସି ବୋଲି ଦାବି କରିଛନ୍ତି। ଦଳର ୮୦ ଜଣ ବିଧାୟକଙ୍କ ମଧ୍ୟରୁ ବହୁ ସଂଖ୍ୟକ ବିଧାୟକ ଦଳରୁ ଅଲଗା ହୋଇଯାଇଥିବା ବେଳେ ୨୦ ଜଣ ସାଂସଦ ଏକ ନୂଆ ଦଳ ଗଠନ କରି ଏନଡିଏକୁ ସମର୍ଥନ ଘୋଷଣା କରିଛନ୍ତି। ଚନ୍ଦ୍ରିମାଙ୍କ ଇସ୍ତଫା ପରେ ମମତା କ୍ୟାମ୍ପର ବିଧାୟକ କୁନାଲ ଘୋଷ ତାଙ୍କୁ ସମାଲୋଚନା କରିଛନ୍ତି। ମମତା କହିଛନ୍ତି ଯେ, ବିଜେପି ଦଳରେ ବିଭାଜନ ସୃଷ୍ଟି କରିବା ଏବଂ ନେତାମାନଙ୍କୁ ଦଳ ବଦଳ କରାଇବା ପାଇଁ ପଛରେ ରହି କାର୍ଯ୍ୟ କରୁଛି। କିଛି ଲୋକ ବେଆଇନ ଭାବେ ଦଳୀୟ କାର୍ଯ୍ୟାଳୟକୁ ଯାଇ ସେଠାରେ ତାଲା ପକାଇ ଦେଇଛନ୍ତି। ଏହି ପରିସରକୁ ୨୦୨୭ ଅକ୍ଟୋବର ପର୍ଯ୍ୟନ୍ତ ଭଡ଼ାରେ ନିଆଯାଇଥିଲା, ତେଣୁ ସେମାନଙ୍କ ସମ୍ପତ୍ତିକୁ କେହି ଜବରଦଖଲ କରିପାରିବେ ନାହିଁ। ରୋକିବାକୁ ହେଲେ ସେମାନଙ୍କୁ ମୋତେ ହତ୍ୟା କରିବାକୁ ହେବ ବୋଲି ସେ କହିଛନ୍ତି।

# ମୁମ୍ବଇରେ ପ୍ରବଳ ବର୍ଷା; ରେଡ୍ ଆଲର୍ଟ ଜାରି

ମୁମ୍ବଇ,୪।୭(ଏଜେନ୍ସି): ମହାରାଷ୍ଟ୍ରର ମୁମ୍ବଇ ଏବଂ ଏହାର ଆଖପାଖ ଅଞ୍ଚଳରେ ଶନିବାର ପ୍ରବଳରୁ ଅତି ପ୍ରବଳ ବର୍ଷା ଲାଗି ରହିଛି। ଆଇଏମ୍‌ଡି ପକ୍ଷରୁ ମୁମ୍ବଇ ଏବଂ ଥାନେ ପାଇଁ ରେଡ୍ ଆଲର୍ଟ ଜାରି ହୋଇଛି। ଏହାସହ ଆଗାମୀ ୨୪ ଘଣ୍ଟା ମଧ୍ୟରେ ଅତ୍ୟଧିକ ବର୍ଷା ହେବାର ପୂର୍ବାନୁମାନ ରହିଛି। ଗତ ୨୪ ଘଣ୍ଟା ମଧ୍ୟରେ ମୁମ୍ବଇର ରାମ ମନ୍ଦିର ଅଞ୍ଚଳରେ ସର୍ବାଧିକ ୨୦୬.୫ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। ସେହିପରି ଭିଖ୍‌ରୋଲିରେ ୧୮୮ ମିଲି, ସାନ୍ତାକ୍ରୁଜରେ ୧୬୪.୧ ମିଲି ଏବଂ ବିଦ୍ୟାବିହାରରେ ୧୨୬ ମିଲି ବର୍ଷା ହୋଇଛି। ପ୍ରବଳ ବର୍ଷା ଯୋଗୁଁ ଅନ୍ଧେରୀ ସବୱେ, ମାଟୁଙ୍ଗାର ସେନାପତି ବାପଟ ମାର୍ଗ ଏବଂ ସିୟନ ଭଳି ତଳୁଆ ଅଞ୍ଚଳରେ ଜଳବନ୍ଦୀ ସମସ୍ୟା ଦେଖାଦେଇଛି। ଏପରିକି ମୁମ୍ବଇରେ ୨ ଜଣଙ୍କ ପ୍ରାଣହାନୀ ଘଟିଛି।

କିଛି ଦିନ ତଳେ ବର୍ଷା ପ୍ରଭାବରେ ଚେମ୍ବୁର ଅଞ୍ଚଳରେ ଏକ ଗଛ ସ୍କୁଲ ବସ୍ ଉପରେ ପଡ଼ିଯିବାରୁ ଜଣେ ୧୧ ବର୍ଷର ଛାତ୍ରର ମୃତ୍ୟୁ ଘଟିଛି। ଅନ୍ୟ ଏକ ଘଟଣାରେ, ସାକିନାକା ଅଞ୍ଚଳରେ ଜଣେ ୬୦ ବର୍ଷୀୟ ବ୍ୟକ୍ତି ଖୋଲା ମ୍ୟାନହୋଲରେ ପଡ଼ି ପ୍ରାଣ ହରାଇଛନ୍ତି। ଏହି ଘଟଣାଗୁଡ଼ିକ ପରେ ପୌର ପ୍ରଶାସନର ପ୍ରାକ୍-ମୌସୁମୀ ପ୍ରସ୍ତୁତିକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଛାତ୍ରଛାତ୍ରୀଙ୍କ ସୁରକ୍ଷା ଦୃଷ୍ଟିରୁ ବିଏମ୍‌ସି ଶନିବାର ମଧ୍ୟାହ୍ନ ପରବର୍ତ୍ତୀ ଅଧିବେଶନ ପାଇଁ ସମସ୍ତ ସରକାରୀ ଓ ବେସରକାରୀ ସ୍କୁଲ ଏବଂ କଲେଜଗୁଡ଼ିକୁ ବନ୍ଦ ରଖିବାକୁ ନିର୍ଦ୍ଦେଶ ଦେଇଛି। ରାଜ୍ୟ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ଗିରିଶ ମହାଜନ ନାଗରିକମାନଙ୍କୁ ଅତି ଜରୁରୀ କାମ ନଥିଲେ ଘରୁ ନବାହାରିବାକୁ ଅନୁରୋଧ କରିଛନ୍ତି। ମୁମ୍ବଇ ମେୟର ରୀତୁ ତାୱଡେ ନିଜେ ୱର୍ଲି ସମୁଦ୍ର କୂଳକୁ ଯାଇ ସେଠାରେ ବୁଲୁଥିବା ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ଯିବାକୁ ପରାମର୍ଶ ଦେଇଛନ୍ତି। ଜଳବନ୍ଦୀ ଯୋଗୁଁ ସହରର ବିଭିନ୍ନ ସ୍ଥାନରେ ଟ୍ରାଫିକ ଜାମ ପରିଲକ୍ଷିତ ହୋଇଛି।

# ଆତଙ୍କବାଦୀ ତାଲିକାରେ ହାଫିଜ୍ ସୟିଦର ଭାଇ

ନୂଆଦିଲ୍ଲୀ,୪।୭(ଏଜେନ୍ସି): ଦେଶର ସୁରକ୍ଷା ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବା ପାଇଁ କେନ୍ଦ୍ର ଗୃହ ମନ୍ତ୍ରଣାଳୟ ଶନିବାର ଦିନ ଏକ ବଡ଼ ପଦକ୍ଷେପ ଗ୍ରହଣ କରିଛି। ବେଆଇନ କାର୍ଯ୍ୟକଳାପ ପ୍ରତିରୋଧ ଆଇନ ଅଧୀନରେ ପାକିସ୍ତାନ ଏବଂ ପାକିସ୍ତାନ ଅଧିକୃତ ଜମ୍ମୁ-କାଶ୍ମୀରରୁ ସକ୍ରିୟ ଥିବା ୨୩ ଜଣ ଅପରାଧୀଙ୍କୁ ଆତଙ୍କବାଦୀ ଭାବେ ଘୋଷଣା କରାଯାଇଛି। ଏହି ତାଲିକାରେ ଅଯୋଧ୍ୟାର ରାମ ମନ୍ଦିର ଉପରେ ଗୁପ୍ତଚରୀ କରିଥିବା ଆତଙ୍କବାଦୀ ଏବଂ ଲସ୍କର-ଇ-ତୋଏବାର ମୁଖ୍ୟ ହାଫିଜ୍ ସୟିଦର ଭାଇ ମଧ୍ୟ ସାମିଲ ଅଛି। ଗୃହ ମନ୍ତ୍ରଣାଳୟ ଦ୍ୱାରା ଜାରି କରାଯାଇଥିବା ଏହି ନୂତନ ତାଲିକାରେ ଲସ୍କର-ଇ-ତୋଏବା ଏବଂ ଜୈଶ-ଇ-ମହମ୍ମଦ ଭଳି ସଂଗଠନର ବଡ଼ ବଡ଼ କମାଣ୍ଡର, ଅର୍ଥ ଯୋଗାଣକାରୀ ଏବଂ ସୀମାପାର ଅନୁପ୍ରବେଶକାରୀ ରହିଛନ୍ତି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହି ୨୩ ଜଣଙ୍କ ମଧ୍ୟରୁ ୬ ଜଣ ଭାରତୀୟ ନାଗରିକ ଯେଉଁମାନେ ଏବେ ପାକିସ୍ତାନରେ ରହି ଭାରତ ବିରୋଧୀ କାର୍ଯ୍ୟକଳାପ ଚଳାଉଛନ୍ତି।





ଇରାନର ସର୍ବୋଚ୍ଚ ନେତା ଆୟତୁଲ୍ଲା ଖାମନେଇଙ୍କ ଅନ୍ତ୍ୟେଷ୍ଟି ଶୋଭାଯାତ୍ରାରେ ଭାବପ୍ରବଣ ମୁହୂର୍ତ୍ତ

# ଫିଲ୍ମ ପ୍ରସାରଣ ନେଇ ଟେଲିଗ୍ରାମ୍‌କୁ କେନ୍ଦ୍ରର ନୋଟିସ୍


## ୧୫ ଦିନ ମଧ୍ୟରେ କାର୍ଯ୍ୟାନୁଷ୍ଠାନ ରିପୋର୍ଟ ତଲବ ନିର୍ଦ୍ଦେଶ

ନୂଆଦିଲ୍ଲୀ,୪।୭(ଏଜେନ୍ସି): ପାଇରେଟେଡ୍ ଚଳଚ୍ଚିତ୍ର ଓ ଓଟିଟି ମଞ୍ଚର ବିଷୟବସ୍ତୁ ବେଆଇନ ଭାବେ ପ୍ରସାରଣ ହେଉଥିବା ଅଭିଯୋଗକୁ ନେଇ କେନ୍ଦ୍ର ସରକାର ଟେଲିଗ୍ରାମକୁ ନୋଟିସ ଜାରି କରିଛନ୍ତି। ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ପକ୍ଷରୁ ୧୫ ଦିନ ମଧ୍ୟରେ ସଂଶୋଧନମୂଳକ ପଦକ୍ଷେପ ନେଇ କାର୍ଯ୍ୟାନୁଷ୍ଠାନ ରିପୋର୍ଟ ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ମନ୍ତ୍ରଣାଳୟ ଟେଲିଗ୍ରାମକୁ ପାଇରେଟେଡ୍ ଚଳଚ୍ଚିତ୍ର ଓ ଅନ୍ୟାନ୍ୟ ଦୃଶ୍ୟଶ୍ରାବ୍ୟ ବିଷୟବସ୍ତୁ ଚିହ୍ନଟ, ଅଭିଯୋଗ ଗ୍ରହଣ, ଅପସାରଣ ଏବଂ ପ୍ରବେଶ ବନ୍ଦ କରିବା ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବାକୁ କହିଛି। ଏଥିସହ ବାରମ୍ବାର ଏଭଳି ବେଆଇନ କାର୍ଯ୍ୟରେ ଲିପ୍ତ ଚ୍ୟାନେଲ, ଗୋଷ୍ଠୀ, ସ୍ୱୟଂଚାଳିତ ଖାତା, ପ୍ରଶାସକ ଓ ସମ୍ପୃକ୍ତ ବ୍ୟକ୍ତିଙ୍କ ବିରୋଧରେ କଡ଼ା ପଦକ୍ଷେପ ନେବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ସେହିପରି ଚଳଚ୍ଚିତ୍ର ପ୍ରଯୋଜକ, ଓଟିଟି ମଞ୍ଚ ଓ ଆଇନ ପ୍ରବର୍ତ୍ତନକାରୀ ସଂସ୍ଥାମାନଙ୍କ ଅଭିଯୋଗର ସମାଧାନ ପାଇଁ ଥିବା ବ୍ୟବସ୍ଥାର ବିବରଣୀ ମଧ୍ୟ ମାଗିଛି। ସରକାର ସ୍ପଷ୍ଟ କରିଛନ୍ତି ଯେ କପିରାଇଟ୍ ଉଲ୍ଲଙ୍ଘନ ଭାରତରେ କେବଳ ଦେୱାନୀ ନୁହେଁ, ବରଂ ଏକ ଦଣ୍ଡନୀୟ ଅପରାଧ। ଦେଶର ସୃଜନଶୀଳ କ୍ଷେତ୍ର, ଚଳଚ୍ଚିତ୍ର ଶିଳ୍ପ, ପ୍ରସାରଣ ସଂସ୍ଥା ଏବଂ ଓଟିଟି ମଞ୍ଚର ସ୍ୱାର୍ଥ ସୁରକ୍ଷା ପାଇଁ ସରକାର ଏହି ପଦକ୍ଷେପ ନେଇଛନ୍ତି। ନିର୍ଦ୍ଧାରିତ ସମୟ ମଧ୍ୟରେ ସନ୍ତୋଷଜନକ ପଦକ୍ଷେପ ନ ନେଲେ ପ୍ରଚଳିତ ଆଇନ ଅନୁଯାୟୀ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ବିଚାର କରାଯାଇପାରେ।

# ୫୦ ବାଂଲାଦେଶୀଙ୍କୁ ସ୍ୱଦେଶ ଫେରାଇବ ତାମିଲନାଡୁ

ଚେନ୍ନଇ,୪।୭(ଏଜେନ୍ସି): ତାମିଲନାଡୁର ଏକ ସ୍ୱତନ୍ତ୍ର ଅଟକ ଶିବିରରେ ରହୁଥିବା ୫୦ ଜଣ ବାଂଲାଦେଶୀ ନାଗରିକଙ୍କୁ ସେମାନଙ୍କ ଦେଶକୁ ଫେରାଇ ଦେବା ପ୍ରକ୍ରିୟା ଆରମ୍ଭ ହୋଇଛି। ଏଥିପାଇଁ ସେମାନଙ୍କୁ କଡ଼ା ପୁଲିସ ସୁରକ୍ଷା ମଧ୍ୟରେ ତାମିଲନାଡୁରୁ ପଶ୍ଚିମବଙ୍ଗ ପଠାଯାଇଛି। ସେଠାରେ ସେମାନଙ୍କୁ ସୀମା ସୁରକ୍ଷା ବଳଙ୍କୁ ହସ୍ତାନ୍ତର କରାଯିବ, ଯିଏ କି ସମସ୍ତ ଔପଚାରିକତା ଶେଷ କରି ସେମାନଙ୍କୁ ବାଂଲାଦେଶ କର୍ତ୍ତୃପକ୍ଷଙ୍କ ପାଖକୁ ପଠାଇବେ। ପୁଲିସର ସୂଚନା ଅନୁଯାୟୀ, ଏହି ଦଳରେ ୪୪ ଜଣ ପୁରୁଷ ଏବଂ ୬ ଜଣ ମହିଳା ଅଛନ୍ତି, ଯେଉଁମାନଙ୍କୁ ସେଲମ ଜିଲ୍ଲାର ଆତୁର ତାଲୁକ କାର୍ଯ୍ୟାଳୟ ପରିସରରେ ଥିବା ସ୍ୱତନ୍ତ୍ର ଅଟକ ଶିବିରରେ ରଖାଯାଇଥିଲା। ସେମାନଙ୍କୁ ଦେଶରୁ ବାହାର କରିବା ପାଇଁ ନିର୍ଦ୍ଦେଶ ଜାରି କରାଯାଇଛି।

# ଜମ୍ମୁ-କାଶ୍ମୀରର ସରକାରୀ ବିଦ୍ୟାଳୟ ପୁସ୍ତକରେ ଆତଙ୍କବାଦୀଙ୍କୁ ପ୍ରଶଂସା!




ଶ୍ରୀନଗର,୪।୭(ଏଜେନ୍ସି): ଜମ୍ମୁ-କାଶ୍ମୀରର ସରକାରୀ ବିଦ୍ୟାଳୟ ପୁସ୍ତକାଳୟ ପାଇଁ ଅନୁମୋଦିତ ବୋଲି କୁହାଯାଉଥିବା ଏକ ପୁସ୍ତକକୁ ନେଇ ବଡ଼ ବିବାଦ ସୃଷ୍ଟି ହୋଇଛି। ପୁସ୍ତକରେ ଆତଙ୍କବାଦୀ ଏବଂ ବିଚ୍ଛିନ୍ନତାବାଦୀ ନେତାଙ୍କୁ ପ୍ରଶଂସା କରାଯାଇଥିବା ଏବଂ ଜମ୍ମୁ-କାଶ୍ମୀର ସମ୍ପର୍କରେ ଆପତ୍ତିଜନକ ଶବ୍ଦ ବ୍ୟବହାର କରାଯାଇଥିବା ଅଭିଯୋଗ ହୋଇଛି। 'ଜମ୍ମୁ-କାଶ୍ମୀରର ବ୍ୟକ୍ତିତ୍ୱ ଓ କିମ୍ବଦନ୍ତୀ' ନାମକ ଏହି ପୁସ୍ତକରେ ନିଷିଦ୍ଧ ସଂଗଠନ ସହ ଜଡ଼ିତ କେତେକ ବ୍ୟକ୍ତିଙ୍କୁ ସକାରାତ୍ମକ ଭାବେ ଉପସ୍ଥାପନ କରାଯାଇଥିବା ଏବଂ ଜମ୍ମୁ-କାଶ୍ମୀରକୁ ନେଇ ବିବାଦୀୟ ଶବ୍ଦ ପ୍ରୟୋଗ ହୋଇଥିବା ଅଭିଯୋଗ ଉଠିଛି। ପୁସ୍ତକରେ ସମଗ୍ର ଶିକ୍ଷା ଜମ୍ମୁ-କାଶ୍ମୀରର ପ୍ରତୀକ ଚିହ୍ନ ଥିବାରୁ ଏହା କିପରି ସରକାରୀ ବିଦ୍ୟାଳୟ ପୁସ୍ତକାଳୟ ପାଇଁ ଅନୁମୋଦନ ପାଇଲା, ତାହାକୁ ନେଇ ପ୍ରଶ୍ନ ଉଠିଛି। ବିରୋଧୀ ଦଳ ଏହି ପୁସ୍ତକକୁ ତୁରନ୍ତ ନିଷିଦ୍ଧ କରିବା ସହ ଏହାର ପ୍ରକାଶନ, ଅନୁମୋଦନ ଓ ବିତରଣ ସହ ଜଡ଼ିତ ସମସ୍ତଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଦାବି କରିଛି।

# ହାଇଦରାବାଦ୍‌ରେ ୧୨୨ ଟନ୍ ଭେଜାଲ ଖାଦ୍ୟ ଜବତ



ହାଇଦରାବାଦ୍,୪।୭(ଏଜେନ୍ସି): ହାଇଦରାବାଦ୍ ସହରରେ ଭେଜାଲ ଖାଦ୍ୟ ପ୍ରସ୍ତୁତ ଓ ବିକ୍ରି କରୁଥିବା ବ୍ୟବସାୟୀଙ୍କ ବିରୋଧରେ ପୋଲିସ ଏକ ବଡ଼ ଧରଣର ଅଭିଯାନ ଚଳାଇଛି। ମାତ୍ର ୧୦୦ ଦିନ ମଧ୍ୟରେ ସ୍ୱତନ୍ତ୍ର ପୋଲିସ ଦଳ (ଏଚ୍-ଫାଷ୍ଟ) ବିଭିନ୍ନ ସ୍ଥାନରେ ଚଢ଼ାଉ କରି ୧୮୫ଟି ମାମଲା ରୁଜୁ କରିବା ସହ ପ୍ରାୟ ୧୨୨ ଟନ୍ ଅସୁରକ୍ଷିତ ଓ ନକଲି ଖାଦ୍ୟ ସାମଗ୍ରୀ ଜବତ କରିଛି। ଗତ ମାର୍ଚ୍ଚ ୧୯ ତାରିଖରୁ ଆରମ୍ଭ ହୋଇଥିବା ଏହି ସ୍ୱତନ୍ତ୍ର ପୋଲିସ ଦଳ ମହାନଗର ନିଗମ ଏବଂ ଖାଦ୍ୟ ସୁରକ୍ଷା ବିଭାଗ ସହ ମିଶି ସହରର ବିଭିନ୍ନ ଅଞ୍ଚଳରେ ଚଢ଼ାଉ କରିଥିଲା। ଏହି ଚଢ଼ାଉ ସମୟରେ ଜବତ ହୋଇଥିବା ମୁଖ୍ୟ ସାମଗ୍ରୀଗୁଡ଼ିକ ହେଲା।୨୭ ଟନ୍ ଭେଜାଲ ଅଦା-ରସୁଣ ବଟା। ୨୫ ଟନ୍‌ରୁ ଅଧିକ କେମିକାଲ ଦ୍ୱାରା ପଚାଯାଇଥିବା ଫଳ। ୩୦ ଟନ୍‌ରୁ ଅଧିକ କୁକୁଡ଼ା ବର୍ଜ୍ୟବସ୍ତୁ ଏବଂ ୧୫ ଟନ୍ ନିମ୍ନମାନର ମାଂସ। ୪ ଟନ୍ ନକଲି ଖୋଆ, ୩.୯ ଟନ୍ ନକଲି ଚାହାର ଗୁଣ୍ଡ ଏବଂ ୧.୫ ଟନ୍ କୃତ୍ରିମ ପନୀର। ଏହା ବ୍ୟତୀତ ପ୍ରାୟ ୨୪୭ଟି ମାମଲାକୁ ଅଧିକ ଆଇନଗତ କାର୍ଯ୍ୟାନୁଷ୍ଠାନ ପାଇଁ ଖାଦ୍ୟ ସୁରକ୍ଷା ଅଧିକାରୀଙ୍କୁ ହସ୍ତାନ୍ତର କରାଯାଇଛି। ହାଇଦରାବାଦ୍ ପୋଲିସ କମିଶନରଙ୍କ କହିବା ଅନୁଯାୟୀ, ଖାଦ୍ୟରେ ଭେଜାଲ ମିଶାଇବା କୌଣସି ସାଧାରଣ ଅପରାଧ ନୁହେଁ, ବରଂ ଏହା ହତ୍ୟା ଉଦ୍ୟମ ସହ ସମାନ।

# ସାହାରା ମରୁଭୂମିକୁ ରୋକିବ ପ୍ରକୃତିର ମହାପ୍ରାଚୀର

## ଆଫ୍ରିକାରେ ୮,୦୦୦ କିଲୋମିଟରର 'ଗଛର କାନ୍ଥ'

## ୨୦ରୁ ଅଧିକ ଦେଶ ଏହି ଅଭିଯାନରେ ସାମିଲ୍



ନୂଆଦିଲ୍ଲୀ,୪।୭(ଏଜେନ୍ସି):

ଜଳବାୟୁ ପରିବର୍ତ୍ତନର ମୁକାବିଲା କରିବା ଏବଂ ମରୁଭୂମିର ସମ୍ପ୍ରସାରଣକୁ ରୋକିବା ପାଇଁ ଆଫ୍ରିକା ମହାଦେଶରେ ଏକ ଅଭୂତପୂର୍ବ ପରିବେଶ ଆନ୍ଦୋଳନ ଆରମ୍ଭ ହୋଇଛି। ଚୀନର ମହାପ୍ରାଚୀର ପରେ ବର୍ତ୍ତମାନ ପୃଥିବୀର ସବୁଠାରୁ ବଡ଼ ସବୁଜ ପ୍ରକଳ୍ପ ଭାବେ ଏକ ୮,୦୦୦ କିଲୋମିଟର ଦୀର୍ଘ 'ଗଛର ପ୍ରାଚୀର' ନିର୍ମାଣ କରାଯାଉଛି। ଆଟଲାଣ୍ଟିକ୍ ମହାସାଗର ଉପକୂଳର ସେନେଗାଲ୍‌ଠାରୁ ଆରମ୍ଭ କରି ଲୋହିତ ସାଗର କୂଳରେ ଥିବା ଜିବୁଟି ପର୍ଯ୍ୟନ୍ତ ବ୍ୟାପିଥିବା ଏହି ଅଭିଯାନର ମୁଖ୍ୟ ଲକ୍ଷ୍ୟ ହେଉଛି ନଷ୍ଟ ହୋଇଯାଇଥିବା ଜମିର ପୁନରୁଦ୍ଧାର କରିବା, ଜୀବିକା ଯୋଗାଇବା ଏବଂ ଲକ୍ଷ ଲକ୍ଷ ଲୋକଙ୍କୁ କ୍ଷୁଧାରୁ ମୁକ୍ତି ଦେବା। ଏହି ଐତିହାସିକ ପ୍ରକଳ୍ପ ଆଫ୍ରିକୀୟ ସଂଘ ଦ୍ୱାରା ୨୦୦୭ ମସିହାରେ ଆରମ୍ଭ କରାଯାଇଥିଲା। ସାହାରା ମରୁଭୂମିର ସୀମାନ୍ତରେ ଥିବା ଅର୍ଦ୍ଧ-ଶୁଷ୍କ ଅଞ୍ଚଳ 'ସାହେଲ୍'କୁ ବଞ୍ଚାଇବା ପାଇଁ ଏହି ଯୋଜନା ପ୍ରସ୍ତୁତ ହୋଇଛି। ଗତ କେତେ ଦଶନ୍ଧି ହେବ ଏହି ଅଞ୍ଚଳ କ୍ରମାଗତ ମରୁଡ଼ି, ଜଳବାୟୁ ପରିବର୍ତ୍ତନ ଏବଂ ଭୂମିର ଉର୍ବରତା ହ୍ରାସ ପାଇବା ଯୋଗୁଁ ସଙ୍କଟ ଦେଇ ଗତି କରୁଥିଲା। ଏହା ଦ୍ୱାରା ସ୍ଥାନୀୟ କୃଷି ଓ ଗୋପାଳନ ଉପରେ ନିର୍ଭର କରୁଥିବା ଲକ୍ଷ ଲକ୍ଷ ଲୋକ ଦାରିଦ୍ର୍ୟ ଏବଂ ଖାଦ୍ୟ ଅଭାବର ସମ୍ମୁଖୀନ ହୋଇଥିଲେ। ପ୍ରାରମ୍ଭିକ ପରିକଳ୍ପନାରେ ଏହା କେବଳ ୧୫ କିଲୋମିଟର ଓସାରର ଏକ ସରଳ ଗଛର ଧାଡ଼ି ହେବାର ଥିଲା। ମାତ୍ର ପରବର୍ତ୍ତୀ ସମୟରେ ବୈଜ୍ଞାନିକ ଓ ପରିବେଶବିତ୍‌ମାନେ ଅନୁଭବ କଲେ ଯେ କେବଳ ଗଛ ଲଗାଇବା ଅପେକ୍ଷା ସମ୍ପୂର୍ଣ୍ଣ ପ୍ରାକୃତିକ ପରିବେଶର ସୁଧାର କରିବା ଅଧିକ ପ୍ରଭାବଶାଳୀ ହେବ। ତେଣୁ ବର୍ତ୍ତମାନ ଏହି ଅଭିଯାନରେ ସ୍ଥାନୀୟ ଜଳବାୟୁ ଅନୁଯାୟୀ ଜଙ୍ଗଲ, ତୃଣଭୂମି, ଆର୍ଦ୍ରଭୂମି ଏବଂ ଚାଷଜମିର ପୁନରୁଦ୍ଧାର କରାଯାଉଛି। ଫଳରେ ମାଟିର ଆର୍ଦ୍ରତା ବୃଦ୍ଧି ପାଉଛି ଏବଂ ଭୂତଳ ଜଳସ୍ତରରେ ସୁଧାର ଆସୁଛି। ଏହି ପ୍ରକଳ୍ପର କେତେକ ପ୍ରମୁଖ ଲକ୍ଷ୍ୟଗୁଡ଼ିକ ହେଉଛି, ୧୦୦ ନିୟୁତ ହେକ୍ଟର ନଷ୍ଟ ହୋଇଯାଇଥିବା ଭୂମିକୁ ପୁଣି ଉର୍ବର କରିବା। ବାୟୁମଣ୍ଡଳରୁ ୨୫୦ ନିୟୁତ ଟନ୍ ବିଷାକ୍ତ ଅଙ୍ଗାରକାମ୍ଳ ଗ୍ୟାସ୍ ଶୋଷଣ କରିବା। ଆଫ୍ରିକାର ସ୍ଥାନୀୟ ଅଞ୍ଚଳରେ ୧୦ ନିୟୁତ ସବୁଜ ରୋଜଗାର ସୃଷ୍ଟି କରିବା। ବର୍ତ୍ତମାନ ସୁଦ୍ଧା ପ୍ରାୟ ୨୦ରୁ ଅଧିକ ଆଫ୍ରିକୀୟ ଦେଶ ଏହି ମହାନ କାର୍ଯ୍ୟରେ ସାମିଲ ହୋଇଛନ୍ତି। ସେନେଗାଲ୍ ଏବଂ ଇଥିଓପିଆ ଭଳି ଦେଶଗୁଡ଼ିକ ଏହି କ୍ଷେତ୍ରରେ ଉଲ୍ଲେଖନୀୟ ସଫଳତା ହାସଲ କରି ପ୍ରାୟ ୩୦ ନିୟୁତ ହେକ୍ଟର ଜମିକୁ ସବୁଜିମାରେ ପରିଣତ କରିସାରିଲେଣି। ଏହି ସବୁଜ ପ୍ରାଚୀର କେବଳ ଏକ ପରିବେଶ ପ୍ରକଳ୍ପ ନୁହେଁ, ବରଂ ଏହା ମାନବ ସମାଜ ଏବଂ ପ୍ରକୃତିର ମିଳନର ଏକ ମହାନ ପ୍ରତୀକ। ବିଭାଜନ ପାଇଁ ତିଆରି ହେଉଥିବା ଅନ୍ୟ ପ୍ରାଚୀରଗୁଡ଼ିକ ତୁଳନାରେ ଏହି ସବୁଜ ପ୍ରାଚୀର ସମାଜକୁ ଯୋଡ଼ିବା ଏବଂ ଜୀବନ ବଞ୍ଚାଇବା ପାଇଁ କାର୍ଯ୍ୟ କରୁଛି। ଆଫ୍ରିକାର ଏହି ସଫଳ ପ୍ରୟାସ ବିଶ୍ୱର ଅନ୍ୟାନ୍ୟ ମରୁଭୂମି ପ୍ରବଣ ଅଞ୍ଚଳ ପାଇଁ ଆଗାମୀ ଦିନରେ ଏକ ଅନନ୍ୟ ଉଦାହରଣ ଏବଂ ପ୍ରେରଣା ସାଜିବ।

## ରାୟଗଡ଼ ରଘୁବାରୀ ଜଙ୍ଗଲରୁ ମାଓ ଡମ୍ପ୍ ଠାବ

### ବନ୍ଧୁକ, ଗୁଳି ଓ ବିପୁଳ ସାମଗ୍ରୀ ଜବତ

ରାୟଗଡ଼ା, ୪।୭(ସମିସ): ରାୟଗଡ଼ ଜିଲ୍ଲା ଆମ୍ବୋଦଳା ଥାନା ଅଧୀନ ରଘୁବାରୀ ସଂରକ୍ଷିତ ଜଙ୍ଗଲରେ ଥିବା ଏକ ମାଓ ଡମ୍ପରୁ ବନ୍ଧୁକ, ଗୁଳିଗୋଳା ଓ ବିପୁଳ ପରିମାଣର ମାଓ ସାମଗ୍ରୀ ଜବତ କରାଯାଇଛି। ଆଜି ଜିଲ୍ଲା ପୁଲିସ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ରାୟଗଡ ଏସପି ରାଜପ୍ରସାଦ ଏହି ସୂଚନା ଦେଇଛନ୍ତି। ନିକଟ ଅତୀତରେ ଆତ୍ମସମର୍ପଣ କରିଥିବା ମାଓ କ୍ୟାଡରଙ୍କଠାରୁ ମିଳିଥିବା ଗୁଇନ୍ଦା ସୂଚନା ଆଧାରରେ ଗତ ୨ ଜୁଲାଇରେ ଡିଭିଏଫ୍ ଓ ଏସଓଜିର ମିଳିତ ଟିମ୍ ରଘୁବାରୀ ସଂରକ୍ଷିତ ଜଙ୍ଗଲରେ କମ୍ବିଂ ଓ ସର୍ଚ୍ଚ ଅପରେସନ୍ ଚଳାଇଥିଲେ। ଅଭିଯାନ ସମୟରେ ଜଙ୍ଗଲ ମଧ୍ୟରେ ଲୁଚାଇ ରଖାଯାଇଥିବା ଏକ ସନ୍ଦିଗ୍ଧ ମାଓ ଡମ୍ପ ଚିହ୍ନଟ ହୋଇଥିଲା। ସ୍ଥାନରେ ଆଇଇଡି କିମ୍ବା ବିସ୍ଫୋରକ ଥିବା ଆଶଙ୍କାରେ ଜିଲ୍ଲା ବୋମା ନିଷ୍କ୍ରିୟକରଣ ଦଳକୁ ନିୟୋଜିତ କରାଯାଇଥିଲା। ସମ୍ପୂର୍ଣ୍ଣ ଯାଞ୍ଚ ପରେ ସୁରକ୍ଷିତ ଭାବେ ଡମ୍ପରୁ ବିଭିନ୍ନ ଅସ୍ତ୍ରଶସ୍ତ୍ର, ଗୁଳିଗୋଳା ଓ ଅନ୍ୟାନ୍ୟ ମାଓ ସାମଗ୍ରୀ ଜବତ କରାଯାଇଥିଲା। ଜବତ ସାମଗ୍ରୀ ମଧ୍ୟରେ ଏକ .୩୦୩ ରାଇଫଲ, ଷ୍ଟେନ୍ ଗନର ବିଭିନ୍ନ ଅଂଶ, ୩୭ ରାଉଣ୍ଡ .୩୦୩ ଗୁଳି, ୨୫ ରାଉଣ୍ଡ ୯ ଏମ୍?ଏମ୍ ଗୁଳି, ଏକ ଦେଶୀ ବନ୍ଧୁକ, ଷ୍ଟେନ୍ ମାଗାଜିନ, ଆର୍‌ବିଜିଏଲ୍, କର୍ଡେକ୍ସ ତାର, ଗନ୍ ପାଉଡର, ମାଓ ସାହିତ୍ୟ ସହ ଦୈନନ୍ଦିନ ବ୍ୟବହାରର ବହୁ ସାମଗ୍ରୀ ରହିଛି।

ଜବତ ହୋଇଥିବା ଅସ୍ତ୍ରଶସ୍ତ୍ର ଓ ଗୁଳିଗୋଳା ନିଷିଦ୍ଧ ସିପିଆଇ (ମାଓବାଦୀ) ସଂଗଠନର ବଂଶଧାରା–ଘୁମୁସର–ନାଗାବଳୀ (ବିଜିଏନ୍) ଡିଭିଜନର ଥିଲା। ଭବିଷ୍ୟତରେ ମାଓ କ୍ୟାଡରମାନଙ୍କ ବ୍ୟବହାର ପାଇଁ ଏହାକୁ ଜଙ୍ଗଲରେ ଲୁଚାଇ ରଖାଯାଇଥିଲା। ଏସପି ରାଜ ପ୍ରସାଦ କହିଛନ୍ତି ଯେ ରାୟଗଡ଼ ଜିଲ୍ଲା ୩୧ ମାର୍ଚ୍ଚ ୨୦୨୬ ସୁଦ୍ଧା ନକ୍ସଲମୁକ୍ତ ଜିଲ୍ଲା ହୋଇଛି। ଜାନୁଆରୀ ୨୦୨୫ରୁ ମାର୍ଚ୍ଚ ୨୦୨୬ ମଧ୍ୟରେ ମୋଟ ୧୫ ଜଣ ମାଓ କ୍ୟାଡର ପୋଲିସ ସମ୍ମୁଖରେ ଆତ୍ମସମର୍ପଣ କରିଛନ୍ତି। ବର୍ତ୍ତମାନ ଜିଲ୍ଲାରେ ମାଓବାଦୀଙ୍କ କୌଣସି ସକ୍ରିୟ ଗତିବିଧି କିମ୍ବା କାର୍ଯ୍ୟକଳାପ ନାହିଁ ବୋଲି ସେ କହିଛନ୍ତି। ସେ ଆହୁରି କହିଛନ୍ତି, ଚଳିତ ମାସ ଗତ ୧୩ ଜୁନରେ ଢେପାଗୁଡ଼ା ସଂରକ୍ଷିତ ଜଙ୍ଗଲରୁ ଏକ ବଡ଼ ମାଓ ଡମ୍ପ ଠାବ କରାଯାଇଥିବା ବେଳେ, ରଘୁବାରୀରୁ ହୋଇଥିବା ଏହି ଜବତ ଗତ ଏକ ମାସ ମଧ୍ୟରେ ଦ୍ୱିତୀୟ ବଡ଼ ସଫଳତା। ରାୟଗଡ ପୁଲିସ, ଏସଓଜି, ଡିଭିଏଫ୍ ଓ ସିଆରପିଏଫ୍‌ର ମିଳିତ ସହଯୋଗରେ ଆଗାମୀ ଦିନରେ ମଧ୍ୟ କମ୍ବିଂ, ସର୍ଚ୍ଚ ଓ ଏରିଆ ଡୋମିନେସନ୍ ଅପରେସନ୍ ଜାରି ରହିବ ବୋଲି ଏସପି କହିଛନ୍ତି।



## ଅଣସରରେ ଚାଲିଛି ଗୁପ୍ତ ସେବା

# ମହାପ୍ରଭୁଙ୍କୁ ଲାଗିହେଲା ଫୁଲୁରୀ ତେଲ

ପୁରୀ,୪।୭(ସମିସ): ଦେବସ୍ନାନ ପୂର୍ଣ୍ଣିମାରେ ୧୦୮ ଗରା ସୁବାସିତ ଜଳରେ ଅତ୍ୟଧିକ ସ୍ନାନ ପରେ ଜ୍ୱରରେ ପଡ଼ିଛନ୍ତି ମହାପ୍ରଭୁ। ଅଣସର ଘରେ ଦାରୁବିଗ୍ରହଙ୍କ ଉପଚାର ପାଇଁ ଚାଲିଛି ଗୁପ୍ତ ସେବା। ଶ୍ରୀଅଙ୍ଗଲାଗି ସେବକ ଦଇତାପତିମାନେ ଏହି ସେବା କରୁଛନ୍ତି। ଶନିବାର ଦାରୁଦିଅଁଙ୍କୁ ଲାଗି ହୋଇଛି ଫୁଲୁରୀ ତେଲ। ରବିବାର ଠାକୁରଙ୍କୁ ଓଷୁଅ ଲାଗି କରାଯିବ। ତେବେ ମହାପ୍ରଭୁଙ୍କ ଗୁପ୍ତ ନୀତି ମଧ୍ୟରେ ଫୁଲୁରୀ ତେଲ ଲାଗି ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ। ବଡ଼ ଓଡ଼ିଆ ମଠ ପକ୍ଷରୁ ଚତୁର୍ଦ୍ଧାବିଗ୍ରହଙ୍କ ଲାଗି ଫୁଲୁରୀ ତେଲ ଯୋଗାଇ ଦିଆଯାଇଛି। ପ୍ରତିବର୍ଷ ଅଣସରରେ ମଠ ୬ ସେର ଏବଂ କେବଳ ନବକଳେବର ବର୍ଷରେ ୯ ସେର ଫୁଲୁରୀ ତେଲ ଯୋଗାଇଦେଇଥାଏ।

ବର୍ଷକ ଆଗରୁ ୨୪ ପ୍ରକାର ସାମଗ୍ରୀରେ ଏହାକୁ ପ୍ରସ୍ତୁତି କରାଯାଏ। ହେରାପଞ୍ଚମୀ ଦିନ ଘଣାପେଡ଼ା ରାଶିତେଲରେ କେତକୀ, ମଲ୍ଲୀ, ଚମ୍ପା, ଜୁଇ, ଜାଇ, ହେନା ଭଳି ୧୪ ପ୍ରକାର ଫୁଲ, ବେଣାଚେର, ଗୁଳୁଚି ଭଳି ୭ ପ୍ରକାର ଔଷଧୀୟ ଚେରମୂଳ ଏବଂ ସୁବାସିତ ଦ୍ରବ୍ୟ ପକାଇ ଏକ ପାତ୍ରରେ ରଖି ମାଟିତଳେ ପୋତାଯାଇଥାଏ।



ଦେବସ୍ନାନ ପୂର୍ଣ୍ଣିମା ପୂର୍ବଦିନ ମାଟିତଳୁ ତେଲକୁ ବାହାର କରାଯାଇ ରଖାଯାଇଥାଏ। ପଞ୍ଚମୀ ଦିନ ତେଲକୁ ଛଣାଯାଇ ଅମୁଣିଆ ପ୍ରସ୍ତୁତ କରି ମହାପ୍ରଭୁଙ୍କୁ ଲାଗି ପାଇଁ ପଠାଯାଇଥାଏ। ବୋଲି ବଡ଼ ଓଡ଼ିଆ ମଠ ମହନ୍ତ ଅଧିକାରୀ ବଂଶୀଧର ଦାସଗୋସ୍ୱାମୀ କହିଛନ୍ତି। ମହାପ୍ରଭୁଙ୍କ ଏହି ଗୁପ୍ତ ନୀତି ପାଇଁ ଶନିବାର ଅପରାହ୍ନରେ ମଠର ଦୁଇଜଣ କର୍ମଚାରୀ ୨ଟି ହାଣ୍ଡିରେ ୬ ସେର ଫୁଲୁରୀ ତେଲ ନେଇ ଶ୍ରୀମନ୍ଦିର ଗାରଦରେ ପହଞ୍ଚାଇଥିଲେ। ସନ୍ଧ୍ୟାରେ ଦକ୍ଷିଣୀ ଘର ଭୋଗ ସମ୍ପନ୍ନ ହେବା ପରେ ଜୟ ବିଜୟ ଦ୍ୱାର ବନ୍ଦ ହୋଇଥିଲା। ଏହାପରେ ଅଣସର ଘର ଦ୍ୱାର ଖୋଲାଯାଇ ଅଣସର ନୀତି ଆରମ୍ଭ ହୋଇଥିଲା। ଫୁଲୁରୀ ତେଲକୁ ପତିମହାପାତ୍ର ସେବକ ତିନୋଟି ରୁପା ପିଙ୍ଗଣରେ ନେଇ ସଂସ୍କାର କରିବା ପରେ ଦଇତାପତିମାନେ ମହାପ୍ରଭୁଙ୍କ ଶ୍ରୀଅଙ୍ଗରେ ଲାଗି କରାଇଥିଲେ।

ଫୁଲୁରୀ ତେଲ ଲାଗି ପରେ ପ୍ରଭୁଙ୍କୁ ଶୟନ ଅବସ୍ଥାରୁ ବସାଇବା ଉପକ୍ରମ ଆରମ୍ଭ ହୋଇଛି। ଲୌକିକ ମତରେ ଜ୍ୱରଗ୍ରସ୍ତ ଠାକୁରମାନଙ୍କ ଦେହରୁ ମଜରା ଛଡାଇବାକୁ କରାଯାଉଛି ଉପଚାର। ଶ୍ରୀଅଙ୍ଗକୁ ସୁସ୍ଥ କରିବାକୁ ମାଲିସ୍ ହୋଇଛି ଫୁଲୁରୀ ତେଲ। ଆୟୁର୍ବେଦ ଶାସ୍ତ୍ର ମୁତାବକ ଏଥିରେ ମିଶୁଥିବା ସମସ୍ତ ପ୍ରକାର ଫୁଲ ଏବଂ ବେଣା ଚେରରେ ରହିଛି ଦେହକୁ ଉଷ୍ମତା ପ୍ରଦାନ କରିବାର ଶକ୍ତି। ଏଣୁ ଦାରୁଦିଅଁମାନେ ଅତ୍ୟଧିକ ସ୍ନାନ ଯୋଗୁଁ ଅସୁସ୍ଥ ହୋଇପଡିଥିବା କଳ୍ପନା କରାଯାଇ ଏହି ତେଲ ମର୍ଦ୍ଦନ କରାଯାଇଥାଏ।

## ଡିଏନ୍‌ଏ ରିପୋର୍ଟ ଖୋଲିଲା ହତ୍ୟା ରହସ୍ୟ

# ଗୁଣିଗାରେଡ଼ି ସନ୍ଦେହରେ ମାରି କୂଅରେ ଫିଙ୍ଗିଥିଲେ; ୩ ଗିରଫ

### ଅଢ଼େଇ ବର୍ଷ ପରେ ପର୍ଦ୍ଦାଫାସ୍ କଲା କ୍ରାଇମବ୍ରାଞ୍ଚ

ବାରିପଦା/ଉଦଳା, ୪।୭(ସମିସ): ଡିଏନଏ ରିପୋର୍ଟ ଆସିବା ପରେ ମୟୂରଭଞ୍ଜ ଜିଲ୍ଲା ଉଦଳା ଅଞ୍ଚଳରେ ଅଢେଇ ବର୍ଷ ତଳେ ସଂଗଠିତ ଲୋମଟାଙ୍କୁରା ହତ୍ୟାକାଣ୍ଡର ରହସ୍ୟ ଉନ୍ମୋଚନ ହୋଇଛି। ଏ ଘଟଣାରେ ୩ଜଣଙ୍କୁ ଗିରଫ ମଧ୍ୟ କରାଯାଇଛି। ଫଳରେ ଅଜଣା ମୃତଦେହକୁ ଧରି ଅଢେଇ ବର୍ଷ ପରିଚୟ ପାଇଁ ଘାଣ୍ଟି ହୋଇ ଶେଷରେ ହତ୍ୟାକାରୀଙ୍କୁ ପୁଲିସ ଗିରଫ କରିଛି ନାଟକର ପରିସମାପ୍ତି ଘଟାଇଛି। ସୂଚନା ମୁତାବକ, ୨୦୨୩ ନଭେମ୍ବର ୮ ତାରିଖରେ ଉଦଳା ଥାନା ବହୁବନ୍ଧ ସୁରେଇସାହି କାଜୁ ଜଙ୍ଗଲର ଏକ ପରିତ୍ୟକ୍ତ କୂଅ ଭିତରୁ ବୋରା ଭିତରେ ଭର୍ତ୍ତି ପଥର ବନ୍ଧା ଥିବା ମୃତଦେହକୁ ପୁଲିସ ଉଦ୍ଧାର କରିଥିଲା। ହେଲେ ମୃତକଙ୍କ ପରିଚୟ ପୁଲିସ ପାଇ ନ ଥିଲା। କେବଳ ଅଲଗା ଅଲଗା ଚପଲ ଘଟଣାସ୍ଥଳରୁ ପୁଲିସ ପାଇଥିଲା। ମୃତଦେହର ପରିଚୟ ନ ପାଇଥିବାବେଳେ ଏହା ହତ୍ୟାକାଣ୍ଡ ବୋଲି ସ୍ପଷ୍ଟ ଜଣାପଡ଼ିଥିଲା। ଘଟଣାର ୩ ମାସ ପରେ ଏହି ମୃତଦେହ ଉଦ୍ଧାର ଘଟଣା କ୍ରାଇମବ୍ରାଞ୍ଚ ହାତକୁ ଯାଇଥିଲା। କ୍ରାଇମବ୍ରାଞ୍ଚ ମଧ୍ୟ ସବୁ ଦିଗରୁ ତଦନ୍ତ କରି ଥକି ପଡ଼ିଥିବାବେଳେ ଅଚାନକ ଗତ ଜୁନ ୧୭ ତାରିଖରେ ନିଖୋଜ ବାପାକୁ ଖୋଜିଖୋଜି ଥାନାରେ ପହଞ୍ଚିଥିଲେ ଶୁଖୁଆସାହି ଗ୍ରାମର ବିଶ୍ୱନାଥ ସିଂ। ସେତେବେଳେ ସେହି ଅଜଣା ମୃତଦେହ ପାଖରୁ ମିଳିଥିବା ଚପଲ ଦେଖି ତାହା ତାଙ୍କ ବାପା ଯୁବରାଜ ସିଂଙ୍କର ବୋଲି ଦାବି କରିଥିଲେ। ପରେ କ୍ରାଇମବ୍ରାଞ୍ଚ ତାଙ୍କ ଡିଏନଏ ନେଇ ପରୀକ୍ଷା କରାଇବା ପରେ ଶେଷରେ ସବୁ ରହସ୍ୟ ଖୋଲିଥିଲା। ଗୁଣି ଗାରେଡ଼ି ସନ୍ଦେହରୁ ଅତି ବୀଭତ୍ସ ଭାବେ ହତ୍ୟା କରାଯିବା ସହିତ ସବୁ ପ୍ରମାଣ ନଷ୍ଟ ଉଦ୍ୟମ କରାଯାଇଥିବା ଜଣାପଡିଛି। ଯୁବରାଜ ସିଂଙ୍କୁ ଗୁଣିଗାରେଡ଼ି ପାଇଁ ବଣସାହି ଗ୍ରାମର ସାନଗୌର ମୋହନ ସିଂ, ନରହରି ସିଂ ଓ ଜଣେ ନାବାଳକ ମିଶି ଅଢେଇ ବର୍ଷ ତଳୁ ବଡ଼ବିଲା ଗ୍ରାମ ହାଟକୁ ଡାକି ସେଠାରେ ଏକ ରଶି ସାହାଯ୍ୟ ତାଙ୍କ ବେକ ଚିପି ହତ୍ୟା କରିଥିଲେ। ହତ୍ୟା କରିବା ପରେ ତାଙ୍କୁ ନିକଟସ୍ଥ ଜଙ୍ଗଲରେ ରଖିଥିଲେ। ମଧ୍ୟାହ୍ନରେ ୨ଟି ବୋରାରେ ଭର୍ତ୍ତି କରି ସେଠାରୁ ଏକ ଗାଡ଼ିରେ ଲଦି ଉଦଳା ସୁରେଇସାହି କାଜୁ ଜଙ୍ଗଲକୁ ଆଣି ହତ୍ୟା କରିଥିବା ଦଉଡିକୁ ଉକ୍ତ ବୋରା ଉପରେ ବାନ୍ଧିବା ସହିତ ୫ଟି ପଥର ବାନ୍ଧି କୂଅରେ ପକାଇ ଦେଇଥିଲେ। ଘଟଣା ସମ୍ବନ୍ଧରେ ସମସ୍ତ ଦୋଷ ସ୍ୱୀକାର କରିବା ପରେ କ୍ରାଇମବ୍ରାଞ୍ଚ ପୁଲିସ ୩ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି।

# ଟ୍ରେନ୍‌ରୁ ଖସି ଦାଦନ ଶ୍ରମିକଙ୍କ ମୃତ୍ୟୁ

### ଶେଷ ସମୟରେ ମୁହଁ ବି ଦେଖି ପାରିଲେନି ବାପା ମାଆ

ବେଲଗୁଣ୍ଠା,୪।୭(ସମିସ): ଟ୍ରେନ୍‌ରୁ ଖସିପଡ଼ି ଜଣେ ଦାଦନ ଶ୍ରମିକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଗଞ୍ଜାମ ଜିଲ୍ଲା ବେଲଗୁଣ୍ଠା ବ୍ଲକ୍ ଉଡୁରା ପଞ୍ଚାୟତ ଅନ୍ତର୍ଗତ କୋକଲୁଣ୍ଡା ଗ୍ରାମର ସୁରେନ୍ଦ୍ର ବେହେରାଙ୍କ ପୁଅ ଆଲୋକ ବେହେରା (୨୫)। ସୁରେନ୍ଦ୍ର ଜଣେ ଗରିବ ଶ୍ରେଣୀର ଲୋକ ହୋଇଥିବାରୁ ତାଙ୍କର ସମସ୍ତ ପରିବାର ସଦସ୍ୟ ବାହାରେ ଦାଦନ ଶ୍ରମିକ ଭାବେ କାର୍ଯ୍ୟ କରୁଛନ୍ତି। ସୁରେନ୍ଦ୍ର ବହୁ ବର୍ଷ ହେବ ତାଳଚେରର ଏକ ରୋଟି କମ୍ପାନୀରେ ଦାଦନ ଶ୍ରମିକ ଭାବେ କାର୍ଯ୍ୟକରୁଥିବା କରୁଥିବା ବେଳେ ସୁରେନ୍ଦ୍ରଙ୍କ ସାନ ପୁଅ ଆଲୋକ ଘରର ଦୁର୍ବଳ ଆର୍ଥିକ ଅବସ୍ଥା ଯୋଗୁଁ ପ୍ରାଥମିକ ବିଦ୍ୟାଳୟରୁ ହିଁ ପାଠରେ ଡୋରି ବାନ୍ଧି ୮ ବର୍ଷ ତଳେ ନିଜ ସାଙ୍ଗ ସାଥିଙ୍କ ସହିତ ସୁରତ ଚାଲି ଯାଇଥିଲେ। ସେ ସୁରତରେ ୭ ବର୍ଷ କାମ କରିବା ପରେ ୮ ମାସ ତଳେ ମୁମ୍ବାଇରେ ଆସି କାମ କରୁଥିଲେ। ଗତ ୨୯ ତାରିଖ ଦିନ ସେ ତାଳଚେର ଆସିବା ପାଇଁ ମୁମ୍ବାଇରୁ ଟ୍ରେନ୍‌ରେ ଚଢ଼ିଥିଲେ। କିନ୍ତୁ ରାତି ୨ଟା ୩୦ ସମୟରେ ନାସିକ ପଖରେ ଆଲୋକ ଅସାବଧାନତା ବଶତଃ ଟ୍ରେନ୍‌ରୁ ଖସି ପଡ଼ିଥିଲେ। ସ୍ଥାନୀୟ ଲୋକେ ରେଳ ସୁରକ୍ଷା ବାହିନୀକୁ ଜଣାଇବା ପରେ ରେଲୱେ ପୋଲିସ ଆଲୋକଙ୍କୁ ରକ୍ତ ଜୁଡୁବୁଡୁ ଅବସ୍ଥାରେ ଉଦ୍ଧାର କରି ପ୍ରଥମେ ନାସିକର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ପରେ ନାସିକ ସିଟି ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଗତ ଏକ ତାରିଖ ଦିନ ୧୨ ଘଣ୍ଟା ୨୦ ମିନିଟ୍ ସମୟରେ ଆଲୋକ ଶେଷ ନିଃଶ୍ୱାସ ତ୍ୟାଗ କରିଥିଲେ। ଖବର ପାଇ ଆଲୋକଙ୍କ ଭାଇ ଏବଂ ଭିଣୋଇ ନାସିକରେ ପହଞ୍ଚିଥିଲେ। ଏକ ତାରିଖରେ ହିଁ ଆଲିକଙ୍କ ଶବ ବ୍ୟବଚ୍ଛେଦ କରାଯାଇ ତାଙ୍କ ଭାଇଙ୍କୁ ହସ୍ତାନ୍ତର କରାଯାଇଥିଲା। କିନ୍ତୁ ଆଲୋକଙ୍କ ଶବକୁ ଗ୍ରାମକୁ ଆଣିବା ନିମନ୍ତେ ତାଙ୍କ ପରିବାର ଲୋକଙ୍କ ପକ୍ଷେ ଅର୍ଥର ଅଭାବ ଥିବାରୁ ସେମାନେ ନାସିକରେ ହିଁ ଶବ ସତ୍କାର କରିଦେଇଥିଲେ। ଫଳରେ ଆଲୋକଙ୍କ ବାପା, ମା ଏବଂ ଭଉଣୀ ତାଙ୍କର ଶେଷ ଦର୍ଶନ ମଧ୍ୟ କରିପାରି ନ ଥିଲେ। ସେ ଅତ୍ୟନ୍ତ ଗରିବ ଶ୍ରେଣୀର ହୋଇଥିବାରୁ ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇଦେବା ପାଇଁ ଉଡୁରା ସମିତି ସଭ୍ୟ ସୁଧାଂଶୁ ଶେଖର ପୋଲାଇ ପ୍ରଶାସନ ନିକଟରେ ଦାବି କରିଛନ୍ତି।



## ୯ରେ ଓଡ଼ିଶା ଆସିବେ ଉପରାଷ୍ଟ୍ରପତି

### ମୁଖ୍ୟ ଶାସନ ସଚିବଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ

ଭୁବନେଶ୍ୱର,୪।୭(ସମିସ): ଭାରତର ଉପରାଷ୍ଟ୍ରପତିଙ୍କ ଚଳିତ ଜୁଲାଇ ୯ ତାରିଖରେ ଓଡ଼ିଶା ଆସୁଛନ୍ତି। ଉପରାଷ୍ଟ୍ରପତିଙ୍କ ଗସ୍ତକୁ ସଫଳ ଓ ସୁଚାରୁ ଭାବେ ସମ୍ପନ୍ନ କରିବା ନିମନ୍ତେ ଆଜି ଲୋକସେବା ଭବନଠାରେ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏକ ରାଜ୍ୟସ୍ତରୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଗସ୍ତ କାର୍ଯ୍ୟସୂଚୀ ଅନୁଯାୟୀ, ଉପରାଷ୍ଟ୍ରପତି ୯ ତାରିଖରେ ଭୁବନେଶ୍ୱର କୃଷି ଶିକ୍ଷା ସଦନ ଠାରେ ଗଭୀର ସମୁଦ୍ରରେ ମତ୍ସ୍ୟ ସମ୍ପଦର ସ୍ଥାୟୀ ଉପଯୋଗ ପାଇଁ 'ଲେଟର ଅଫ୍ ଅଥରାଇଜେସନ୍'ର ଜାତୀୟ ଶୁଭାରମ୍ଭ କାର୍ଯ୍ୟକ୍ରମରେ ଯୋଗଦେବେ। ଏହାସହ ଖୋର୍ଦ୍ଧାସ୍ଥିତ ଜାତୀୟ ବିଜ୍ଞାନ ଶିକ୍ଷା ଏବଂ ଗବେଷଣା ସଂସ୍ଥାନ(ନାଇଜର)ର ୧୫ତମ ସମାବର୍ତ୍ତନ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଅଭିଭାଷଣ ପ୍ରଦାନ କରିବେ। ଉପରାଷ୍ଟ୍ରପତିଙ୍କ ଗସ୍ତ ସମୟରେ ସୁରକ୍ଷା, ପ୍ରୋଟୋକଲ, ଯାତାୟତ, ଚିକିତ୍ସା, ମୌଳିକ ସୁବିଧା ଏବଂ ବିଭିନ୍ନ କାର୍ଯ୍ୟକ୍ରମର ସୁପରିଚାଳନା ସମ୍ପର୍କରେ ବିସ୍ତୃତ ସମୀକ୍ଷା କରାଯାଇ ସମ୍ପୃକ୍ତ ବିଭାଗଗୁଡ଼ିକୁ ଆବଶ୍ୟକ ନିର୍ଦ୍ଦେଶ ଦିଆଯାଇଛି।

# କଙ୍ଗାରୁ କୋର୍ଟରୁ ବାଦ୍ ପଡ଼ିନାହାନ୍ତି ପୂର୍ବ ସାମରିକ କର୍ମଚାରୀ

ବ୍ରହ୍ମପୁର,୪।୭(ସମିସ): ଡିଜିଟାଲ ଯୁଗରେ ବି କୁସଂସ୍କାରରୁ ବାଦ ପଡିନାହାନ୍ତି ପୂର୍ବ ସାମରିକ କର୍ମଚାରୀ ଓ ସେମାନଙ୍କ ପରିବାର। ବ୍ୟକ୍ତିଗତ ତଥା ଗୋଷ୍ଠୀଗତ ସାମାନ୍ୟତମ ମନାନ୍ତରକୁ ନେଇ ସମାଜରେ ନିଆଁ ପାଣକୁ ବନ୍ଦ କରି ସାମାଜିକ ବାସନ୍ଦ କରାଯାଉଛି। ଯାହାଫଳରେ ସମାଜରେ ବଞ୍ଚିବା ଦୁର୍ବିସହ ହୋଇପଡୁଛି। ଯାହା ଜଣେ ବ୍ୟକ୍ତିର ମାନବିକ ଅଧିକାରକୁ ଖୋଲାଖୋଲି ଉଲଂଘନ ମଧ୍ୟ କରୁଛି। ଏଭଳି କଳୁଷିତ ପ୍ରଥାକୁ କେହି ପସନ୍ଦ କରୁନଥିଲେ ହେଁ ସେମାନଙ୍କ ଉପରେ ପ୍ରତିବନ୍ଧକ ଲାଗିବାର ଆଶଙ୍କା କରି ଏହାର ପ୍ରତିବାଦରେ କେହି ମୁହଁ ଖୋଲିବାକୁ କେହି ସାହାସ ମଧ୍ୟ କରୁନାହାନ୍ତି। ଯାହାର ସୁଯୋଗ ନେଇ କିଛି ବ୍ୟକ୍ତିବିଶେଷ ସମାଜରେ ନିଜର ପତିଆରା ଜାହିର କରୁଛନ୍ତି। ଏହା ଏକ ମାନସିକ ନିର୍ଯାତନା ଛଡା ଆଉ କିଛି ନୁହେଁ। ଏଭଳି ନିର୍ଯାତନାରୁ ବାଦ ପଡୁନାହାନ୍ତି ଖୋଦ୍ ଆମ ଦେଶର ସୁରକ୍ଷା ପାଇଁ ବଳିଦାନ ଦେଇଥିବା ତଥା ନିଜ ଜୀବନର ଅନେକ ସମୟ ଉତ୍ସର୍ଗୀକୃତ କରିଥିବା ପୂର୍ବ ସେନା କର୍ମଚାରୀ ଓ ସେମାନଙ୍କ ପରିବାର। ଏଭଳି ଘଟଣା ଦେଖିବାକୁ ମିଳିଛି ଗୋପାଳପୁର ଥାନା ଅନ୍ତର୍ଗତ ନାରାୟଣପୁର ପଞ୍ଚାୟତରେ। ଜଣେ ଜଣେ କରି ପର୍ଯ୍ୟାୟ କ୍ରମେ ୧୪ଟି ପରିବାରକୁ ସାମାଜିକ ବାସନ୍ଦ କରାଯାଇଛି। ବାସନ୍ଦ ହୋଇଥିବା ୧୪ଟି ପରିବାର ମଧ୍ୟରୁ ୭ଜଣ ହେଉଛନ୍ତି ପୂର୍ବ ସେନା କର୍ମଚାରୀ। ନିଜ ଉପରେ ତଥା ସେମାନଙ୍କ ପରିବାର ଉପରେ ହେଉଥିବା ସାମାଜିକ ନିର୍ଯାତନାକୁ ନେଇ ସେମାନେ ପ୍ରତିବାଦ କରିବାରୁ କାହାର ବିଦ୍ୟୁତ୍ ତ କାହାର ପାନୀୟ ଜଳ ଯୋଗାଣକୁ ବିଚ୍ଛିନ୍ନ କରାଯାଇଥିବା ଅଭିଯୋଗ ହୋଇଛି। ଏପରିକି ସେମାନଙ୍କ ଉପରେ ଆର୍ଥିକ ଜରିମାନା ସେପୁଣି ସର୍ବାଧିକ ଏକ ଲକ୍ଷ ପର୍ଯ୍ୟନ୍ତ କରାଯାଇଛି। ସାମାଜିକ ବାସନ୍ଦ ହୋଇଥିବା ପରିବାରର ସଦସ୍ୟଙ୍କ ସହିତ ସମ୍ପର୍କ ରଖିବା ଅଭିଯୋଗରେ ଅନ୍ୟମାନଙ୍କ ଉପରେ ୧୦ହଜାର ପର୍ଯ୍ୟନ୍ତ ଆର୍ଥିକ ଜରିମାନା ମଧ୍ୟ ଜାରି କରାଯାଇଛି। ସାମାଜିକ ବାସନ୍ଦର ଶିକାର ପରିବାର ସଦସ୍ୟଙ୍କୁ ଗ୍ରାମରେ ରହିବାରେ ନାନାଦି ସମସ୍ୟାର ସମ୍ମୁଖୀନ ହେବାକୁ ପଡୁଛି। ଏଭଳି କଳୁଷିତ ପ୍ରଥାର ତଥା ଏକ ନିର୍ଦ୍ଦିଷ୍ଟ ଗୋଷ୍ଠୀର ଏକଛତ୍ରବାଦ ତଥା ତାଲିବାନୀ ଶାସନକୁ ବିରୋଧ କରି ନ୍ୟାୟ ପାଇଁ ଥାନା ଓ ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇଥିଲେ ହେଁ କେଉଁଠାରୁ ମଧ୍ୟ ସେମାନଙ୍କୁ ନ୍ୟାୟ ମିଳିବା ଦୂରେ ଥାଉ ସେମାନଙ୍କ ଅଭିଯୋଗକୁ କେହି ଶୁଣୁନଥିବା ଅଭିଯୋଗ ହୋଇଛି। ଏଭଳି ପରିସ୍ଥିତିରେ ଏକ ସାମ୍ବାଦିକ ସମ୍ମିଳନୀରେ ମୁହଁ ଖୋଲିବା ସହିତ ସେମାନଙ୍କର ମାନବିକ ଅଧିକାର ଉଲ୍ଲଂଘନ ହେଉଥିବା ଅଭିଯୋଗ କରିଛନ୍ତି। ସମସ୍ୟା ନେଇ ସେମାନେ ରାଜ୍ୟ ମାନବାଧିକାର ଆୟୋଗଙ୍କ ଦ୍ୱାରସ୍ଥ ହୋଇଥିବା ବେଳେ ତଦନ୍ତ ଜାରି ରହିଥିବା ସେମାନେ କହିଛନ୍ତି। ଗ୍ରାମରେ ଏକ ନିର୍ଦ୍ଦିଷ୍ଟ ଗୋଷ୍ଠୀର ଲୋକେ ସମାଜର ଅର୍ଥ ଆତ୍ମସାତ ବା ହଡପ କରିବାକୁ ମସୁଧା କରିବା ସହିତ ନିଜର ଆଧିପତ୍ୟ ଜାହିର କରିବାକୁ ଯାଇ ଏଭଳି କରୁଥିବା ସେମାନେ ଅଭିଯୋଗ କରିଛନ୍ତି। ଆଗାମୀ ଦିନରେ ସେମାନଙ୍କ ସମସ୍ୟାର ସ୍ଥାୟୀ ସମାଧାନ ସହିତ ସମାଜୋର ସେମାନଙ୍କୁ ନିଜ ପରିବାର ବର୍ଗଙ୍କ ସହିତ ବଞ୍ଚିବାର ସୁଯୋଗ ଦିଆନଗଲେ ଚରମ ନିଷ୍ପତ୍ତି ନେବାକୁ ସେମାନେ ବାଧ୍ୟ ହେବେ ବୋଲି ଚେତାବନୀ ଦେଇଛନ୍ତି।



- ସାମାନ୍ୟ ମତାନ୍ତରରୁ ନିଆଁ ପାଣି ବାସନ୍ଦ ସହିତ ପଡୁଛି ଆର୍ଥିକ ଜରିମାନା
- ଭୟରେ ନାରାୟଣପୁର ଗାଁର ୧୪ପରିବାର, ମାନବିକ ଅଧିକାର ଉଲ୍ଲଂଘନ ଅଭିଯୋଗ

## ନୂତନ ଅନୁଦାନପ୍ରାପ୍ତ ବିଦ୍ୟାଳୟରେ ଶୈକ୍ଷିକ ସଙ୍କଟ

# ୫୬୦୦ ପଦ ଫାଙ୍କା; ଅତିଥି ଶିକ୍ଷକ ନିଯୁକ୍ତି ହେଉନି

ଭୁବନେଶ୍ୱର, ୪।୭(ସମିସ): ନୂତନ ଅନୁଦାନପ୍ରାପ୍ତ ବିଦ୍ୟାଳୟରେ ବହୁ ଶିକ୍ଷକ ପଦ ଫାଙ୍କା ପଡ଼ିଛି। ଶିକ୍ଷକମାନେ ଅବସର ନେବା ପରେ ନୂତନ ନିଯୁକ୍ତି ହେଉନାହିଁ। ଖାଲି ପଦରେ ଅତିଥି ଶିକ୍ଷକ ମଧ୍ୟ ଏବେଯାଏଁ ନିଯୁକ୍ତ ହୋଇନାହାନ୍ତି। ଶିକ୍ଷାବର୍ଷ ଆରମ୍ଭରୁ ଏପରି ଅବ୍ୟବସ୍ଥା ଲାଗି ରହିଥିବାବେଳେ ଛାତ୍ରଛାତ୍ରୀଙ୍କ ଶିକ୍ଷାଦାନ ପ୍ରଭାବିତ ହେଉଛି। ରାଜ୍ୟରେ ୨୦୦୪ ରୁ ଏବେଯାଏଁ ଅନୁଦାନ ପାଇଥିବା ବିଦ୍ୟାଳୟରେ ଶିକ୍ଷକ ଓ ଶିକ୍ଷାକର୍ମଚାରୀଙ୍କ ସଂଖ୍ୟା ପ୍ରାୟ ଶୂନ୍ୟ ହୋଇଗଲାଣି। ପ୍ରତିମାସରେ ଅବସର ନେଉଥିବା ଶିକ୍ଷକ ଓ କର୍ମଚାରୀଙ୍କ ସ୍ଥାନରେ ନୂତନ ନିଯୁକ୍ତି ବ୍ୟବସ୍ଥା ନାହିଁ। ଖାଲି ହୋଇଥିବା ପଦ ସଂଖ୍ୟା ଇତିମଧ୍ୟରେ ପ୍ରାୟ ୫,୬୦୦ରୁ ଅଧିକ ହେଲାଣି। ଅଧିକାଂଶ ବିଦ୍ୟାଳୟ ଜଣେ ବା ଦୁଇଜଣ ଶିକ୍ଷକରେ ଚାଲୁଛି। ଏସବୁ ବିଦ୍ୟାଳୟରେ ନିୟମିତ ଶିକ୍ଷକ ନିଯୁକ୍ତି ପାଇଁ ମଧ୍ୟ କୌଣସି ସରକାରୀ ବ୍ୟବସ୍ଥା ନାହିଁ। ଏଣୁ ଏସବୁ ବିଦ୍ୟାଳୟରେ ପଢୁଥିବା ରାଜ୍ୟର ମେଧାବୀ ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ଭବିଷ୍ୟତ ଅନିଶ୍ଚିତତା ଭିତରକୁ ଠେଲି ହୋଇଯାଇଛି। ରାଜ୍ୟରେ ନୂତନ ଜାତୀୟ ଶିକ୍ଷା ନୀତି ଲାଗୁ କରିବାକୁ ସରକାର ତତ୍ପରତା ପ୍ରକାଶ କରିଥିଲେ ମଧ୍ୟ ଶିକ୍ଷକ ଅଭାବ ଦୂର କରିବାକୁ କୌଣସି ପଦକ୍ଷେପ ନେଇ ନାହାନ୍ତି। ଅତିଥି ଅଧ୍ୟାପକ ନିଯୁକ୍ତ କରି ପାଠପଢ଼ା ହେଉଥିଲେ ମଧ୍ୟ ଚଳିତବର୍ଷ ଏହା ବିଳମ୍ବ ହୋଇଛି। ଏଣୁ ଏସ୍‌ଏସ୍‌ବି ମାଧ୍ୟମରେ ସ୍ଥାୟୀ ଶିକ୍ଷକ ନିଯୁକ୍ତିର ବ୍ୟବସ୍ଥା କରିବା ସହ ଚଳିତବର୍ଷ ଅବିଳମ୍ବେ ଅତିଥି ଶିକ୍ଷକ ନିଯୁକ୍ତ କରିବାକୁ ଓଡ଼ିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ(ଓଷ୍ଟା) ଦାବି କରିଛି। ସଂଘର ସାଧାରଣ ସମ୍ପାଦକ ରଞ୍ଜନ କୁମାର ଦାଶ କହିଛନ୍ତି ଯେ ଶିକ୍ଷକ ଅଭାବରୁ ଭାଙ୍ଗିବାକୁ ବସିଥିବା ଏହି ବିଦ୍ୟାଳୟଗୁଡ଼ିକୁ ପୁନଃକ୍ଷମ କରିବାକୁ ସରକାର ଦୂରଦୃଷ୍ଟି ସମ୍ପର୍ଣ୍ଣ ପଦକ୍ଷେପ ନିଅନ୍ତୁ। ସରକାର +୩ ଏବଂ +୨ ରେ ଶିକ୍ଷାବର୍ଷ ଆରମ୍ଭରୁ ଅତିଥି ଅଧ୍ୟାପକ ନିଯୁକ୍ତି ଦେଇ ସାରିଥିବାବେଳେ ମାଧ୍ୟମିକ ବିଦ୍ୟାଳୟ ପ୍ରତି ବୈମାତୃକ ମନୋଭାବ କାହିଁକି ବୋଲି ମଧ୍ୟ ସେ ପ୍ରଶ୍ନ କରିଛନ୍ତି।

## ବାରିପଦାରେ ସଡ଼କ ଦୁର୍ଘଟଣାରେ ୨ ମୃତ, ୯ ଆହତ ଘଟଣା

# ଚିକିତ୍ସା ଅବହେଳାରୁ ଚାଲିଗଲା ଅମୂଲ୍ୟ ଜୀବନ: ବିଜେଡି

- ଗୁରୁତର ଅବସ୍ଥାରେ ୩ ଜଣ କଟକ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର
- ପିଆର୍‌ଏମ୍ ମେଡିକାଲ କଲେଜ ଓ ହସ୍ପିଟାଲରେ ମିଳୁନି ସ୍ୱାସ୍ଥ୍ୟସେବା
- ଅସମ୍ପୂର୍ଣ୍ଣ ହସ୍ପିଟାଲକୁ ଲୋକ ଦେଖାଣିଆ ଉଦ୍‌ଘାଟନ କରି ବାହାବା ନେଉଛି ବିଜେପି ସରକାର

ବାରିପଦା, ୪।୭(ସମିସ): ବିଜେପି ସରକାର ଓଡ଼ିଶାବାସୀଙ୍କ ପାଇଁ କାଳ ସାଜିଛି। ଲୋକେ ଉନ୍ନତ ସ୍ୱାସ୍ଥ୍ୟସେବା ପାଇବାରୁ ବଞ୍ଚିତ ହେଉଛନ୍ତି। ଯାହାର ଏକ ଜ୍ୱଳନ୍ତ ଚିତ୍ର ଶୁକ୍ରବାର ସନ୍ଧ୍ୟାରେ ବାରିପଦାରେ ଘଟିଥିବା ଦୁର୍ଘଟଣାରୁ ଦେଖିବାକୁ ମିଳିଛି। ଏହି ଦୁର୍ଘଟଣାରେ ୨ ଜଣ ମୃତ୍ୟୁବରଣ କରିଥିବାବେଳେ ୯ ଜଣ ଆହତ ହୋଇଥିଲେ। ଆହତଙ୍କ ମଧ୍ୟରୁ ୩ ଜଣଙ୍କ ଅବସ୍ଥା ସଙ୍କଟାପନ୍ନ ହେବାରୁ ସେମାନଙ୍କୁ କଟକସ୍ଥ ଏସସିବି ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଛି। ବାରିପଦାସ୍ଥ ପିଆରଏମ୍ ମେଡିକାଲ କଲେଜ ଓ ହସ୍ପିଟାଲରେ ଚିକିତ୍ସା ଅବହେଳାରୁ ଜଣଙ୍କ ଅମୂଲ୍ୟ ଜୀବନ ହାନୀକୁ ନେଇ ସରକାରଙ୍କୁ କଡ଼ା ସମାଲୋଚନା କରିଛି ବିଜୁ ଜନତା ଦଳ। ଶନିବାର ଦଳର ମୁଖପାତ୍ର ତଥା ଗଣମାଧ୍ୟମ ସଂଯୋଜକ ଡ. ଲେନିନ ମହାନ୍ତି ଏକ ପ୍ରେସ ବିବୃତିରେ କହିଥିଲେ ଯେ, ବିଜେପି ସରକାରର ତ୍ରୁଟିପୂର୍ଣ୍ଣ କାର୍ଯ୍ୟ ପାଇଁ ସ୍ୱାସ୍ଥ୍ୟସେବା ନ ମିଳିବାରୁ ଏକ ଅମୂଲ୍ୟ ଜୀବନ ଚାଲିଗଲା। ବିଜେଡି ସରକାର ସମୟରେ ବାରିପଦାସ୍ଥ ରଙ୍ଗମାଟିଆଠାରେ ନୂତନ ହସ୍ପିଟାଲ କ୍ୟାମ୍ପସ କାର୍ଯ୍ୟ ଆରମ୍ଭ ହୋଇଥିଲା। ଯାହାକୁ ଗତ ୨୦୨୪ରେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଉଦଘାଟନ କରିଥିଲେ। ପରନ୍ତୁ ନିର୍ବାଚନରେ ବିଜେପି କ୍ଷମତାକୁ ଆସିବା ପରେ ୨ ବର୍ଷ ମଧ୍ୟରେ ଏହାକୁ ସମ୍ପୂର୍ଣ୍ଣ ନ କରି ସ୍ଥାନାନ୍ତର ବିଳମ୍ବ କରି ରଖିଥିଲା। ଅସମ୍ପୂର୍ଣ୍ଣ ଅବସ୍ଥାରେ ଥିବା ପିଆରଏମ ମେଡିକାଲ କଲେଜ ଓ ହସ୍ପିଟାଲରେ ରଙ୍ଗ ମାରି ଲୋକ ଦେଖାଣିଆ ଭାବେ ଜୁନ ୧୮ ତାରିଖରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଏହାକୁ ଉଦଘାଟନ କରିଥିଲେ।

ଡ. ମହାନ୍ତି ଆହୁରି କହିଥିଲେ ଯେ, ମେଡିକାଲରେ ଚିକିତ୍ସିତ ହେଉଥିବା ରୋଗୀଙ୍କୁ ଉନ୍ନତ ସ୍ୱାସ୍ଥ୍ୟସେବା ମିଳିପାରୁନାହିଁ। ହସ୍ପିଟାଲରେ ଡାକ୍ତରଙ୍କ ସମେତ ଅନ୍ୟାନ୍ୟ ସ୍ୱାସ୍ଥ୍ୟ କର୍ମଚାରୀଙ୍କ ଘୋର ଅଭାବ ରହିଛି। ରୋଗ ନିରୂପଣ ଓ ଯାଞ୍ଚ ନିମନ୍ତେ ହସ୍ପିଟାଲରେ ସିଟି ସ୍କାନ, ଅଲଟ୍ରା ସାଉଣ୍ଡ ସମେତ ଅନ୍ୟାନ୍ୟ ଦରକାରୀ ମେସିନ ଉପଲବ୍ଧ ନାହିଁ। ରୋଗ ନିରୂପଣ ପାଇଁ ରଙ୍ଗମାଟିଆରୁ ପ୍ରାୟ ୫ କିମି ଦୂର ବାରିପଦାସ୍ଥ ଜିଲ୍ଲା ମୁଖ୍ୟ ହସ୍ପିଟାଲକୁ ଯିବାକୁ ପଡୁଛି। ସେହିପରି ରକ୍ତଭଣ୍ଡାର ନ ଥିବାରୁ ଗୁରୁତର ରୋଗୀଙ୍କୁ ରକ୍ତ ପାଇଁ ଜିଲ୍ଲା ମୁଖ୍ୟ ହସ୍ପିଟାଲକୁ ଯିବାକୁ ପଡୁଛି। ଉକ୍ତ ସମସ୍ତ କାର୍ଯ୍ୟ ପାଇଁ ୨ରୁ ୩ ଘଣ୍ଟା ସମୟ ଲାଗୁଥିବାରୁ ଗତକାଲି ଦୁର୍ଘଟଣାରେ ଗୁରୁତର ଆହତଙ୍କୁ ସଠିକ୍ ଚିକିତ୍ସା ସୁବିଧା ନ ମିଳିବାରୁ ଜଣଙ୍କ ଜୀବନ ଚାଲିଗଲା। ମେଡିକାଲରେ ସ୍ୱାସ୍ଥ୍ୟସେବା ସମ୍ପୂର୍ଣ୍ଣ ଭୁଶୁଡ଼ିପଡ଼ିଛି। ସେହିପରି ସହରରୁ ଦୂରରେ ହସ୍ପିଟାଲ ଥିବାରୁ ଯୋଗାଯୋଗର କୌଣସି ବ୍ୟବସ୍ଥା ନାହିଁ। ଭଡ଼ା ଅଟୋ ଓ ଟ୍ୟାକ୍ସି ୩୦୦ରୁ ୫୦୦ ଟଙ୍କା ଦାବି କରୁଛନ୍ତି। ଅହଙ୍କାରୀ ବିଜେପି ସରକାର ଅସମ୍ପୂର୍ଣ୍ଣ ହସ୍ପିଟାଲକୁ ଉଦଘାଟନ କରି ବାହାବା ନେଉଛି। କେବଳ କାନ୍ଥରେ ରଙ୍ଗ ମାରିଦେଲେ ଚିକିତ୍ସା ବ୍ୟବସ୍ଥାରେ ସୁଧାର ଆସିବନି। ଉନ୍ନତ ସ୍ୱାସ୍ଥ୍ୟସେବା ଯୋଗାଇବା ପାଇଁ ଡବଲ ଇଞ୍ଜିନ ସରକାର ପଦକ୍ଷେପ ଗ୍ରହଣ କରନ୍ତୁ, ନଚେତ ଆଗକୁ ରାଜ୍ୟବାସୀଙ୍କ ସ୍ୱାର୍ଥ ପାଇଁ ବିଜେଡି ରାଜରାସ୍ତାକୁ ଓହ୍ଲାଇବ ବୋଲି ଚେତାବନୀ ଦେଇଛନ୍ତି।



# ଶିମିଳିପାଳ ରିସର୍ଟ ପ୍ରକଳ୍ପରୁ ହଟିଲା ହୋଟେଲ ସୋନାର ବାଂଲା

### ବନ ବିଭାଗ ସତ୍ୟପାଠରେ କହିଲା; ଆମେ କିଛି ଜାଣିନୁ, କୌଣସି ସ୍ଥଳ ପରିଦର୍ଶନରେ ଯୋଗ ଦେଇନାହୁଁ

ବାରିପଦା,୪।୭(ସମିସ): ଶିମିଳିପାଳ ବ୍ୟାଘ୍ର ପ୍ରକଳ୍ପର ଇକୋ-ସେନସିଟିଭ୍ ଜୋନ୍ (ଇଏସଜେଡ) ଭିତରେ ପ୍ରସ୍ତାବିତ ହୋଟେଲ ଓ ରିସର୍ଟ ପ୍ରକଳ୍ପ ନେଇ ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପୂର୍ବାଞ୍ଚଳ ବେଞ୍ଚରେ ଚାଲୁଥିବା ମାମଲାରେ ଗୁରୁତ୍ୱପୂର୍ଣ୍ଣ ବିକାଶ ଘଟିଛି। ହୋଟେଲ ସୋନାର ବାଙ୍ଗଲା ତାହାର ସତ୍ୟପାଠରେ ପ୍ରକଳ୍ପରୁ ସମ୍ପୂର୍ଣ୍ଣ ହଟିବା ଘୋଷଣା କରିଛି। ସୋନାର ବାଙ୍ଗଲା ପକ୍ଷରୁ ଦାଖଲ ହୋଇଥିବା ସତ୍ୟପାଠରେ କୁହାଯାଇଛି ଯେ, ପ୍ରାରମ୍ଭରେ ଶାମାଖୁଣ୍ଟା ବ୍ଲକ୍ ଲକ୍ଷ୍ମୀପୋଷି ମୌଜାର ପ୍ରାୟ ୧୦୦ ଏକର ଜମିରେ ହସ୍‌ପିଟାଲିଟି ପ୍ରକଳ୍ପ ସ୍ଥାପନ ପାଇଁ ଇଚ୍ଛା ପ୍ରକାଶ କରାଯାଇଥିଲା ଓ କିଛି ପ୍ରାଥମିକ ପଦକ୍ଷେପ ନିଆଯାଇଥିଲା। ସ୍ଥାନ ପରିଦର୍ଶନ ମଧ୍ୟ ହୋଇଥିଲା। କିନ୍ତୁ ପରବର୍ତ୍ତୀ ସମୟରେ ସ୍ଥାନ ପରିଦର୍ଶନ ଓ ବିଭିନ୍ନ ଦିଗର ସମୀକ୍ଷା ପରେ ପ୍ରକଳ୍ପ ଆଗକୁ ନେବାକୁ ନିଷ୍ପତ୍ତି ନିଆଯାଇନାହିଁ। ବର୍ତ୍ତମାନ ଉକ୍ତ ଜମି ସହ କୌଣସି ପ୍ରକାରର ସମ୍ପର୍କ ନାହିଁ ବୋଲି ସ୍ପଷ୍ଟ କରାଯାଇଛି। ଏଥିସହିତ ମାମଲାରୁ ନିଜର ନାମ ବାଦ୍ ଦେବାକୁ ମଧ୍ୟ ଅନୁରୋଧ କରାଯାଇଛି।

ଅନ୍ୟପକ୍ଷରେ ବାରିପଦା ବନଖଣ୍ଡ ଅଧିକାରୀଙ୍କ ପକ୍ଷରୁ ଆଇନଜୀବୀ ସଚିଦାନନ୍ଦ ଆଚାର୍ଯ୍ୟଙ୍କ ସତ୍ୟପାଠରେ ସମ୍ପୂର୍ଣ୍ଣ ଭିନ୍ନ ଚିତ୍ର ଉପସ୍ଥାପିତ ହୋଇଛି। ସେ କହିଛନ୍ତି, ଡିଆଇପିଏ, ଆଇପିଆଇସିଓଏଲ କିମ୍ବା ହୋଟେଲ ସୋନାର ବାଙ୍ଗଲା ପକ୍ଷରୁ କଥିତ ସ୍ଥଳ ପରିଦର୍ଶନ ସମ୍ପର୍କରେ ବନ ବିଭାଗର କୌଣସି ଜ୍ଞାନ ନ ଥିଲା। ବନ ବିଭାଗକୁ ପରାମର୍ଶ କରାଯାଇ ନ ଥିଲା ଓ ଏଥିରେ ବନ ବିଭାଗର କୌଣସି ଭୂମିକା ନ ଥିଲା। ତାଙ୍କ ସତ୍ୟପାଠରେ ଉଲ୍ଲେଖ ଅଛି ଯେ, ଖାତା ନମ୍ବର ୧୨୩, ପ୍ଲଟ ନମ୍ବର ୧୩୮ (ପାହାଡ଼ କିସମ)ର ଜମି ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର ଇକୋ ସେନସିଟିଭ ଜୋନ୍ ସୀମା ଭିତରେ ଅଛି ଓ ବାଲଡିହା ରିଜର୍ଭ ଫରେଷ୍ଟରୁ ମାତ୍ର ୬୮୦ ମିଟର ଦୂରରେ ଅବସ୍ଥିତ। ଏହି ଜମି ପାଇଁ କୌଣସି ପ୍ରକାରର ବାଣିଜ୍ୟିକ ପ୍ରକଳ୍ପ ପାଇଁ କୌଣସି ଅନୁମତି ବା କ୍ଲିୟରାନ୍ସ ଦିଆଯାଇନାହିଁ ବୋଲି ସ୍ପଷ୍ଟ କରାଯାଇଛି। ଏହି ପ୍ରକଳ୍ପ ନେଇ ପରିବେଶବିତଙ୍କ ଅଭିଯୋଗ ପରେ ଏନଜିଟି ଅନ୍ତରୀଣ ଆଦେଶ ଜାରି କରି ସ୍ଥିତାବସ୍ଥା ବଜାୟ ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଡିଆଇପିଏ, ଆଇପିଆଇସିଓଏଲ/ଡିଆଇପିଏ ଓ ହୋଟେଲ ସୋନାର ବାଙ୍ଗଲାକୁ ବିବାଦୀୟ ଜମିରେ କୌଣସି ନିର୍ମାଣ କାର୍ଯ୍ୟ ନ କରିବାକୁ ବାରଣ କରାଯାଇଛି। ମୟୂରଭଞ୍ଜ ଜିଲ୍ଲାପାଳ ଓ ଜିଲ୍ଲା ପୁଲିସ ଆରକ୍ଷୀ ଅଧୀକ୍ଷକଙ୍କୁ ମଧ୍ୟ ଏହା ସୁନିଶ୍ଚିତ କରିବାକୁ କୁହାଯାଇଛି। ଆବେଦନକାରୀଙ୍କ ଆଇନଜୀବୀ ଆକାଶ ଶର୍ମା କହିଛନ୍ତି, ପ୍ରତିପକ୍ଷଙ୍କ ନିଜ ସତ୍ୟପାଠରୁ ସ୍ପଷ୍ଟ ଯେ, ଇକୋ-ସେନସିଟିଭ୍ ଜୋନ୍ ଭିତରେ ବାଣିଜ୍ୟିକ ପ୍ରକଳ୍ପ ପାଇଁ ପ୍ରାରମ୍ଭିକ ପଦକ୍ଷେପ ନିଆଯାଇଥିଲା। ପରିବେଶ ସୁରକ୍ଷା ଦୃଷ୍ଟିରୁ ଏନଜିଟିଙ୍କ ହସ୍ତକ୍ଷେପ ସମ୍ପୂର୍ଣ୍ଣ ନ୍ୟାୟ ସଙ୍ଗତ। ବର୍ତ୍ତମାନ ମାମଲାଟି ଏନଜିଟିରେ ବିଚାରାଧୀନ ରହିଛି। ଏହି ଘଟଣା ଶିମିଳିପାଳ ପରି ସମ୍ବେଦନଶୀଳ ଇକୋ-ସେନସିଟିଭ୍ ଅଞ୍ଚଳରେ ପର୍ଯ୍ୟଟନ ଓ ବାଣିଜ୍ୟିକ ପ୍ରକଳ୍ପ ପାଇଁ ଥିବା କଡ଼ା ନିୟମ ଓ ପରିବେଶ ସୁରକ୍ଷାର ଗୁରୁତ୍ୱକୁ ପୁନଃ ସ୍ମରଣ କରାଇଦେଇଛି।

ସକାଳ
THE SAKALA



# ଗୋଟିଏ ଦିନରେ ରେକର୍ଡ ପରିମାଣର ବର୍ଷା
# ଯାଜପୁରରେ ୧୮୧ ମିମି ବର୍ଷା



ଯାଜପୁର/ଧର୍ମଶାଳା,୪।୭(ସମିସ)

ରାଜ୍ୟରେ ମୌସୁମୀ ବାୟୁ ପହଞ୍ଚିଥିଲେ ମଧ୍ୟ ଗତ ଜୁନ ମାସରେ ବର୍ଷା ପର୍ଯ୍ୟାପ୍ତ ପରିମାଣରେ ହୋଇନଥିଲା। ଯାହାକୁ ନେଇ ଚିନ୍ତିତ ଥିଲେ ଚାଷୀ କୂଳ। କିନ୍ତୁ ଜୁଲାଇ ମାସ ଆରମ୍ଭରୁ ମୌସୁମୀ ଓ ଲଘୁଚାପ ଜନିତ ବର୍ଷା ଆରମ୍ଭ ହୋଇଯାଇଛି। ଯାହାକୁ ନେଇ ଚାଷୀ କୂଳ ବେଶ ଉତ୍ସାହିତ ହୋଇପଡିଥିବା ଦେଖିବାକୁ ମିଳିଛି। ସୂଚନା ମୁତାବକ ଗତ ୨୪ ଘଣ୍ଟା ମଧ୍ୟରେ ଯାଜପୁର ଜିଲ୍ଲାରେ ରେକର୍ଡ ପରିମାଣର ୧୮୧ ମିମି ବର୍ଷା ରେକର୍ଡ କରାଯାଇଛି। ସେଥିମଧ୍ୟରୁ ଧର୍ମଶାଳା ଓ ଯାଜପୁର ବ୍ଲକରେ ସର୍ବାଧିକ ୩୦ ମିମି ଲେଖାଏଁ ରେକର୍ଡ କରାଯାଇଥିବା ବେଳେ ବରୀ ବ୍ଲକରେ ସର୍ବନିମ୍ନ ୩.୧ ମିମି ବର୍ଷା ରେକର୍ଡ କରାଯାଇଛି। ସେହିଭଳି ଦଶରଥପୁର ବ୍ଲକରେ ୨୪ ମିମି, ବିଞ୍ଝାରପୁରରେ ୨୧.୧ମିମି, କୋରେଇରେ ୨୬ ମିମି, ଦାନଗଦିରେ ୨୨ ମିମି, ସୁକିନ୍ଦାରେ ୫ମିମି, ରସୁଲପୁରରେ ୭ ମିମି, ବଡ଼ଚଣାରେ ୧୩ ମିମି ବର୍ଷା ରେକର୍ଡ କରାଯାଇଛି। ଧର୍ମଶାଳା ବ୍ଲକ ଅଞ୍ଚଳରେ ଆଜି ସକାଳୁ ଝିପିଝିପି ବର୍ଷା ଲାଗିରହିଛି। ଫଳରେ ବିଶେଷକରି ଦିନ ମଜୁରିଆମାନେ କାମଧନ୍ଦାକୁ ଯାଇ ନପାରି ଘରେ ରହିବାକୁ ବାଧ୍ୟ ହୋଇଛନ୍ତି। ବ୍ଲକର ବିଭିନ୍ନ ସ୍ଥାନରେ ରାସ୍ତା ଘାଟରେ ପାଣି ଛିଡା ହୋଇ ରହିବା ଫଳରେ ଲୋକମାନଙ୍କ ଯତାୟତ ବାଧାପ୍ରାପ୍ତ ହୋଇଛି। ଲଘୁଚାପ ପ୍ରଭାବରେ ଆଉ ୩ ଦିନ ବର୍ଷା ଲାଗିରହିବ ବୋଲି ପାଣିପାଗ ବିଭାଗ ଅନୁମାନ କରିଛି। ତେବେ ଆଗକୁ ଜିଲ୍ଲାର ବିଭିନ୍ନ ବ୍ଲକରେ ବର୍ଷାର ପରିମାଣ କିଭଳି ରହୁଛି ତାହା ଦେଖିବାର ଅଛି।

### ରାସ୍ତା କାମ ନିମ୍ନମାନର ଅଭିଯୋଗ
## ବର୍ଷାରେ ଧସିଲା ନବନିର୍ମିତ ପିଚୁ ରାସ୍ତା

**ବିଞ୍ଝାରପୁର,୪।୭(ସମିସ):** ମାତ୍ର ଏକ ମାସ ପୂର୍ବରୁ ନିର୍ମାଣ ସରିଥିବା ପିଚୁ ରାସ୍ତା ସାମାନ୍ୟ ବର୍ଷାରେ ଧସିଯିବା ଘଟଣାକୁ ନେଇ ବିଞ୍ଝାରପୁର ଅଞ୍ଚଳରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଯାଜପୁର ଜିଲ୍ଲା ବିଞ୍ଝାରପୁର ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀନରେ ଅଣ୍ଡାଳରୁ ମାଟିଆକଣକୁ ସଂଯୋଗ କରୁଥିବା ପ୍ରାୟ ୩ କିଲୋମିଟର ଦୀର୍ଘ ରାସ୍ତାର ପ୍ରାୟ ୫୦ ଫୁଟ ଅଂଶ ଧସିଯାଇଛି। ଏଥିସହ ରାସ୍ତାର ଆଉ ୬ରୁ ୭ଟି ସ୍ଥାନରେ ମଧ୍ୟ ଧସି ଯାଇଥିବା ଦେଖାଯାଇଛି। ସ୍ଥାନୀୟଲୋକଙ୍କ ଅଭିଯୋଗ ଅନୁଯାୟୀ, ନିର୍ମାଣ କାର୍ଯ୍ୟରେ ନିମ୍ନମାନର ସାମଗ୍ରୀ ବ୍ୟବହାର ଓ ନିର୍ମାଣ ନିୟମାବଳୀକୁ ଅବହେଳା କରାଯାଇଥିବାରୁ ଅଳ୍ପ ଦିନ ମଧ୍ୟରେ ରାସ୍ତା ଧସିଯାଇଛି। ଅନ୍ୟପକ୍ଷରେ ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ଡ୍ରେନେଜ୍ ବିଭାଗକୁ ଏଥିପାଇଁ ଦାୟୀ କରାଯାଇଛି। ବିଭାଗୀୟ ଅଧିକାରୀଙ୍କ କହିବାନୁସାରେ, ରାସ୍ତା ପାର୍ଶ୍ୱରୁ ମାଟି ଖନନ କରାଯିବା ଫଳରେ ରାସ୍ତା ଧସିଛି। ତେବେ ଜଳସମ୍ପଦ ବିଭାଗ ଏହି ଅଭିଯୋଗକୁ ଖଣ୍ଡନ କରି କହିଛି ଯେ, ରାସ୍ତା କଡ଼ରୁ କୌଣସି ମାଟି ଖନନ କରାଯାଇନାହିଁ। ଦୁଇ ବିଭାଗ ପରସ୍ପର ଉପରେ ଦୋଷାରୋପ କରୁଥିବା ବେଳେ ରାସ୍ତା ଧସିଯିବା ଯୋଗୁ ସାଧାରଣ ଲୋକଙ୍କ ଯାତାୟାତ ବ୍ୟାହତ ହୋଇଛି। ତେଣୁ ଘଟଣାର ନିରପେକ୍ଷ ତଦନ୍ତ କରି ପ୍ରକୃତ କାରଣ ଉନ୍ମୋଚନ ସହ ତୁରନ୍ତ ରାସ୍ତାର ମରାମତି କରିବାକୁ ସ୍ଥାନୀୟ ବାସିନ୍ଦା ବିଜ୍ଞାନ ମଲ୍ଲିକ, ସୁବାସ ସାହୁ, ପ୍ରଜ୍ଞାନ ଓଝା, ବିକାଶ ମଲ୍ଲିକ ଏବଂ ଆକାଶ ନାୟକ ପ୍ରମୁଖ ଦାବି କରିଛନ୍ତି।



## ବାଇକ୍‌କୁ ପିଟିଲା କାର୍; ଜଣେ ମୃତ

**ଯାଜପୁର,୪।୭(ସମିସ):** ଯାଜପୁର ଥାନା ଘୁଷୁରିଆସାହି ପୋଲ ନିକଟରେ ଗତକାଲି ବିଳମ୍ବିତ ରାତ୍ରିରେ ବାଇକ୍‌କୁ ଏକ କାର୍ ପିଟିଦେବାରୁ ଜଣଙ୍କର ମୃତ୍ୟୁ ହୋଇଥିବା ବେଳେ ଜଣେ ଗୁରୁତର ହୋଇଛନ୍ତି। ମୃତକ ହେଲେ ମଲ୍ଲିକାପୁର ଅଞ୍ଚଳର ସୁଶାନ୍ତ କୁମାର ଜେନା। ଗୁରୁତର ଜଣଙ୍କ ହେଲେ ଲକ୍ଷ୍ମୀଧର ସନ୍ଧିବିଗ୍ରହ। ଗୁରୁତର ଲକ୍ଷ୍ମୀଧର ଯାଜପୁର ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସା ପାଇଁ ଭର୍ତ୍ତି ହୋଇଥିବା ଜଣାପଡିଛି। ଗତକାଲି ରାତ୍ରିରେ ଏକ କାର୍ ଦୁଇଜଣ ବାଇକ ଆରୋହିଙ୍କୁ ଧକ୍କା ଦେବା ଫଳରେ ବାଇକ୍‌ଟି କେନାଲକୁ ଖସିପଡିଥିଲା। ସ୍ଥାନୀୟ ଲୋକେ ସେମାନଙ୍କୁ ଉଦ୍ଧାର କରି ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ଆଣିଥିଲେ। ସେଠାରେ ଡାକ୍ତର ଜଣଙ୍କୁ ମୃତ ଘୋଷଣା କରିଥିଲେ। ପରବର୍ତ୍ତୀ ସମୟରେ ଉକ୍ତ କାର୍‌ଟି ଏକ ମଇଁଷିକୁ ଧକ୍କା ଦେଇଥିଲା। ମଇଁଷିଟିର ମଧ୍ୟ ଘଟଣାସ୍ଥଳରେ ମୃତ୍ୟୁ ଘଟିଥିଲା। ଯାଜପୁର ପୁଲିସ ଘଟଣାସ୍ଥଳକୁ ଯାଇ କାର୍‌ଟିକୁ ଜବତ କରିବା ସହ ମୁଖ୍ୟ ଚିକିତ୍ସାଳୟରେ ମୃତ ଶରୀରକୁ ବ୍ୟବଚ୍ଛେଦ ପାଇଁ ପଠାଇ ତଦନ୍ତ ଜାରି ରଖିଛି। ଅନ୍ୟପଟେ ମୃତ ସୁଶାନ୍ତ ତାଙ୍କ ପରିବାରର ରୋଜଗାରିଆ ପୁଅ ଥିବାବେଳେ ତାଙ୍କ ମୃତ୍ୟୁ ପରେ ସ୍ଥାନୀୟ ଅଞ୍ଚଳରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଛି। ମୃତକଙ୍କ ପରିବାରବର୍ଗଙ୍କୁ ସରକାରୀ ସହାୟତା ପ୍ରଦାନ ପାଇଁ ଗ୍ରାମବାସୀ ଦାବି କରିଛନ୍ତି।

## ମୁଖ୍ୟମନ୍ତ୍ରୀ ବସ୍ ସେବା ଆରମ୍ଭ କରିବାକୁ ଦାବି

**ଯାଜପୁର,୪।୭(ସମିସ):** ଯାଜପୁର ବ୍ଲକର ଭୁବନେଶ୍ୱରପୁର ପଞ୍ଚାୟତରୁ ବ୍ଲକ ଏବଂ ଜିଲ୍ଲା ସଦର ମହକୁମାକୁ ମୁଖ୍ୟମନ୍ତ୍ରୀ ବସ୍ ସେବା ଆରମ୍ଭ କରିବାକୁ ଦାବି କରାଯାଇଛି। ଏହି ପଞ୍ଚାୟତଟି ଯାଜପୁର ବ୍ଲକର ଏକ ସୀମାନ୍ତ ପଞ୍ଚାୟତ ଭାବେ ଜଣାଶୁଣା। ଏହି ପଞ୍ଚାୟତବାସୀ ଯାଜପୁର ବ୍ଲକ ଓ ଜିଲ୍ଲା ସଦର ମହକୁମାକୁ ଯାତାୟାତ ପାଇଁ ଆଙ୍କୁଲା-ପାଣିକୋଇଲି ପ୍ରଧାନମନ୍ତ୍ରୀ ସଡ଼କ ଉପରେ ନିର୍ଭର କରନ୍ତି। ପଞ୍ଚାୟତରୁ ପ୍ରତିଦିନ ବ୍ଲକ କିମ୍ବା ଜିଲ୍ଲା ମହକୁମାକୁ ଯିବା ଆସିବା କରିବା ପାଇଁ ୧୦ କିମି ବାଟ ବାଇକ୍ କିମ୍ବା ସାଇକଲ ବ୍ୟବହାର କରୁଛନ୍ତି। ତେଣୁ ଏହି ପଞ୍ଚାୟତରୁ ଏକ ମୁଖ୍ୟମନ୍ତ୍ରୀ ବସ୍ ଦିନ ତମାମ ବ୍ଲକ ଓ ଜିଲା ସଦର ମହକୁମାକୁ ଯାତାୟାତ କଲେ ସମସ୍ତେ ଉପକୃତ ହୋଇ ପାରନ୍ତେ ବୋଲି ଗ୍ରାମବାସୀଙ୍କ ତରଫରୁ ସରପଞ୍ଚ ମନିଦିପା ରାୟ ଏକ ଦାବିପତ୍ର ରାଜ୍ୟ ସଡ଼କ ଚଳାଚଳ ନିଗମକୁ ପ୍ରଦାନ କରିଥିବା ଜଣାପଡିଛି। ଏହି ବସ୍ ଚଳାଚଳ କଲେ କେବଳ ଭୁବନେଶ୍ୱରପୁର ପଞ୍ଚାୟତ କାହିଁକି ପଡ଼ୋଶୀ ନାଥସାହି, ଖଇରାବାଦ ସମେତ ଅନ୍ୟ ପଞ୍ଚାୟତ ବାସୀ ଉପକୃତ ହୋଇ ପାରିବେ। ଏଥିପାଇଁ ଉକ୍ତ ଦାବୀପତ୍ରରେ ଶତାଧିକ ଗ୍ରାମବାସୀ ଦସ୍ତଖତ କରିଥିବା ଜଣାପଡିଛି।

## ପ୍ରଧାନଶିକ୍ଷକଙ୍କ ଅବସରକାଳୀନ ସମ୍ବର୍ଦ୍ଧନା

**ଦଶରଥପୁର,୪।୭(ସମିସ):** ଅକରପଡ଼ା ପଞ୍ଚାୟତ ଆଦୋଳା କୁଞ୍ଜବିହାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ନରେନ୍ଦ୍ର କୁମାର ମିଶ୍ରଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଅଛି। ଶିକ୍ଷାବିତ କ୍ଷୀରୋଦ ଚନ୍ଦ୍ର ପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବିଦାୟକାଳୀନ ସମ୍ବର୍ଦ୍ଧନା ସଭାରେ ପୂର୍ବତନ ମନ୍ତ୍ରୀ ପ୍ରୀତିରଞ୍ଜନ ଘଡ଼ାଇ ଯୋଗଦେଇଥିବା ବେଳେ ମୁଖ୍ୟ ଅତିଥିଭାବେ ପୂର୍ବତନ ବ୍ଲକ ଶିକ୍ଷାଧିକାରୀ ଅନ୍ନଦାପ୍ରସାଦ ରଣା, ମୁଖ୍ୟବକ୍ତା ଭାବେ ପ୍ରାବନ୍ଧିକ ରବି ଶତପଥୀ, ସମ୍ମାନିତ ଅତିଥି ଭାବେ ପୂର୍ବତନ ସହଶିକ୍ଷାଧିକାରୀ ଅଭୟ କୁମାର ବିଶ୍ୱାଳ ଓ ସାବିତ୍ରୀ ସେଠୀ ଯୋଗଦେଇଥିଲେ। ସଭାରେ ଶିକ୍ଷକ ଗୁରୁ ଗୋବର୍ଦ୍ଧନ ଜେନା, ଗଗନବିହାରୀ ତ୍ରିପାଠୀ ଉପସ୍ଥିତ ଥିଲେ। ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଧ୍ରୁବଚରଣ ଦାସ, ବ୍ୟଙ୍ଗକବି ଯଦୁନାଥ ଜେନା, ଚିତ୍ତରଞ୍ଜନ ବେହେରା, ଚନ୍ଦ୍ରଶେଖର ମହାନ୍ତି, ଅଭିମନ୍ୟୁ ରାଉତ, ଯୁଧିଷ୍ଠିର ଜେନା, ଉର୍ମିଳା ପଣ୍ଡା, ବିରଜାକିଙ୍କର ଘଡ଼ାଇ, ହରେକୃଷ୍ଣ ସାମଲ ଅନ୍ୟ ସଦସ୍ୟମାନେ ଯୋଗଦେଇଥିଲେ। ଏହି ଅବସରରେ ଶ୍ରୀ ମିଶ୍ରଙ୍କୁ ପୁଷ୍ପଗୁଚ୍ଛ, ମାନପତ୍ର ଓ ଉପଢ଼ୌକନ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମରେ ସମସ୍ତ ଛାତ୍ରଛାତ୍ରୀ ଗ୍ରାମବାସୀ, ପରିଚାଳନା କମିଟିର ସଦସ୍ୟ ବିଭିନ୍ନ ବିଦ୍ୟାଳୟରୁ ଆସିଥିବା ଶିକ୍ଷକମାନେ ଯୋଗଦେଇଥିଲେ। ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ କମଳିନୀ ଜେନା ଧନ୍ୟବାଦ ଅର୍ପଣ କରିଥିଲେ।

## ସିଦ୍ଧି ବିନାୟକ ପବ୍ଲିକ୍ ସ୍କୁଲରେ ଚାରାରୋପଣ




**କବାଟବନ୍ଧ/ଜେନାପୁର,୪।୭(ସମିସ):** ଧର୍ମଶାଳା ବ୍ଲକ ଅନ୍ତର୍ଗତ ଜେନାପୁର ଥାନା ଅଧୀନ ଅଞ୍ଜିରା ପଞ୍ଚାୟତ ବାଲିସାହିଠାରେ ଥିବା ସିଦ୍ଧି ବିନାୟକ ପବ୍ଲିକ ସ୍କୁଲ ପରିସରରେ ଚାରା ରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବନ ମହୋତ୍ସବ ସପ୍ତାହର ତୃତୀୟ ଦିନରେ ଉଦୀୟମାନ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଚଣ୍ଡିଖୋଲ ସହଯୋଗରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ସ୍କୁଲର ପରିଚାଳକ ମାନସ ରଞ୍ଜନ ବିଶ୍ୱାଳଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ମୁଖ୍ୟ ଅତିଥି ଭାବେ ଅବସରପ୍ରାପ୍ତ ଶିକ୍ଷା ନିରୀକ୍ଷକ ରାମଚନ୍ଦ୍ର ଶୁକ୍ଳ ଯୋଗ ଦେଇ ବୃକ୍ଷରୋପଣ ଉପକାର ତଥା ପରିବେଶ ସୁରକ୍ଷା ଦିଗରେ ନିଜର ବହୁ ମୂଲ୍ୟ ବକ୍ତବ୍ୟ ପ୍ରଦାନ କରିଥିଲେ। ସେହିପରି ସମ୍ମାନିତ ଅତିଥିଭାବେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ କାହ୍ନୁଚରଣ ସାହୁ, ମୁଖ୍ୟବକ୍ତା ଭାବେ ଉଦୀୟମାନ ସ୍ୱେଚ୍ଛାସେବୀ ଅନୁଷ୍ଠାନର ପ୍ରତିଷ୍ଠାତା ସମ୍ପାଦକ ଅନିଲ କୁମାର ଦାସ, ସମାଜସେବୀ ରାଧାରାଣୀ ରଥ, ବିନୋଦ ରଥ ପ୍ରମୁଖ ଅତିଥି ଭାବରେ ଯୋଗଦେଇଥିଲେ। ପରେ କୁନି କୁନି ଛାତ୍ରଛାତ୍ରୀଙ୍କ ଶୋଭାଯାତ୍ରା ପରିକ୍ରମା କରିବା ପରେ ସ୍କୁଲ ପରିସରରେ ବିଭିନ୍ନ ପ୍ରକାର ଗଛ ଲଗାଯାଇଥିଲା।

## ଭିନ୍ନକ୍ଷମ ଅଧିକାର ଅଧିନିୟମ ସଚେତନତା ଶିବିର




**ଯାଜପୁର,୪।୭(ସମିସ):** ଭିନ୍ନକ୍ଷମ ବ୍ୟକ୍ତିଙ୍କୁ ସମାଜର ମୁଖ୍ୟସ୍ରୋତରେ ସାମିଲ କରିବା ଏବଂ ସେମାନଙ୍କ ଆଇନଗତ ଅଧିକାରର ସୁରକ୍ଷା ପାଇଁ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ, ଯାଜପୁର ଓ ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ସଚେତନତା ଓ ସମ୍ବେଦନଶୀଳତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଗୌତମବୁଦ୍ଧ ସଂସ୍କୃତି ଭବନ ଯାଜପୁରଠାରେ ଆୟୋଜିତ ଏହି ସ୍ୱେଚ୍ଛାସେବୀ ଓ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ 'ଭିନ୍ନକ୍ଷମ ବ୍ୟକ୍ତିଙ୍କ ଅଧିକାର ଅଧିନିୟମ-୨୦୧୬'ର ବିଭିନ୍ନ ବ୍ୟବସ୍ଥା ଉପରେ ବିସ୍ତୃତ ଆଲୋଚନା କରାଯାଇଛି। ଏହି କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଅମ୍ବର କୁମାର କର ଯୋଗଦେଇ ଏହାର ଅଧ୍ୟକ୍ଷତା କରିଥିଲେ। ଏହି ସଚେତନତା ସଭାରେ ରାଜ୍ୟ ଭିନ୍ନକ୍ଷମ କମିଶନର ବ୍ରତତୀ ହରିଚନ୍ଦନ ଯୋଗଦେଇ ଭିନ୍ନକ୍ଷମମାନଙ୍କ ସଶକ୍ତୀକରଣ ଉପରେ ସ୍ୱତନ୍ତ୍ର ଆଲୋକପାତ କରିଥିଲେ। ଏହି ଅବସରରେ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଯୁଧିଷ୍ଠିର ନାଏକ, ମୁଖ୍ୟ ରିସୋର୍ସ ପର୍ସନ ଭାବେ ଆର୍‌କେ ଶର୍ମା ଉପସ୍ଥିତ ସମସ୍ତ ଅଧିକାରୀ ଓ ଜନସାଧାରଣଙ୍କୁ ଭିନ୍ନକ୍ଷମ ଆଇନର ଜଟିଳ ଆଇନଗତ ଦିଗଗୁଡ଼ିକୁ ଅତି ସରଳ ଭାଷାରେ ବୁଝାଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଏହି କାର୍ଯ୍ୟକ୍ରମରେ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ, ଜାନକୀ ହେମ୍ବ୍ରମ୍, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ପାର୍ବତୀ ସାହୁ, ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ପ୍ରଶାନ୍ତ କୁମାର ମାଝୀ, ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀ, ଜିଲ୍ଲାର ବୁଦ୍ଧିଜୀବୀ, ଗଣମାଧ୍ୟମ ପ୍ରତିନିଧି ଏବଂ ବହୁ ସଂଖ୍ୟାରେ ଭିନ୍ନକ୍ଷମ ବ୍ୟକ୍ତି ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

## ଆଇନ୍ ସେବା ପ୍ରାଧିକରଣ ପକ୍ଷରୁ ବନମହୋତ୍ସବ

**ଯାଜପୁର,୪।୭(ସମିସ):** ପରିବେଶ ସଂରକ୍ଷଣ ଓ ସବୁଜୀକରଣକୁ ଗୁରୁତ୍ୱ ଦେଇ ଯାଜପୁର ଜିଲ୍ଲା ଦୌରାଜଜ୍ ତଥା ଜିଲ୍ଲା ଆଇନ ସେବା ପ୍ରାଧିକରଣ ଅଧ୍ୟକ୍ଷ ଅମୃତ ରଞ୍ଜନ ନନ୍ଦଙ୍କ ନିର୍ଦ୍ଦେଶକ୍ରମେ ଆଜି ଆଙ୍କୁଲା ସ୍ଥିତ ନ୍ୟାୟିକ ବିଭାଗ ଗୃହ ନିର୍ମାଣ ଭୂମି ପରିସରରେ ବନମହୋତ୍ସବ ସପ୍ତାହ ପାଳିତ ହୋଇଯାଇଛି। ବନ ବିଭାଗ ସହଯୋଗରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଭିନ୍ନ ପ୍ରଜାତିର ଫଳ ଓ ଫୁଲ ଗଛ ଚାରାରୋପଣ କରାଯାଇଥିଲା। ଜିଲ୍ଲାଜଜ୍ ଅମୃତ ରଞ୍ଜନ ନନ୍ଦ, ଜିଲ୍ଲାପାଳ ଅମ୍ବର କୁମାର କରଙ୍କ ସମେତ ଏଡିଜେ ଅଭିଳାଷ ସେନାପତି, ଏଡିଜେ ବିଶ୍ୱେଶ୍ୱର ବିଶ୍ୱପ୍ରକାଶ ରାୟ, ମୁଖ୍ୟ ବିଭାଗୀୟ ବିଚାରପତି ସର୍ବେଶ୍ୱର ଦାସ, ଜିଲ୍ଲା ମୁଖ୍ୟ ବନ ଅଧିକାରୀ, ଅନିଲ କୁମାର ରାୟ, ଅତିରିକ୍ତ ଜିଲ୍ଲାପାଳ ଯୁଧିଷ୍ଠିର ନାୟକ ଓ ଶିବାନନ୍ଦ ସ୍ୱାଇଁ, ଡିଏସ୍‌ପି ପ୍ରଦୀପ୍ କୁମାର ମାଝୀ ପ୍ରମୁଖ ଚାରାରୋପଣ କରିଥିଲେ। ଏହି ଅବସରରେ ପ୍ରାଧିକରଣ ଅଧ୍ୟକ୍ଷ ଉପସ୍ଥିତ ଛାତ୍ରଛାତ୍ରୀଙ୍କୁ ପରିବେଶ ସୁରକ୍ଷା ପାଇଁ ପ୍ରତ୍ୟେକ ବ୍ୟକ୍ତି ଗୋଟିଏ ଲେଖାଏଁ ଗଛ ଲଗାଇବାକୁ ଆହ୍ୱାନ ଦେଇଥିଲେ। ଜିଲ୍ଲାପାଳ ଶ୍ରୀ ଅମ୍ବର କୁମାର କର ଉପସ୍ଥିତ ଛାତ୍ରଛାତ୍ରୀଙ୍କୁ ଗଛ ଲଗାଇ ଭବିଷ୍ୟତର ପରିବେଶକୁ ସୁରକ୍ଷା ଦେବା ପାଇଁ ଉପଦେଶ ଦେଇଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ବିଚାରପତି ତଥା ସିଭିଲ କୋର୍ଟ ରେଜିଷ୍ଟ୍ରାର ପଲ୍ଲବୀରାଣୀ ସାହୁ, ସିଭିଲଜଜ୍ ସିନିୟର୍ ଡିଭିଜନ ଏଲ୍‌ଆର୍‌ଆଣ୍ଡ ଏଲ୍‌ଟିଭି ଲୋପାମୁଦ୍ରା ବେହେରା, ଏସଡିଜେଏମ୍ ସୁମିତ୍ରା ବିଶ୍ୱାଳ, ସିଭିଲଜଜ୍ ଜୁନିୟର ଡିଭିଜନ୍ ସୁନୀତା ବିଶ୍ୱାଳ, ଜେଏମଏସସି ଅଂଶୁମାନ ରଥ, ଜେଏମଏସସି ସୁଶ୍ରୀ ବୀଣାପାଣି ତାଣ୍ଡି, ଏସିଏଫ୍ ରବିନାରାୟଣ ମହାନ୍ତି, ଫରେଷ୍ଟ ରେଞ୍ଜ ଅଫିସର ଧର୍ମେନ୍ଦ୍ର ପ୍ରଧାନ, ଜିଲ୍ଲା ଶିକ୍ଷା ବିଭାଗର ବିଜ୍ଞାନ ପରିଦର୍ଶକ କୁମାରସେନ୍ ସେନାପତି, ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ଲିପା ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ ନିମନ୍ତ୍ରିତ ଅତିଥି ଏବଂ ଜିଲ୍ଲା ଆଇନ ସେବା ପ୍ରାଧିକରଣ ଦ୍ୱାରା ପରିଚାଳିତ ୧୮ଟି ଷ୍ଟୁଡେଣ୍ଟ ଲିଗାଲ ଲିଟରସି କ୍ଲବର ଛାତ୍ରଛାତ୍ରୀ ଏକ ବୃହତ୍ ସଚେତନତା ଶୋଭାଯାତ୍ରାରେ ଯୋଗଦେଇ "ଗଛ ଲଗାଓ, ଜୀବନ ବଞ୍ଚାଓ' ନାରା ଦେଇଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ବନ ବିଭାଗର କର୍ମଚାରୀ, ପ୍ରାଧିକରଣ କର୍ମଚାରୀ ଓ ପିଏଲଭିମାନେ ସହଯୋଗ କରିଥିଲେ।




## ପ୍ରଧାନ ଶିକ୍ଷକଙ୍କ ଅବସରକାଳୀନ ସମ୍ବର୍ଦ୍ଧନା




**ଯାଜପୁର ଟାଉନ,୪।୭(ସମିସ):** ଯାଜପୁର ଜିଲ୍ଲା କୁଞ୍ଜବିହାରୀପୁର ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ନରେନ୍ଦ୍ର କୁମାର ମିଶ୍ରଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଉକ୍ତ ବିଦ୍ୟାଳୟ ପରିସରରେ ଆୟୋଜିତ ହୋଇଯାଇଛି। ଏହି ଅବସର କାଳୀନ ସମ୍ବର୍ଦ୍ଧନା ସଭାରେ ପ୍ରଧାନଶିକ୍ଷକ ନରେନ୍ଦ୍ର ମିଶ୍ରଙ୍କ ବହୁ ପୁରାତନ ଛାତ୍ର ଛାତ୍ରୀ ଅଂଶଗ୍ରହଣ କରିଥିଲେ। ଏହି ସମ୍ବର୍ଦ୍ଧନା ସଭାରେ ଅଥିତି ଭାବେ ରବି ତ୍ରିପାଠୀ, ଅନ୍ନଦା ପ୍ରସାଦ ରଣା, ଅବସରପ୍ରାପ୍ତ ଶିକ୍ଷା ଅଧିକାରୀ ଯୁଧିଷ୍ଠିର ନାୟକ, ଯଦୁମଣି ଜେନା, ଗଗନ ବିହାରୀ ତ୍ରିପାଠୀ ଏବଂ ସମାଜସେବୀ ବିରଜା କିଙ୍କର ଘଡ଼ାଇ ଯୋଗ ଦେଇଥିଲେ। ଏହି ସ୍କୁଲଟି ପୂର୍ବତନ ମନ୍ତ୍ରୀ ପ୍ରୀତି ରଞ୍ଜନ ଘଡ଼ାଇଙ୍କ ଜେଜଙ୍କ ନାମରେ ନାମିତ। ତେଣୁ ପ୍ରୀତିରଞ୍ଜନ ନିଜେ ଉପସ୍ଥିତ ରହି ପ୍ରଧାନ ଶିକ୍ଷକଙ୍କୁ ପୁଷ୍ପଗୁଚ୍ଛ, ଉତ୍ତରୀୟ ଦେଇ ସମ୍ମାନିତ କରିଥିଲେ। ଶେଷରେ ଶିକ୍ଷକ କ୍ଷୀରୋଦ ଚନ୍ଦ୍ର ପାଠୀ ଧନ୍ୟବାଦ ଅର୍ପଣ କରିଥିଲେ।

## ବିଧାୟକଙ୍କ ଦ୍ୱାରା ରାସ୍ତାର ଶିଳାନ୍ୟାସ

**ଧର୍ମଶାଳା/କୁଆଖିଆ,୪।୭(ସମିସ):** ଧର୍ମଶାଳା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ନଠୁଆବର ପଞ୍ଚାୟତରେ ଆଜି ରାସ୍ତାର ଶିଳାନ୍ୟାସ କରାଯାଇଛି। ଜାରକା ଗ୍ରାମ୍ୟ ଉନୟନ ବିଭାଗ ୨ କୋଟି ୯ ୯ ଲକ୍ଷ ବ୍ୟୟ ଅଟକଳରେ ହେବାକୁ ଥିବା ଏହି ରାସ୍ତାର ଶିଳାନ୍ୟାଶ ଉତ୍ସବରେ ଧର୍ମଶାଳା ବିଧାୟକ ହିମାଂଶୁ ଶେଖର ସାହୁ ମୁଖ୍ୟଅତିଥି ଭାବେ ଯୋଗ ଦେଇ ଟାକୁଆ ଠେଙ୍ଗ ଶିବମନ୍ଦିର ଠାରୁ କପାଳି କଣ୍ଟିଖାଲ ଭାୟା ଦପାନାଳ ଠାରୁ କୁରକୁରା ଛକ ପର୍ଯ୍ୟନ୍ତ ହେବାକୁ ଥିବା ରାସ୍ତାର ଶିଳାନ୍ୟାସ କରିଛନ୍ତି। ଜାରକା ଗ୍ରାମ୍ୟ ଉନ୍ନୟନ ବିଭାଗର ନିର୍ବାହୀ ଯନ୍ତ୍ରୀ ଓ କନିଷ୍ଠ ଯନ୍ତ୍ରୀମାନେ ପସ୍ଥିତ ରହି ଶିଳାନ୍ୟାସ କାର୍ଯ୍ୟ ସମ୍ପନ୍ନ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ବିଧାୟକଙ୍କ ସହିତ ଯୁବ ନେତା ତଥା ପ୍ରଭାରୀ ରାଜେଶ କୁମାର ପାଳ, ଅଭିଶେକ ରାଉତ, ମଣ୍ଡଳ ସଭାପତି ତୀର୍ଥରାଜ ପଣ୍ଡା, ଜିତେନ୍ଦ୍ର ରାଉତ, ମଣ୍ଡଳ ପ୍ରଭାରୀ ଜୟନ୍ତ ପ୍ରଧାନ, ପ୍ରକାଶ ସାମଲ, ଅକ୍ଷୟ ପଣ୍ଡା, ଆଲୋକ ଲେଙ୍କା, ଚୈତନ୍ୟ ନାୟକ ପ୍ରମୁଖ ଉପସ୍ଥିତ ରହିଥିଲେ।

## ବ୍ୟାଙ୍କ ଶାଖା ପରିଚାଳକଙ୍କୁ ସମ୍ବର୍ଦ୍ଧନା




**ସିଂହପୁର,୪।୭(ସମିସ):** ବିଞ୍ଝାରପୁର ବ୍ଲକ ଅନ୍ତର୍ଗତ ସିଂହପୁର ସ୍ଥିତ ଷ୍ଟେଟ୍‌ବ୍ୟାଙ୍କ ଶାଖା ପରିଚାଳକ ଭବାନୀପ୍ରସାଦ ସାହୁଙ୍କୁ ଆଜି ବ୍ୟାଙ୍କ ପରିସରରେ ବିଦାୟ କାଳୀନ ସମ୍ବର୍ଦ୍ଧନା କର୍ମଚାରୀଙ୍କ ପକ୍ଷରୁ ଦିଆଯାଇଥିଲା। ଏହି କାର୍ଯ୍ୟକ୍ରମରେ ଅବସରପ୍ରାପ୍ତ ପ୍ରଧାପକ ଅଜୟ କୁମାର ଓଝା, ଖରସ୍ରୋତା ମହାବିଦ୍ୟାଳୟର ଅବସରପ୍ରାପ୍ତ ମୁଖ୍ୟ କିରାଣି ତ୍ରିଲୋଚନ ବେଉରିଆ, ବ୍ୟାଙ୍କର କର୍ମଚାରୀ ଦୁର୍ଯ୍ୟୋଧନ ପ୍ରଧାନ, ସିପ୍ରା ଦାସ, ଶୁଭସ୍ମିତା ପଣ୍ଡା, ଅର୍ପିତା ସାମଲ, ଅଜୟ ବିଶ୍ୱାଳ, ବଳରାମ ସାହୁ, ମଳୟ କୁମାର ଥାଟୋଇ, କଲ୍ୟାଣ ଦାସଙ୍କ ସମେତ ସିଂହପୁର ଶାଖା ଅଧୀନରେ ଥିବା ସମସ୍ତ ଗ୍ରାହକ ସେବା କେନ୍ଦ୍ରର ପରିଚାଳକ ମାନେ ଉପସ୍ଥିତ ଥିଲେ।

## ଅରବିନ୍ଦ ପାଠଚକ୍ରର ବାର୍ଷିକ ଉତ୍ସବ

**ଯାଜପୁର,୪।୭(ସମିସ):** ଶ୍ରୀଅରବିନ୍ଦ ପାଠଚକ୍ର ଭୂଇଁପୁରର ୩୫ତମ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ପ୍ରସନ୍ନ କୁମାର ଭଞ୍ଜ, ଦୀପକ କୁମାର ଭଞ୍ଜ, ସୁମିତ୍ରା ଭଞ୍ଜ, ରଶ୍ମିତା ସାହୁ, ଇତିଶ୍ରୀ ବୋଇତାଇ, ଦିବ୍ୟାସା ଭଞ୍ଜ, ବିଦ୍ୟାସା ଭଞ୍ଜ, ଶୁଭମ୍ ଭଞ୍ଜ ପ୍ରମୁଖ ଅଂଶଗ୍ରହଣ କରିଥିଲେ। ପ୍ରଥମେ ୫ମ ଧ୍ୟାନ ଦୁର୍ଗାସ୍ତୋତ୍ର ପଠନ, ମା' ପୁସ୍ତକର ୩ୟ ଅଧ୍ୟାୟ ପଠନ, ଶ୍ୱେତଗୋଲାପ ପଠନ ଓ ଆଲୋଚନା ପୁସ୍ତକର ଶ୍ରୀ ମା'ଙ୍କର ନୂତନ ଚେତନାର ଆବଶ୍ୟକତା ସଂପର୍କରେ ଆଲୋଚନା କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମକୁ ଗୁରଚରଣ ଭଞ୍ଜ ପରିଚାଳନା କରିଥିଲେ।

# ଜଙ୍ଗଲ ଜମିରେ ବେନିଫେସିଆଲ ପ୍ଲାଣ୍ଟ ଅଭିଯୋଗର ତଦନ୍ତ

ଦାନଗଦି,୪।୭(ସମିସ)

ଦାନଗଦି ବ୍ଲକ ଅନ୍ତର୍ଗତ ଦେଉଳକଣ ପଞ୍ଚାୟତର ପାଟବାଲି ମୌଜାରେ ହେଉଥିବା ଏକ କମ୍ପାନୀ ବେନିଫେସିଆଲ ପ୍ଲାଣ୍ଟର ଜମି ଅଧିଗ୍ରହଣରେ ବ୍ୟାପକ ଅନିୟମିତତା ହୋଇଥିବା ଅଭିଯୋଗ ହୋଇଛି। ଏ ନେଇ ସ୍ଥାନୀୟ ପ୍ରଭାବିତ ଲୋକେ ଜିଲ୍ଲାପାଳଙ୍କୁ ଅଭିଯୋଗ କରିବା ପରେ ଏହାର ତଦନ୍ତ ପାଇଁ ଜିଲ୍ଲାପାଳ ଦାନଗଦି ତହସିଲଦାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଦାନଗଦି ତହସିଲଦାର କିଆଝର ରାଜସ୍ୱ ନିରୀକ୍ଷକଙ୍କୁ ପ୍ଲାଣ୍ଟ ହେଉଥିବା ଜାଗାକୁ ଯାଇ ତଦନ୍ତ କରି ରିପୋର୍ଟ ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ଗତ ବୁଧବାର ରାଜସ୍ୱ ନିରୀକ୍ଷକ ପାଟବାଲି ଗ୍ରାମ ମୁଣ୍ଡରେ ପହଞ୍ଚି ପ୍ରାଥମିକ ତଦନ୍ତ କରିଛନ୍ତି। ଏଥିରେ କମ୍ପାନୀର ମୁଖ୍ୟ ଦ୍ୱାର, ପାଚେରି, ସରକାରୀ ଜଙ୍ଗଲ କିସମ ଜାଗା ଯାହାର ପ୍ଲଟ ନମ୍ବର ୪୨୮ ଆଉ ୪୨୯ ବୋଲି ଜଣାପଡିଛି।



ପ୍ଲାଣ୍ଟର କିଛି ପାଚେରି ସରକାରୀ ଜାଗାରେ ନିର୍ମିତ ହୋଇଥିବାର ସୂଚନା ମିଳିଛି। ଅରା ସାହି ଗ୍ରାମରୁ ପାଟବାଲି ଗ୍ରାମକୁ ଯାଇଥିବା ପଞ୍ଚାୟତ ସର୍ବସାଧାରଣ ରାସ୍ତାକୁ କମ୍ପାନୀ ବ୍ୟବହାର କରୁଥିବାର ଜଣାପଡୁଛି। ମୁଖ୍ୟ ଜାତୀୟ ରାଜପଥରୁ ପ୍ଲାଣ୍ଟ ପର୍ଯ୍ୟନ୍ତ ଏକ ନୂତନ ମହରମ ରାସ୍ତା କରି ଯାନବାହାନ ବ୍ୟବହାର କରୁଛି। ଯାହାଫଳରେ ପ୍ରାକୃତିକ ନାଳଟି ବନ୍ଦ ହୋଇଯିବା ଫଳରେ ଟିକିଏ ବର୍ଷାହେଲେ ଉପର ମୁଣ୍ଡରୁ ପାଣି ଆସି କୃତ୍ରିମ ପୋଖରୀର ଭ୍ରମ ସୃଷ୍ଟି କରୁଛି। ପାଖ ଘରେ ପାଣି ପଶିବାର ଆଶଙ୍କା ସୃଷ୍ଟି ହୋଇଛି। ଏହି ପ୍ଲାଣ୍ଟକୁ ଜନବସତି ପାଖରେ ନ କରିବାକୁ କ୍ଷତିଗ୍ରସ୍ତ ହେବାକୁ ଥିବା ସ୍ଥାନୀୟ ଲୋକେ ବହୁବାର ପ୍ରତିବାଦ ସଭା, ଶୋଭାଯାତ୍ରା, ଆନ୍ଦୋଳନ କରି ଆସୁଛନ୍ତି। ଜଣେ ଗରିବ ଲୋକ ଜଙ୍ଗଲ କିସମ ଜମିରେ ବହୁ ବର୍ଷ ଧରି ରହିଆସୁଥିଲେ ମଧ୍ୟ ସରକାରଙ୍କ ପ୍ରଧାନମନ୍ତ୍ରୀ ଆବାସ ହେଉ ବା ଅନ୍ତ୍ୟୋଦୟ ଯୋଜନାରେ ପଟ୍ଟା ନ ଥିବାରୁ ଘରେ ଖଣ୍ଡେ ପାଇପାରୁ ନାହିଁ। କିନ୍ତୁ ବଡ଼ କମ୍ପାନୀ ସଂପୂର୍ଣ୍ଣ ଭାବେ ସରକାରୀ ନିୟମକୁ ଉଲ୍ଲଘଂନ କରି ପ୍ଲାଣ୍ଟ ପାଚେରି, ଗେଟ୍ ଆଦି ନିର୍ମାଣ କରି କିପରି ବ୍ୟବହାର କରିପାରୁଛି ତାହା ତଦନ୍ତ ସାପେକ୍ଷ। ଏ ସମ୍ପର୍କରେ ଦାନଗଦି ତହସିଲଦାର ରଞ୍ଜିତ ମଲ୍ଲିକଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ସେ ଅଭିଯୋଗ ପାଇଛନ୍ତି। ତଦନ୍ତ ପାଇଁ ଆର୍‌ଆଇଙ୍କୁ ଦାୟିତ୍ୱ ଦିଆଯାଇଛି। ଯେହେତୁ ବର୍ଷା ଦିନ; ଟିକେ ପାଗ ଭଲ ହେଲେ ତଦନ୍ତ କରାଯାଇ ରିପୋର୍ଟ ପ୍ରଦାନ କରାଯିବ ବୋଲି କହିଛନ୍ତି।

## ଧଳାଜହରର ପେଣ୍ଠ ପାଲଟିଛି ଅବ୍ୟବହୃତ ଘର!



ପ୍ରୀତିପୁର,୪।୭(ସମିସ): ବିଞ୍ଝାରପୁର ଥାନାଞ୍ଚଳରେ ଧଳା ଜହର ବ୍ୟବସାୟୀ ଓ ବ୍ୟବହାରକାରୀଙ୍କ ସଂଖ୍ୟା ବଢି ଚାଲିଥିବା ବେଳେ ଏହାକୁ ପ୍ରତିରୋଧ କରିବା ସହିତ ବେପାରୀ ମାନଙ୍କୁ ଆଇନ ପରିସରକୁ ଆଣିବା କ୍ଷେତ୍ରରେ ବିଞ୍ଝାରପୁର ପୁଲିସର ଅନାଗ୍ରହ ସାଧାରଣରେ ବିସ୍ମୟ ସୃଷ୍ଟି କରିଛି। ଧଳା ଜହର ଜହର ବ୍ୟବସାୟୀ ଓ ବ୍ୟବହାରକାରୀ ନିରୋଳା ସ୍ଥାନକୁ ବାଛିଥିବା ବେଳେ ଏବେ ପୁଲିସର ଅତି ନିକଟରେ ରହି କାରବାର ଚଳାଇଛନ୍ତି। ମାତ୍ର ପୁଲିସ କାର୍ଯ୍ୟାନୁଷ୍ଠାନ ଶୂନ୍ୟ ରହିଛି। ପ୍ରକାଶ ଯେ ବିଞ୍ଝାରପୁର ପୁରୁଣା ଥାନା ସଂଲଗ୍ନ ବିଞ୍ଝାରପୁର ଉପଡାକଘର ଅଧୀନରେ ଥିବା ଷ୍ଟାଫ କ୍ୱାଟରଟିରେ କୌଣସି କର୍ମଚାରୀ ରହୁନଥିବା ବେଳେ ଏହା ଅସାମାଜିକ ଲୋକ ମାନଙ୍କର ଅଭୟ ଆଶ୍ରୟସ୍ଥଳରେ ପରିଣତ ହୋଇଛି। ଚୋରା ଡ୍ରଗ୍ସ ବେପାରୀମାନେ ନିଶା ପସରା ମେଲାଇ ଦେଇ ୧୬ରୁ ୧୮ ବର୍ଷର କିଶୋର ଓ ଯୁବକ ମାନଙ୍କୁ ଜାଲରେ ଫସାଇ ଦେଉଥିବା ଦେଖିବାକୁ ମିଳୁଛି। ବିଞ୍ଝାରପୁର ପୋଷ୍ଟାଲ କଲୋନୀ ଭିତରେ କି ରାତି କି ଦିନ ଏହି ନିଶାଡ଼ିମାନଙ୍କର ଅବାଧ ପ୍ରବେଶ ଓ ବାଇକ୍ ଯିବା ଆସିବା ଲାଗି ରହୁଛି। ବିଞ୍ଝାରପୁର ଉପ ଡାକଘରର ପୋଷ୍ଟ ମାଷ୍ଟର ଏ ସମ୍ପର୍କରେ ବିଞ୍ଝାରପୁର ଥାନା ଅଧିକାରୀଙ୍କ ନିକଟରେ ଲିଖିତ ଅଭିଯୋଗ କରିଛନ୍ତି। ମାତ୍ର ପୁଲିସର କାର୍ଯ୍ୟାନୁଷ୍ଠାନରେ ଉଦାସୀନତା ପାଇଁ ନିଶାସେବନ କାରୀଙ୍କ ସମ୍ଭାବ୍ୟ ଆକ୍ରମଣ ଭୟରେ ଅଧିକ କିଛି ନ ଆଗେଇ ଚୁପଚାପ ବସିରହିରହିଛନ୍ତି।

## ୧୮ରେ ସ୍ୱତନ୍ତ୍ର ଲୋକ ଅଦାଲତ

ଭଦ୍ରକ,୪।୭(ସମିସ): ନଳାଙ୍ଗ ସ୍ଥିତ ଭଦ୍ରକ ଜିଲ୍ଲା ନ୍ୟାୟାଳୟ ପରିସରରେ ସ୍ୱତନ୍ତ୍ର ଲୋକ ଅଦାଲତ ଧାରା ୧୩୮ ଅନ୍ତର୍ଗତ ମୋକଦ୍ଦମାଗୁଡ଼ିକର ସମାଧାନ ନିମନ୍ତେ ଆସନ୍ତା ୧୮ ତାରିଖ (ଶନିବାର) ଆୟୋଜନ ହେବାକୁ ଯାଉଛି। ଏହି ବିଶେଷ ଲୋକ ଅଦାଲତର ମୁଖ୍ୟ ଉଦ୍ଦେଶ୍ୟ ହେଉଛି, ଦୀର୍ଘ ଦିନ ଧରି ଚାଲୁରହିଥିବା ବିଚାରାଧୀନ ମୋକଦ୍ଦମାଗୁଡ଼ିକର ପକ୍ଷମାନଙ୍କ ସହମତିରେ ଆପୋଷ ସମାଧାନ କରାଯାଇପାରିବ; ଯେଉଁଥିରେ କୌଣସି ଆର୍ଥିକ ଖର୍ଚ୍ଚ ଦେବାକୁ ପଡ଼ିବ ନାହିଁ। ତେଣୁ ଏହି ସୁଯୋଗର ସଦୁପଯୋଗ କରିବା ନିମନ୍ତେ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ପୁଣ୍ୟଶ୍ଳୋକ ରଥ ସୂଚନା ଦେଇଛନ୍ତି। ଏ ସମ୍ପର୍କରେ ସବିଶେଷ ବିବରଣୀ ପାଇଁ ତଥା ବିଚାରାଧୀନ ବିବାଦର ଆପୋଷ ସମାଧାନ ପାଇଁ ଜିଲ୍ଲା ନ୍ୟାୟାଳୟ ପରିସରରେ ଥିବା ଆଇନ ସେବା ପ୍ରାଧିକରଣର ସମ୍ମୁଖ କାର୍ଯ୍ୟାଳୟରେ ଖୁବ୍‌ଶୀଘ୍ର ଯୋଗାଯୋଗ କରିବା ପାଇଁ ପ୍ରାଧିକରଣ ପକ୍ଷରୁ କୁହାଯାଇଛି।

## ଆଦର୍ଶ ଶିକ୍ଷକଙ୍କ ପରଲୋକ

ବନ୍ତ/ଆଗରପଡ଼ା,୪।୭(ସମିସ): ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ୍ ସଖିପାଟଣା ଗ୍ରାମର ଅବସରପ୍ରାପ୍ତ ଆଦର୍ଶ ଶିକ୍ଷକ କୃଷ୍ଣ ଚନ୍ଦ୍ର ବାରିକ(୮୫)ଙ୍କର ଶୁକ୍ରବାର ପରଲୋକ ଘଟିଛି। ଗତ କିଛି ଦିନ ହେବ ସେ ବୟସାଧିକ କାରଣରୁ ଅସୁସ୍ଥ ଥାଇ ଚିକିତ୍ସାଧୀନ ଥିବାବେଳେ ତାଙ୍କର ପରଲୋକ ଘଟିଛି। ତାଙ୍କ ମରଶରୀରକୁ ଏକ ଶୋଭାଯାତ୍ରାରେ ଗ୍ରାମ ପରିକ୍ରମା କରାଯାଇ ଅନ୍ତିମ ସତ୍କାର କରାଯାଇଥିଲା। ବଡ଼ ପୁଅ ଅଶୋକ ମୁଖାଗ୍ନି ଦେଇଥିଲେ। ମୃତ୍ୟୁ ଶଯ୍ୟା ନିକଟରେ ୫ ପୁଅ, ୫ ବୋହୂ, ୨ ଝିଅ, ଜ୍ୱାଇଁ, ନାତି-ନାତୁଣୀଙ୍କ ସମେତ ବନ୍ଧୁ ଓ ପରିବାର ବର୍ଗ ଉପସ୍ଥିତ ଥିଲେ। କୃଷ୍ଣଚନ୍ଦ୍ର ୧୯୫୯ ମସିହାରେ ପୋଡ଼ାପାଟଣା ଉନ୍ନୀତ ଉ.ପ୍ରା. ବିଦ୍ୟାଳୟରେ ଚାକିରି ଜୀବନ ଆରମ୍ଭ କରି ଦୀର୍ଘ ୨୫ ବର୍ଷ କାର୍ଯ୍ୟ କରିଥିଲେ। ପରେ ଦେବତା ଗଡ଼ିଆ ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ଭାବେ ୫ ବର୍ଷ କାର୍ଯ୍ୟ କରି ୧୯୯୯ ମସିହାରେ ଅବସର ଗ୍ରହଣ କରିଥିଲେ। ସେ ରାଜ୍ୟପାଳ ପୁରସ୍କୃତ ଆଦର୍ଶ ଶିକ୍ଷକ ଭାବେ ସ୍ଥାନୀୟ ଅଞ୍ଚଳରେ ବେଶ୍ ପରିଚିତ ଥିଲେ। ତାଙ୍କ ବିୟୋଗରେ ସମଗ୍ର ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

## ଗୋହିରାପଦୀରେ ଯୁଥ୍ କ୍ଲବ୍ ବିକାଶ ଅଭିଯାନ

ବନ୍ତ/ଆଗରପଡ଼ା,୪।୭(ସମିସ): ଶନିବାର ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ୍ ନିଳୋକ ପଞ୍ଚାୟତ ଗୋହିରାପଦୀଠାରେ ସତ୍ୟଭାମା ଯୁଥ୍ କ୍ଲବ୍ ପକ୍ଷରୁ "ମୋର ଭାରତ' ଭଦ୍ରକ ଜିଲ୍ଲା ସଂଗଠନ ସହଯୋଗରେ ଯୁଥ୍ କ୍ଲବ୍ ବିକାଶ ଅଭିଯାନ-୨୦୨୬ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବ୍ଲକ୍‌ର ବିଭିନ୍ନ ଯୁଥ୍ କ୍ଲବ୍‌ର ସଦସ୍ୟ, ଯୁଥ୍ ଲିଡର ଓ ବହୁ ସଂଖ୍ୟକ ଯୁବକଯୁବତୀ ଯୋଗଦେଇଥିଲେ। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ 'ମୋର ଭାରତ' ଜିଲ୍ଲା ସଂଗଠନର ଯୁବ ଅଧିକାରୀ ଫଉଦ ମହମ୍ମଦ ଯୋଗଦେଇ ଯୁବକଯୁବତୀମାନଙ୍କୁ ସମାଜସେବା, ନେତୃତ୍ୱ ବିକାଶ, ସ୍ୱେଚ୍ଛାସେବା ଏବଂ ଜାତି ଗଠନରେ ସକ୍ରିୟ ଭୂମିକା ଗ୍ରହଣ ପାଇଁ ଆହ୍ୱାନ ଦେଇଥିଲେ। ଏଥିସହ ସେ 'ମୋର ଭାରତ' ମାଧ୍ୟମରେ ଯୁବକମାନଙ୍କ ପାଇଁ ଉପଲବ୍ଧ ବିଭିନ୍ନ ସୁଯୋଗ ଓ କାର୍ଯ୍ୟକ୍ରମ ସମ୍ପର୍କରେ ବିସ୍ତୃତ ସୂଚନା ପ୍ରଦାନ କରିଥିଲେ। ସମ୍ମାନିତ ଅତିଥି ଭାବେ ସମାଜସେବୀ ମଳୟ ରଞ୍ଜନ ପଣ୍ଡା, ମୋର ଭାରତ ଜିଲ୍ଲା ସଂଗଠନର କର୍ମଚାରୀ ପ୍ରକାଶ ଚନ୍ଦ୍ର ମଲ୍ଲିକ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମର ମୁଖ୍ୟ ଉଦ୍ଦେଶ୍ୟ ଥିଲା ଯୁଥ୍ କ୍ଲବ୍‌ଗୁଡ଼ିକୁ ସଶକ୍ତ କରିବା, ଯୁବ ନେତୃତ୍ୱର ବିକାଶ କରିବା ଏବଂ ସମାଜର ବିକାଶମୂଳକ କାର୍ଯ୍ୟରେ ଯୁବକମାନଙ୍କର ସକ୍ରିୟ ଅଂଶଗ୍ରହଣକୁ ପ୍ରୋତ୍ସାହିତ କରିବା।

## ଜାତୀୟ ରଗ୍‌ବି ପାଇଁ ଧାମନଗରର ସ୍ୱପ୍ନାରାଣୀ ମନୋନୀତ

ଦୋବଲ,୪।୭(ସମିସ): ଧାମନଗର ବ୍ଲକ୍ ପାଧାନୀ ପଞ୍ଚାୟତ କଣ୍ଟିଦୋଳ ଗ୍ରାମର ଯୁବ ରଗ୍‌ବି ଖେଳାଳି ସ୍ୱପ୍ନାରାଣୀ ବେହେରା ଜାତୀୟସ୍ତରୀୟ ୧୮ ବର୍ଷରୁ କମ୍ ବାଳିକା ରଗ୍‌ବି ଫୁଟ୍‌ବଲ ପ୍ରତିଯୋଗିତା ପାଇଁ ଓଡ଼ିଶା ଦଳରେ ସ୍ଥାନ ପାଇଛନ୍ତି। ତାଙ୍କ ସଫଳତାକୁ ନେଇ ଧାମନଗର



ସମେତ ଭଦ୍ରକ ଜିଲ୍ଲାରେ ଖୁସିର ଲହରୀ ଖେଳିଯାଇଛି। ଭଦ୍ରକ ଜିଲ୍ଲା ରଗ୍‌ବି ଫୁଟ୍‌ବଲ ଆସୋସିଏସନ ପକ୍ଷରୁ ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ଚୟନ ପାଇବା ପରେ ସ୍ୱପ୍ନାରାଣୀ ଭୁବନେଶ୍ୱରସ୍ଥିତ କଳିଙ୍ଗ ଷ୍ଟାଡିୟମ୍‌ରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ଚୟନ ଶିବିରରେ ଯୋଗଦେଇଥିଲେ। ସେଠାରେ ଉତ୍କୃଷ୍ଟ ପ୍ରଦର୍ଶନ ଆଧାରରେ ଆମ ଓଡ଼ିଶା ରଗ୍‌ବି ଫୁଟ୍‌ବଲ ଆସୋସିଏସନ ତାଙ୍କୁ ଜାତୀୟ ପ୍ରତିଯୋଗିତା ପାଇଁ ଓଡ଼ିଶା ଦଳରେ ମନୋନୀତ କରିଛି। ଆସନ୍ତା ୬ ଓ ୭ ତାରିଖରେ ହାଇଦରାବାଦର ଓସ୍ମାନିଆ ଯୁନିଭର୍ସିଟି ଷ୍ଟାଡିୟମ୍‌ରେ ଆୟୋଜିତ ଜାତୀୟ ପ୍ରତିଯୋଗିତାରେ ସେ ଓଡ଼ିଶା ପକ୍ଷରୁ ପ୍ରତିନିଧିତ୍ୱ କରିବେ। ଜଣେ କୃଷକ ପରିବାରର କନ୍ୟା ସ୍ୱପ୍ନାରାଣୀ ନିଜର ଅକ୍ଳାନ୍ତ ପରିଶ୍ରମ ଓ ଦୃଢ଼ ଇଚ୍ଛାଶକ୍ତି ବଳରେ ବ୍ଲକ୍, ଜିଲ୍ଲା ଓ ରାଜ୍ୟସ୍ତର ଅତିକ୍ରମ କରି ଜାତୀୟସ୍ତରରେ ପହଞ୍ଚିଛନ୍ତି। ତାଙ୍କ ସଫଳତା କଣ୍ଟିଦୋଳ ଗ୍ରାମ ସହ ଧାମନଗର ଅଞ୍ଚଳ ପାଇଁ ଗର୍ବର ବିଷୟ ପାଲଟିଛି। ଏହି ସଫଳତା ପାଇଁ ଉଚ୍ଚଶିକ୍ଷା, କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ତାଙ୍କୁ ଶୁଭେଚ୍ଛା ଜଣାଇଥିବାବେଳେ ଭଦ୍ରକ ଜିଲ୍ଲା ରଗ୍‌ବି ଫୁଟ୍‌ବଲ ଆସୋସିଏସନ ସଭାପତି କୈଳାଶ ମହାପାତ୍ର, ସମ୍ପାଦକ ଶ୍ରୀଧର ମହାଳିକ, କୋଷାଧ୍ୟକ୍ଷ ଲକ୍ଷ୍ମଣ ନାୟକଙ୍କ ସମେତ ସଂଘର କର୍ମକର୍ତ୍ତାମାନେ ସ୍ୱପ୍ନାରାଣୀଙ୍କ ଉଜ୍ଜ୍ୱଳ ସଫଳତା କାମନା କରିଛନ୍ତି।

### ସରକାରୀ ଫାଇଲ୍ ତଳେ କଣ୍ଟି ଘାଇ ଭାଗ୍ୟ

# ନା ମରାମତି ନା ନବୀକରଣ; ପ୍ରତି ବର୍ଷ ଡରାଉଛି

ବାରିକପୁର,୪।୭(ସମିସ):





ଭଦ୍ରକ ଜିଲ୍ଲା ଦେଇ ଯାଇଥିବା ପୁଣ୍ୟତୋୟା ବୈତରଣୀ ନଦୀର କଣ୍ଟି ଏସ୍‌କେପଟି ଭଣ୍ଡାରିପୋଖରୀ, ଧାମନଗର, ତିହିଡ଼ି ଓ ଚାନ୍ଦବାଲି ବ୍ଲକ୍‌ବାସୀଙ୍କ ପାଇଁ ଦୁଃଖର କାରଣ ପାଲଟିଛି। ଅତୀତର ମନୁଷ୍ୟକୃତ ତ୍ରୁଟି ଯୋଗୁଁ ଆଠ ଦଶନ୍ଧିରୁ ଅଧିକ ହେବ ହଜାର ହଜାର ଜନସାଧାରଣ ଏଥିପାଇଁ ବର୍ଷକୁ ବର୍ଷ ଦୁଃଖ ଯାତନା ଭୋଗୁଛନ୍ତି। ଖରାଦିନ ଯାଇ ବର୍ଷା ଋତୁ ଉପନୀତ ହେଲେ ବର୍ଷକୁ ବର୍ଷ ସତେ ଯେମିତି ଲୋକଙ୍କୁ ଡରାଉଛି କଣ୍ଟି ଏସ୍‌କେପ।

ସୂଚନା ମୁତାବକ, ବର୍ଷା ଦିନେ ଏହି ବାଟେ ନଦୀର ଅର୍ଦ୍ଧାଧିକ ବନ୍ୟା ଜଳ ପ୍ରବାହିତ ହୋଇ ଭଣ୍ଡାରିପୋଖରୀ ବ୍ଲକ୍‌ର ଷୋଳମପୁର, ମାଳଦା, ରହଣିଆ, କୁରିଗାଁ, ନପଙ୍ଗ ପ୍ରମୁଖ ପଞ୍ଚାୟତକୁ ଜଳମଗ୍ନ କରିଥାଏ। ଉକ୍ତ ଅଞ୍ଚଳକୁ ଛାଡ଼ିଦେଲେ ମଧ୍ୟ ଅନ୍ୟ ୩ଟି ବ୍ଲକ୍‌ର ଅନେକ ପଞ୍ଚାୟତ ସିଧାସଳଖ କଣ୍ଟି ଘାଇର ବନ୍ୟା ପାଣି ଦ୍ୱାରା ପ୍ରଭାବିତ ହୋଇଥାଏ। ବିଶେଷ କରି କଣ୍ଟି ଏସ୍‌କେପରୁ ନିଷ୍କାସିତ ବନ୍ୟାଜଳ ଦ୍ୱାରା ହଜାର ହଜାର ହେକ୍ଟର ଚାଷଜମି ସହିତ ରାସ୍ତାଘାଟ ଓ ନଦୀବନ୍ଧ ଗଭୀର ଭାବେ କ୍ଷତିଗ୍ରସ୍ତ ହୋଇ କୋଟି କୋଟି ଟଙ୍କାର ରାଜସ୍ୱ ହାନୀ ହୋଇଥାଏ। ଦୁଃଖ ଓ ଚିନ୍ତାର ବିଷୟ ଏହାର ସ୍ଥାୟୀ ପ୍ରତିକାର ଏଯାଏଁ ହୋଇପାରି ନାହିଁ। ଦୀର୍ଘ ବର୍ଷ ଧରି ଏସ୍‌କେପ ସାମାନ୍ୟ ପଥର ନିର୍ମାଣ ସହିତ ମୁକୁଳା ପଡ଼ିଥିବାବେଳେ ୧୨/୧୪ ବର୍ଷ ପୂର୍ବରୁ ଜଳସମ୍ପଦ ବିଭାଗ ପକ୍ଷରୁ ୨୮୦ ମିଟର ଦୈର୍ଘ୍ୟ ବିଶିଷ୍ଟ ଏସ୍‌କେପକୁ ମାତ୍ର ୧ ଫୁଟ୍ ଉଚ୍ଚତା ବିଶିଷ୍ଟ କେବଳ କଂକ୍ରିଟ ନିର୍ମାଣ କରାଯାଇଥିଲା। ପରିତାପର ବିଷୟ ନିର୍ମାଣ ଶୈଳୀ ପୂର୍ବ ଭଳି ନଦୀ ପତନ ସହିତ ପ୍ରାୟ ସମାନ ରହିଥିବା ହେତୁ ଏସ୍‌କେପ ଅବସ୍ଥାରେ ପରିବର୍ତ୍ତନ ହୋଇ ନ ଥିଲା। ତେଣୁ ନଦୀରେ ବନ୍ୟା ଆସିଲେ ଯେଉଁ ଦୁଃଖକୁ ସେହି ଦୁଃଖ ରହିଲା। ଏହାକୁ ଆଖି ଆଗରେ ରଖି ପରବର୍ତ୍ତୀ ସମୟରେ ଏସ୍‌କେପର ସ୍ଥାୟୀ ନିର୍ମାଣ ସହିତ ଉଚ୍ଚତା ବୃଦ୍ଧି କିମ୍ବା ଏହାକୁ ସମ୍ପୂର୍ଣ୍ଣ ବନ୍ଦ କରିବା ପାଇଁ ଅଞ୍ଚଳବାସୀ ତଥା ଆଞ୍ଚଳିକ ବନ୍ୟା ସୁରକ୍ଷା ସମିତି ବାରମ୍ବାର ଦାବି କରିଛି। ଦାବି ଅନୁଯାୟୀ, ପୂର୍ବ ସରକାରଙ୍କ ପ୍ରସ୍ତାବିତ ବୈତରଣୀ ବାମ ପାର୍ଶ୍ୱ ବନ୍ଧ ସଦୃଢ଼ୀକରଣ ଯୋଜନାରେ କଣ୍ଟି ଏସ୍‌କେପର ନବୀକରଣ କାର୍ଯ୍ୟକୁ ଏଥିରେ ଯୋଡ଼ାଯାଇଥିଲା। ଏହାଛଡ଼ା ୭୦୦ ମିଟର ଦୈର୍ଘ୍ୟ ବିଶିଷ୍ଟ ନିକଟସ୍ଥ ଚାଙ୍ଗୁଆଠାରୁ ରଘୁନାଥପୁର ଯାଏଁ ଏସ୍‌କେପକୁ ଲାଗି ଫାଙ୍କା ପଡ଼ିଥିବା ଖୋଲା ନାଳ ବନ୍ଧ ନିର୍ମାଣ ପାଇଁ ପ୍ରସ୍ତାବ ଗୃହୀତ ହୋଇଥିଲା। ତଦନୁଯାୟୀ, ଜଳସମ୍ପଦ ବିଭାଗ ପକ୍ଷରୁ ପ୍ରାଥମିକ ଆକଳନ ପତ୍ର ପ୍ରସ୍ତୁତ ହୋଇଥିଲା। ଏହାଛଡ଼ା ବିଭାଗୀୟ ଯାନ୍ତ୍ରିକ କମିଟି ଦ୍ୱାରା ଅନ୍ୟାନ୍ୟ ଦସ୍ତାବିଜ ମଧ୍ୟ ପ୍ରସ୍ତୁତ କରାଯାଇଥିଲା। ପରେ ପ୍ରସ୍ତୁତ ଏଷ୍ଟିମେଟ୍ ଓ ଅନ୍ୟାନ୍ୟ କାଗଜପତ୍ର ଓଡ଼ିଶା କନ୍‌ଷ୍ଟ୍ରକ୍ସନ କର୍ପୋରେସନ ବା ଓସିସିକୁ ହସ୍ତାନ୍ତର କରାଯାଇଥିବା ଜଣାପଡ଼ିଛି। ପରିତାପର ବିଷୟ ଇତିମଧ୍ୟରେ ଅନେକ ମାସ ବିତିଯାଇଥିଲେ ସୁଦ୍ଧା ଏ ବିଷୟରେ ବିଭାଗ ପକ୍ଷରୁ ଆଉ କିଛି ତନାଘନା ନାହିଁ। ଯେମିତି ଲାଗୁଛି ସରକାରୀ ଫାଇଲ୍ ତଳେ ଏସ୍‌କେପ ଭାଗ୍ୟ ଲୁଚିଯାଇଛି। ଦିନକୁ ଦିନ ଏସ୍‌କେପଟି ଦୁର୍ବଳ ହେଉଥିବାବେଳେ ଏହା ସଂଯୁକ୍ତ ପଥର ପ୍ୟାକିଙ୍ଗ୍ ଦବିଯିବା ସହିତ ଗ୍ରାଉଟିଙ୍ଗ୍ ମଧ୍ୟ ନଷ୍ଟ ହୋଇଛି। ନିର୍ମାଣ ଦିନଠାରୁ ପ୍ରାୟ ୧୪ ବର୍ଷ ହେବ ଏହା ମରାମତି ମଧ୍ୟ ହୋଇନାହିଁ। କେଉଁ ଦିନ ନବୀକରଣ କାର୍ଯ୍ୟ ଆରମ୍ଭ ହେବ ଓ କଣ୍ଟି ଏସ୍‌କେପ ଭାଗ୍ୟ ବଦଳିବ ତାହା ଏବେ ସନ୍ଦେହ ଘେରରେ ରହିଛି। ଏନେଇ ବିଭାଗୀୟ ଯନ୍ତ୍ରୀମାନେ କିଛି ସନ୍ତୋଷଜନକ ଉତ୍ତର ଦେଇନାହାନ୍ତି।

## ରୋଟାରୀ କ୍ଲବର ଚିକିତ୍ସକ ସମ୍ମାନ କାର୍ଯ୍ୟକ୍ରମ

ଯାଜପୁର ଟାଉନ,୪।୭(ସମିସ): ଡାକ୍ତର ମାନଙ୍କୁ ଦ୍ୱିତୀୟ ଭଗବାନର ଆଖ୍ୟା ଦିଆଯାଏ। ସମର୍ପିତ ମନୋଭାବ ନେଇ




ସେମାନଙ୍କ ସେବା ଯୋଗୁଁ ଅନେକଙ୍କ ଜୀବନ ରକ୍ଷା ହୋଇଥାଏ। ଏମାନେ ଆମ ସମାଜରେ ସ୍ୱତନ୍ତ୍ର ସ୍ଥାନରେ ରହିଛନ୍ତି। କିନ୍ତୁ ଆଜିର ବ୍ୟବସ୍ଥାରେ ଡାକ୍ତର ମାନେ ନିଜକୁ ଅସୁରକ୍ଷିତ ଏବଂ ଅସହାୟ ମଣୁଛନ୍ତି। ଏହାର କାରଣ ସରକାରଙ୍କ ତ୍ରୁଟିପୂର୍ଣ୍ଣ ସ୍ୱାସ୍ଥ୍ୟ ନୀତି ବୋଲି ଯାଜପୁର ରୋଟାରୀ କ୍ଲବର ଚିକିତ୍ସକ ଦିବସ ପାଳନ ଏବଂ ଡାକ୍ତର ମାନଙ୍କୁ ସମ୍ମାନିତ କରାଯିବା କାର୍ଯ୍ୟକ୍ରମ ଅବସରରେ ଅତିଥି ଓ ଆଗନ୍ତୁକ ମାନେ ମତ ରଖିଛନ୍ତି। ରୋଟାରୀ କ୍ଲବ ଏବଂ ଇନରହୁଇଲ କ୍ଲବର ମିଳିତ ଉଦ୍ୟମରେ ସ୍ଥାନୀୟ ରୋଟାରୀ ଭବନ ଠାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ କ୍ଲବର ନୂତନ ସଭାପତି ଡ. ଗିରିଶ ବିହାରୀ ମିଶ୍ର ଅଧ୍ୟକ୍ଷତା କରିଥିଲେ। ବରିଷ୍ଠ ସଭ୍ୟ ରୋଟାରିଆନ ଡ. ନିତ୍ୟାନନ୍ଦ ମିଶ୍ର ସ୍ୱାଗତ ଭାଷଣ ଦେବା ପରେ ପ୍ରତିଷ୍ଠାତା ସଭ୍ୟ ତଥା ଗ୍ଲୋବାଲ ପିସ୍ ଫାଉଣ୍ଡେସନର ଅଧ୍ୟକ୍ଷ ଡାକ୍ତର ରାଜକିଶୋର ପଣ୍ଡା କାର୍ଯ୍ୟକ୍ରମକୁ ସଂଯୋଜନା କରି ସବୁ ଚିକିତ୍ସକ ପ୍ରଥମେ ସମ୍ବେଦନଶୀଳ ହେବାକୁ ଆହ୍ୱାନ ଦେଇଥିଲେ। ମୁଖ୍ୟଅତିଥି ଭାବେ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ବିଜୟ କୁମାର ମିଶ୍ର, ସ୍ୱତନ୍ତ୍ର ଅତିଥି ଭାବେ ପୂର୍ବତନ ସିଡିଏମଓ ଡା. କ୍ଷୀରୋଦ ଚନ୍ଦ୍ର ମହାନ୍ତି, ବିଶିଷ୍ଟ ଭେଷଜ ବିଶେଷଜ୍ଞ ଡା. କାର୍ତ୍ତିକ ଚନ୍ଦ୍ର ରାଉତ ଯୋଗ ଦେଇଥିଲେ।ଏହି ଅବସରରେ ବରିଷ୍ଠ ଚିକିତ୍ସକ ଡା. କ୍ଷୀରୋଦ ଚନ୍ଦ୍ର ମହାନ୍ତି, ଡା. ରାଜକିଶୋର ପଣ୍ଡା, ଡା. କାର୍ତ୍ତିକ ଚନ୍ଦ୍ର ରାଉତ, ଡା. ଭାଗିରଥି ପାଣି, ଡା. ନିମାଇଁ ଚରଣ ନାୟକ, ଡା. ନିରଞ୍ଜନ ପତି, ଡା. ରବୀନ୍ଦ୍ର ନନ୍ଦ, ଡା. ନିରଞ୍ଜନ ସ୍ୱାଇଁ, ଡା. ସୁପ୍ରକାଶ ଶତପଥୀ, ଡା. ସୁମନ୍ତ ରାଉଳ, ଡା. ମନୋଜ ସେନାପତି, ଡା. ଆଦିତ୍ୟ ରାୟ, ଡା. ଅନସୂୟା ଜେନା, ଡା. ସୁବ୍ରତ କୁମାର ନାୟକ ପ୍ରମୁଖ ବିଶିଷ୍ଟ ଚିକିତ୍ସକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ନୂତନ ସମ୍ପାଦକ କେଦାର ଚନ୍ଦ୍ର ରାଉତ, ଇନରହୁଇଲ କ୍ଲବର ନୂତନ ସଭାପତି ବିଜୟଲକ୍ଷ୍ମୀ ସ୍ୱାଇଁ, ସମ୍ପାଦିକା ଚିକିମିକି ହୀରା ସାହୁ ପ୍ରମୁଖ ମଞ୍ଚାସୀନ ଥିଲେ। ବରିଷ୍ଠ ସଭ୍ୟା ତୁଷାରକାନ୍ତି ନାୟକ, ପ୍ରେମଲତା ପଣ୍ଡା, ବିଜୟଲକ୍ଷ୍ମୀ ମହାନ୍ତି, ବିଦାୟୀ ଇନରହୁଇଲ ସମ୍ପାଦକ ସତ୍ୟଭାମା ପତି ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସେହିପରି ବରିଷ୍ଠ ସଭ୍ୟା ଗୌର ପ୍ରିୟା ଦେବୀ, କିରଣବାଳା ମହାନ୍ତି, ଅନ୍ନପୂର୍ଣ୍ଣା ଶତପଥୀ, ଯାଜ୍ଞସେନୀ ମହାନ୍ତି, ସ୍ୱର୍ଣ୍ଣପ୍ରଭା ପଣ୍ଡା ପ୍ରମୁଖ ସହଯୋଗ କରିଥିଲେ। ଶେଷରେ ସୁବାସ ଚନ୍ଦ୍ର ମହାପାତ୍ର ଧନ୍ୟବାଦ ଦେଇଥିଲେ।

## ମହିଳା ମହାବିଦ୍ୟାଳୟରେ 'ଶକ୍ତିଶ୍ରୀ' ଉଦ୍‌ଘାଟିତ




ପ୍ରୀତିପୁର,୪।୭(ସମିସ): ବିଞ୍ଝାରପୁର ବ୍ଲକର ପ୍ରୀତିପୁର ପଞ୍ଚାୟତର ନୂଆଗାଁରେ ଥିବା ଆଞ୍ଚଳିକ ବଳଦେବଜୀଉ ସ୍ନାତକ ମହିଳା ମହାବିଦ୍ୟାଳୟରେ ରାଜ୍ୟ ସରକାରଙ୍କ ମହିଳା ସଶକ୍ତୀକରଣ ଅଭିଯାନ 'ଶକ୍ତିଶ୍ରୀ' କାର୍ଯ୍ୟକ୍ରମର ଅଧ୍ୟକ୍ଷ ରବିନାରାୟଣ ପାଣିଙ୍କ ଦ୍ୱାରା ଉଦ୍‌ଘାଟିତ ହୋଇଯାଇଛି।

ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅଳକୁଣ୍ଡ ଥାନାର ଭାରପ୍ରାପ୍ତ ଅଧିକାରୀ ବିଭୂପ୍ରସାଦ ରାଉତ ଯୋଗଦେଇ ଛାତ୍ରୀମାନଙ୍କୁ ସାଇବର ସୁରକ୍ଷା, ମୋବାଇଲର ସଦୁପଯୋଗ ଏବଂ ମହିଳା ସୁରକ୍ଷା ସମ୍ପର୍କରେ ସଚେତନ କରାଇଥିଲେ। ମୁଖ୍ୟ ବକ୍ତା ଭାବେ ମହାପୁରୁଷ ହାଡ଼ିଦାସ ମହାବିଦ୍ୟାଳୟର ମନୋବିଜ୍ଞାନ ବିଭାଗର ଅଧ୍ୟାପିକା ଡ. ସୁମିତ୍ରା ନନ୍ଦ ଲିଙ୍ଗଗତ ପାର୍ଥକ୍ୟ, ଯୌନ ଉତ୍ପୀଡ଼ନ, ଶିକ୍ଷାଗତ ଚାପ, ମାନସିକ ସ୍ୱାସ୍ଥ୍ୟ ଏବଂ ସମାଜର ଭୂମିକା ଉପରେ ବିସ୍ତୃତ ଆଲୋଚନା କରିଥିଲେ। ସମ୍ମାନିତ ଅତିଥି ଭାବେ ମହାବିଦ୍ୟାଳୟର ବରିଷ୍ଠ ଅଧ୍ୟାପକ ବଳରାମ ପଣ୍ଡା ରାଜନୀତି ବିଜ୍ଞାନ ବିଭାଗ ଅଧ୍ୟାପକ ଲକ୍ଷ୍ମୀଧର ସାମଲ ଯୋଗଦେଇ ଛାତ୍ରୀମାନଙ୍କୁ ସମାଜରେ ସଶକ୍ତ ନାରୀ ଭାବେ ଗଢ଼ି ଉଠିବା ପାଇଁ ପ୍ରେରଣା ଦେଇଥିଲେ। 'ଶକ୍ତିଶ୍ରୀ' କାର୍ଯ୍ୟକ୍ରମର ସଂଯୋଜିକା ଶିକ୍ଷା ବିଭାଗର ପ୍ରାଧ୍ୟାପିକା ଡ. ପ୍ରତିମା କୁମାରୀ ମହାନ୍ତି ସଭା ପରିଚାଳନା କରିଥିଲେ। ସେ ଏହି କାର୍ଯ୍ୟକ୍ରମ ଅନ୍ତର୍ଗତ ଆଗାମୀ ଦିନରେ ଆୟୋଜିତ ହେବାକୁ ଥିବା ଆତ୍ମରକ୍ଷା ପ୍ରଶିକ୍ଷଣ, ମାନସିକ ସୁସ୍ଥତା, ସାମାଜିକ ସୁସ୍ଥତା ଏବଂ ଶାରୀରିକ ସୁସ୍ଥତା ସମ୍ବନ୍ଧୀୟ ବିଭିନ୍ନ କାର୍ଯ୍ୟକ୍ରମ ବିଷୟରେ ଆଲୋକପାତ କରିଥିଲେ ଏବଂ ଛାତ୍ରୀମାନଙ୍କୁ ଏଥିରେ ସକ୍ରିୟ ଭାବେ ଅଂଶଗ୍ରହଣ କରିବାକୁ ଆହ୍ୱାନ ଜଣାଇଥିଲେ। ଏହି କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଏବଂ ବହୁ ସଂଖ୍ୟକ ଛାତ୍ରୀ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମଟି ଛାତ୍ରୀମାନଙ୍କ ମଧ୍ୟରେ ସଚେତନତା, ଆତ୍ମବିଶ୍ୱାସ ଓ ସଶକ୍ତିକରଣର ବାର୍ତ୍ତା ପହଞ୍ଚାଇବାରେ ସଫଳ ହୋଇଥିଲା।

## ବିଧାୟକଙ୍କ ନାଁରେ ଫେକ୍ ହ୍ୱାଟ୍ସଆପ୍ ଆକାଉଣ୍ଟ

**● ସମସ୍ୟାରେ ଥିବା କହି ମାଗୁଛନ୍ତି ଟଙ୍କା**



ଭଦ୍ରକ,୪।୭(ସମିସ): ଭଦ୍ରକ ଜିଲ୍ଲା ବାସୁଦେବପୁର ନିର୍ବାଚନମଣ୍ଡଳୀର କଂଗ୍ରେସ ବିଧାୟକ ଅଶୋକ କୁମାର ଦାସଙ୍କ ନାଁରେ ଏକ ଫେକ୍ ହ୍ୱାଟ୍ସଆପ୍ ଆକାଉଣ୍ଟ ଖୋଲି କିଛି ଅସାମାଜିକ ବ୍ୟକ୍ତି ଟଙ୍କା ମାଗୁଥିବା ଅଭିଯୋଗ ସାମ୍ନାକୁ ଆସିଛି। ବିଧାୟକଙ୍କ ନାଁ ଓ ପରିଚୟର ଅପବ୍ୟବହାର କରି ବିଭିନ୍ନ ବ୍ୟକ୍ତିଙ୍କୁ ମେସେଜ୍ ପଠାଯାଉଥିବାବେଳେ, ସେ ଅସୁବିଧାରେ ଥିବା ଦର୍ଶାଇ ତୁରନ୍ତ ଟଙ୍କା ପଠାଇବାକୁ ଅନୁରୋଧ କରାଯାଉଛି। ଘଟଣା ସମ୍ପର୍କରେ ସୂଚନା ପାଇବା ପରେ ବିଧାୟକ ଶ୍ରୀ ଦାସ ଏହାକୁ ନେଇ ସାଇବର ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଏହାସହ ତାଙ୍କ ନାଁରେ ଆସୁଥିବା କୌଣସି ମେସେଜ୍ କିମ୍ବା ଟଙ୍କା ପଠାଇବା ଅନୁରୋଧକୁ ବିଶ୍ୱାସ ନ କରିବାକୁ ସେ ସାଧାରଣ ଲୋକଙ୍କୁ ଅନୁରୋଧ କରିଛନ୍ତି। ବିଧାୟକ କହିଛନ୍ତି ଯେ, ସେ କେବେ ବି ବ୍ୟକ୍ତିଗତ ଭାବେ ହ୍ୱାଟ୍ସଆପ୍ ମାଧ୍ୟମରେ କାହାଠାରୁ ଟଙ୍କା ମାଗନ୍ତି ନାହିଁ। ତେଣୁ ଏଭଳି ମେସେଜ୍ ପାଇଲେ କେହି ମଧ୍ୟ ଟଙ୍କା ପଠାଇବେ ନାହିଁ ଏବଂ ତୁରନ୍ତ ନିକଟସ୍ଥ ପୁଲିସ କିମ୍ବା ସାଇବର ଥାନାକୁ ଜଣାଇବେ। ସାଇବର ପୁଲିସ ଅଭିଯୋଗକୁ ଆଧାର କରି ଘଟଣାର ତଦନ୍ତ ଆରମ୍ଭ କରିଛି। ଫେକ୍ ହ୍ୱାଟ୍ସଆପ୍ ଆକାଉଣ୍ଟ ସୃଷ୍ଟି କରି ଠକେଇ ଉଦ୍ୟମ କରିଥିବା ବ୍ୟକ୍ତିଙ୍କୁ ଚିହ୍ନଟ କରିବା ସହ ଆଇନଗତ କାର୍ଯ୍ୟାନୁଷ୍ଠାନ ପାଇଁ ପଦକ୍ଷେପ ନିଆଯାଉଥିବା ଜଣାପଡ଼ିଛି।


## ଡାକ୍ତରଙ୍କ ଆନ୍ଦୋଳନ ଯୋଗୁଁ ବେଡ୍ ଫାଙ୍କା



ବାରିକପୁର,୪।୭(ସମିସ): ସାରା ରାଜ୍ୟରେ ଏବେ ଡାକ୍ତରଙ୍କ ଆନ୍ଦୋଳନ ଜାରି ରହିଛି। ମୋଟ୍ ୧୨ ଦଫା ଦାବି ମଧ୍ୟରୁ ମୁଖ୍ୟ ୧୦ଟି ଦାବି ପୂରଣ ପାଇଁ ଡାକ୍ତରମାନେ ଆନ୍ଦୋଳନ ଜାରି ରଖିଥିବା ଜଣାପଡ଼ିଛି। ସରକାରଙ୍କ ସହିତ ଆଲୋଚନା ଏଯାଏଁ ବିଫଳ ହୋଇଛି। ଏପଟେ ଜିଦ୍‌ରେ ଅଟଳ ଥିବା ଡାକ୍ତରମାନେ ରୋଗୀ ସେବାରେ ଯୋଗ ଦେଉନାହାନ୍ତି। ଫଳରେ ରୋଗୀମାନେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି ପରିପ୍ରେକ୍ଷୀରେ ଭଣ୍ଡାରିପୋଖରୀ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ସମେତ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଲଗାଇ ମୋଟ୍ ୯ ଜଣ ଡାକ୍ତର ଆନ୍ଦୋଳନରେ ସାମିଲ୍ ହୋଇଛନ୍ତି। ବ୍ଲକ୍ ଅଞ୍ଚଳରେ ରୋଗୀ ସେବା ଏକପ୍ରକାର ବିପର୍ଯ୍ୟସ୍ତ ହୋଇଥିବାବେଳେ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରଠାରେ ବେଡ୍ ଫାଙ୍କା ପଡ଼ିଛି। ଆୟୂଷ ଚିକିତ୍ସକଙ୍କ ହାତରେ କଷ୍ଟେମଷ୍ଟେ ରୋଗୀ ସେବା ଜାରି ରହିଛି। ଗୁରୁତର ରୋଗୀମାନେ ଡାକ୍ତରଙ୍କ ବିନା ଉଚିତ୍ ଚିକିତ୍ସା ସୁବିଧା ପାଇବା ସମ୍ଭବ ହେଉନାହିଁ। ଏପରି ସ୍ଥଳେ ଆର୍ଥିକ ଅନଟନ ମଧ୍ୟରେ ଗାଁ ଗହଳିର ଗୁରୁତର ରୋଗୀମାନେ ବାଧ୍ୟ ହୋଇ ଘରୋଇ ଡାକ୍ତରଖାନାକୁ ଯାଉଥିବା ଜଣାପଡ଼ିଛି। କେଉଁଦିନ ଡାକ୍ତରମାନଙ୍କ ଆନ୍ଦୋଳନ ପ୍ରତ୍ୟାହୃତ ହେବ ଓ ଗ୍ରାମାଞ୍ଚଳ ସ୍ୱାସ୍ଥ୍ୟ କେନ୍ଦ୍ରଗୁଡ଼ିକରେ ରୋଗୀ ସେବା ସ୍ୱାଭାବିକ ହେବ ତାହା ଏଯାଏଁ ସ୍ପଷ୍ଟ ହୋଇନାହିଁ।

**● ସାଇକଲ୍ ଚୋରି ଅଭିଯୋଗରେ ଜଣେ ଗିରଫ**

## ଚୋରି କରି ପୋଖରୀରେ ଲୁଚାଇଥିଲା



ବନ୍ତ/ଆଗରପଡ଼ା,୪।୭(ସମିସ): ସାଇକଲ ଚୋରିର ଏକ ଅଜବ ଚକ୍ରାନ୍ତ। ଚୋରି କରି ପୋଖରୀରେ ଲୁଚାଇଥିଲା ଚୋର, ହେଲେ ସେସବୁର ଚାଲାକି ପଦାରେ ପଡ଼ିଯାଇଛି। ବନ୍ତ ଥାନା ଆପଣ୍ଡା ଗାଁରେ ଦେଖିବାକୁ ମିଳିଛି ଏଭଳି ଏକ ଘଟଣା।

ସୂଚନା ଅନୁସାରେ, ପୁରୁଷୋତ୍ତମପୁର ଗାଁର ଭାବଗ୍ରାହୀ ପଣ୍ଡା ଆପଣ୍ଡା ଗାଁକୁ ଏକ ରୋଷେଇ କାର୍ଯ୍ୟ କରିବା ପାଇଁ ଆସିଥିଲେ। କାମ ସାରି ଫେରିବା ସମୟରେ ସେ ଗାଁର ସମ୍ପର୍କୀୟଙ୍କ ଘର ସମ୍ମୁଖରେ ନିଜ ସାଇକଲଟି ରଖି ଘର ଭିତରକୁ ଯାଇଥିଲେ। ଏହି ସମୟରେ କୋଳିପଦୀ ଗ୍ରାମର ଶରତ ଯେନା ନାମକ ଜଣେ ବ୍ୟକ୍ତି ସାଇକଲଟିକୁ ଚୋରି କରି ନେଇଥିଲା। ପରେ ନିରାପଦ ସମୟ ଦେଖି ନେବା ଆଶାରେ ସେ ସାଇକଲକୁ ନିକଟସ୍ଥ ସ୍କୁଲ ପୋଖରୀ ଭିତରକୁ ଫିଙ୍ଗି ଲୁଚାଇ ଦେଇ ନିଜ ଘରକୁ ଚାଲିଯାଇଥିଲା। ସାଇକଲ ନ ମିଳିବାରୁ ରୋଷେୟା ଓ ଗ୍ରାମବାସୀମାନେ ଚାରିଆଡ଼େ ଖୋଜାଖୋଜି ଆରମ୍ଭ କରିଥିଲେ। ଖୋଜୁଖୋଜୁ ପୋଖରୀ ଭିତରେ ସାଇକଲର ହ୍ୟାଣ୍ଡେଲ ଦେଖାଯିବା ପରେ ଲୋକମାନେ ତାକୁ ପାଣିରୁ ଉଦ୍ଧାର କରିଥିଲେ। ଏହି ସମୟରେ ଶରତର ସନ୍ଦେହଜନକ ଗତିବିଧି ଦେଖି ଗ୍ରାମବାସୀ ତାକୁ ଡକାଇ ପଚରାଉଚରା କରିଥିଲେ। ଶରତ ନିଜ ଦୋଷ ସ୍ୱୀକାର କରିବା ସହ ସାଇକଲ ଚୋରିର ସମ୍ପୂର୍ଣ୍ଣ ସତ ଓଗାଳିଥିଲା। ଏ ସମ୍ପର୍କରେ ଖବର ପାଇ ବନ୍ତ ଥାନା ପୁଲିସ୍ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚି ଅଭିଯୁକ୍ତ ଶରତକୁ ଗିରଫ କରି ଥାନାକୁ ନେଇଛି ଏବଂ ଏହି ମାମଲାରେ ଅଧିକ ତଦନ୍ତ ଜାରି ରଖିଛି।

## ଭାରପ୍ରାପ୍ତ ସମ୍ପାଦକ ନିଯୁକ୍ତ

ବାରିକପୁର,୪।୭(ସମିସ): ବାଲେଶ୍ୱର-ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କ ଅଧୀନସ୍ଥ ମାଳଦା ସମବାୟ ସମିତିର ଭାରପ୍ରାପ୍ତ ସମ୍ପାଦକ ଭାବେ ନିର୍ମଳ ଚନ୍ଦ୍ର ଦାସଙ୍କୁ ନିଯୁକ୍ତି ଦିଆଯାଇଛି। ଗତ ଡିସେମ୍ବର ମାସରୁ ଅଦ୍ୟାବଧି ୮ ମାସ ହେବ ତେସିଙ୍ଗା ସମିତି ସମ୍ପାଦକ ରାଜେନ୍ଦ୍ର ଖଣ୍ଡାଇ ମାଳଦା ସମବାୟ ସମିତିର ଭାରପ୍ରାପ୍ତ ସମ୍ପାଦକ ଭାବେ ଦାୟିତ୍ୱ ନିର୍ବାହ କରି ଆସୁଥିଲେ। ଏବେ ସମବାୟ ଉପନିବନ୍ଧକଙ୍କ ଆଦେଶ ଅନୁଯାୟୀ ନିର୍ମଳ ଚନ୍ଦ୍ର ଦାସଙ୍କୁ ଶ୍ରୀ ଖଣ୍ଡାଇ ଦାୟିତ୍ୱ ହସ୍ତାନ୍ତର କରିଛନ୍ତି।

# ବ୍ୟକ୍ତିଗତ ଜାଗାରେ ସରକାରୀ ପୋଲ ନିର୍ମାଣ

ଅସୁରାଳି,୪।୭(ସମିସ):



ସରକାର ଗ୍ରାମାଞ୍ଚଳରେ ବିକାଶ ପାଇ କୋଟି କୋଟି ଖର୍ଚ୍ଚ କରୁଥିବାବେଳେ ଅଧିକାଂଶ ସ୍ଥାନରେ ସରକାରୀ ଅଧିକାରୀ ଓ ଠିକାଦାରଙ୍କ ସଲାସୁତରାରେ ସରକାରୀ ଟଙ୍କା ଅପଚୟ ହେଉଛି। ଏପରି ଏକ ଘଟଣା ଧୂଷୁରୀରେ ଦେଖିବାକୁ ମିଳିଛି। ଏକ ବ୍ୟକ୍ତିଗତ ଜାଗାରେ ସରକାରୀ ଟଙ୍କା ଖର୍ଚ୍ଚ କରାଯାଇ କାମ ହେଉଛି, ଯାହାକି ସାଧାରଣ ଲୋକଙ୍କ କାମରେ ଆସିବନି। ଧୂଷୁରୀ ବଜାର ନିକଟରେ ଚାଲିଥିବା ଏକ ପୋଲ ନିର୍ମାଣ କାର୍ଯ୍ୟକୁ ନେଇ ଓଲଟପୁର ଗ୍ରାମବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି। ଜନସାଧାରଣଙ୍କ ସ୍ୱାର୍ଥକୁ ଅଣଦେଖା କରି ଏହି ପୋଲକୁ ଏକ ବ୍ୟକ୍ତିଗତ ବ୍ୟାବସାୟିକ ଅନୁଷ୍ଠାନକୁ ସଂଯୋଗ କରାଯାଉଥିବା ନେଇ ସ୍ଥାନୀୟ ବାସିନ୍ଦା ଅଶୋକ ସ୍ୱାଇଁ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି।

ଅଭିଯୋଗ ଅନୁଯାୟୀ, ଓଲଟପୁର ଗ୍ରାମବାସୀ, ଛାତ୍ରଛାତ୍ରୀ ଏବଂ ଚାଷୀଙ୍କ ଯାତାୟାତ ସୁବିଧା ପାଇଁ ଏକ ପୋଲ ନିର୍ମାଣ ଅତ୍ୟନ୍ତ ଜରୁରୀ ଥିଲା। କିନ୍ତୁ ବର୍ତ୍ତମାନ

### ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କଲେ ସ୍ଥାନୀୟ ବାସିନ୍ଦା

ଯେଉଁ ସ୍ଥାନରେ ପୋଲ ନିର୍ମାଣ କରାଯାଉଛି, ତାହା କେବଳ ଏକ ବ୍ୟକ୍ତିଗତ ପ୍ରତିଷ୍ଠାନକୁ ଲାଭ ପହଞ୍ଚାଇବ ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ସରକାରୀ ଅର୍ଥରେ ନିର୍ମାଣ ହେଉଥିବା ପ୍ରକଳ୍ପ ସାଧାରଣ ଲୋକଙ୍କ ପାଇଁ ଉଦ୍ଦିଷ୍ଟ ହେବା ଆବଶ୍ୟକ। ମାତ୍ର ଏଠାରେ ବ୍ୟକ୍ତିଗତ ସ୍ୱାର୍ଥକୁ ପ୍ରାଧାନ୍ୟ ଦିଆଯାଉଛି ବୋଲି ସେମାନେ ଦାବି କରିଛନ୍ତି। ଏହି ଘଟଣାରେ ଜିଲ୍ଲାପାଳ ଏକ ସ୍ୱତନ୍ତ୍ର ତଦନ୍ତକାରୀ ଦଳ ଗଠନ କରିବା ସହ ଉକ୍ତ ପ୍ରକଳ୍ପର ନକ୍ସା ଓ ଅନୁମୋଦନ ପ୍ରକ୍ରିୟାର ସତ୍ୟତା ଯାଞ୍ଚ କରିବାକୁ ଗ୍ରାମବାସୀ ଦାବି କରିଛନ୍ତି। ଯଦି ଏହି ପ୍ରକଳ୍ପରେ କୌଣସି ଅନିୟମିତତା ରହିଛି, ଏହାର ବିଧିବଦ୍ଧ ତଦନ୍ତ ପାଇଁ ଦାବି କରାଯାଇଛି। ଏ ଦିଗରେ ଡ୍ରେନେଜ୍ ବିଭାଗର ଯନ୍ତ୍ରୀ କହିଛନ୍ତି ଯେ, ନିର୍ମାଣ ହେଉଥିବା ପୋଲକୁ ସେମାନେ ସର୍ବସାଧାରଣକୁ ଦିଆଯିବ ବୋଲି କହିଛନ୍ତି। ଯଦି ଏହାର ବିଧିବଦ୍ଧ ତଦନ୍ତ ନ ହୁଏ, ଆଗାମୀ ଦିନରେ ସ୍ଥାନୀୟ ବାସିନ୍ଦା ରାଜରାସ୍ତାକୁ ଆସିବେ ବୋଲି ଚେତାବନୀ ଦେଇଛନ୍ତି।



ଡ. ସ୍ମୃତି ପଟ୍ଟନାୟକ



# ଉଡ଼ାଣ

ନିରୋଦ ବାବୁ ରବିବାର ଦିନ ସଂଧ୍ୟାରେ ମହାନଦୀ ବିହାରର ଜଗନ୍ନାଥ ଉଦ୍ୟାନରେ ବୁଲୁଥାନ୍ତି, ସୋହମ୍ ତା' ସାଙ୍ଗ ରବିନ୍ ସହ ସିମେଣ୍ଟ ବେଞ୍ଚ ଉପରେ ବସି ଗପସପ କରୁଥାଏ। ନିରୋଦ ବାବୁଙ୍କୁ ଦେଖି ଅଙ୍କଲ୍ ନମସ୍କାର କହି ପୁଣି ଗପସପରେ ମନ ଦେଲା। କିଛି ସମୟ ପାର୍କରେ ଚାଲିବା ପରେ ନିରୋଦ ବାବୁ ଜଗନ୍ନାଥ ମନ୍ଦିର ଗଲେ। ମନ୍ଦିରରେ ଆଳତି ହେଉଥାଏ। ଲୋକଗହଳି ଥାଏ। ନିରୋଦ ବାବୁ ଗୋଟାଏ କୋଣକୁ ଛିଡ଼ା ହେଇଥିଲେ।

ଆଳତି ସରିଲା ପରେ ଠାକୁରଙ୍କ ଚନ୍ଦନ ତୁଳସୀ ପାଇ ଆସିଲା ବେଳକୁ ଗେଟ୍ ସାମ୍ନାରେ ଚାହା ଦୋକାନୀ ରାମୁ କହିଲା "ସାର୍ ନମସ୍କାର, ଆପଣଙ୍କୁ ଦେଖି ଅଦା ପକା ଚା' କରିଛି।" ରାମୁର ଚା' ସ୍ୱାଦ ନିଆରା, ଯିଏ ଥରେ ପିଇଛି ସେ ତା' ଚା' ପ୍ରେମରେ ପଡ଼ିବା ଥୟ। ସୋହମ୍ କେତେବେଳେ ଏକୁଟିଆ ଆସି ତାଙ୍କ ପାଖରେ ଛିଡ଼ା ହୋଇ ସବୁ କଥା ଶୁଣୁଥିଲା,ରାମୁ ଖୁସିରେ କହୁଥାଏ "ସାର୍ ଜାଣିଛନ୍ତି ଗୋଟିଏ ଭଲ ଖବର ଆପଣ ଶୁଣିଲେ ବହୁତ ଖୁସି ହେବେ। ଆପଣ ତ ଆସୁନଥିଲେ କିଛିଦିନ ହେଲାଣି, ମୁଁ ଆପଣଙ୍କୁ ବହୁତ ମନେ ପକାଉଥିଲି।"

ନିରୋଦ ବାବୁ କହିଲେ "ଚାକିରିରୁ ଅବସର ନେଲା ପରେ ମୁଁ ଏଠି ନଥିଲି କିଛିଦିନ ହେଲାଣି ଗାଁକୁ ଯାଇଥିଲି ମାସେ ରହିକି ଆସିଲି। ଗାଁରୁ ଆସିବାକୁ ଇଚ୍ଛା ହଉନଥିଲା। ବହୁତ ଭଲ ଲାଗୁଥିଲା ଗାଁର ପରିବେଶ ତା' ସହ ଗାଁ ଲୋକଙ୍କ ଅକୁଣ୍ଠିତ ସ୍ନେହ ଶ୍ରଦ୍ଧା, କିନ୍ତୁ ତମମାନଙ୍କ କଥା ସବୁ ମନେ ପଡ଼ିବାରୁ ଆସିଲି, ପୁଣି ଫେରିଯିବି, ଗାଁରେ ଗୋଟିଏ ବୈଷୟିକ ବିଦ୍ୟାଳୟ ଖୋଲିଛି। ତାଲିମପ୍ରାପ୍ତ ଶିକ୍ଷକମାନଙ୍କୁ ନିଯୁକ୍ତି ଦେଇଛି। କିଛି ଗୋଟାଏ ନୂଆ କାମ କଲେ ଭଲ ଲାଗିବ।" ନିରୋଦ ବାବୁ ଖୁବ୍ ପ୍ରଗଳ୍ଭ ହୋଇ ପଡୁଥିଲେ। ପ୍ରକୃତିସ୍ଥ ହେଲା ପରେ ପଚାରିଲେ "ଆରେ ରାମୁ କ'ଣ ଖୁସି ଖବର କହିବ କହୁଥିଲ, ଏବେ କୁହ।" ରାମୁ କହିଲା "ସାର୍ ମୋ ସାନ ଭାଇ ଏଥର କ୍ଲାଟ୍ ପରୀକ୍ଷାରେ କୃତକାର୍ଯ୍ୟ ହେଇଛି। ଏବେ ସେ ନ୍ୟାସନାଲ୍ ଲ' ବିଶ୍ୱବିଦ୍ୟାଳୟରେ ଆଡ୍‌ମିସନ ନେଇପାରିବ।"

"ଆରେ ବାଃ ବହୁତ ଖୁସି ଖବର।"

ରାମୁ କହିଲା "ସାର୍! କରୋନାରେ ଆକ୍ରାନ୍ତ ହୋଇ ବାପା ଓ ବୋଉ ଦୁହେଁ ଆଗ ପଛ ହୋଇ ଚାଲିଗଲେ, ରହିଗଲୁ ସାନ ଭାଇ ଓ ମୁଁ।"

"ତମର ପରିଶ୍ରମ ଓ ସଚ୍ଚୋଟପଣିଆ ଯୋଗୁଁ ସବୁ ସମ୍ଭବ ହେଇପାରିଲା।"

ରାମୁ କହିଲା "ସାର୍ ମୋର ଗୋଟିଏ ଛୋଟିଆ ଅନୁରୋଧ ରଖିବେ। ଦୁଇ ବର୍ଷ ହେବ ମୋ' ବାହାଘର ହେଇଛି ବେଟର୍ ହାପ୍ ଲିଲିମାର ଭାରି ଇଚ୍ଛା, ଏଇ ଖୁସିରେ ଆମର ଶୁଭାକାଂକ୍ଷୀମାନଙ୍କୁ ଘରକୁ ଡାକି ଏକ ଟି' ପାର୍ଟି ଦେବା ପାଇଁ। ଆପଣ ଯଦି କିଛି ନ ଭାବନ୍ତି ଆସନ୍ତାକାଲି ସଂଧ୍ୟାବେଳେ ମ୍ୟାଡାମ୍‌ଙ୍କୁ ନେଇ ଆମ ଘରକୁ ନିଶ୍ଚୟ ଆସିବେ। ସାନଭାଇକୁ ଆଶୀର୍ବାଦ କରିବେ।" ରାମୁ ଇମୋସନାଲ୍ ହେଇଯାଉଥିଲା। ଆଖିରୁ ଆନନ୍ଦାଶ୍ରୁ ବୋହି ଯାଉଥିଲା।

ନିରୋଦ ବାବୁ କହିଲେ "ଏତେ ବଡ଼ ଖୁସି କଥା, ମୁଁ ମ୍ୟାଡାମ୍‌ଙ୍କ ସହ ଆସିବି, କଥା ଦେଲି ତମକୁ।"

ସୋହମ୍ ନୀରବ ହୋଇ ସେମାନଙ୍କ କଥୋପକଥନ ଶୁଣୁଥିଲା, ସେ କହିଲା "ଅଙ୍କଲ୍ ମୋର କ'ଣ ଇଚ୍ଛା ଅଛି ଜାଣନ୍ତି? ମୁଁ ଚାହୁଁଛି ପରିବେଶ ବିଜ୍ଞାନ ବିଷୟ ନେଇ ପଢ଼ିବି, ଭବିଷ୍ୟତରେ ଗବେଷଣା କରି ଲୋକମାନଙ୍କ ମନ ଭିତରେ ପରିବେଶ ପ୍ରତି ସଚେତନତା ଭାବ ସୃଷ୍ଟି କରିବି।"

"ବହୁତ ଭଲ କଥା।"

"ହେଲେ ଅଙ୍କଲ୍ ମୋ ମମି ଓ ପାପାଙ୍କର ଲକ୍ଷ୍ୟ ମୁଁ ନିଟ୍ ପରୀକ୍ଷାରେ କେମିତି ଭଲ ନମ୍ବର ରଖି ସରକାରୀ ମେଡିକାଲ୍ କଲେଜରେ ସିଟ୍‌ଟିଏ ପାଇବି। ବୋର୍ ହେଇଗଲିଣି, ଆଉ ପାରିବିନି, ଏଥର ମୋର ସେକେଣ୍ଡ ଚାନ୍‌ସ ଥିଲା। ହେଲେ ପ୍ରଶ୍ନ ପତ୍ର ଲିକ୍ ହେବା କାରଣରୁ ଆଉ ଥରେ ପରୀକ୍ଷା ହେବ। ମୋର ଆଉ ଥରେ ଦେବାକୁ ଜମାରୁ ଇଚ୍ଛା ନାହିଁ, ହେଜିଟେସନ୍ ଆସୁଛି, ମେଣ୍ଟାଲ୍ ଡିପ୍ରେସନ୍‌ରେ ରହୁଛି, କ'ଣ କରିବି ଜାଣି ପାରୁନି?"

ନିରୋଦ ବାବୁ କହିଲେ, "ଆଚ୍ଛା ଯାହା ତୋର ଲକ୍ଷ୍ୟ ତୁ ସେଇଆ କରିବୁ।"

"ଅଙ୍କଲ୍ ଆପଣ ବହୁତ ଭଲ, ଆପଣ ଆମ ଘରକୁ ନିଶ୍ଚିତ ଆସିବେ।"

ନିରୋଦ ବାବୁ ତାକୁ ପ୍ରତିଶ୍ରୁତି ଦେଲେ, ଗୋଟିଏ ଗଳିରେ ଦୁହିଁଙ୍କ ଘର। ତାପରେ ସୋହମ୍ ତାଙ୍କ ଘରକୁ ଗଲା। ରାତି ନଅଟା ହେଇଯାଇଥିଲା। ପତ୍ନୀ ବୀଣାଙ୍କୁ ଡିନର୍ ବେଳେ ସବୁ କହିଲେ। ରାତିରେ ଭଲ ନିଦ ହେଇନଥିଲା ନିରୋଦ ବାବୁଙ୍କୁ ସୋହମ୍ କଥା ଭାବୁଥିଲେ, ଆଜିକାଲି ବାପାମାଆମାନେ ନିଜପିଲାର ଇଚ୍ଛା ଅନିଚ୍ଛାକୁ ଚିନ୍ତା ନକରି ହାଇଲି ଆମ୍ବିସିଅସ୍ ହେଉଛନ୍ତି। ତା'ର ଫଳାଫଳ ପ୍ରତିଦିନ ଦେଖିବାକୁ ପଡୁଛି। ସକାଳୁ ଟିକିଏ ନିଦ ଲାଗିଯାଇଥିଲା,ବୀଣାଙ୍କ ପାଟିରେ ଉଠି ବସିଲେ। "କ'ଣ ହେଲା ?" ବ୍ୟସ୍ତ ହେଇ ପଚାରୁ ଥିଲେ ନିରୋଦ ବାବୁ।

"ସୋହମ୍ କାଲି ରାତିରେ ଅଧିକ ସ୍ଲିପିଂ ଟାବ୍‌ଲେଟ୍ ଖାଇ ଶୋଇ ପଡ଼ିଥିଲା। ତା'ର ପାପା ଜାଣିଲା ପରେ ତାକୁ ଆମ୍ବୁଲାନ୍ସରେ ଏବେ ହସ୍‌ପିଟାଲ୍ ନେଇକି ଗଲେ।

"କୋଉ ହସ୍‌ପିଟାଲ୍?"

"ଶକ୍ତି ହସ୍‌ପିଟାଲ୍।"

ନିରୋଦ ବାବୁ ମୁହଁ ଧୋଇ ପ୍ୟାଣ୍ଟ ସାର୍ଟ ଗଳାଇ ସ୍କୁଟିରେ ଯାଇ ପହଞ୍ଚିଲେ ହସ୍‌ପିଟାଲ୍‌ରେ। ସେତେବେଳକୁ ସୋହମ୍‌ର ଚେତା ଆସି ଯାଇଥିଲା, ଡାକ୍ତରଙ୍କ ଅକ୍ଳାନ୍ତ ଚେଷ୍ଟା ଯୋଗୁଁ ବିପଦ ସମୟ ଟଳି ଯାଇଥିଲା। ସାଲାଇନ୍ ଓ ଇଞ୍ଜେକ୍ସନ୍ ଚାଲିଥାଏ। ସୋହମ୍ ଜୁଳୁଜୁଳୁ କରି ଅନାଇଲା। କଥା କହି ପାରୁନଥାଏ। ନିରୋଦ ବାବୁ ତା' ପାଖରେ ବସିଲେ ତା' ମୁଣ୍ଡ ଉପରେ ହାତ ରଖିଲେ। ଧୀର ସ୍ୱରରେ କହିଲେ "ତୋର ଯାହା ଲକ୍ଷ୍ୟ ଅଛି ତାହା ନିଶ୍ଚୟ ପୂରଣ ହେବ। ଏଥିରେ କେହି ବାଧା ଦେବେନି। ମୁଁ ତୋତେ କଥା ଦେଉଛି।"

ସୋହମ୍ ମୁହଁରେ ହସର ରେଖାଚିତ୍ର ଫୁଟି ଉଠୁଥିଲା। ଦିନସାରା ବିତି ଯାଇଥିଲା ନିରୋଦ ବାବୁ ସୋହମ୍ ପାଖରେ ଥିଲେ। ସଂଧ୍ୟା ସାତଟାରେ ମୋବାଇଲ୍‌ରେ ରାମୁର ମେସେଜ୍ "ସାର୍ ଆସନ୍ତୁ ପ୍ଲିଜ୍। ସମସ୍ତେ ଆସିଗଲେଣି। ଆପଣଙ୍କ ଅପେକ୍ଷାରେ।" ନିରୋଦ ବାବୁ ଉତ୍ତର ରଖିଲେ "ରାମୁ ତୁମେ ଆରମ୍ଭ କର ପାର୍ଟି, ମୋର ଶୁଭେଚ୍ଛା ଓ ଶୁଭକାମନା ରହିଲା, ଉଡ଼ାଣ ଜାରି ରହୁ ଦେଖା କରି ସବୁ ଘଟଣା କହିବି।"

ସୋହମ୍ କଥା କହୁଥିଲା। ପାଣି ପିଇବ ବୋଲି କହୁଥିଲା। ନିରୋଦ ବାବୁ ତା' ମୁଣ୍ଡ ଆଉଁଷି ଦେଉଥିଲେ। କହିଲେ ସୋହମ୍ "Whatever you are, be a good one"। ପାଖ ମନ୍ଦିରର ଘଣ୍ଟ ଧ୍ୱନି ଶୁଭୁଥିଲା। ତା'ର ମମି, ପାପା ଇଶ୍ୱରଙ୍କ ଉଦ୍ଦେଶ୍ୟରେ ପ୍ରଣାମ କରୁଥିଲେ...। ■

ମହାନଦୀ ବିହାର, କଟକ
ମୋ: ୯୯୩୮୪୪୦୯୪୯

## ପୁସ୍ତକ ପରିଚୟ

### କୀର୍ତ୍ତିକଥା

ଶ୍ରୁତକୀର୍ତ୍ତି ତ୍ରିପାଠୀ




ଶବ୍ଦସ୍ପର୍ଶ
ଆଇ.ଆର୍.ସି. ଭିଲେଜ୍
ନୟାପଲ୍ଲୀ, ଭୁବନେଶ୍ୱର
ପ୍ରଥମ ସଂସ୍କରଣ: ୨୦୨୫
ମୂଲ୍ୟ: ୩୫୦ ଟଙ୍କା

ସାଂପ୍ରତିକ ସମାଜର ବିଭିନ୍ନ ସମସ୍ୟା ଓ ପ୍ରସଙ୍ଗକୁ ନେଇ ପ୍ରକାଶ ପାଇଛି ଶ୍ରୁତକୀର୍ତ୍ତି ତ୍ରିପାଠୀଙ୍କ 'କୀର୍ତ୍ତିକଥା' ପୁସ୍ତକ। ଏହି ପୁସ୍ତକରେ ସଂକଳିତ 'କ୍ଷୁଧା ଓ ଖାଦ୍ୟ ଅପଚୟ', 'ମହତ୍ତ୍ୱ ହରାଉଛି ପର୍ବପର୍ବାଣି', 'ଜହର ଜାଲରେ ଯୁବପିଢ଼ି', 'ବଢୁଛି ଅସମାନତାର ଗ୍ରାଫ୍', 'ନିଜ ଅଧିକାର ପ୍ରତି ସଚେତନତା', 'ସ୍ୱାଧୀନତା ପ୍ରାପ୍ତିର ସ୍ୱପ୍ନ ଏବେ ବି ଅପୂରଣୀୟ', 'ପୁରୁଷ ଭଳି ହେବ କାହିଁକି?', 'କାହିଁକି ବଢୁଛି ବିଦ୍ୟାର୍ଥୀଙ୍କ ଆତ୍ମହତ୍ୟା?' ଆଦି ପ୍ରବନ୍ଧଗୁଡ଼ିକ ଉଚ୍ଚକୋଟୀର, ତଥ୍ୟ ଭିତ୍ତିକ ଓ ସଚେତନତାଧର୍ମୀ ହୋଇଛି। ମାନବିକତାର ଅବକ୍ଷୟ, ଲିଙ୍ଗଗତ ବୈଷମ୍ୟ, ଶିକ୍ଷା, ସ୍ୱାସ୍ଥ୍ୟ, ଖାଦ୍ୟପେୟ, ଆଧୁନିକ ଜୀବନ ଶୈଳୀ, ଭାଷା,ସାହିତ୍ୟ, ସଂସ୍କୃତି ଆଦି ପ୍ରସଙ୍ଗକୁ ଭିତ୍ତି କରି ଶ୍ରୁତକୀର୍ତ୍ତିଙ୍କ ପ୍ରବନ୍ଧଗୁଡ଼ିକ ରଚିତ। ପ୍ରତିଟି ପ୍ରବନ୍ଧରେ ରହିଛି ଏକ ସାମାଜିକ ବାର୍ତ୍ତା। ବିଭିନ୍ନ ସାମାଜିକ ପ୍ରସଙ୍ଗ, ଦୈନନ୍ଦିନ ଜୀବନର ସମସ୍ୟା ଓ ସମାଧାନକୁ ନେଇ ରଚିତ 'କୀର୍ତ୍ତିକଥା'ର ପ୍ରବନ୍ଧଗୁଡ଼ିକ ପାଠକମାନଙ୍କୁ ଭଲ ବୋଲି ଆଶା କରାଯାଏ। ■

### ଜୀବନ ସଞ୍ଜ

ଡକ୍ଟର ମାନସୀ କର



ଅପୂର୍ବା
ୟୁନିଟ୍ -୩, ଖାରବେଳ ନଗର
ଭୁବନେଶ୍ୱର-୭୫୧୦୦୧
ପ୍ରଥମ ସଂସ୍କରଣ: ୨୦୨୬
ମୂଲ୍ୟ: ୨୦୦ ଟଙ୍କା

ନିକଟରେ ପ୍ରକାଶ ପାଇଛି ଡକ୍ଟର ମାନସୀ କରଙ୍କ 'ଜୀବନ ସଞ୍ଜ' କବିତା ପୁସ୍ତକ। ଏହି ପୁସ୍ତକରେ ସଂକଳିତ 'ପିତୃତ୍ୱ', 'ହଜି ଯାଇଛି ମାଆ', 'ଗାଁ ମାଟି ମାଆ', 'ଏକାକୀତ୍ୱ', 'ଏକଲାପଣ', ' ଅବ୍ୟକ୍ତ', 'ଜୀବନ ସଞ୍ଜ', 'ଜଗନ୍ନାଥ ପ୍ରାଣ', 'ବାର୍ଦ୍ଧକ୍ୟର ବେଦନା', 'ସମର୍ପିତା ନାରୀ', 'ସ୍ମୃତିରେ ଅତୀତ', 'ବର୍ଷା', 'ଶୀତ', 'ପିତା ଈଶ୍ୱର', 'ଘର', 'ଠିକଣା', 'ମାଟିର ବାସ୍ନା', ମାଟି ମାଆର ଠିକଣା', 'ଆବେଗ', 'ବାପା' 'ଆଦି କବିତା ମନଛୁଆଁ ହୋଇଛି। 'ଜୀବନ ସଞ୍ଜ' ପୁସ୍ତକର କବିତାଗୁଡ଼ିକରେ ଜୀବନର ନାନା ଦୁଃଖ, ଯନ୍ତ୍ରଣା, ଆଶା, ନିରାଶା, ଈଶ୍ୱର ବିଶ୍ୱାସ, ପ୍ରକୃତି ପ୍ରୀତି, ମାନବୀୟ ଭାବାବେଗ, ସାମାଜିକ ବାସ୍ତବତା ଅତି ମାର୍ମିକ ଭାବେ ପ୍ରସ୍ଫୁଟିତ ହୋଇଉଠିଛି। ସେହିପରି ନାରୀ ଜୀବନର ଅନେକ ଅକୁହା କଥା, ବ୍ୟଥା ଓ ଆବେଗ କେତେକ କବିତାରେ ହୃଦୟସ୍ପର୍ଶୀ ଭାବେ ପ୍ରତିଫଳିତ ହୋଇଛି। କବିତାଗୁଡ଼ିକର ଛଳ ଛଳ ଭାବ, ସରଳ ଓ ବୋଧଗମ୍ୟ ଭାଷା, ଉପସ୍ଥାପନା ଶୈଳୀ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ। ■

## ପୁଅ ଫେରିଚି

ପ୍ରେମାନନ୍ଦ ଖଣ୍ଡୁଆଳ



କିଛି ପଚାରନି ପୁଅକୁ
ଧାନଉଁଷା ହାଣ୍ଡି ପରି ଏଡ଼େ ମୁହଁକରି
ବସିଥାଉ ବାରିପିଣ୍ଡାରେ
ଯା ଯେଝା କାମରେ ଯିଏ।

କିଏ କହୁଥିଲାକି ହରିଣ ଧରିବାକୁ
ଧାଁ ବଡ଼ ଖରା
ନିଦ ଖର୍ଚ୍ଚ କରି ଗଢ଼ ଇନ୍ଦ୍ରପୁରୀକୁ ରାସ୍ତା
ଡେଇଁ ଛିଣ୍ଡେଇ ଅଣ୍ଟି ଭର୍ତ୍ତି କର
ଆକାଶ କଇଁଆ!
ଏବେ କହିବୁ ଭାଗ୍ୟ ଦୋଷ
କାହିଁକି କଷ୍ଟ ଦଉଚ ଜଗନ୍ନାଥ
ଗଲା ଜନ୍ମରେ ବାପ, ମା'ଙ୍କ ନାଇଁ କର୍ମଫଳ
ଏ ଜନ୍ମରେ ଜୀବନ ଯାବତ ଜଞ୍ଜାଳ।

ଏବେ ମନକୁ ବୁଝା ବୁଝା ନୁର ବୋଉ
ବାରଣା ପଛକେ ଚାରଣା ହଉ
ପୁଅ ତ ଫେରିଚି ଘରକୁ,
ବିଲ୍ ପଇସା ନପାଇ ବିଜୁଳି କାଟିଚି
ଇଲେକ୍ଟ୍ରି ବାଲା କାଟୁ
ଛ' ମାସ ହେଲା ରାସନ କାର୍ଡ
ବନ୍ଧା ପଡ଼ିଚି ରତନା ଗୁଡ଼ିଆ ଘରେ ପଡ଼ିଥାଉ
ଦଶଥର ଦୁଆରକୁ ଆସି
ଧାର୍ ଟଙ୍କା ମାଗିଲାଣି ବିଶିଆ ରାଉତ

କୋଉ ଗୁଣିଆ ଫୁଙ୍କାରେ
ଗାଈ ଦୁଧ ବଦଳରେ ଦଉଚି ନହୁ
ମାଈ ବାଛୁରୀଟା ଝଡ଼ି ହେଲାଣି କଣ୍ଟା,
କବାଟକୁ ଆଉଜି ବସିଚି ପାଚିଲା ତାଳ
ବାପା ଗଲାଦିନରୁ ଆମ ମୁଣ୍ଡରେ ପାହାଡ଼।

ଯା' ନୁର ଉଠ୍
ଭଲ ବୋଲି ଯା' ସାଙ୍ଗରେ ଗଲୁ ସୁରଟ
ସିଏ ନିଗାଡ଼ି ପିଇଲା ତୋ ଝାଳ
ଛାଡ଼ ଛାଡ଼,
ଏବେ ହିଡ଼କୁ ଛୁଇଁ ନାଚୁଛି ପାଣି
ହାଣ୍ଡି ଫଟେଇ ସପ୍ନ ମାରିବ ଗଜା
କମରରେ ଗାମୁଛା କଷିଲେ
ଲାଉ ହେବେ ଲକ୍ଷ୍ମୀ ସା'ନ୍ତାଣୀ
ବାଦଲ ଫାଙ୍କରୁ ତୋ ଆଡ଼େ
କଣେଇ ଚାହିଁଲାଣି ସୂର୍ଯ୍ୟ ଦେବତା। ■

ବାର୍ହାପୁର, ରାଜନଗର, କେନ୍ଦ୍ରାପଡ଼ା
ମୋ: ୯୩୩୭୩୧୩୭୬୫

## ମୁଁ ଡେରି କରେନା

ଅୟସ୍କାନ୍ତ



ମୁଁ ଡେରି କରେନା
ଡେରି ହୋଇଯାଏ
ମୋତେ ସତେ ରୋକେ କିଏ?
କମା, ଆଶ୍ଚର୍ଯ୍ୟଜନକ ଚିହ୍ନ କିଏ?
ମୁଁ ଯେ ଘାୟଲ କମା
କି ପଙ୍ଗୁ ପୂର୍ଣ୍ଣଚ୍ଛେଦକୁ ଡରେନା
ସ୍ୱୟଂ ସମ୍ପୂର୍ଣ୍ଣ ବାକ୍ୟ ହେବାକୁ
ଚେଷ୍ଟା କରୁଥାଏ
ସମୟର ତାଳ ମାନ ଲୟ ସହ
ତାଳ ମିଳେଇବାକୁ ମୋର ସାମର୍ଥ୍ୟ କାହିଁ!
ତମେ ବ୍ୟସ୍ତ
ଅନ୍ୟମାନେ ବି
ହେଲେ ମୋ ପାଇଁ ଅପେକ୍ଷା କରନା
ମୁଁ ନିଶ୍ଚିତ ପହଞ୍ଚିଯିବି
କେହି ହୁଏତ ନଥିବେ
କୁଆ କୋଇଲି କେହିବି
ତଥାପି ପହଞ୍ଚିବି
ତମେ ଦୋଷ ଦବନି ମୋତେ
ଏମିତି ହିଁ ହୁଏ
ମୁଁ ଡେରି କରେନା ମ'
ଡେରି ହୋଇଯାଏ

ମୋତେ ଛକିଥିବ ଡୁଙ୍ଗଡୁଙ୍ଗ ଗୁଣ୍ଡୁଚି
କୁନି କଉଡୁକିଆ ବାଛୁରୀ
ଆମ୍ବଗଛରୁ ଖଡେଇ ହେଉଥିବା
ପୋଡ଼ା ମୁହାଁ ହନୁ
ହଠାତ୍ ସାଇକେଲରୁ ଖସି ପଡ଼ିଥିବା
କୁନି ପିଲା
ହଁ ସେ ସବୁ ଛାଡ଼ି ଯିବି କେମିତି
ଏଣେ ଖରା ସହ ତାଳଦେଇ
ଧାଇଁ ପାରୁନି ମେଘର ଛାଇ
ବରଗଛ ତଳେ ବିଶ୍ରାମ କରୁଛି
ଅନେକ ଜୀବର ହାଇ
ମୁଁ କେମିତି ଯିବି ଏ ସବୁ ଏଡ଼େଇଯାଇ
ମୋ ଛାଇ ସହ ଏ ସବୁ ବିଷୟରେ
ଆଳାପ ଚାଲୁଥାଏ
ମୁଁ ଡେରି କରେନା, ଡେରି ହୋଇଯାଏ

ଆସ୍ତେ ଚାଲେ
ପାଦ ତଳେ ମକଚି ହୁଏ କଣ୍ଟା ଝଟା
ଫୁଲ ପାଖୁଡ଼ା ପ୍ରଜାପତି ପର
କିଛି ଫିକା ପଡ଼ିଥିବା ଦସ୍ତଖତ
ଏ ସବୁ ଥରେ ନିରେଖି ନିଏ

ତମେ ଭାବନା ମୁଁ ଭୁଲିଗଲି
ନା ଭୁଲିବି କେମିତି
ଜୀବନର ଶ୍ରେଷ୍ଠ ଭୁଲ୍‌କୁ
ଭଲ ପାଇବାର ଭୁଲ୍
ଯୁଗ ଯୁଗ ପାଇଁ ମଣିଷ ଏ
ଭୁଲ୍ କରେ ଓ କରୁଥାଏ
ବିଶ୍ୱାସ କର
ମୁଁ ଡେରି କରେନା ମ'
ଡେରି ହୋଇଯାଏ! ■

ମୋ: ୮୭୬୩୩୯୩୧୧୬

ମୁଁ କାହିଁକି ଲେଖେ

# "ତରଙ୍ଗାୟିତ ଜୀବନର ପରିଣତି ମୋ କବିତାର କାନ୍‌ଭାସ୍"



ସୁଶାନ୍ତ କୁମାର ନାୟକ

ଅନେକ ପ୍ରଶ୍ନର ଉତ୍ତର ଅମୀମାଂସିତ। ଜୀବନ ପାଇଁ ଜୀବନର ପ୍ରଶ୍ନ ଯେତିକି ଦୁରୂହ, ପ୍ରେମ ପାଇଁ ପ୍ରେମର ପ୍ରଶ୍ନ ସେତିକି ଗୋଲକଧନ୍ଦାର ବିଷୟ। କାହିଁକି ନିଦାଘରେ କୃଷ୍ଣଚୂଡ଼ା ଫୁଟେ, ଗହୀର ମଝିରେ ଏକଲା ତାଳଗଛରେ କାହିଁକି ବାଇ ଚଢ଼େଇ ତା' ବସାରେ ଦୋଳି ଖେଳେ, ବଣ ପାରିହେଲେ ବେଣାପାଟ ସେପାଖେ କାହିଁକି ସବୁଜିମା ଦେଖାଯାଏ, ନିରନ୍ତର ଚଞ୍ଚଳ ଗତିରେ ତଟିନୀ ସମୁଦ୍ରକୁ ଛୁଇଁବାକୁ ପ୍ରୟାସ କରେ, କାହିଁକି ଫୁଲଟି ବୃନ୍ତରୁ ଝଡ଼ି ମାଟିରେ ମିଶିଯାଏ, କାହିଁକି ମେଘକୋଳରେ ବିଜୁଳିର ସ୍ଫୁରଣ ହୁଏ, କାହିଁକି ଶୂନ୍ୟ ପାଇଁ ପୂର୍ଣ୍ଣଟିଏ ଝୁରିହୁଏ, ବିଦେଶରେ ରହିଥିବା ପୁଅ ପାଇଁ ମାଆଟିଏ କାହିଁକି ଘାରିହୁଏ; ଏହି ଘାରିହେବା ଏବଂ ଘୂରିବା ମୋ ଭିତରେ ଆନ୍ଦୋଳିତ ସୃଜନ ଶକ୍ତିର ଆଧାର।

ବିଧବା ଆଖିର ଲୁହରେ ମୁଁ ଦେଖେ ସାତ ଦରିଆର କୋହ, ଅନୁଢ଼ା କିଶୋରୀର ମୁହଁରେ ମୁଁ ଦେଖେ ଭସା ମେଘରେ ଲୁଚକାଳି ଖେଳୁଥିବା ଜହ୍ନକୁ, 'ନାଆ ବାହି ସେ ପାଖକୁ ବଜାରି ନେଇ ଯାଉଥିବା ଡଙ୍ଗାକୁ ମୁଁ ପଚାରେ ସମୁଦ୍ରର ଠିକଣା। ମାଛ କାତିଆ ଆକାଶ ତଳେ ଲୁଚକାଳି ଖେଳୁଥିବା ପବନକୁ ମୁଁ ପଚାରେ ଖଣ୍ଡିଉଡ଼ା ପକ୍ଷୀର ଠିକଣା। ବାଟବଣା ବାଟୋଇର ଆଖିରେ ମୁଁ ଦେଖେ ନିଦାଘର ମରୀଚିକା। ଗାଁ ମଝି ମନ୍ଦିରରେ ଯେତେବେଳେ ଘଣ୍ଟଘଣ୍ଟା ଆଳତିର ଶବ୍ଦ ଶୁଭେ, ସେତେବେଳେ ମନେପଡ଼େ ବୋଉ। କ୍ଷେତରୁ ଫସଲ ଉଠିଲା ଦିନ ପେଟେ ଖାଇ ଘରକୁ ଫେରିଲା ପରେ ମନେ ପଡ଼ନ୍ତି ବାପା। କାର୍ତ୍ତିକର କାକର ଭିଜା ସକାଳେ ମୁରୁଜ ପକାରେ ମନେ ପଡ଼େ ବୁଢ଼ୀମାଆ। ଭୋକର ଭୂଗୋଳ ଭିତରେ ଲୁଚକାଳି ଖେଳିବା ଭିତରେ ଯୌବନର ଯବକାଚରେ ନିଜକୁ ଦେଖିଲାବେଳେ କେହିଜଣେ ପଛରୁ ଆସି ମୁଦିଦିଏ ଆଖି। ସେତେବେଳେ ମନେପଡ଼େ ପ୍ରେମିକା।

କାଉ କୋଇଲିର ଶବ୍ଦରେ ରାତି ନିଦ ଭାଙ୍ଗେ, ଆଖି ମଳିମଳି ଉଠିଲାବେଳକୁ ଜୀବନ ମତେ ଅଲେଖା କାଗଜ ଖଣ୍ଡେ ଧରାଇ ଦିଏ; ସେଥିରେ ବଣି, ବାଣୁଆ ଆଉ ବାଣର ଚିତ୍ର ଆଙ୍କେ। ଚିତ୍ର ଆଙ୍କିଲା ବେଳେ ମୁଁ ମୋତେ ଭୁଲିଯାଏ। ସେଇଠୁ ଆରମ୍ଭ ହୁଏ ମୋର କବିତା। ସେ ମୋର କଳ୍ପନାର ଚିତା।

ବୁଦୁବୁଦୁକିଆ ପତ୍ର ଗହଳରେ ମଳା ମଲ୍ଲିଫୁଲକୁ ଦେଖି ମୁଁ ହୁଏ ଆତ୍ମବିଭୋର। ଖରାବେଳେ ଗଛଛାଇରେ ଧକଉଥିବା କୁକୁର ମୁହଁକୁ ଦେଖି ମୁଁ ଯେତିକି ବିଷଣ୍ଣ, ଅଚିହ୍ନା ଯୋଗୀର କେନ୍ଦରାରେ ମୁଁ ସେତିକି ଆଚ୍ଛନ୍ନ। ସୃଜନର ନଈଟିଏ ଅନବରତ ବୋହି ଚାଲିଥାଏ। ମୋ ଭିତରେ ତା'ର ଖିଅ ଖୋଜିଲା ବେଳକୁ ମୁଁ ଭୁଲିଯାଏ ମୋର ପରିଚୟ ଓ ମୋର ପରିବାର। ବେଳେବେଳେ ଭୁଲ୍ ଠିକଣାରେ ଚିଠିଟିଏ ଉପଯୁକ୍ତ ପ୍ରାପକକୁ ନ ପାଇ ଯେମିତି ଫେରିଆସେ ପ୍ରେରକ ପାଖକୁ, ଠିକ୍ ସେହିପରି ମୋ ଠିକଣା ଖୋଜିଖୋଜି ବାଟବଣା ହୋଇ ଫେରିଆସେ ଅଚିହ୍ନା ଯାଗାକୁ। ପ୍ରିୟ ପରିଜନ, ଆତ୍ମୀୟସ୍ୱଜନ ସବୁବେଳେ ଅଭିନୟ ପରିଧି ଭିତରେ ବ୍ୟସ୍ତ ଓ ବିବ୍ରତ। ବୃତ୍ତ ଭିତରେ ବିନ୍ଦୁର ଠିକଣା ପରି ମୁଁ ନିଜକୁ ବାରମ୍ବାର ଆବିଷ୍କାର କରେ- ମୁଁ କିଏ? କେଉଁଠି ମୋର ଘର? ଆଉ ଯିବାକୁ ଅଛି କେତେ ଦୂର? ମାଟିର ମଲାଟ ଉପରେ ମଳିଚିଆ ହାତକୁ ଦେଖିଲେ ଖାଙ୍କଡ଼ା ପେଟର କଥା ମନେପଡ଼େ। ଭାତ ପାଇଁ ଭାଇର ବେକରେ ଭଗାରି ଛୁରୀ ମାରିଲାବେଳେ ହାଡ଼ର ହିଡ଼ ଉପରେ ଠିଆ ହୋଇ ଭାଇଭାଗର ଭାଗ ବଣ୍ଟନ ବେଳେ ମୋ ଲେଖନୀ ଅଟକିଯାଏ। ଆଖିରେ ଆସେ ଲୁହ, ମୁଁ ଲେଖେ କବିତା।

ଶୁଖି ଯାଇଥିବା ନଈରେ ତରଙ୍ଗ, ଫୁଟା ଡଙ୍ଗାର ମଙ୍ଗ, ଅନ୍ଧ ନାଉରୀର କାତ, ବେଣାପାଟର କଣ୍ଢେଇକୋଳି, ସୋରିଷ କ୍ଷେତରେ ସୁନାର ଫସଲ, ନିରବତା ଭିତରେ ହଜିଯାଇଥିବା ଗାଈଆଳର ଗୀତ, ସଦ୍ୟ ବିଧବା କପାଳରେ ଲେଖାଯାଇଥିବା ନିୟତି, ଦୃଶ୍ୟଅଦୃଶ୍ୟ ଭିତରେ ତରଙ୍ଗାୟିତ ଜୀବନର ପରିଣତି ମୋ କବିତାର କାନ୍‌ଭାସ୍। ଶିଉଳି ଲଗା ପଥରରେ ଅଚିହ୍ନା ନାରୀ ପାଦର ପାହୁଡ଼, ଅବାଟରେ ପଡ଼ିଚି ଅଚିହ୍ନା ଶବର ହାଡ଼, ଗାଆଁ ଶେଷ ମଶାଣିରେ କୁଢ଼କୁଢ଼ ମଢ଼, ଆସ ଶୀଘ୍ର ଯିବା ପଡ଼ିଯିବ ମନ୍ଦିର ପହଡ଼, ଭଙ୍ଗା ଦେଉଳର ଦିଅଁ, ଅକ୍ଷର ଅରଣ୍ୟ ଭିତରେ ଲୁଚିଥିବା କବିତାର ଧାଡ଼ିଟିଏ, ତାକୁ ଆବିଷ୍କାର କଲାବେଳକୁ ଦିନସବୁ ସରିଯାଏ।

ସାଧବବୋହୂକୁ ଦିନେ ପଚାରିଲି- ମାଟିର ରଙ୍ଗରେ ଏତେ ରଙ୍ଗାୟିତ କାହିଁକି? ନିରବରେ ଉତ୍ତର ଦେଲା- ଅଦୃଶ୍ୟ ଯେମିତି ମତେ ସଜେଇଲା ସେମିତି ମୁଁ ମାଟିର କୋଳରେ ଉଭା ହେଲି। ଆକଟର ଫାଟକ ପାଖରେ ଠିଆ ହେଇଥିବା ମଣିଷଟି ପରିଧି ବାହାରକୁ ଯାଇପାରେନା, ଯିବାକୁ ଚେଷ୍ଟା କଲେବି ଅଦୃଶ୍ୟ ବନ୍ଧନରେ ବାନ୍ଧି ହୋଇଯାଏ। ପ୍ରତ୍ୟେକ ବ୍ୟକ୍ତି ଅଦୃଶ୍ୟ ବନ୍ଧନରେ ବନ୍ଧା। ମନମୁକ୍ତ ଆକାଶର ବିହଙ୍ଗର ଦେହ, ଗୋଟିଏ ଜାଗାରେ ଥିଲାବେଳେ ମନ ଆଉ ଗୋଟିଏ ଜାଗାରେ ଥାଏ। ମନର ମାନସିକତା ଓ ଦେହର ଦୈହିକତା ଏକାକଥା ନୁହେଁ। ମନକୁ ଜାଳେ ମାନସୀ। ମାନସୀର ପେଡ଼ିରେ ପୂଜା ପାଉଥିବା ମଇନା ଦିନେ ପେଡ଼ି ଭାଙ୍ଗି ଅଜାଣତରେ ଚାଲିଯିବ, ଏକଥା ମନର ମାନସୀ ଜାଣେନା, ବିଶ୍ୱାସ ଥାଏ ନିଃଶ୍ୱାସ ନଥାଏ। ନିଆଁର ନଈ ଭିତରେ ନାବିକ ନାଆ ଧରି ଚାଲିଥାଏ। କେଉଁଠି କାହାକୁ ଭେଟିବ ସେ ଜାଣେନା। ହେଣ୍ଟାଳ ବନରେ ବାଘ, ଅଗାଧ ଜଳରେ କୁମ୍ଭୀର, ପରିବେଶ ଭୟଙ୍କର, ତଥାପି କାବ୍ୟନାୟକକୁ ବାହିବାକୁ ହେବ ନାଆ। ନାଆ ଟଳମଳ, ଅଗାଧ ଜଳ। ଜଣାପଡୁ ନାହିଁ ଥଳକୁଳ। ସେ ପାଖରେ ଘର, ଏ ପାଖରେ ମନ୍ଦିର, ମଝିରେ ଶ୍ମଶାନ ସୁନ୍ଦର। ମଶାଣି ଫେରା ମଣିଷମାନଙ୍କୁ ପଚାର ଜୀବନ ଜୀଇଁବାର ଉତ୍ତର।

ଶବ୍ଦ ଖେଳର ସବୁଜ ସନ୍ନ୍ୟାସୀଟି ମୁଁ। ଭାବକୁ ନେଇ ଶବ୍ଦ ଖୋଜୁଖୋଜୁ ଭୋକକୁ ଭୋକରେ ମାରି ଲୁହ ବତୁରା ଆକାଶରେ ମୁଁ ଶ୍ରାବଣକୁ ଦେଖେ। କେଉଁଠି ଚିଲ, କେଉଁଠି ଛଞ୍ଚାଣ ସବୁକଥା ଭୁଲିଯାଏ। ନିରିହ ଚାତକର ଶୋଷକଥା ମନେପଡ଼େ। କବିତା ଲେଖିବସେ। ସେ ଆସିଲାବେଳେ ମୋ ଭିତରେ ମୁଁ ନଥାଏ। ଆକାଶକୁ ପାଦଟେକି ବାଉଳା ପବନରେ ଗୀତ ବୋଲୁଥାଏ। ଘୂର୍ଣ୍ଣିଟିଏ ଝଡ଼ର ରୂପନେଲା ପରି ଭାବଟିଏ କବିତାରେ ରୂପନିଏ। କବିତା ମୋ ପ୍ରେୟସୀ, କବିତା ମୋ ମାନସୀ। ଯାହା ପାଇଁ ମୁଁ ଭୁଲିଯାଏ, ଦିନରାତି ଦୁଃଖରାଶି। ସେ ମୋ ହାତରେ ଧରେଇଦିଏ ବଂଶୀ, ବଂଶୀରେ ଧୂନ୍ ଦେଲାବେଳକୁ ସେ ନ ଥାଏ ମୋ ପାଖରେ। ମୁଁ ସତର୍କ ହେଲାବେଳକୁ କେହି ଜଣେ ଆସିଥିଲା, ବଂଶୀଟିଏ ନେଇଗଲା ମୁଁ ଜାଣେନା- ସେ ନ ଜାଣିବା ସୂତ୍ରଟି ମୋର କବିତା।

ତାରା ଭର୍ତ୍ତି ଆକାଶ ଭିତରେ ସଞ୍ଜୁଆ ତାରାକୁ ଖୋଜିବାକୁ ଚେଷ୍ଟା କରେ। ସଞ୍ଜୁଆ ତାରାଟି ଗୋଠ ବାହୁଡ଼ା ଗାଈ ପଛେପଛେ ଆସିଥାଏ। ଗାଈ ଖୁରାରୁ ଛିଟିକି ପଡ଼ିଥିବା ଧୂଳିରେ ମୋ ପୃଥିବୀକୁ ମୁଁ ଆବିଷ୍କାର କରେ। ଘାସଫୁଲର ଲୁହ ଭିତରେ ଅଗଣିତ ଜନତାର ଦୁଃଖକୁ ମୁଁ ଚିହ୍ନେ, ରଫ୍‌ଖାତାରେ ଲୁଚିଯାଇଥିବା ପେନ୍‌ସିଲ୍‌ର ଗାର ମୋର ଅତୀତ। ଭଙ୍ଗାକାଚ ବିଛା ରାସ୍ତାରେ ଚାଲୁଥିବା ଜୀବନ ବର୍ତ୍ତମାନ। ପରିତ୍ୟକ୍ତ କୂଅର ଅନ୍ଧାର ପରି ମୋର ଭବିଷ୍ୟତ। ଯୁଦ୍ଧର ଘନଘଟା ବିଭୀଷିକା ଭିତରେ ଛିଣ୍ଡା ଦଉଡ଼ିରେ ଦୋଳି ଖେଳୁଥିବା ଜୀବନ, ଶୂନ୍‌ଶାନ ମଶାଣିରେ ଜଳୁଥିବା ଜୁଇକୁ ପଚାରେ ଜୀବନ କ'ଣ ସୁନ୍ଦର? ସବୁବେଳେ ପଢ଼ିପାରେନା ମୋ ନିଜ ହାତଲେଖା ଅକ୍ଷର। କବିତାରେ ସମୟର ସ୍ୱାକ୍ଷର।

ନିରବଚ୍ଛିନ୍ନ ଅବସୋସ ମୋର ଭାବକୁ ଶବ୍ଦରେ ପ୍ରକାଶ କରେ। ଶବ୍ଦ ସବୁ ହୋଇଯାଏ ଅଦୃଶ୍ୟ ଈଶ୍ୱରୀ। ଦେହ ଭୁଲିଯାଏ ପାଟ ପୀତାମ୍ବରୀ। ଲେଖନୀ ହୃଦୟରେ ସଂଚାର କରେ ଚେତାବନୀ। ମୋର ଧମନୀରେ ସ୍ପନ୍ଦିତ ହୁଏ ସୃଜନର ସଞ୍ଜୀବନୀ। ■

ପଞ୍ଚବଟୀ ନଗର, ୨ୟ ଲେନ୍
ରାୟଗଡ଼-୭୬୫୦୦୧
ମୋ: ୭୬୦୮୦୨୫୬୧୬

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ଆଜି ୯ ଜିଲ୍ଲାରେ...

ସୋନପୁରରେ ୫୨ ମିଲିମିଟର, ଭଦ୍ରକରେ ୪୦.୨ ମିଲିମିଟର ବର୍ଷା ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତାକାଲି ଅର୍ଥାତ୍ ରବିବାର ବରଗଡ଼, ସମ୍ବଲପୁର ଓ ନୂଆପଡ଼ାରେ ପ୍ରବଳରୁ ଅତିପ୍ରବଳ ସ୍ଥଳବିଶେଷରେ ମାତ୍ରାଧିକ ପ୍ରବଳ ବର୍ଷା ହେବ। ସେଥିପାଇଁ ସଂପୃକ୍ତ ଜିଲ୍ଲାଗୁଡ଼ିକୁ ରେଡ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ସୁନ୍ଦରଗଡ଼, ଝାରସୁଗୁଡ଼ା, ଦେବଗଡ଼, ସୋନପୁର, ବଲାଙ୍ଗୀର, କଳାହାଣ୍ଡିରେ ପ୍ରବଳରୁ ଅତିପ୍ରବଳ ବର୍ଷା ସମ୍ଭାବନା ରହିଥିବା ବେଳେ ଏହି ଜିଲ୍ଲାଗୁଡ଼ିକୁ ଅରେଞ୍ଜ ୱାର୍ଣ୍ଣିଂ ଜାରି କରାଯାଇଛି। ଏତଦବ୍ୟତୀତ ବାଲେଶ୍ୱର, ଅନୁଗୋଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ବୌଦ୍ଧ, କନ୍ଧମାଳ, ନବରଙ୍ଗପୁର, ରାୟଗଡ଼ା, କୋରାପୁଟ ଓ ମାଲକାନଗିରିରେ ପ୍ରବଳ ବର୍ଷା ସମ୍ଭାବନା ଥିବାବେଳେ ଉପରୋକ୍ତ ଜିଲ୍ଲାଗୁଡ଼ିକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

ବର୍ଷାର ପ୍ରଭାବରୁ ବିଭିନ୍ନ ନଦୀଗୁଡ଼ିକରେ ଜଳସ୍ତର ସାମାନ୍ୟ ବୃଦ୍ଧି ପାଇଥିବା ବେଳେ ପାଣିପାଗ ବିଜ୍ଞାନୀମାନେ ସ୍ଥିତି ପ୍ରତି ଦୃଷ୍ଟି ରଖିଛନ୍ତି। ପାଣିପାଗ ବିଜ୍ଞାନୀ ଡ. ଉମାଶଙ୍କର ଦାସଙ୍କ ଅନୁଯାୟୀ ଗତ ୪ ଦିନର ବର୍ଷା ଫଳରେ ରାଜ୍ୟରେ ନିଅଣ୍ଟିଆ ବର୍ଷାର ୨୯ ପ୍ରତିଶତ ପୂରଣ ହୋଇଛି। ଗତ ଜୁନ ୧ ତାରିଖରୁ ୩୦ ତାରିଖ ମଧ୍ୟରେ ରାଜ୍ୟରେ ମୋଟ ୧୧୦.୩ ମିଲିମିଟର ବର୍ଷା ହୋଇଥିବା ବେଳେ ଏହା ସ୍ୱାଭାବିକଠାରୁ ୪୭ ପ୍ରତିଶତ କମ୍ ଅଟେ।

## ମୁକାବିଲା ପାଇଁ...

ସମ୍ଭାବନା ରହିଛି। ଗତ ୨୪ ଘଣ୍ଟାରେ ଅର୍ଥାତ୍ ଜୁଲାଇ ୪ ତାରିଖ ସକାଳ ୮ଟା ୩୦ ସୁଦ୍ଧା ରାଜ୍ୟରେ ହାରାହାରି ୨୪.୮ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। ବରଗଡ଼ ଜିଲ୍ଲାର ସୋହେଲା ବ୍ଲକରେ ସର୍ବାଧିକ ୨୦୨ ମିଲିମିଟର ବର୍ଷା ହୋଇଛି। ରାଜ୍ୟର ୬ଟି ବ୍ଲକରେ ୧୦୦ ମିଲିମିଟରରୁ ଅଧିକ ଏବଂ ୩୮ଟି ବ୍ଲକ ସହ ୩ଟି ସହରାଞ୍ଚଳର ୪ଟି କେନ୍ଦ୍ରରେ ୫୦ରୁ ୧୦୦ ମିଲିମିଟର ମଧ୍ୟରେ ବର୍ଷା ରେକର୍ଡ ହୋଇଛି। ଜୁଲାଇ ୧ରୁ ୪ ତାରିଖ ମଧ୍ୟରେ ରାଜ୍ୟରେ ମୋଟ ୯୪.୨ ମିଲିମିଟର ବର୍ଷା ରେକର୍ଡ ହୋଇଥିବାବେଳେ ଏହା ସ୍ୱାଭାବିକ ହାର ୪୩.୭ ମିଲିମିଟର ତୁଳନାରେ ୧୧୫.୮ ପ୍ରତିଶତ ଅଧିକ ରହିଛି। ରାଜ୍ୟର ସମସ୍ତ ପ୍ରମୁଖ ନଦୀ ବର୍ତ୍ତମାନ ସତର୍କ ସ୍ତରରୁ ତଳେ ପ୍ରବାହିତ ହେଉଛନ୍ତି ଏବଂ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇନାହିଁ। ରେଡ୍, ଅରେଞ୍ଜ ଏବଂ ୟେଲୋ ୱାର୍ଣ୍ଣିଂ ଜାରି ହୋଇଥିବା ସମସ୍ତ ଜିଲ୍ଲାରେ ସମ୍ଭାବ୍ୟ ପରିସ୍ଥିତିର ମୁକାବିଲା ପାଇଁ ପ୍ରଶାସନିକ ବ୍ୟବସ୍ଥାକୁ ସମ୍ପୂର୍ଣ୍ଣ ସଜାଗ ରଖିବାକୁ ରାଜ୍ୟ ସରକାର ନିର୍ଦ୍ଦେଶ ଦେଇଛନ୍ତି। ସ୍ଥାନୀୟ ଭାବେ ଜଳବନ୍ଦୀ, ତଳିଆ ଅଞ୍ଚଳରେ ଜଳଜମା, ସହରାଞ୍ଚଳର ଅଣ୍ଡରପାସ୍ ବନ୍ଦ, କଚ୍ଚା ରାସ୍ତା ଓ ଦୁର୍ବଳ ସଂରଚନାର କ୍ଷୟକ୍ଷତି, ଫସଲର ସମ୍ଭାବ୍ୟ କ୍ଷତିକୁ ଦୃଷ୍ଟିରେ ରଖି ଆବଶ୍ୟକ ପ୍ରତିଷେଧକ ପଦକ୍ଷେପ ଗ୍ରହଣ କରିବାକୁ ଜିଲ୍ଲା ପ୍ରଶାସନକୁ କୁହାଯାଇଛି। ସେହିପରି ବଜ୍ରପାତ ସମୟରେ ସୁରକ୍ଷିତ ସ୍ଥାନରେ ରହିବା, ପାଣିପାଗ ସମ୍ବନ୍ଧୀୟ ସରକାରୀ ସୂଚନା ଉପରେ ନଜର ରଖିବା ଏବଂ ସମସ୍ତ ପରାମର୍ଶକୁ ପାଳନ କରିବା ପାଇଁ ଲୋକମାନଙ୍କୁ ଅନୁରୋଧ କରାଯାଇଛି। ଜୁଲାଇ ୪ରୁ ୭ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ଏବଂ ସମୁଦ୍ର ମଧ୍ୟକୁ ମତ୍ସ୍ୟଜୀବୀମାନଙ୍କୁ ମାଛ ଧରିବା ପାଇଁ ନଯିବାକୁ ପରାମର୍ଶ ଦିଆଯାଇଛି। ଷ୍ଟେଟ୍ ଇମର୍ଜେନ୍ସି ଅପରେସନ୍ ସେଣ୍ଟର୍ ସମସ୍ତ ଜିଲ୍ଲା ପ୍ରଶାସନ ଓ ସମ୍ପୃକ୍ତ ବିଭାଗ ସହ ସମନ୍ୱୟ ରକ୍ଷା କରି ପରିସ୍ଥିତି ଉପରେ ସତତ ନଜର ରଖିଛି। ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ସାମଗ୍ରିକ ପରିସ୍ଥିତି ସ୍ୱାଭାବିକ ରହିଛି ଏବଂ ଯେକୌଣସି ଜରୁରୀ ପରିସ୍ଥିତିର ମୁକାବିଲା ପାଇଁ ସରକାର ପ୍ରସ୍ତୁତ ରହିଛନ୍ତି ବୋଲି କୁହାଯାଇଛି।

## ଜୁଲାଇ ୨୦ରୁ...

ସାଂସଦଙ୍କ ଅଭାବ ରହିଛି। ସଂସଦକୁ ସରଗରମ କରିବାକୁ ଥିବା ଦ୍ୱିତୀୟ ପ୍ରସଙ୍ଗଟି ହେଉଛି ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହଙ୍କ ବିରୋଧରେ ସ୍ୱାଧିକାର ଭଙ୍ଗ ପ୍ରସ୍ତାବ। ସଂସଦରେ ସେ କହିଥିଲେ ଯେ ଅପରେସନ ସିନ୍ଦୂରରେ ଭାରତର କୌଣସି ଯବାନ ପ୍ରାଣ ହରାଇ ନାହାନ୍ତି। କିନ୍ତୁ ସରକାର ଏବେ ୬ ଯବାନ ସହିଦ ହୋଇଥିବା ସ୍ୱୀକାର କରିଛନ୍ତି। ରାଜନାଥ ସଂସଦକୁ ବିଭ୍ରାନ୍ତ କରିଥିବାରୁ ତାଙ୍କୁ ବହିଷ୍କାର କରିବା ଲାଗି ବିରୋଧୀ ଦଳ ନୋଟିସ ଦେଇଛନ୍ତି। ଏହାସହିତ ମମତାଙ୍କ ଟିଏମସି ସମେତ ବିଭିନ୍ନ ଦଳରେ ଚାଲିଥିବା ବିଭାଜନ ଓ ଦଳବଦଳ ଘଟଣାକୁ ନେଇ ମଧ୍ୟ ବିରୋଧୀ ଦଳ ସରକାରଙ୍କୁ ଟାର୍ଗେଟ କରିପାରନ୍ତି। ଏଥିପାଇଁ ସେମାନେ ସ୍ୱତନ୍ତ୍ର ରଣନୀତି ପ୍ରସ୍ତୁତ କରୁଥିବା ଜଣାପଡ଼ିଛି।

## ରାଜଧାନୀ ଡ୍ରେନ୍‌ରେ...

ସଫା ମଧ୍ୟ ହୋଇଥିଲା। ବର୍ଷା ଯୋଗୁ ଡ୍ରେନ-୪ର ସବୁ ଅଳିଆ ଘଟଣାସ୍ଥଳରେ ହିଁ ଜମିଯାଇଛି।

ଏହି ଡ୍ରେନ୍‌ରେ ୩ବର୍ଷ ହେବ ଲେକ୍ ନ୍ୟୁଟ୍ରାଲ ପ୍ରୋଜେକ୍ଟ କାମ ଚାଲିଛି। ପ୍ରକଳ୍ପ କାର୍ଯ୍ୟ ଶେଷ ହେବାର ନାମ ଧରୁନି। ସରକାର ପରିବର୍ତ୍ତନ ପରେ ରାଜନୈତିକ ଇଚ୍ଛାଶକ୍ତିର ଅଭାବ ଯୋଗୁଁ ପ୍ରକଳ୍ପ କାର୍ଯ୍ୟ ଆଗକୁ ବଢି ପାରୁନାହିଁ। ନିର୍ମାଣାଧୀନ ପ୍ରକଳ୍ପ ସ୍ଥାନରେ ପୂର୍ବରୁ ସୁରକ୍ଷାକର୍ମୀ ମୁତୟନ ହୋଇଥିଲେ। ଏହି ବିପଦସଙ୍କୁଳ ସ୍ଥାନକୁ କାହାରିକୁ ଯିବାକୁ ଅନୁମତି ଦିଆଯାଉ ନଥିଲା। ହେଲେ ଏବେ ଡ୍ରେନ୍ ମୁକୁଳା ଏବଂ ବିଶାଳ ବିପଦଜନକ ସ୍ଥାନରେ ସୁରକ୍ଷାକର୍ମୀଙ୍କ ଅଭାବ ଲୋକଙ୍କୁ ବିପଦ ମୁହଁକୁ ଠେଲି ଦେଇଛି। ତେବେ ମୁକୁଳା ଡ୍ରେନ୍‌ରେ କେତେ ମୁଣ୍ଡ ଗଲେ ପ୍ରଶାସନ ଏବଂ ସରକାର ଚେତିବେ ବୋଲି ପ୍ରଶ୍ନ କରାଯାଇଛି।

## ବାପାପୁଅ ମୃତ...

ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି। ଅଟୋ ଚାଳକ ମଧ୍ୟ ଗୁରୁତର ଆହତ ହୋଇଛନ୍ତି। ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିବାବେଳେ ଟ୍ରକ୍‌କୁ ଜବତ କରି ଦୁର୍ଘଟଣାର କାରଣ ନେଇ ତଦନ୍ତ ଆରମ୍ଭ କରିଛି।

## ଥାନା କ୍ୱାର୍ଟର୍ସରେ...

ତଥ୍ୟ ପ୍ରମାଣ ସଂଗ୍ରହ କରାଯାଇଛି। ଗତ କିଛି ମାସ ତଳେ ଇନ୍ସପେକ୍ଟର ବିଉଟି ମହାନ୍ତି ଚାଉଳିଆଗଞ୍ଜ ଥାନାରେ ଦାୟିତ୍ୱ ନେଇଥିଲେ। ଏହା ପୂର୍ବରୁ ସେ କଟକ ମହିଳା ଥାନା, ଭୁବନେଶ୍ୱର ପାହାଳ ଥାନା, କଟକ ମର୍କତନଗର ଥାନାରେ ଇନ୍ସପେକ୍ଟର ଭାବେ ଦାୟିତ୍ୱ ତୁଲାଇଥିଲେ। ତାଙ୍କର ଗୋଟିଏ ପୁଅ ଅଛି। କଟକ ସଦର ଥାନା ଅଞ୍ଚଳରେ ଥିବା ବାପ ଘରେ ନିକଟରେ ସେ ପୁଅର ଜନ୍ମଦିନ ପାଳନ କରିଥିଲେ। ବେସରକାରୀ କ୍ଷେତ୍ରରେ କାର୍ଯ୍ୟ କରୁଥିବା ଶ୍ରୀମତୀ ମହାନ୍ତିଙ୍କ ସ୍ୱାମୀ ମୁମ୍ବଇରେ ରହନ୍ତି। ତେବେ ଆତ୍ମହତ୍ୟା ପଛର ସଠିକ କାରଣ ଜଣାପଡିନାହିଁ। ଇନ୍ସପେକ୍ଟର ବିଉଟି ମହାନ୍ତି ମୁଣ୍ଡ ବିନ୍ଧା ରୋଗରେ ପୀଡ଼ିତ ଥିଲେ ବୋଲି କିଛି ସହକର୍ମୀ କହିଛନ୍ତି। ପ୍ରାୟ ସମୟ ସେ ମୁଣ୍ଡ ବିନ୍ଧା ଔଷଧ ମଧ୍ୟ ଖାଉଥିଲେ। ମୁଣ୍ଡ ବିନ୍ଧା ଉପରେ ଅତ୍ୟଧିକ କାମ ଚାପ ଯୋଗୁଁ ସେ ବ୍ୟତିବ୍ୟସ୍ତ ହୋଇପଡୁଥିଲେ। ଏମିତିକି ନିଜର ଶାରୀରିକ ଅସୁସ୍ଥତା ପାଇଁ ସେ ଚାଉଳିଆଗଞ୍ଜ ଥାନାରୁ ଅନ୍ୟତ୍ର ବଦଳି ପାଇଁ ଡିସିପିଙ୍କୁ ଆବେଦନ ମଧ୍ୟ କରିଥିଲେ ବୋଲି ସୂଚନା ମିଳିଛି। ଅନ୍ୟପଟେ, ପାରିବାରିକ ବିବାଦ ଉପରେ ମଧ୍ୟ ସନ୍ଦେହ ସୃଷ୍ଟି ହୋଇଛି।

## ଦାନ ସୁନାକୁ...

ଶୁକ୍ଲା ପାଖରୁ ସବୁଠାରୁ ଅଧିକ ନଗଦ ଟଙ୍କା ଜବତ କରାଯାଇଛି। ବର୍ତ୍ତମାନ ସୁଦ୍ଧା ୮ ଜଣଙ୍କୁ ଗିରଫ କରାଯାଇସାରିଲାଣି। ଶ୍ରୀରାମ ଜନ୍ମଭୂମି ତୀର୍ଥ କ୍ଷେତ୍ର ଟ୍ରଷ୍ଟର ଗତ ୫ ବର୍ଷର ଆକାଉଣ୍ଟ ଏବଂ ନିର୍ମାଣ ଖର୍ଚ୍ଚର ପୁନଃ ଅଡିଟ୍ କରାଯିବ। ପୂର୍ବରୁ ଟ୍ରଷ୍ଟ ବୈଠକରେ କେବଳ ନଗଦ ଟଙ୍କାର ସମୀକ୍ଷା ହେଉଥିଲା, ସୁନା-ରୁପାର ଷ୍ଟକ୍ ଉପରେ ନିୟମିତ ଆଲୋଚନା ହେଉନଥିଲା।

ଭକ୍ତମାନଙ୍କଠାରୁ ମିଳିଥିବା ମୂଲ୍ୟବାନ ଧାତୁର ଗୁଣବତ୍ତା ପରୀକ୍ଷା ପାଇଁ ପ୍ରଥମ ପର୍ଯ୍ୟାୟରେ ୯୪୪ କିଲୋଗ୍ରାମ ରୁପା ସରକାରୀ ଟଙ୍କଶାଳକୁ ପଠାଯାଇଥିଲା। ଏହି କାରବାରର ସମସ୍ତ ସରକାରୀ ରେକର୍ଡକୁ ମଧ୍ୟ ଏସଆଇଟି ଯାଞ୍ଚ କରୁଛି। କଂଗ୍ରେସ ଏହି ମାମଲାରେ ସୁପ୍ରିମକୋର୍ଟଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ତଦନ୍ତ କରିବାକୁ ଦାବି କରିବାରୁ ଏହାକୁ ନେଇ ଏବେ ରାଜନୀତି ମଧ୍ୟ ସରଗରମ ହୋଇଛି। ଗିରଫଦାରୀ ଏବଂ ଇସ୍ତଫା ପରେ ଆସନ୍ତା ଜୁଲାଇ ୬ ତାରିଖ ବୈଠକରେ ଟ୍ରଷ୍ଟ ଏକ ବଡ଼ ନିଷ୍ପତ୍ତି ନେଇପାରେ।

## ବଦ୍ରିନାଥରେ ବି...

ରଙ୍ଗାଡ଼ କହିଛନ୍ତି ଯେ ଅଭିଯୋଗ ପରେ ମନ୍ଦିର ପରିସରର ସୁରକ୍ଷା କାମେରା (ସିସିଟିଭି) ଯାଞ୍ଚ କରାଯାଇଛି। କିନ୍ତୁ ସେହି ଭିଡିଓ ସେତେଟା ସ୍ୱଷ୍ଟ ନଥିବାରୁ ସମସ୍ତ ତଥ୍ୟ, ପ୍ରମାଣ ଏବଂ ପକ୍ଷମାନଙ୍କ ବୟାନ ଆଧାରରେ ଏକ ବିସ୍ତୃତ ରିପୋର୍ଟ ପ୍ରସ୍ତୁତ କରାଯିବ।

## ଡାକ୍ତର ଆନ୍ଦୋଳନ...

କହିଛନ୍ତି ଯେ ଓମ୍‌ସା କାର୍ଯ୍ୟନିର୍ବାହୀ ପରିଷଦର କର୍ମକର୍ତ୍ତାଙ୍କ ସହ ସେମାନଙ୍କର ୧୦ ଦଫା ଦାବି ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଛି। ସେମାନଙ୍କର ଦାବିଗୁଡ଼ିକୁ କେମିତି ଆଗାମୀ ଦିନରେ ସମୟ ଅନୁସାରେ କାର୍ଯ୍ୟକାରୀ କରାଯାଇ ପାରିବ, ସେନେଇ ଏକ ଉଚ୍ଚସ୍ତରୀୟ କମିଟି ଗଠନ ହୋଇଛି। କମିଟିରେ ଅର୍ଥ ବିଭାଗର ସଚିବ ଅଧ୍ୟକ୍ଷ ଥିବାବେଳେ ସ୍ୱାସ୍ଥ୍ୟ, ଜିଏ, ଓ ଆଇନ ବିଭାଗର ସଚିବ ସ୍ଥାନ ପାଇଛନ୍ତି। ଆସନ୍ତା ୨୨ ତାରିଖରେ କମିଟିର ପ୍ରଥମ ବୈଠକ ବସିବ। ଓମ୍‌ସା ପକ୍ଷରୁ କମିଟି ସମ୍ମୁଖରେ ନିଜ ଦାବି ବାବଦରେ ବିସ୍ତୃତ ତଥ୍ୟ ଉପସ୍ଥାପନ କରାଯିବ ବୋଲି ମନ୍ତ୍ରୀ ଡ. ମହାଲିଙ୍ଗ ସୂଚନା ଦେଇଛନ୍ତି।

ସଂଘର ୧୦ ଦଫା ଦାବି ମଧ୍ୟରେ ଡାକ୍ତରଖାନାରେ ଖାଲିପଡ଼ିଥିବା ଡାକ୍ତର ପଦବୀ ତୁରନ୍ତ ପୂରଣ, କେନ୍ଦ୍ରୀୟ ହାରରେ ବେତନ ପ୍ରଦାନ, କ୍ୟାଡର ପୁନର୍ଗଠନ, ସ୍ୱଚ୍ଛ ବଦଳି ନୀତି, କେବିକେରେ ପାଞ୍ଚ ବର୍ଷରୁ ଅଧିକ ସମୟ କାର୍ଯ୍ୟରତ ଡାକ୍ତରମାନଙ୍କୁ ତୁରନ୍ତ ବଦଳି, ସରକାରୀ କ୍ୱାର୍ଟର୍ସ, ସମସ୍ତ ସ୍ୱାସ୍ଥ୍ୟକର୍ମୀଙ୍କ ପାଇଁ ସ୍ୱାସ୍ଥ୍ୟବୀମା ଆଦି ଅନ୍ତର୍ଭୁକ୍ତ ରହିଛି। ଏହି ପରିପ୍ରେକ୍ଷୀରେ ଓମ୍‌ସାର ରାଜ୍ୟ ସଭାପତି ଡାକ୍ତର କିଶୋର ଚନ୍ଦ୍ର ମିଶ୍ର ଗଣଣାଧ୍ୟମକୁ ସୂଚନା ଦେଇ କହିଛନ୍ତି ଯେ ସରକାରଙ୍କ ସହ ଆଲୋଚନା ଫଳପ୍ରଦ ହେବାରୁ ଆନ୍ଦୋଳନ ସ୍ଥଗିତ ରହିଲା। ସରକାର ଦାବି ପୂରଣ ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରିଥିବା ବେଳେ ଆମେ ନିଜର ଦାବି କମିଟି ସାମ୍ନାରେ ଉପସ୍ଥାପନ କରିବୁ। ରାଜ୍ୟର ଚିକିତ୍ସା ସେବାର ଗୁଣାତ୍ମକ ମାନ ବୃଦ୍ଧି ହେବାର ଆମର ଲକ୍ଷ୍ୟ ଅଟେ। ଆସନ୍ତା ୧ରୁ ୨ ମାସ ମଧ୍ୟରେ ସବୁ ସମସ୍ୟାର ସମାଧାନ ହୋଇଯିବ ବୋଲି ଡାକ୍ତର ମିଶ୍ର ଆଶାବ୍ୟକ୍ତ କରିଛନ୍ତି।

## ଇ-୨୦ ପେଟ୍ରୋଲକୁ...

ସାରୋଗୀ ଭାରତର ଜୈବ ଇନ୍ଧନ କାର୍ଯ୍ୟକ୍ରମ ଏବଂ ଇ-୨୦ ପେଟ୍ରୋଲ ପ୍ରସଙ୍ଗରେ ବିସ୍ତୃତ ଭାବରେ ଆଲୋଚନା କରି କହିଛନ୍ତି ଯେ, ପେଟ୍ରୋଲ ରେ ଇଥାନଲ୍ ମିଶ୍ରଣ ହେବା ଫଳରେ ଗାଡ଼ିର ମାଇଲେଜ୍ ହ୍ରାସ ପାଉଛି।

ଏକ ରିପୋର୍ଟରେ ଏହା ମଧ୍ୟ ପ୍ରକାଶ ପାଇଛି ଯେ କିଛି ବୀମା କମ୍ପାନୀ ଇଥାନଲ୍-ମିଶ୍ରିତ ଇନ୍ଧନ ଦ୍ୱାରା ହୋଇଥିବା ଇଞ୍ଜିନ୍ କ୍ଷତି କ୍ଷେତ୍ରରେ କ୍ଷତିପୂରଣ ଦେବାକୁ ମନା କରିଦେଇଛନ୍ତି। ତଥାପି, ସରକାର ପରେ ସ୍ପଷ୍ଟ କରିଥିଲେ ଯେ ଏହା ସତ୍ୟ ନୁହେଁ। ମନ୍ତ୍ରଣାଳୟ ସ୍ପଷ୍ଟ ଭାବରେ କହିଛି ଯେ ଇ-୨୦ ପେଟ୍ରୋଲ ସମ୍ପୂର୍ଣ୍ଣ ସୁରକ୍ଷିତ ଏବଂ ଏହାର ବ୍ୟବହାର ମୋଟର ବୀମା କ୍ଲେମ୍ ଉପରେ ନକାରାତ୍ମକ ପ୍ରଭାବ ପକାଇବ ନାହିଁ। ଏଭଳି ପ୍ରସଙ୍ଗ ଏବେ ଗାଡ଼ି ମାଲିକଙ୍କ ଚିନ୍ତାକୁ ଆହୁରି ବଢ଼ାଇଦେଇଛି। ଯାହାଫଳରେ ଇ-୨୦ ପେଟ୍ରୋଲ ସମ୍ପର୍କରେ ଜନସାଧାରଣଙ୍କ ମଧ୍ୟରେ ବର୍ତ୍ତମାନ ଅନିଶ୍ଚିତତା ଜାରି ରହିଛି।

ଏସବୁ ବ୍ୟତୀତ ଇ-୨୦ ଇନ୍ଧନକୁ ନେଇ ସାରା ଦେଶରେ ବିତର୍କ ଚାଲିଛି। ମୁଖ୍ୟ ବିରୋଧୀ ଦଳ କଂଗ୍ରେସର ଯୁକ୍ତି ହେଉଛି ଇ-୨୦ ଇନ୍ଧନ ପର୍ଯ୍ୟାପ୍ତ ପରୀକ୍ଷଣ ବିନା କୋଟି କୋଟି ନାଗରିକଙ୍କ ଉପରେ ଲାଗୁ କରାଯାଇଥିବା ଏକ ପରୀକ୍ଷଣ। ମାମଲା ସୁପ୍ରିମକୋର୍ଟରେ ପହଞ୍ଚିଥିଲା, ଯେଉଁଠାରେ ସରକାର କହିଥିଲେ ଯେ ଏହି ନୀତିକୁ ବୈଜ୍ଞାନିକ ଭାବରେ ଯାଞ୍ଚ କରାଯାଇଛି ଏବଂ ଜାତୀୟ ଶକ୍ତି ସୁରକ୍ଷା ପାଇଁ ଏହା ଗୁରୁତ୍ୱପୂର୍ଣ୍ଣ। ଅପରପକ୍ଷେ ଆମ ଆଦମୀ ପାର୍ଟି (ଆପ୍)ର ରାଷ୍ଟ୍ରୀୟ ସଂଯୋଜକ ଅରବିନ୍ଦ କେଜରିୱାଲ୍ ଲୋକଙ୍କ ଉପରେ ଇ-୨୦ ପେଟ୍ରୋଲ୍ ବାଧ୍ୟତାମୂଳକ ଭାବେ ଲାଗୁ କରାଯିବାକୁ କଡ଼ା ବିରୋଧ କରିଛନ୍ତି। ସେ କହିଛନ୍ତି ଯେ ସମଗ୍ର ଦେଶ ମୋଦି ସରକାରଙ୍କ ପାଇଁ ଏକ ପ୍ରୟୋଗଶାଳା। ଏବେ, ସରକାର ଜୋରଜବରଦସ୍ତି ୨୦ ପ୍ରତିଶତ ଇଥାନଲ୍ ମିଶ୍ରିତ ପେଟ୍ରୋଲକୁ ଜନସାଧାରଣଙ୍କ ଉପରେ ଲଦି ଦେଉଛନ୍ତି। ଏଥିରେ ଗାଡ଼ିର ମାଇଲେଜ୍ ୩୦% ହ୍ରାସ ପାଉଛି। ମଧ୍ୟ ପ୍ରାଚ୍ୟ ସଙ୍କଟ ମଧ୍ୟରେ ଯେତେବେଳେ ଭାରତ ଏହାର ନିକଟତମ ଏବଂ ସବୁଠାରୁ ବିଶ୍ୱସ୍ତ ବନ୍ଧୁ ଭୁଟାନକୁ ଏହି ନୂତନ, ସବୁଜ ଇନ୍ଧନ ଇ-୨୦ ପେଟ୍ରୋଲ ଅଫର କଲା, ସେତେବେଳେ ଭୁଟାନର ବାଣିଜ୍ୟ ବିଭାଗ ଏହାକୁ ନବୋକୁ ରୋକ୍‌ଠୋକ୍ ମନା କରିଦେଇଛି। ଭୁଟାନ ଜୋର ଦେଇ କହିଛି, ଯେ ପର୍ଯ୍ୟନ୍ତ ସମ୍ଭବ ସେ କେବଳ ପୁରୁଣା ଏବଂ ସାଧାରଣ ପେଟ୍ରୋଲ ଭାରତଠାରୁ ନେବ।


**ପଶ୍ଚିମ ରେଳବାଇ – ରତଲାମ ମଣ୍ଡଳ**

**ଇ-ଟେଣ୍ଡର ବିଜ୍ଞପ୍ତି**

ଟେଣ୍ଡର ନଂ.: GEM/2026/B/7741538 • ଟେଣ୍ଡର ବନ୍ଦ ହେବାର ତାରିଖ ଓ ସମୟ: 30.07.2026, ଅପରାହ୍ନ 3.00 ଘଣ୍ଟା, କାର୍ଯ୍ୟର ନାମ ଓ ସ୍ଥାନ: କୋଚିଂ ଡିପୋ, ଇନ୍ଦୋର ଏବଂ DADN ସହିତ ରତଲାମ ମଣ୍ଡଳର ଅନ୍ୟାନ୍ୟ ଡିପୋରୁ ବିଭିନ୍ନ ୱର୍କସପ, ଡିପୋ ଓ ଷ୍ଟୋରକୁ ଭାରତୀୟ ରେଳବାଇ ନେଟୱର୍କ ମାଧ୍ୟମରେ ବୋଗି, ହ୍ୱିଲ୍ ସେଟ୍ ଏବଂ ଅନ୍ୟାନ୍ୟ ରେଳ ସାମଗ୍ରୀର ସଡ଼କ ପରିବହନ କାର୍ଯ୍ୟ, ଏବଂ ଏହାର ବିପରୀତ ଦିଗରେ କିମ୍ବା ଯେକୌଣସି ସ୍ଥାନରୁ ଯେକୌଣସି ସ୍ଥାନକୁ 3 ବର୍ଷ ପାଇଁ ପରିବହନ। କାର୍ଯ୍ୟର ଆନୁମାନିକ ମୂଲ୍ୟ: ଟ.73,891,243.22/-। ଜମା କରିବାକୁ ଥିବା ଅମାନତ ଜମା: ଟ.519,460/-। କାର୍ଯ୍ୟ ସମାପ୍ତି ଅବଧି: କାର୍ଯ୍ୟାଦେଶ (LOA) ଜାରି ତାରିଖଠାରୁ 03 ବର୍ଷ। ଟେଣ୍ଡର ଖୋଲାଯିବା କାର୍ଯ୍ୟାଳୟର ଠିକଣା: ବରିଷ୍ଠ CDO/INDଙ୍କ କାର୍ଯ୍ୟାଳୟ, ପଶ୍ଚିମ ରେଳବାଇ, ରତଲାମ ମଣ୍ଡଳ। ଟେଣ୍ଡର ଦାଖଲ କରିବାର ଶେଷ ତାରିଖ ଓ ସମୟ: 30.07.2026 ତାରିଖ ଅପରାହ୍ନ 3.00 ଘଣ୍ଟା। ୱେବସାଇଟ୍ ଓ ନୋଟିସ୍ ବୋର୍ଡ ସମ୍ବନ୍ଧୀୟ ସୂଚନା: ଟେଣ୍ଡର ଦସ୍ତାବିଜଗୁଡ଼ିକ GEM ୱେବସାଇଟ୍ (www.gem.gov.in) ରୁ ଡାଉନଲୋଡ୍ କରାଯାଇପାରିବ। ଟେଣ୍ଡରଦାତାଙ୍କୁ ଆବଶ୍ୟକ ହେଉଥିବା ଅନ୍ୟାନ୍ୟ ସୂଚନା କାର୍ଯ୍ୟ ସମୟ ମଧ୍ୟରେ ବରିଷ୍ଠ CDO/INDଙ୍କ କାର୍ଯ୍ୟାଳୟରୁ ପ୍ରାପ୍ତ କରାଯାଇପାରିବ। CRY/06/129

Like us on: facebook.com/WesternRly



**DISTRICT WELFARE OFFICE, RAYAGADA**

Notice No.: 3556, Date: 24.06.26

**QUOTATION CALL NOTICE** 26001/28/2627

Sealed Quotations are invited with following term & conditions from interested reputed Private Manpower Service Provider for providing services of Manpower on contractual (Outsourced) Basis to District Welfare Office, Rayagada.

For details visit: **www.rayagada.odisha.nic.in**

Sd/-
District Welfare Officer,
Rayagada

OIPR-26001/26045/1/26-27/0002



Government of Odisha "e" procurement Notice 34001/443/2627

GOVT. OF ODISHA

**Bid Identification No. PWDK- 10/2026-27**

No. G2/6243, Dt. 30.06.2026

e-mail : eepwdkeonjhar@yahoo.com

| | | |
|---|---|---|
| 1 | No. of the work :- | 01 Nos. Road & 01 Nos. Building Work |
| 2 | Estimated cost :- | From 33.84 Lakhs to ₹. 61.57 Lakh |
| 3 | Period of completion :- | From 02 (Two) to 03 (Three) Calendar Months. |
| 4 | Date and Time of availability of Bid document in the portal:- | From 10.00 Hr 08.07.2026 to 17.00 HR of 23.07.2026 |
| 5 | Last date / Time for receipt of bids in the portal :- | 17.00 Hr of 23.07.2026. |
| 6 | Date of opening of Bid from Portal :- | 10.30 Hr of 24.07.2026. |
| 7 | Name and address of the officer inviting Bid :- | Superintending Engineer, Keonjhar (R&B) Division, Keonjhar |

Further details can be seen from the e-procurement portal "http://tendersodisha.gov.in"

Superintending Engineer
Keonjhar (R&B) Division

OIPR-34001/34004/1/26-27/0005



GOVERNMENT OF ORISSA 25001/642/2627

OFFICE OF THE SUPERINTENDING ENGINEER

RURAL WORKS DIVISION KARANJIA (MAYURBHANJ)

E-mail ID: - eerwkaranjia@yahoo.com

Letter No.4377 / WE // Date:-29.06.2026

"E-Procurement Noticefor Special Repair of Building works for year 2026-27.

Bid Identification No – RWDKNJ– 06 / 2026-27.

1. Name of the work : Building Works (As per Annexure)
2. Estimated Cost : Rs. 1.69 toRs.5.08 LakhsApproximately (As per Annexure).
3. Class of Contractor : 'D' &'C' Class, (As per Annexure)
4. Period of Completion : As per Annexure
5. Tender Paper Cost : Rs.4,000/-&Rs.2, 000/-towards cost of bid as mentioned in Annexure of Building Works.

Further details can be seen from the website www.tendersodisha.gov.in

| Procurement Officer | Bid Identification No. | Availability of tender On-line for bidding | | Last Date & Time of seeking Tender Clarification | Date & Time of Opening of Tender in O/O S.E. R.W. Division, Karanjia Technical & Financial Bid |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Superintending Engineer, Rural Works Division, Karanjia | Online RWDKNJ-06/ 2026-27 | Dt. 07.07.26 at 11.00 A.M | Dt.15.07.26 up to 5.00 P.M | Dt.14.07.26 up to 1.00 P.M. | Dt.17.07.26 at 11.00 P.M |

Executive Engineer
R.W. Division, Karanjia

OIPR-:25001/25086/1/26-27/0008



GOVERNMENT OF ODISHA 32001/489/2627

DEPARTMENT OF WATER RESOURCE

OFFICE OF THE SUPERINTENDING ENGINEER

NABARANGPUR IRRIGATION DIVISION

NABARANGPUR, DIST-NABARANGPUR (ODISHA)

Email ID: senidivision@gmail.com

Lr. No.: 1100, Dated: 02.07.2026

E-PROCUREMENT NOTICE

BID IDENTIFICATION NO. SE-NID-01/2026-27 (01-02)

1. Nature of the work: Bank Protection Work.
2. Total No. of works: 02 (Two) Nos.
3. Tender cost of the works: ₹43.41 Lakhs to ₹31.51 Lakhs (excluding GST).
4. Class of Contractor: 'C' & 'B' Class.
5. Period of completion: 02 (Two) Months.
6. Other details as follows:

| Procurement Officer | Bid Identification No. | Availability of Bid Online | | Last Date & Time of Seeking Tender Clarification | Date, Time & Place of Opening of Tender |
|---|---|---|---|---|---|
| | | From | To | | |
| Superintending Engineer, Nabarangpur Irrigation Division, Nabarangpur | SE-NID-01/2026-27 (01-02) | 08.07.2026 (10.00 AM) | 22.07.2026 (up to 05.00 PM) | 10.07.2026 up to 5.00 PM | 23.07.2026 at 11.00 AM in the Office of the Superintending Engineer, Nabarangpur Irrigation Division, Nabarangpur |

Further details can be seen from the Government website: www.tendersodisha.gov.in

Addendum/Corrigendum/Cancellation, if any, will be published on the Government website only.

Sd/- Superintending Engineer
Nabarangpur Irrigation Division
Nabarangpur

OIPR-32001/32361/1/26-27/0001



GOVERNMENT OF ODISHA 25001/639/2627

OFFICE OF THE SUPERINTENDINGENGINEER

RURAL WORKS DIVISION: GUNUPUR

Lr.No.3219, Dated.30.06.2026 e-mail id: eerwgunupur@gmail.com

GEPNIC e-Procurement Notice

(Bid Identification No.-SERWGNP-Online-08/2026-27)

| | | |
|---|---|---|
| 1 | Name of the Work | : Construction & Maintenance of Road Works |
| 2 | Total No. of Works | : 63Nos (Percentage rate tender) |
| 3 | Estimated Cost | : As mentioned in Col. 3 of TCN Annexure |
| 4 | Class of Contractor | : As mentioned in Col. 5 of TCN Annexure |
| 5 | Period of Completion | : As mentioned in Col. 4 of TCN Annexure |
| 6 | EMD | : As mentioned in Col. 6 of TCN Annexure |
| 7 | Paper Cost | : As mentioned in Col. 7 of TCN Annexure |
| 8 | Other details: | |

| Procurement Officer | Bid Identification No. | Availability of Tender online for Bidding | | Date & Time of opening of tender |
|---|---|---|---|---|
| | | From | To | |
| 1 | 2 | 3 | 4 | 5 |
| Executive Engineer, Rural Works Division, Gunupur | SERWGNP-Online-08/2026-27 | 06.07.2026 at 11.00 A.M. | 15.07.2026 up to 5.00 P.M. | 17.07.2026 at 11.00 A.M |

9. The amount put to tender is exclusive of 18% GST. The intending bidder should offer their rates which shall be exclusive of GST applicable as per norms. GST as applicable on works contract shall be paid over the bill amount at the time of payment of bill.

Other details can be seen in the bidding documents, which is available in website www.tendersodisha.gov.in Any subsequent addendum or corrigendum will be made available in the above website.

Superintending Engineer,
Rural Works Division, Gunupur

OIPR-25001/25170/1/26-27/0006



GOVERNMENT OF ODISHA 19001/134/2627

PANCHAYAT SAMITI, PADMAPUR

E-Mail: ori-rpadmapur@nic.in

**INVITATION FOR BIDS (IFB)**

**e-Procurement Notice**

IDENTIFICATION NO. 03/2025-26 OF PANCHAYAT SAMITI, PADMAPUR

No. 2256/IX-74/2026 (S&ME, Tender) Dec Dated: 01.07.2026

1. The Panchayat Samiti, Padmapur invites **Percentage Rate Bids in Single Cover System** in **ONLINE MODE** for construction of **Building Works (Civil + Electrification)** as detailed in the **Detailed Tender Call Notice (D.T.C.N.)** from eligible class of contractors.
2. **No. of Works:** 03 (Three) Nos.
3. **Cost of Tender Paper:** Rs. 6,000/- (Rupees Six Thousand) only.
4. **Class of Contractor: "D" & "C" Class.**
5. **Date & Time of availability in website & receipt online:** 11:30 Hrs. of **06.07.2026** to 17:00 Hrs. of **21.07.2026**
6. **Date of Opening of Technical Bid: 24.07.2026 at 11:30 Hrs.**
7. The bidder has to participate in **ONLINE** bidding only. Further details can be seen from the State Government Portal website: **https://tendersodisha.gov.in**
8. Any Corrigendum/Addendum will be displayed on the website **https://tendersodisha.gov.in** only.

Sd/- Kuresh Chandra Jani, OAS-A (JB)
Block Development Officer, Padmapur

OIPR-19001/19430/1/26-27/0001



यूनियन बैंक ऑफ इंडिया Union Bank of India

**ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ**
**କ୍ଷେତ୍ରୀୟ କାର୍ଯ୍ୟାଳୟ:ଭୁବନେଶ୍ୱର**
୩/୧ଏ, ସିଭିକ୍ ସେଣ୍ଟର, ଆଇଆରସି ଭିଲେଜ, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୫

**ଗାଡ଼ି ନିଲାମ ନୋଟିସ୍**

ଏତଦ୍ୱାରା ଜଣାଇ ଦିଆଯାଉଅଛି କି, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଦ୍ୱାରା ଦଖଲ ନିଆଯାଇଥିବା ନିମ୍ନଲିଖିତ ଗାଡ଼ିଗୁଡ଼ିକୁ ଆମର ସମ୍ପୃକ୍ତ ଶାଖା ପରିସରରେ ତା.୨୧.୦୭.୨୦୨୬ରିଖ ପୂର୍ବାହ୍ନ ୧୧.୦୦ ଘଟିକା ସମୟରେ ସର୍ବସାଧାରଣରେ ନିଲାମ କରାଯିବ।

| କ୍ର. ନଂ. | ଶାଖାର ନାମ | ଋଣଗ୍ରହୀତାମାନଙ୍କ ନାମ | ଗାଡ଼ିଗୁଡ଼ିକର ବିବରଣୀ | ସଂରକ୍ଷିତ ମୂଲ୍ୟ / ଅମାନତ ଜମା |
|---|---|---|---|---|
| ୧. | ଆଚାର୍ଯ୍ୟ ବିହାର ଶାଖା | ପ୍ରାତିମୟୀ ଷଡଙ୍ଗୀ | HYUNDAI GRAND i10 NIOS, Regd. No.: 23BH5684H | ଟ.୩,୦୦,୦୦୦/- (ଜିଏସ୍‌ଟି ବ୍ୟତୀତ) /ଟ.୩୦,୦୦୦/- |
| ୨. | ବୁଦ୍ଧେଶ୍ୱରୀ କଲୋନୀ ଶାଖା | ପରମଜିତ୍ ସିଂ | JCB NEW 3 DX 2WD/ BACKHOE LOADER, Regd. No.: OD33AJ3471 | ଟ.୧୯,୧୨,୦୦୦/- (ଜିଏସ୍‌ଟି ବ୍ୟତୀତ) / ଟ.୧,୯୧,୨୦୦/- |

ଗାଡ଼ିଗୁଡ଼ିକୁ ଯାଞ୍ଚ କରିବାର ତାରିଖ ଓ ସମୟ: ତା.୨୦.୦୭.୨୦୨୬ରିଖ ସୁଦ୍ଧା ପୂର୍ବାହ୍ନ ୧୦.୦୦ ଘଟିକାରୁ ଅପରାହ୍ନ ୫.୦୦ ଘଟିକା ସମୟ ମଧ୍ୟରେ

ଗାଡ଼ିର ଯାଞ୍ଚ ଏବଂ ଅନ୍ୟ କୌଣସି ସୂଚନା ପାଇଁ ଇଚ୍ଛୁକ ନିଲାମଧାରୀମାନେ ସମ୍ପୃକ୍ତ ଶାଖା ମୁଖ୍ୟ (ଆଚାର୍ଯ୍ୟ ବିହାର ଶାଖା, ମୋ.: ୯୦୦୨୯୨୪୪୦୮ ଏବଂ ବୁଦ୍ଧେଶ୍ୱରୀ କଲୋନୀ ଶାଖା, ମୋ.: ୯୮୩୬୬୩୮୯୪୩)ଙ୍କ ସହ ଯୋଗାଯୋଗ କରନ୍ତୁ।

**ନିୟମ ଏବଂ ସର୍ତ୍ତାବଳୀ:**

୧. ଗାଡ଼ିଗୁଡ଼ିକ "ଯେଉଁଠାରେ ଯେପରି ଅଛି", "ସେଠାରେ ଯାହା ଅଛି" ଏବଂ "ବିନା ଆଇନଗତ ସହାୟତା" ଭିତ୍ତିରେ ୱାରେଣ୍ଟି ଏବଂ ଇଣ୍ଡେମିନିଟିକ୍ ବିନା ବିକ୍ରୟ କରାଯିବ।
୨. ବିକ୍ରୟ ମୂଲ୍ୟ ନିମିତ୍ତ ପ୍ରଯୁଜ୍ୟ ଜିଏସ୍‌ଟି ସଫଳ ନିଲାମଧାରୀଙ୍କ ଦ୍ୱାରା ବହନ କରାଯିବ।
୩. ଆଗ୍ରହୀ କ୍ରେତାମାନେ ସେମାନଙ୍କର ପ୍ରସ୍ତାବ ମୁଦ ଲଫାପାରେ ରଖି ଲଫାପା ଉପରେ "ଗାଡ଼ି ନଂ............ କ୍ରୟ ନିମନ୍ତେ କୋଟେସନ୍" ଉଲ୍ଲେଖ କରି ତତ୍‌ସହିତ ସଂରକ୍ଷିତ ମୂଲ୍ୟର ୧୦% ଅମାନତ ରାଶି ଡିମାଣ୍ଡ ଡ୍ରାଫ୍ଟ ପୃଥକ୍ ଲଟ୍‌ରେ "ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ" ସପକ୍ଷରେ ଡ୍ର କରାଯାଇ ଏବଂ ଭୁବନେଶ୍ୱରକୁ ପେୟ ଦର୍ଶାଇ ନିମ୍ନସ୍ୱାକ୍ଷରକାରୀଙ୍କ ଠାରେ ତା.୨୦.୦୭.୨୦୨୬ରିଖ ଅପରାହ୍ନ ୫.୦୦ ଘଟିକା ସୁଦ୍ଧା ଦାଖଲ କରିବା ଆବଶ୍ୟକ।
୪. ନିର୍ଦ୍ଦିଷ୍ଟ ଗାଡ଼ିର ଟେଣ୍ଡରଗୁଡ଼ିକ ସମସ୍ତ ଟେଣ୍ଡରଦାତାଙ୍କ ଉପସ୍ଥିତିରେ ଖୋଲାଯିବ ଏବଂ ନିଲାମ ପାଇଁ ସର୍ବୋଚ୍ଚ ବିଡ୍‌କୁ ଫ୍ଲୋର୍ ପ୍ରାଇସ୍ ଭାବେ ବିବେଚନା କରାଯିବ।
୫. ସଂରକ୍ଷିତ ମୂଲ୍ୟ ଠାରୁ କମ୍ ମୂଲ୍ୟର ପ୍ରସ୍ତାବର ଟେଣ୍ଡରକୁ ଗ୍ରହଣ କରାଯିବ ନାହିଁ।
୬. ସଫଳ ନିଲାମଧାରୀଙ୍କୁ ନିଲାମ ପ୍ରକ୍ରିୟା ସମ୍ପୂର୍ଣ୍ଣ କରିବା ପାଇଁ ଚୂଡ଼ାନ୍ତ ନିଲାମ ରାଶିର ୨୫% ସଙ୍ଗେ ସଙ୍ଗେ ଜମା କରିବାକୁ ପଡ଼ିବ ଏବଂ ଅବଶିଷ୍ଟ ରାଶି ନିଲାମ ତାରିଖ ଠାରୁ ୭ଦିନ ମଧ୍ୟରେ ଜମା କରିବାକୁ ପଡ଼ିବ।
୭. ଯଦି ବିଡ୍ ରାଶିର ୨୫% (ଅମାନତ ରାଶି ବାଦ୍ ଦେଇ) ନିଲାମ ତାରିଖ ଦିନ ଏବଂ/କିମ୍ବା ଧାର୍ଯ୍ୟ ସମୟସୀମା ମଧ୍ୟରେ ଅବଶିଷ୍ଟ ୭୫% ବିଡ୍ ରାଶି ପୈଠ କରିବାକୁ ବିଫଳ ହୁଅନ୍ତି, ତେବେ ନିମ୍ନସ୍ୱାକ୍ଷରକାରୀଙ୍କ ସ୍ୱତନ୍ତ୍ର କ୍ଷମତା ବଳରେ ପୂର୍ବରୁ ଜମା ହୋଇଥିବା ସମ୍ପୂର୍ଣ୍ଣ କିମ୍ବା ଆଂଶିକ ରାଶିକୁ ବାଜ୍ୟାପ୍ତ କରାଯିବ।
୮. ଟେଣ୍ଡର ଥରେ ଦାଖଲ ହେବା ପରେ ନିଲାମ ସମ୍ପୂର୍ଣ୍ଣ ନହେବା ଯାଏଁ କୌଣସି ପ୍ରକାରେ ଫେରସ୍ତ କରାଯିବ ନାହିଁ।
୯. ବ୍ୟାଙ୍କ କୌଣସି କାରଣ ନଦର୍ଶାଇ ପ୍ରସ୍ତାବଗୁଡ଼ିକୁ ଗ୍ରହଣ/ପ୍ରତ୍ୟାଖ୍ୟାନ/ପରିବର୍ତ୍ତନ କରିବାର ଅଧିକାର ସଂରକ୍ଷିତ ରଖିଅଛି। ସମସ୍ତ ପ୍ରସଙ୍ଗରେ ବ୍ୟାଙ୍କର ନିଷ୍ପତ୍ତି ଚୂଡ଼ାନ୍ତ ଅଟେ।
୧୦. ଯେଉଁମାନେ କେବଳ ଅମାନତ ରାଶି ଦାଖଲ କରିଛନ୍ତି ସେମାନଙ୍କୁ ଟେଣ୍ଡର ତଥା ନିଲାମ ବିକ୍ରୟରେ ଅଂଶଗ୍ରହଣ କରିବାକୁ ଅନୁମତି ଦିଆଯିବ।
୧୧. ଋଣଗ୍ରହୀତା/ଗ୍ୟାରେଣ୍ଟିଦାତାଙ୍କ ନିମନ୍ତେ ଏହା ଏକ ନୋଟିସ୍ ଭାବେ ବିବେଚନା କରାଯିବ।
୧୨. ଗାଡ଼ି ସମ୍ବନ୍ଧୀୟ ସମସ୍ତ ବୈଧାନିକ ଦେୟ / ଅଣ-ବୈଧାନିକ ଦେୟ / ବକେୟା ଦେୟ ଯଦି କିଛି ଥାଏ, ତାହା ସଫଳ ନିଲାମଧାରୀଙ୍କ ଦ୍ୱାରା ବହନ କରାଯିବ।
୧୩. ବିକ୍ରୟର ନିୟମ ଓ ସର୍ତ୍ତାବଳୀର ସବିଶେଷ ବିବରଣୀ ନିମନ୍ତେ ୱେବସାଇଟ୍ **www.unionbankofindia.bank.in** ଦେଖନ୍ତୁ।

ସ୍ଥାନ: ଭୁବନେଶ୍ୱର, ତାରିଖ: ୦୪.୦୭.୨୦୨୬ — କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ



**AFFIDAVIT**

I, LAXMIKANTA PANIGRAHI, S/O - JAYA KRUSHNA PANIGRAHI resident of At - Shastri Nagar, Ranikona, PO/PS - Semiliguda, Dist - Koraput - 764036, Odisha declare by this Affidavit No.2975, Dated 03/07/2026, that now onwards I shall be known as **LAKSHMI KANTA PANIGRAHI** for all future purposes.

**AFFIDAVIT**

I Barsharani Swain D/o- Susanta Swain residing, At-Abdalpur, Po-Baidyarajpur Ps-Jajpur Dist-Jajpur, Odisha, Pin-755007, declare by Court Affidavit vide no 9665 Dt-03/07/2026 that my father real name susanta swain in my adhhar-804760405467 but my father name spelling is sushanta Swain recorded in my HSC certificate. That I hereby declare Susanta Swain and Sushanta Swain is one and same person.

Barsharani Swain

**AFFIDAVIT**

By virtue of an affidavit sworn before Executive Magistrate, Soumya Ranjan Pradhan, (O.R.S.) Puri dated-04/07/2026. I, Deepti Ranjan Maharana (new name), At/P.O.- Chhaitana, P.S.- Puri Sadar, Dist. Puri, Pin-752004 declare that I have changed my name from Diptiranjan Ojha (old name) to Deepti Ranjan Maharana (new name). Henceforth, I shall be known as **Deepti Ranjan Maharana** (new name) for all purposes.

**AFFIDAVIT**

By virtue of an affidavit no. 3398 before the Executive Magistrate, Sambalpur, Dtd 29-06-2026, I, Jayaram Kisan, S/o Gopa Kisan, resident of Sargipali, P.O. Jhankarpali, P.S. Katarbaga, Dist. Sambalpur, Odisha, do hereby declare that my minor daughter's name has been changed from Sanjukta Dhurua to Ankita Kisan. Henceforth, she shall be known and identified as **Ankita Kisan** for all purposes.

Jayaram Kisan

**AFFIDAVIT**

By virtue of an affidavit No. 1502, dtd- 25/06/2026 sworn before The Executive Magistrate, Khordha. I, **Bhagirathi Biswal**, S/o- Jagannath Biswal, permanent resident of At: Ogalapur, Po: Olasingh, Ps: Begunia, Dist: Khordha, PIN-752020, Odisha declare that I have changed my minor daughter's name from **Prabhashi Bhagirathi Biswal** to **Pravasini Biswal**. Henceforth, she shall be known as **Pravasini Biswal** (new name) for all purposes.

**Bhagirathi Biswal**

**AFFIDAVIT**

By virtue of an affidavit sworn before the Executive Magistrate Koksara on Dated 23 March 2026, I, **Mr. Balaram Satanami**, Address: Village- Chikili, Post Office- Chikili, Police Station- Kokasara, Block- Kokasara, Dist - Kalahandi, State- Odisha, Pin-766019, Odisha have changed my name from **"Laxmikant"** to **"Balaram Satanami"**. Henceforth, I shall be known as **"Balaram Satanami"** for all purposes.

**Balaram Satanami**



**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ. e-Tender-Elect-G-29-26

**କାର୍ଯ୍ୟର ବିବରଣୀ :** ପୂର୍ବ ତଟ ରେଳପଥର ରାଜଆଠଗଡ଼-ତାଳଚେର ସେକ୍ସନରେ ମଲ୍ଟି ସେକ୍ସନ ଡିଜିଟାଲ ଏକ୍ସେଲ କାଉଣ୍ଟରର ବ୍ୟବସ୍ଥା ସମ୍ବନ୍ଧୀୟ ଅବଶିଷ୍ଟ ବିଦ୍ୟୁତୀକରଣ କାର୍ଯ୍ୟ (ରାଜଆଠଗଡ଼, ହିନ୍ଦୋଳ ରୋଡ୍, ମେରାମଣ୍ଡଳୀ, ବୁଢ଼ାପଙ୍କ ଏବଂ ତାଳଚେର)।

**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 1,45,88,352.81, EMD : ₹ 2,91,800/-, ଶେଷ ହେବା ଅବଧି : 06 ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ:** ତା.24.07.2026ରିଖ 1500 ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୁରିଅରଯୋଗେ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ। ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ଦସ୍ତାବିଜ ସହିତ ୱେବସାଇଟ୍ **www.ireps.gov.in** ରେ ଉପଲବ୍ଧ ଅଛେ।

**ଦ୍ରଷ୍ଟବ୍ୟ :** ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନଗୁଡ଼ିକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 10 (ଦଶ) ଦିନ ପୂର୍ବରୁ ୱେବସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଛି। ଟେଣ୍ଡରଦାତା ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା / ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ।

ବରିଷ୍ଠ ମଣ୍ଡଳ ବିଦ୍ୟୁତ ଯନ୍ତ୍ରୀ (ସାମାନ୍ୟ)/ ଖୋର୍ଦ୍ଧା ରୋଡ୍

PR-280/R/26-27

# ଲଗାଣ ବର୍ଷାରେ ଜଳମଗ୍ନ ବାବାମଣି ମନ୍ଦିର ବେଢ଼ା

## ବାହାର ପାର୍ଶ୍ୱ ରାସ୍ତାରେ ପାଣି ଲହଡ଼ି ମାରୁଥିବାରୁ ଜନଜୀବନ ଅସ୍ତବ୍ୟସ୍ତ

ଆରଡ଼ି,୪।୭ (ସମିସ)



୨ଦିନ ଧରି ଲଘୁଚାପ ଜନିତ ଲଗାଣ ବର୍ଷା ଯୋଗୁଁ ଭଦ୍ରକ ଜିଲ୍ଲାର ଶୈବପୀଠ ଆରଡ଼ି ଆଖଣ୍ଡଳମଣି ମନ୍ଦିର ବେଢ଼ା ଅଞ୍ଚଳର ପ୍ରମୁଖ ରାସ୍ତା ସମ୍ପୂର୍ଣ୍ଣ ଜଳମଗ୍ନ ହୋଇପଡ଼ିଛି। ରାସ୍ତା ଉପରେ ପାଣି ଲହଡ଼ି ମାରୁଥିବାରୁ ଯାତାୟାତ ଗୁରୁତର ଭାବେ ବାଧାପ୍ରାପ୍ତ ହୋଇଛି। ସ୍ଥାନୀୟ ଲୋକମାନେ ପ୍ରତିଦିନର କାର୍ଯ୍ୟରେ ଯିବାଆସିବା ପାଇଁ ଅନେକ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଛାତ୍ରଛାତ୍ରୀ, କର୍ମଜୀବୀ ଓ ବ୍ୟବସାୟୀମାନେ ବିଶେଷ ଭାବେ ପ୍ରଭାବିତ ହୋଇଛନ୍ତି। ରାସ୍ତାରେ ଦୀର୍ଘ ସମୟ ଧରି ପାଣି ଜମି ରହିବାରୁ ଛୋଟ ବଡ଼ ଯାନବାହନ ଚଳାଚଳ କରିବା କଷ୍ଟସାଧ ହୋଇପଡ଼ିଛି। ଅନେକ ଦୁଇଚକିଆ ଯାନ ପାଣି ଭିତରେ ଷ୍ଟାର୍ଟ ବନ୍ଦ ହୋଇଯାଉଥିବା ବେଳେ କିଛି ସ୍ଥାନରେ ଦୁର୍ଘଟଣାର ଆଶଙ୍କା ମଧ ବଢ଼ିଛି।

ପୀଠର ସମ୍ପ୍ରସାରଣ ସକାଶେ ଗତ କିଛିଦିନ ତଳେ ଜିଲ୍ଲା ପ୍ରଶାସନ ପକ୍ଷରୁ ଲୋକମାନଙ୍କର ଗୃହ, ଦୋକାନ ଗୃହ ଆଦି ଭଙ୍ଗାଯାଇଥିଲା। କିନ୍ତୁ ଆଜକୁ ଦୁଇ ମାସ ବିତିଥିଲେ ବି ତାହା ସେଇ ଭଙ୍ଗାଯାଇଥିବା ସ୍ଥାନରେ ପଡ଼ି ରହିଛି। ମନ୍ଦିର ପ୍ରଶାସନ ପକ୍ଷରୁ ସେଇ ଭଙ୍ଗା ଇଟା ଓ ପଥରଗୁଡ଼ିକ ଅନ୍ୟତ୍ର କେଉଁଆଡ଼େ ସ୍ଥାନାନ୍ତର କରିନାହାନ୍ତି। ସ୍ଥାନୀୟ ବାସିନ୍ଦାଙ୍କ କହିବା ଅନୁସାରେ, ପ୍ରଶାସନ ଦ୍ୱାରା ପୀଠରେ ଭଙ୍ଗା ଯାଇଥିବା ଇଟା, କଂକ୍ରିଟ ଖଣ୍ଡ ପଡ଼ି ରହିବା ଓ ଡ୍ରେନେଜ୍ ପୋତି ହେବା କାରଣରୁ ବର୍ଷା ପାଣି ସଠିକ୍ ଭାବେ ନିଷ୍କାସିତ ହୋଇପାରୁନାହିଁ। ଫଳରେ ଏଭଳି ସମସ୍ୟା ଦେଖାଦେଉଛି। ଆଗକୁ ଶ୍ରାବଣ ମାସ ଆସୁଥିବାରୁ ପୀଠରେ ଲକ୍ଷାଧିକ ବୋଲବମ୍ ଭକ୍ତଙ୍କ ଭିଡ଼ ଜମିବ, ପରିସ୍ଥିତି ଆହୁରି ଜଟିଳ ହୋଇପାରେ। ଅତ୍ୟଧିକ ବର୍ଷା ଫଳରେ ସେ ଇଟାଗୁଡ଼ିକ ଆସି ମୁଖ୍ୟ ରାସ୍ତାରେ ଜମା ହୋଇ ରହିଥିବାରୁ ଭକ୍ତମାନେ ନାନା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସ୍ଥାନୀୟ ଲୋକେ ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଛନ୍ତି ଓ ଏହାର ସ୍ଥାୟୀ ସମାଧାନ ନ ହେଲେ ସେମାନେ ଆନ୍ଦୋଳନାତ୍ମକ ପନ୍ଥା ଆପଣାଇବେ ବୋଲି କହିଛନ୍ତି। ଏହା ବ୍ୟତୀତ ଦୁଇ ଦିନ ଧରି ଆରଡ଼ି ଓ ନାନ୍ଦପୁର ପଞ୍ଚାୟତରେ ବିଦ୍ୟୁତ ସମସ୍ୟା ଲାଗି ରହିଛି। ଫଳରେ ଦୁଇ ଦିନ ହେଲାଣି ଲୋକମାନେ ଅନ୍ଧାରରେ ଅଛନ୍ତି। ଲାଗୁଛି ବିଦ୍ୟୁତ୍ ସରବରାହ ସଂସ୍ଥାର ସେଥି ପ୍ରତି ନିଘାନାହିଁ। ଲାଇନ୍ ନ ଥିବାବେଳେ ଅନ୍ଧାର ସହିତ ରାସ୍ତାରେ ଇଟା ଖଣ୍ଡ, ବର୍ଷା ପାଣି ଜମିରହିବା ଦ୍ୱାରା ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି।

# ଲଘୁଚାପ ବର୍ଷାରେ ଧାମନଗର ସହର ଉବୁଟୁବୁ



ଧାମନଗର,୪।୭ (ସମିସ): ଲଘୁଚାପଜନିତ ବର୍ଷାରେ ଧାମନଗର ସହର ଉବୁଟୁବୁ ହୋଇଥିବାବେଳେ ଖାଲୁଆ ଓ ତଳିଆ ଅଞ୍ଚଳ ଜଳମଗ୍ନ ହୋଇଛି। ଧାମନଗର ଏନ୍ଏସି ଅଞ୍ଚଳରେ ବେଆଇନ ଜବରଦଖଲ, ଜଳ ନିଷ୍କାସନ ସ୍ଥାନରେ ବେଆଇନ ଗୃହ ନିର୍ମାଣ, ଏନ୍ଏସିର ଭୁଲ୍ ଜଳ ନିଷ୍କାସନ ନୀତି ପାଇଁ ସାମାନ୍ୟ ବର୍ଷାରେ ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଧାମନଗର ଏନ୍ଏସି ଅନ୍ତର୍ଗତ ୧୦ ନମ୍ବର ୱାର୍ଡ ଅଧୀନ ଡାଙ୍ଗୁଆ ସାହି ଏବଂ ମହାନ୍ତି ସାହି ରାସ୍ତା ଉପରେ କୃତ୍ରିମ ବନ୍ୟା ପରିସ୍ଥିତି ସୃଷ୍ଟି ହେବା ଯୋଗୁଁ ସ୍ଥାନୀୟ ଲୋକମାନେ ଯାତାୟାତରେ ଘୋର୍ ଅସୁବିଧାର ସମ୍ମୁଖୀନ ହେଉଥିବା ଦେଖାଦେଇଛି। ସୂଚନା ଅନୁଯାୟୀ, ଜବରଦଖଲ ଯୋଗୁଁ ଡ୍ରେନେଜ୍ ବ୍ୟବସ୍ଥା ହୋଇପାରୁ ନାହିଁ ବୋଲି ଗ୍ରାମବାସୀମାନେ ମତପ୍ରକାଶ କରିଛନ୍ତି। ତେବେ ଯଥାଶୀଘ୍ର ଏନ୍ଏସି କାର୍ଯ୍ୟନିର୍ବାହୀ ଅଧିକାରୀ ସନ୍ତୋଷ ନାୟକ କ୍ଷେତ୍ର ପରିଦର୍ଶନ କରି ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବା ପାଇଁ ସ୍ଥାନୀୟ ଜନସାଧାରଣ ସନ୍ତୋଷ ବରାଳ, ସନାତନ ବେହୁରିଆ, ଶୁଶାନ୍ତ ରାଉତ, ମମତା ବରାଳ, ସ୍ନେହଲତା ଜେନା, ଭଗବାନ ବେହୁରିଆ, ରତିକାନ୍ତ ମଲ୍ଲିକ୍ ପ୍ରମୁଖ ଦାବି କରିଛନ୍ତି।

# ପୁଣି ଧସିଲା ଗେଙ୍ଗୁଟି ନଦୀବନ୍ଧ



କୋଟି କୋଟି ଟଙ୍କା ଖର୍ଚ୍ଚ ପରେ ବି ହେଉନି ସ୍ଥାୟୀ ସମାଧାନ

ଦୋବଲ,୪।୭ (ସମିସ): ଧାମନଗର ଜଳସମ୍ପଦ ବିଭାଗ ଅଧୀନ ଦଳାଙ୍ଗ ପଞ୍ଚାୟତର ରାମେଶ୍ୱରପୁର ମଳିକସାହି ନିକଟ ଗେଙ୍ଗୁଟି ନଦୀର ଦକ୍ଷିଣ ପାର୍ଶ୍ୱ ବନ୍ଧ ପୁଣି ଧସିଯାଇଛି। ଗତ ଦୁଇ ଦିନର ଲଗାଣ ବର୍ଷା ପରେ ବନ୍ଧରେ ପ୍ରାୟ ୫୦ ଫୁଟ୍ ଲମ୍ବର ଫାଟ ସୃଷ୍ଟି ହେବା ସହ କିଛି ଅଂଶ ନଦୀଗର୍ଭକୁ ଧସିଯାଇଥିବାରୁ ସ୍ଥାନୀୟ ଅଞ୍ଚଳରେ ଭୟର ବାତାବରଣ ସୃଷ୍ଟି ହୋଇଛି। ଗତ ୧୦ ବର୍ଷ ମଧ୍ୟରେ ଏହି ସ୍ଥାନରେ ୧୫ରୁ ଅଧିକ ଥର ବନ୍ଧ ଧସିଥିବାରୁ ଲୋକଙ୍କ ଚିନ୍ତା ବଢ଼ିଛି। ବାରମ୍ବାର ବନ୍ଧ ଧସୁଥିବାରୁ ଜଳସମ୍ପଦ ବିଭାଗ ପକ୍ଷରୁ ଚଳିତ ବର୍ଷ ବନ୍ଧ ସୁରକ୍ଷା ପାଇଁ ନଦୀ ଭିତର ପାର୍ଶ୍ୱରେ କଂକ୍ରିଟ ୱାଲ୍ ନିର୍ମାଣ ଓ ପଥର ପ୍ୟାକିଂ କାମ ଆରମ୍ଭ କରାଯାଇଥିଲା। ମାତ୍ର ପ୍ରାୟ ୨ ଫୁଟ୍ ଉଚ୍ଚତାର କଂକ୍ରିଟ ୱାଲ୍ ନିର୍ମାଣ ସହ ଅଳ୍ପ ପରିମାଣରେ ପଥର ବିଛାଯାଇଥିବାରୁ ବନ୍ଧର ଚାପ ସମ୍ଭାଳି ପାରୁ ନ ଥିବା ଅଭିଯୋଗ ହୋଇଛି।

ସ୍ଥାନୀୟ ଲୋକଙ୍କ କହିବାନୁସାରେ, ବନ୍ଧର ଉଚ୍ଚତା ଅନୁଯାୟୀ ସୁଦୃଢ଼ କଂକ୍ରିଟ ୱାଲ୍ ନିର୍ମାଣ କରାଯାଇଥା'ନ୍ତା, ତେବେ ଏଭଳି ପରିସ୍ଥିତି ସୃଷ୍ଟି ହୁଅନ୍ତା ନାହିଁ। ପୂର୍ବଥର ବନ୍ଧ ଧସିଥିବାରୁ ଏଠାରେ ବନ୍ଧ କମ୍ ଉଚ୍ଚତା ରହିଛି। ଏଥିସହ କାର୍ଯ୍ୟର ମାନକୁ ନେଇ ମଧ ପ୍ରଶ୍ନ ଉଠିଛି। ପଥର ପ୍ୟାକିଂ ସ୍ଥାନରେ ମାଟି ଭର୍ତ୍ତି କରାଯାଇଥିବାରୁ ନିମ୍ନମାନର କାମ ହୋଇଥିବା ଅଭିଯୋଗ ହୋଇଛି। ନିର୍ଦ୍ଧାରିତ ସମୟରେ କାମ ଶେଷ ନ ହେବାରୁ ବର୍ଷା ପୂର୍ବରୁ ପ୍ରକଳ୍ପ ଅଧାରେ ଅଟକି ରହିଥିଲା। ବର୍ତ୍ତମାନ ସେହି ସ୍ଥାନରେ ପୁଣି ବନ୍ଧରେ ଫାଟ ସୃଷ୍ଟି ହୋଇ କିଛି ଅଂଶ ନଦୀଗର୍ଭକୁ ଧସିଯାଇଛି। ସୂଚନା ମୁତାବକ, ଏହି ସ୍ଥାନର ଭୌଗୋଳିକ ଗଠନ ଏବଂ ରାମେଶ୍ୱରପୁର-କରଦା ଗେଙ୍ଗୁଟି ପୋଲର ଆବଟ୍‌ମେଣ୍ଟ ୱାଲ୍ ଯୋଗୁଁ ନଦୀର ପ୍ରଖର ସ୍ରୋତ ସିଧାସଳଖ ବନ୍ଧ ଉପରେ ଚାପ ସୃଷ୍ଟି କରୁଛି। ପ୍ରବାହପଥ ସଂକୀର୍ଣ୍ଣ ହୋଇଯାଇଥିବାରୁ ଜଳସ୍ରୋତ ବାରମ୍ବାର ଦିଗ ପରିବର୍ତ୍ତନ କରି ମଳିକସାହି ନିକଟ ବନ୍ଧରେ ମାଡ଼ ହେଉଛି, ଯାହା ଧସିବାର ମୁଖ୍ୟ କାରଣ ବୋଲି କୁହାଯାଉଛି। ଆଗକୁ ବର୍ଷାର ପରିମାଣ ବଢ଼ିଲେ ପରିସ୍ଥିତି ଅଧିକ ସଙ୍କଟଜନକ ହୋଇପାରେ ବୋଲି ଆଶଙ୍କା କରାଯାଉଛି। ତେଣୁ ତୁରନ୍ତ ବନ୍ଧର ମରାମତି କାମ ଶେଷ କରିବା ସହ ସ୍ଥାୟୀ ପ୍ରତିକାର ବ୍ୟବସ୍ଥା କରିବାକୁ ସ୍ଥାନୀୟ ଲୋକେ ଦାବି କରିଛନ୍ତି। ଏନେଇ ଜଳସେଚନ ବିଭାଗର ଅଧୀକ୍ଷଣ ଯନ୍ତ୍ରୀ ସଞ୍ଜୀବ ସାମଲଙ୍କୁ ପଚାରିବାରୁ କୁହନ୍ତି, ଏହି ଘଟଣା ସମ୍ପର୍କରେ ମୁଁ ଆପଣଙ୍କଠାରୁ ସୂଚନା ପାଇଲି। ଆପଣ ଧାମନଗର ଏସ୍‌ଡିଓଙ୍କ ସହ ଆଲୋଚନା କରନ୍ତୁ। ତେବେ ଏସ୍‌ଡିଓଙ୍କୁ ଯୋଗାଯୋଗ କରିଥିଲେ ହେଁ ସେ ଫୋନ୍ ଉଠାଇ ନ ଥିଲେ। ଗେଙ୍ଗୁଟି ନଦୀବନ୍ଧ ଧସିବା ପରି ଗୁରୁତର ଘଟଣା ସମ୍ପର୍କରେ ଜଳସମ୍ପଦ ବିଭାଗର ଅଧୀକ୍ଷଣ ଯନ୍ତ୍ରୀ ସଞ୍ଜୀବ ସାମଲଙ୍କ ପାଖରେ କୌଣସି ସୂଚନା ନ ଥିବା ଆଶ୍ଚର୍ଯ୍ୟର ବିଷୟ। ଏଭଳି ସ୍ଥିତିରେ ପ୍ରଶ୍ନ ଉଠୁଛି, ବନ୍ଧ ଧସିବା ପରି ସମ୍ବେଦନଶୀଳ ଘଟଣା ସମ୍ପର୍କରେ ବିଭାଗୀୟ ଅଧିକାରୀମାନେ ଯଦି ଅବଗତ ନୁହନ୍ତି କିମ୍ବା ଗଣମାଧ୍ୟମକୁ ସଠିକ୍ ସୂଚନା ଦେବା ପାଇଁ ଉପଲବ୍ଧ ନୁହନ୍ତି, ତେବେ ଜରୁରୀ ପରିସ୍ଥିତିରେ ବିଭାଗର ତତ୍ପରତାକୁ ନେଇ ସାଧାରଣ ଲୋକଙ୍କ ମନରେ ସନ୍ଦେହ ସୃଷ୍ଟି ହେବା ସ୍ୱାଭାବିକ।

# ଗୁଆମାଳରେ ବିଜେଡିର ସାଂଗଠନିକ ବୈଠକ



ଦୋଳସାହି,୪।୭ (ସମିସ): ଧାମନଗର ନିର୍ବାଚନମଣ୍ଡଳୀ ଅଧୀନ ତିହିଡ଼ି ବ୍ଲକ୍ ବିଜେଡି ପକ୍ଷରୁ ଏକ ସାଂଗଠନିକ ବୈଠକ ଶନିବାର ଗୁଆମାଳ ପଞ୍ଚାୟତରେ ଅନୁଷ୍ଠିତ ହୋଇଯାଇଛି। ସୂଚନାଯୋଗ୍ୟ, ତିହିଡ଼ି ବ୍ଲକ୍ ବିଜେଡି ପକ୍ଷରୁ ଗୁଆମାଳ ପଞ୍ଚାୟତ କଲ୍ୟାଣ ମଣ୍ଡପଠାରେ କର୍ମୀ ଓ ନେତାମାନଙ୍କୁ ନେଇ ଏହି ବୈଠକ ଅନୁଷ୍ଠିତ ହୋଇଯାଇଛି। ତିହିଡ଼ି ବ୍ଲକ୍ ବିଜେଡି ସଭାପତି ସୁରେନ୍ଦ୍ର କୁମାର ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ବୈଠକରେ ନିର୍ବାଚନମଣ୍ଡଳୀ ନେତା ଡ. ସଞ୍ଜୟ ଦାସ, ପୂର୍ବତନ ବ୍ଲକ୍ ଅଧକ୍ଷା ତଥା ଜିଲ୍ଲା ମହିଳା ବିଜେଡି ସଭାନେତ୍ରୀ ବିଦ୍ୟୁତ୍‌ଲତା ନାୟକ, ପୂର୍ବତନ ସରପଞ୍ଚ ହରେକୃଷ୍ଣ ଜେନା, ପୂର୍ବତନ ସରପଞ୍ଚ ପ୍ରଦୀପ ପଣ୍ଡା, ପୂର୍ବତନ ସରପଞ୍ଚ ଶଶଧର ସାମଲ, ଅମର ମଲ୍ଲିକ, କୃପାସିନ୍ଧୁ ଖୁଣ୍ଟିଆ, ପ୍ରମୋଦ ନାୟକ, ଅଶୋକ ନାୟକ, ଜୀବନ ସ୍ୱାଇଁ, ଅମୀୟ ରଞ୍ଜନ ସ୍ୱାଇଁ, ସନାତନ ଜେନା ଓ ଶତାଧିକ କର୍ମୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ଦଳର ତଳ ସ୍ତରରୁ ସଂଗଠନକୁ ମଜଭୁତ୍ କରିବା ନେଇ ଆଲୋଚନା ହେବା ସହ ଆସନ୍ତା ପଞ୍ଚାୟତ ନିର୍ବାଚନରେ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଲୋକପ୍ରିୟତା ଓ ନେତୃତ୍ୱରେ କିପରି ଅଧିକ ଆସନ ଅକ୍ତିଆର କରିବ ସେ ନେଇ ଆଲୋଚନା ହୋଇଥିଲା।

# ନୂତନ ବ୍ଲକ୍ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ଯୋଗଦାନ

ଦୋଳସାହି,୪।୭ (ସମିସ): ତିହିଡ଼ି ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ ନୂତନ ଶିକ୍ଷା ଅଧିକାରୀ ଭାବେ ଚାନ୍ଦବାଲି ଭାରପ୍ରାପ୍ତ ଅଧିକାରୀ ଶୁଭେନ୍ଦୁ ମହାରାଜ ଯୋଗଦେଇଥିବା ଜଣାଯାଇଛି। ସେ ଏସି ହାଇସ୍କୁଲ ଘଣ୍ଟେଶ୍ୱରରେ ସ୍ଥାୟୀ ପ୍ରଧାନଶିକ୍ଷକ ଭାବେ କାର୍ଯ୍ୟରତ। ତିହିଡ଼ି ବ୍ଲକ୍‌ରେ ଥିବା ଶିକ୍ଷା ଶିକ୍ଷକ ଓ ଶିକ୍ଷାୟତନ ସମସ୍ୟାର ସମାଧାନ ପାଇଁ ତିହିଡ଼ି ଶିକ୍ଷା ବିଭାଗ କାର୍ଯ୍ୟାଳୟ ତଥା ନିଖିଳ ଉତ୍କଳ ପ୍ରାଥମିକ ଶିକ୍ଷକ ସଂଗଠନ ସୌଜନ୍ୟମୂଳକ ସାକ୍ଷାତ୍ ଦୃଷ୍ଟି ଦେବାକୁ ନିବେଦନ କରିଥିଲେ। ତିହିଡ଼ି ଶାଖା ଶିକ୍ଷକ ସଂଗଠନ ତରଫରୁ ସମ୍ପାଦକ ରମାକାନ୍ତ ଦାସ, ସଭାପତି ମାୟାଧର ସାହୁ, ସଂଗଠନ ସମ୍ପାଦକ ଶ୍ରୀନାଥ ମଲ୍ଲିକ, କାର୍ଯ୍ୟକାରୀ ସମ୍ପାଦକ ବଂଶୀଧର ଦାସ, ଜିଲ୍ଲା ଶିକ୍ଷକ ସଂଗଠନର କୋଷାଧକ୍ଷ ଗିରିଧାରୀ ଚାନ୍ଦ ଓ ତିହିଡ଼ି ବ୍ଲକ୍ କୋଷାଧକ୍ଷ ମନ୍ମଥ ଦାସ, ତିହିଡ଼ି ବ୍ଲକ୍‌ର ସମସ୍ତ ସିଆର୍‌ସିସିଙ୍କ ମଧ୍ୟରେ ସସ୍ମିତା ମଞ୍ଜରୀ ନାୟକ, ଚନ୍ଦନ ପାତ୍ର, ଶିବବ୍ରତ ମିଶ୍ର, ଦେବବ୍ରତ ଶତପଥୀ, ତ୍ରିନାଥ ସେଠୀ, ଜନ୍ମେଜୟ ସାହୁ, ମନୋଜ ବେହେରା ଓ ବହୁ ଶିକ୍ଷକଶିକ୍ଷୟିତ୍ରୀ ନୂତନ ବିଇଓଙ୍କୁ ସାକ୍ଷାତ୍ କରିଥିଲେ।

# ଜ୍ୟୋତ୍ସ୍ନାମୟୀ ସାହୁଙ୍କୁ 'ସାହିତ୍ୟ ଭୂଷଣ' ସମ୍ମାନ



ବନ୍ତ/ଆଗରପଡ଼ା,୪।୭ (ସମିସ): ବିଶିଷ୍ଟ କବି ଡ. ଜ୍ୟୋତ୍ସ୍ନାମୟୀ ସାହୁ ଅନ୍ତର୍ଜାତୀୟ ସ୍ତରରେ ଏକ ସ୍ୱତନ୍ତ୍ର ସମ୍ମାନର ଅଧିକାରିଣୀ ହୋଇ ଓଡ଼ିଶା ତଥା ବନ୍ତ ଅଞ୍ଚଳ ପାଇଁ ଗୌରବ ଆଣିଦେଇଛନ୍ତି। ତାଙ୍କର ଉଚ୍ଚକୋଟିର ସାହିତ୍ୟ ସର୍ଜନା ଓ ସାରସ୍ୱତ ସାଧନା ତଥା ଗବେଷଣା ପାଇଁ ନୂଆଦିଲ୍ଲୀର ଚାଣକ୍ୟପୁରୀଠାରେ ଅନୁଷ୍ଠିତ ଏକ ଭବ୍ୟ ସମାରୋହରେ ଅନ୍ତର୍ଜାତୀୟ ସଂଗଠନ 'ଦି ଗ୍ଲୋବାଲ ଆୱାର୍ଡ ଆଣ୍ଡ ରେକଗ୍‌ନାଇଜେସନ୍ ଅଫ୍ କାଉନ୍‌ସିଲ' (ଜିଏଆର୍‌ସି) ପକ୍ଷରୁ ତାଙ୍କୁ ସମ୍ମାନଜନକ 'ସାହିତ୍ୟ ଭୂଷଣ' ସମ୍ମାନରେ ସମ୍ମାନିତ କରାଯାଇଥିବା ଜଣାପଡ଼ିଛି। ଏଥିସହ ଆମେରିକାର 'ଅଟୋନୋମସ ଇଷ୍ଟ ଆଣ୍ଡ ୱେଷ୍ଟ ୟୁନିଭରସିଟି' (ୟୁଏସ୍‌ଏ) ପକ୍ଷରୁ ତାଙ୍କୁ ସମ୍ମାନସୂଚକ 'ଡକ୍ଟରେଟ୍ ଆୱାର୍ଡ' ପ୍ରଦାନ କରାଯାଇଥିବା ଜଣାପଡ଼ିଛି। ଏହା ପୂର୍ବରୁ ସେ ଆହୁରି ୩ଟି ସମ୍ମାନସୂଚନ ଡକ୍ଟରେଟ୍ ଉପାଧି ମଧ ହାସଲ କରିସାରିଛନ୍ତି। ବିଭିନ୍ନ ଅନ୍ତର୍ଜାତୀୟ ସଂଗଠନ ତରଫରୁ ସେ ୭୦ରୁ ଉର୍ଦ୍ଧ୍ୱ ଗ୍ଲୋବାଲ ସାର୍ଟିଫିକେଟ୍ ମଧ ପାଇଛନ୍ତି। ସେ ସମ୍ମାନଜନକ ରବୀନ୍ଦ୍ରନାଥ ଟାଗୋର ଆୱାର୍ଡ, କବି ମହକ, କବି ଶ୍ରୀ, କବି କାଦମ୍ବିନୀ ଏବଂ କବି ସୌରଭ ସମ୍ମାନରେ ମଧ ସମ୍ମାନିତ ହୋଇଥିବା ଜଣାପଡ଼ିଛି। ସେ ଜଣେ ଦ୍ୱିଭାଷୀ କବୟିତ୍ରୀ। ସେ ଓଡ଼ିଆ ଏବଂ ଇଂରାଜୀ ଦୁଇଟିଯାକ ଭାଷାରେ ସାହିତ୍ୟ ସାଧନା କରିଛନ୍ତି। ତାଙ୍କର ଉଚ୍ଚପ୍ରଶଂସିତ ଇଂରାଜୀ ପୁସ୍ତକର ନାମ ହେଉଛି 'ଦ ଫ୍ରାଗ୍ରାନ୍ସ ଅଫ୍ ଲଭ୍' (ପ୍ରେମର ମହକ)। ସେ ଓଡ଼ିଆରେ ୫୦୦ରୁ ଉର୍ଦ୍ଧ୍ୱ କବିତା ରଚନା କରିଛନ୍ତି। ଏକାଧାରରେ ସେ ଜଣେ ସଫଳ ଗାଳ୍ପିକା ଓ ପ୍ରାବନ୍ଧିକା ଭାବେ ୫୦ରୁ ଉର୍ଦ୍ଧ୍ୱ ଗଳ୍ପ ମଧ ଲେଖିସାରିଛନ୍ତି। ଡ. ଜ୍ୟୋତ୍ସ୍ନାମୟୀ ସାହୁ ହେଉଛନ୍ତି ମିଠିଗାଁ ଗ୍ରାମର ନରହରି ଜେନା ଓ ମାଳତୀ ଜେନାଙ୍କର ଏକମାତ୍ର ସୁପୁତ୍ରୀ। ସେ ବନ୍ତ ଅଞ୍ଚଳର ଟିଲୋ ଗ୍ରାମର ମାନ୍ୟଗଣ୍ୟ ବ୍ୟକ୍ତି ରଙ୍ଗାଧର ସାହୁଙ୍କ ବଡ଼ ବୋହୂ ଏବଂ ପ୍ରଧାନଶିକ୍ଷକ ପ୍ରଶାନ୍ତ କୁମାର ସାହୁଙ୍କ ଧର୍ମପତ୍ନୀ ଅଟନ୍ତି। କଠୋର ପରିଶ୍ରମ, ସାଧନା ଆଉ ଇଚ୍ଛାଶକ୍ତି ଆଗରେ ସଫଳତା କେବେ ବି ବାଦ୍ ପଡ଼େନାହିଁ ବୋଲି ସେ ତାଙ୍କର ମତପ୍ରକାଶ କରିଥିବାବେଳେ ଏହି ସଫଳତାର ଶ୍ରେୟ ସେ ଭଗବାନ ଶ୍ରୀକୃଷ୍ଣ ତଥା ତାଙ୍କର ଶୁଭାକାଂକ୍ଷୀମାନଙ୍କୁ ଦେଇଛନ୍ତି।

# ଧର୍ମପ୍ରାଣା ଶକୁନ୍ତଳା ପରିଡ଼ାଙ୍କ ସ୍ମୃତିସଭା







ଅସୁରାଳି,୪।୭ (ସମିସ): ଧାମନଗର ବ୍ଲକ୍ ଗୋବିନ୍ଦପୁର ପଞ୍ଚାୟତ ଗୋବିନ୍ଦପୁର ଗାଁ ଡିହସାହି ଅଙ୍ଗନବାଡ଼ି କେନ୍ଦ୍ର ସହାୟିକା ସ୍ୱର୍ଗୀୟା ଶକୁନ୍ତଳା ପରିଡ଼ାଙ୍କ ଏକାଦଶାହ ଅବସରରେ ଏକ ସ୍ମୃତିସଭା ସାମ୍ବାଦିକ ସନ୍ତୋଷ ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ସ୍ମୃତିସଭାରେ ଦୈନିକ "ସକାଳ"ର ପ୍ରକାଶକ ତଥା ନନ୍ଦିଘୋଷ ଟିଭି ନିର୍ଦ୍ଦେଶକ ଅମିତ କୁମାର ମଲ୍ଲିକ, ପୂର୍ବତନ ବିଧାୟକ ମୁକ୍ତିକାନ୍ତ ମଣ୍ଡଳ, ଧୂଷୁରୀ ଜିଲ୍ଲା ପରିଷଦ ସଦସ୍ୟ ପ୍ରଦୀପ କୁମାର ମଲ୍ଲିକ, ଆଇନଜୀବୀ ରମେଶ ବେହେରା, ଉମେଶ ମହାନ୍ତି, ଶ୍ରୀଧର ନାଥ, ଅଧାପକ ଶ୍ରୀଧର ସାହୁ, ମାଧବାନନ୍ଦ ଖଟୁଆ, ସତ୍ୟମୂର୍ତ୍ତି ବେହେରା, ସାମ୍ବାଦିକ ଅନନ୍ତ ସାହୁ, ସମାଜସେବୀ ଆଲୋକ କାନୁନ୍‌ଗୋ, ସାମ୍ବାଦିକ ଲକ୍ଷ୍ମୀ ନାରାୟଣ ମିଶ୍ର, ରତିକାନ୍ତ ନାୟକ, କୃଷ୍ଣ ଚନ୍ଦ୍ର ଜେନା, ସଞ୍ଜୀବ ମହାନ୍ତି, ପ୍ରଧାନଶିକ୍ଷକ ରଞ୍ଜନ ସେଠୀ, ମନୋରଞ୍ଜନ ଗୋସ୍ୱାମୀ, ଲୀଳାମ୍ବର ଘୋଷ, ଅଧର ନାୟକ, ପ୍ରଧାନଶିକ୍ଷକ ରମାକାନ୍ତ ମଲ୍ଲିକ ପ୍ରମୁଖ ସମାଜସେବୀ, ସାମ୍ବାଦିକ ଓ ସ୍ଥାନୀୟ ଅଙ୍ଗନବାଡ଼ି କେନ୍ଦ୍ରର ବହୁ କର୍ମଚାରୀ ଯୋଗଦେଇ ସ୍ୱର୍ଗୀୟ ଶକୁନ୍ତଳା ପରିଡ଼ାଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରିବା ସହିତ ତାଙ୍କର ସ୍ମୃତିଚାରଣ କରିଥିଲେ। ସେ ଜଣେ ପରୋପକାରୀ ଓ ଧର୍ମପ୍ରାଣା ମହିଳା ଭାବେ ବେଶ୍ ପରିଚିତ ଥିଲେ ବୋଲି ଉପସ୍ଥିତ ଅତିଥିମାନେ ଶୋକବ୍ୟକ୍ତ କରିଥିଲେ।


# ବ୍ୟକ୍ତିଗତ ଜାଗାରେ ସୂଚନାଫଳକ ନିର୍ମାଣକୁ ବିରୋଧ





ଧାମନଗର,୪।୭ (ସମିସ): ଧାମନଗର ବ୍ଲକ୍ ଅନ୍ତର୍ଗତ ବୟାଙ୍ଗଡିହ ପଞ୍ଚାୟତର ନୂଆଗାଁ ଗ୍ରାମର ସେକ୍ ଅଜଗର ଅଲ୍ଲୀଙ୍କ ନିଜ ସ୍ଥିତିବାନ ଜମି ଉପରେ 'ବିକଶିତ ଗାଁ ବିକଶିତ ଓଡ଼ିଶା' ଯୋଜନାରେ ଭୋଗ ମଣ୍ଡପ ପ୍ରକଳ୍ପ ପାଇଁ ସୂଚନାଫଳକ ନିର୍ମାଣ କାର୍ଯ୍ୟ ଆରମ୍ଭରୁ ବିରୋଧ କରିବା ସହ ଗତ ଗୁରୁବାର ଧାମନଗର ବିଡିଓ ବନବିହାରୀ ଦିନ୍ଦାଙ୍କ ଭେଟି ଲିଖିତ ଅଭିଯୋଗ କରିଛନ୍ତି। ସୂଚନା ଅନୁଯାୟୀ, ମୌଜାର ଖାତା ପୈତୃକ ମୁତାବକ, ବୟାଙ୍ଗଡିହ ମୌଜା ନଂ. ୩୮ ଓ ପ୍ଲଟ୍ ନଂ ୩୧୧ ସ୍ଥିତିବାନ ସମ୍ପତ୍ତି ଅଭିଯୋଗକାରୀଙ୍କ ସାଆନ୍ତ ସେକ୍ ହେଦାତଙ୍କ ବାପା ସାହେବ ଜାନ୍ ଓ ଅନ୍ୟମାନଙ୍କ ନାମରେ ରହିଛି। ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ଆର୍ଥିକ ବର୍ଷ ୨୦୨୫-୨୬ରେ ଅଟକଳ ମୂଲ୍ୟ ୩ ଲକ୍ଷ ୩୨ ହଜାର ଟଙ୍କା ବ୍ୟୟରେ ଉକ୍ତ ପ୍ଲଟ୍ ଉପରେ ଏକ ଭୋଗ ମଣ୍ଡପ ପାଇଁ ସୂଚନାଫଳକ ନିର୍ମାଣ କରାଯାଇଛି। ଏହା ଅଭିଯୋଗ ପତ୍ରରେ ଉଲ୍ଲେଖ କରିଛନ୍ତି। ଏ ସମ୍ପର୍କରେ ବିଭାଗୀୟ କନିଷ୍ଠ ଯନ୍ତ୍ରୀ ପ୍ରଭାସ ବେହେରା କହିଛନ୍ତି, ଘଟଣା ସମ୍ପର୍କରେ ବିଡିଓ ମୋତେ ଅବଗତ କରାଇଛନ୍ତି। ତେବେ ଏହି ଘଟଣାର ଆର୍‌ଆଇ ତଦନ୍ତ କରି ରିପୋର୍ଟ ଦେଲା ପରେ ଆଇନଗତ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଅଧିକାରୀ ଓ ଯନ୍ତ୍ରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି।

# ସରମରାରେ ଶନିଦେବଙ୍କ ବାର୍ଷିକ ଉତ୍ସବ



ବନ୍ତ/ଆଗରପଡ଼ା,୪।୭ (ସମିସ): ବନ୍ତ ବ୍ଲକ୍ ଓଡ଼ଙ୍ଗ ପଞ୍ଚାୟତ ସରମରା ଗ୍ରାମରେ ବାବା ଶନିଦେବଙ୍କ ୬ଷ୍ଠ ବାର୍ଷିକ ଉତ୍ସବ ମହାସମାରୋହରେ ପାଳିତ ହୋଇଯାଇଛି। ମୁଖ୍ୟ କର୍ତ୍ତା ଆନନ୍ଦ ଚନ୍ଦ୍ର ରାଉତ, ସାବିତ୍ରୀ ରାଉତ, ପୂର୍ଣ୍ଣଚନ୍ଦ୍ର ରାଉତ, ପ୍ରମିତା ରାଉତଙ୍କ ଦ୍ୱାରା ବୁଧବାର ଗାଁରେ ଥିବା ତାରିଣୀ ମନ୍ଦିର ପାଖ ପୁଷ୍କରିଣୀରୁ ୩୧ଟି କଳସରେ ଜଳ ଆଣି ସ୍ଥାପନା କରିବା ସହିତ ପୀଠରେ ମଣ୍ଡପ ସଂସ୍କରଣ, ଅଙ୍କୁରାରୋପଣ ଓ ଜଳଯାତ୍ରା ଆୟୋଜିତ ହୋଇଥିଲା। ସେହିଭଳି ଗୁରୁବାର ପଞ୍ଚକର୍ମ, ଗୁରୁପୂଜା, ସୂର୍ଯ୍ୟ ପୂଜା, ଗୋମାତା ପୂଜା, ଶନିଦେବଙ୍କ ତୈଳ ଅଭିଷେକ ପୂଜା, ଷୋଡ଼ଶ ଉପଚାର ପୂଜା ସହିତ ହୋମଯଜ୍ଞ ଅନୁଷ୍ଠିତ ହୋଇଥିଲା। ପଣ୍ଡିତ ପଦ୍ମନାଭ ପଣ୍ଡା, ମନ୍ଦିର ମୁଖ୍ୟ ପୂଜକ ନାରଣ ଚନ୍ଦ୍ର ପାଢ଼ୀ, କୃଷ୍ଣଚନ୍ଦ୍ର ପାଢ଼ୀ ପ୍ରମୁଖ ବୈଦିକ ରୀତିନୀତି ଅନୁଯାୟୀ ପୂଜାର୍ଚ୍ଚନା କରିଥିଲେ। ବାର୍ଷିକ ଉତ୍ସବରେ ଗ୍ରାମ ସମେତ ଆଖପାଖ ୫/୭ ଖଣ୍ଡ ଗାଁର ଶ୍ରଦ୍ଧାଳୁମାନେ ଯୋଗଦେଇଥିଲେ। ୨ଦିନ ଧରି ଚାଲିଥିବା କାର୍ଯ୍ୟକ୍ରମକୁ ଆୟୋଜନ କମିଟିର ସଭ୍ୟସଭ୍ୟା ସନାତନ ପାତ୍ର, ଭିକାରୀ ନାୟକ, ଶଶିକାନ୍ତ ଜେନା, ସୁକାନ୍ତ ସାହୁ, ନାରାୟଣ ନାୟକ, ନରେଶ ଜେନା, ଚକ୍ରଧର ରାଉତ, କୈଳାସ ବିଶ୍ୱାଳ, ଭରତ ଚନ୍ଦ୍ର ବିଶ୍ୱାଳ, ବାସନ୍ତୀ ଖୁଣ୍ଟିଆ, ରବୀନ୍ଦ୍ର ରାଉତ, ରାମଚନ୍ଦ୍ର ଦାସ, ପ୍ରିୟବ୍ରତ ରାଉତ, ସତ୍ୟପ୍ରକାଶ ରାଉତଙ୍କ ସମେତ ସରମରା ଗ୍ରାମର ଗ୍ରାମବାସୀମାନେ ପରିଚାଳନା କରିଥିଲେ।

# କାମ ସରିନି; ରାସ୍ତା ଫାଟି ଆଁ

## ନିମ୍ନମାନର କାମକୁ ନେଇ ତାତିଲେ ଗ୍ରାମବାସୀ



ଧୂଷୁରୀ/କୋଠାର,୪।୭ (ସମିସ): ଧାମନଗର ବ୍ଲକ୍ ଅଧୀନ କୋଠାର ପଞ୍ଚାୟତରେ "ବିକଶିତ ଗାଁ ବିକଶିତ ଓଡ଼ିଶା' ଯୋଜନାରେ ଉମାକାନ୍ତ ପୁଣ୍ଟିଆଙ୍କ ଘର ନିକଟରୁ ହାଇସ୍କୁଲ ରାସ୍ତା ପର୍ଯ୍ୟନ୍ତ ପ୍ରାୟ ୪ ଲକ୍ଷ ୫୦ ହଜାର ଟଙ୍କା ବ୍ୟୟ ଅଟକଳରେ ଚାଲିଥିବା କଂକ୍ରିଟ୍ ରାସ୍ତା ନିର୍ମାଣ କାମ ନିମ୍ନମାନର ହୋଇଥିବା ଅଭିଯୋଗ ଉଠିଛି। ସ୍ଥାନୀୟ ଲୋକଙ୍କ ଅଭିଯୋଗ ଅନୁସାରେ, କାମ ସମ୍ପୂର୍ଣ୍ଣ ହୋଇ ନ ଥିବାବେଳେ ନିର୍ମିତ ରାସ୍ତାରେ ଫାଟ ସୃଷ୍ଟି ହୋଇଗଲାଣି। ରାସ୍ତା ନିର୍ମାଣରେ ସିମେଣ୍ଟର ପରିମାଣ ଓ ଗୁଣବତ୍ତାକୁ ନେଇ ମଧ ପ୍ରଶ୍ନ ଉଠାଇଛନ୍ତି ଗ୍ରାମବାସୀ। ଏହାସହ କାର୍ଯ୍ୟସ୍ଥଳରେ ସମ୍ପୃକ୍ତ ବିଭାଗର କୌଣସି ଯନ୍ତ୍ରୀ ଉପସ୍ଥିତ ନ ଥିବାରୁ କାମର ତଦାରଖକୁ ନେଇ ମଧ ସନ୍ଦେହ ପ୍ରକାଶ ପାଇଛି। ଏହି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ କରିବା ସହ ଭିଜିଲାନ୍ସ ତଦନ୍ତ କରାଯିବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏ ସମ୍ପର୍କରେ ସମ୍ପୃକ୍ତ ବିଭାଗୀୟ ଅଧିକାରୀ ସୁବାସ ଜେନାଙ୍କୁ ପଚାରିବାରୁ ସେ କହିଛନ୍ତି, ଏ ବିଷୟରେ ମୋତେ ଜଣାନାହିଁ। ଘଟଣାସ୍ଥଳ ପରିଦର୍ଶନ କରିବା ପରେ ଯାହା ସତ୍ୟ ଥିବ ସେହି ଅନୁଯାୟୀ କହିବି। ଏହି ଘଟଣା ସମ୍ପର୍କରେ ଧାମନଗର ବିଡିଓଙ୍କ ପ୍ରତିକ୍ରିୟା ନେବା ପାଇଁ ଫୋନ୍ ଯୋଗେ ଯୋଗାଯୋଗ କରିଥିଲେ। ପ୍ରଥମେ ବିଡିଓ କହିଥିଲେ, "ମୁଁ ମିଟିଂରେ ବ୍ୟସ୍ତ ଅଛି।' ପରବର୍ତ୍ତୀ ସମୟରେ ଆଉଥରେ ଯୋଗାଯୋଗ କରାଯାଇଥିଲେ ମଧ ସେ ଫୋନ୍ ରିସିଭ୍ କରି ନ ଥିଲେ। ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ଦେଖାଦେଇଥିବା ବେଳେ, ସମ୍ପୃକ୍ତ ବିଭାଗ କେବେ ତଦନ୍ତ କରି ଆବଶ୍ୟକ ପଦକ୍ଷେପ ନେଉଛି, ତାହାକୁ ନେଇ ସମସ୍ତଙ୍କ ନଜର ରହିଛି।

# ଆଣ୍ଠୁଏ ପାଣିରେ ଯାତାୟାତ କରୁଛନ୍ତି ୬ ପଞ୍ଚାୟତବାସୀ

## ତିହିଡ଼ି ତହସିଲ୍ ମୁଖ୍ୟ ରାସ୍ତା ଏବେ ଅମୃତ ସରୋବର ଯୋଜନାରେ ପରିଣତ

ତିହିଡ଼ି,୪।୭ (ସମିସ)





ତିହିଡ଼ି-ବଡଲପାଳ ଛକ ରାସ୍ତାର ତିହିଡ଼ି ତହସିଲ୍ କାର୍ଯ୍ୟାଳୟ ସମ୍ମୁଖରେ ସାମାନ୍ୟ ବର୍ଷାରେ ଜମୁଛି ଆଣ୍ଠୁଏ ଉଚ୍ଚର ପାଣି। ଫଳରେ ସାଧାରଣ ଜନତା ଯାତାୟାତରେ ଘୋର୍ ସମସ୍ୟା ଭୋଗୁଥିବାବେଳେ

### ହୀନସ୍ତା ହେଉଛନ୍ତି ୭ ସରକାରୀ କାର୍ଯ୍ୟାଳୟର କର୍ମଚାରୀ

ହୀନସ୍ତା ହେଉଛନ୍ତି ଏହି ରାସ୍ତା ଉପରେ ନିର୍ଭର କରୁଥିବା ୭ଟି ସରକାରୀ କାର୍ଯ୍ୟାଳୟର କର୍ମଚାରୀ। ଶୁକ୍ରବାର ସନ୍ଧ୍ୟାରେ ବର୍ଷା ହେବା ଫଳରେ ଭଦ୍ରକ-ଚାନ୍ଦବାଲି ରାସ୍ତାଠାରୁ ଗ୍ରାମ୍ୟ ଉନ୍ନୟନ କାର୍ଯ୍ୟାଳୟ ପର୍ଯ୍ୟନ୍ତ ରାସ୍ତା ପାଣିରେ ଏପର୍ଯ୍ୟନ୍ତ ବୁଡ଼ି ରହିଛି। ଜଳ ନିଷ୍କାସନ ପାଇଁ କୌଣସି ବ୍ୟବସ୍ଥା ନାହିଁ। ଏହି ରାସ୍ତାରେ ଖାଲି ତିହିଡ଼ି ବ୍ଲକ୍‌ର ୬ଟି ପଞ୍ଚାୟତବାସୀ ଯାତାୟାତ ପାଇଁ ନିର୍ଭର କରୁନାହାନ୍ତି; ଧାମନଗର ବ୍ଲକ୍‌କୁ ଯିବା ପାଇଁ ମଧ ଏହି ରାସ୍ତା ଉପରେ ଶହଶହ ଲୋକ ନିର୍ଭର କରିଥା'ନ୍ତି। ସବୁଠାରୁ ଆଶ୍ଚର୍ଯ୍ୟର କଥା ହେଉଛି ତିହିଡ଼ି ତହସିଲ୍ କାର୍ଯ୍ୟାଳୟ, ଭାଟପଡ଼ା ରାଜସ୍ୱ ନିରୀକ୍ଷକ, ଉପନିବନ୍ଧନ କାର୍ଯ୍ୟାଳୟ, ତିହିଡ଼ି ଗ୍ରାମ୍ୟ ଉନ୍ନୟନ ଉପଖଣ୍ଡ କାର୍ଯ୍ୟାଳୟ, ଭାଟପଡ଼ା ପୋଷ୍ଟ ଅଫିସ, ଗ୍ରାମ୍ୟ ପାନୀୟ ଜଳ ଯୋଗାଣ ଓ ପରିମଳ ବିଭାଗ ଆଦି ବହୁ କାର୍ଯ୍ୟାଳୟ ରହିଛି। ସାଧାରଣ ଲୋକଟିଏ ଏଠାକୁ ଆସିବାକୁ ହେଲେ ଆଣ୍ଠୁଏ ପାଣିରେ ପଶିବା ନିଶ୍ଚିତ। ଆଗକୁ ବର୍ଷା ବଢ଼ିବ। ସମସ୍ୟା ଅଧିକ ଉଗ୍ର ହେବା ସ୍ୱାଭାବିକ। ଏପରି ଏକ ଗୁରୁତ୍ୱପୂର୍ଣ୍ଣ ରାସ୍ତାରୁ ବର୍ଷା ଜଳ ବାହାରିଯିବା ପାଇଁ ତୁରନ୍ତ ପ୍ରଶାସନ ପଦକ୍ଷେପ ନିଅନ୍ତୁ ବୋଲି କିଛିଦିନ ପୂର୍ବରୁ ଅତିରିକ୍ତ ତହସିଲ୍‌ଦାର ସତୀଶ କୁମାର ରାଉତ ଲିଖିତ ଅଭିଯୋଗ କରିବା ସହ ଦାବିପତ୍ର ଦେଇଥିଲେ ସମାଜସେବୀ ଗଣେଶ ପ୍ରସାଦ, ଉମାକାନ୍ତ ଦାସ, ଶୁଭମ୍ ସାର୍ଥକ ଜେନାଙ୍କ ସମେତ ୪ ପଞ୍ଚାୟତବାସୀ। ମାସେରୁ ଅଧିକ ଦିନ ହୋଇଯାଇଥିଲେ ମଧ ପ୍ରଶାସନ ନିରବ ରହିଛି। କାହା ଚାପରେ ଚେପା ହୋଇ ବସିଛି ପ୍ରଶାସନ ବୋଲି ଏହା ସାଧାରଣରେ ଚର୍ଚ୍ଚାର ବିଷୟ ପାଲଟିଛି।

# ଲଗାଣ ବର୍ଷାରେ ଧାନ ଓ ପରିବା ଚାଷ ନଷ୍ଟ

ଜଳେଶ୍ୱର, ୪।୭ (ସମିସ)



ଗତ ଦୁଇଦିନ ଧରି ଚାଲିଥିବା ଲଗାଣ ବର୍ଷାରେ ଜଳେଶ୍ୱର ବ୍ଲକର ବହୁ ଅଞ୍ଚଳରେ ଚାଷଜମି ବୁଡି ରହିଥିବାରୁ ଧାନତଳି ନଷ୍ଟ ହେବା ସହିତ ବିଭିନ୍ନ ପରିବା ପାଣିରେ ଭାସୁଥିବାର ଦେଖିବାକୁ ମିଳୁଛି। ଜଳେଶ୍ୱର ବ୍ଲକର ବିଭିନ୍ନ ପଂଚାୟତରେ ପାଣି ନିଷ୍କାସନ ସୁବ୍ୟବସ୍ଥା ତଥା ସ୍ଥାୟୀ ସମାଧାନ ହୋଇପାରି ନ ଥିବାରୁ ସାମାନ୍ୟ ବର୍ଷାରେ ବନ୍ୟା ପରିସ୍ଥିତି ସୃଷ୍ଟି ହେଉଛି। ମାକିଡିଆ ଠାରୁ ଶିଖରପୁର ପର୍ଯ୍ୟନ୍ତ ସୁବର୍ଣ୍ଣରେଖା ନଦୀକୂଳ ପାଳ ଜମିରେ ହୋଇଥିବା କଖାରୁ, ଜହ୍ନି, ଭେଣ୍ଡି, ପୋଟଳ, କାଙ୍କଡ, କଲରା ଇତ୍ୟାଦି ବିଭିନ୍ନ ପ୍ରକାରର ପରିବା ଚାଷ ହୋଇଥିବା ଜମି ବର୍ଷାପାଣିରେ ବୁଡି ରହିଛି ଫଳରେ ପରିବା ଚାଷୀ ମାନେ ମୁଣ୍ଡରେ ହାତଦେଇ ବସିଛନ୍ତି। ସେହିପରି ବହୁ ଦିନରୁ ବର୍ଷା ନଥିବାରୁ ତଳିଆ ଅଂଚଳରେ ପକାଯାଇଥିବା ଧାନ ତଳି ଲଗାଣ ବର୍ଷାରେ ବୁଡିରହି ତଳି ନଷ୍ଟ ହେବାରେ ଲାଗିଛି। ମାକିଡିଆ, ଅଳମରା, କାଳିକ, ବରଡିହା, କଳମା, ତେଘରୀ, ଲକ୍ଷ୍ମଣନାଥ, ନର୍ଷିମପୁର, ନାମ୍ପୋ, ଖାଲିନା, ନାଛିନ୍ଦା, ଆରୁହା, ସରସିଦା, ଗୋପୀମୋହନପୁର, ପଶ୍ଚିମବାଡ ଇତ୍ୟାଦି ଗ୍ରାମପଂଚାୟତରେ ଲଗାଣ ବର୍ଷା ଯୋଗୁଁ ପରିବା ଚାଷ ନଷ୍ଟ ସହିତ ଧାନତଳି ଜମି ଗୁଡିକ ନଷ୍ଟ ହେବାରେ ବସିଛି।

## ଉଦ୍‌ବୃତ୍ତ ବର୍ଷାପାଣିକୁ ନେଇ ଆଶଙ୍କାରେ ଗ୍ରାମବାସୀ

ଜଳେଶ୍ୱର ପୌରାଞ୍ଚଳର ୩ନଂ, ୪ନଂ ୮ନଂ, ୯ନଂ, ୧୦ନଂ ବିଭିନ୍ନ ୱାର୍ଡରେ ବର୍ଷା ଜଳ ନିଷ୍କାସନ ନ ହେବାରୁ ରାସ୍ତା ଘାଟ ବୁଡିଯିବା ସହିତ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି। ଜଳେଶ୍ୱର ସହରର ମୁଖ୍ୟ ମହାନାଳ ବାରମୁହାଁ ପୋଲ ଦେଇ ବର୍ଷା ଉଦ୍‌ବୃତ ପାଣି ନିଷ୍କାସନ ହେଉ ନ ଥିବାରୁ ଅଧିକ ବର୍ଷା ହେଲେ ପ୍ରତିବର୍ଷ ପରି ଉପର ମୁଣ୍ଡରେ ଥିବା ୮ନଂ ୱାର୍ଡ ସ୍ଥିତ ଜେଲରୋଡ, ଫଚୁଘଣ୍ଟା ରାସ୍ତା, ୭ନଂ ୱାର୍ଡ ଶାସନବାର୍ଡରୁ ଯାଇଥିବା ମୁଖ୍ୟ ଲକ୍ଷ୍ମଣନାଥ ରାସ୍ତା, ଶାସନବାଡ ବସ୍ତି ମଧ୍ୟରେ ରାସ୍ତା, ପଥରପୁରାର ହାଟ ରାସ୍ତା ଉପରେ ପାଣି ପ୍ରବାହିତ ହୋଇଥାଏ। ତେଣୁ ଉଦ୍‌ବୃତ ବର୍ଷାପାଣି ଓ ବନ୍ୟାପାଣି ନିଷ୍କାସନ ପାଇଁ ପ୍ରଶାସନ ତରଫରୁ ପୂର୍ବ ପ୍ରସ୍ତୁତି ନିଆଯାଉନାହିଁ। ସେହିପରି ୧୦ନଂ ଓ ୯ନଂ ୱାର୍ଡରେ ପାଣି ନିଷ୍କାସନ ବ୍ୟବସ୍ଥା ନଥିବାରୁ ପ୍ରତିବର୍ଷ ସାମାନ୍ୟ ବର୍ଷାରେ ପାଣି ଲୋକଙ୍କ ଘରେ ପ୍ରବେଶ କରିଥାଏ। ବର୍ଷା ଆରମ୍ଭ ପୂର୍ବରୁ ଗ୍ରାମବାସୀ ବର୍ଷା ପାଣି ନିଷ୍କାସନ ପାଇଁ ବାରଂବାର ଦାବୀ କରିଆସୁଥିଲେ ମଧ୍ୟ ଆଜିଯାଏ କୌଣସୀ ପଦକ୍ଷେପ ନିଆଯାଇ ନାହିଁ। ସେଥିପାଇଁ ଏହି ୱାର୍ଡ ଗୁଡିକର ଅଧିବାସୀମାନେ ଉଦ୍‌ବୃତ ବର୍ଷା ପାଣିକୁ ନେଇ ଆଶଙ୍କା ମଧ୍ୟରେ ରହିଛନ୍ତି। ତୁରନ୍ତ ଉଦ୍‌ବୃତ ବର୍ଷାପାଣି ନିଷ୍କାସନର ବ୍ୟବସ୍ଥା କରିବାକୁ ବିଭିନ୍ନ ଅଂଚଳରେ ଲୋକଙ୍କ ଦାବୀ ହେଉଛି।

## ୭୭ତମ ବନ ମହୋତ୍ସବ




ନୀଳଗିରି, ୪।୭ (ସମିସ): ପଞ୍ଚଲିଙ୍ଗେଶ୍ୱର ନୋଡାଲ ଉଚ୍ଚ ବିଦ୍ୟାଳୟ ପରିସରରେ ୭୭ତମ ବନ ମହୋତ୍ସବ ପାଳନ କରାଯାଇଛି। ପଞ୍ଚଲିଙ୍ଗେଶ୍ୱର ସେକ୍ସନର ଫରେଷ୍ଟର ହୃଷିକେଶ ପ୍ରଧାନଙ୍କ ତତ୍ତ୍ୱାବଧାନରେ କୁଲଡ଼ିହା ରେଞ୍ଜର ଭାରପ୍ରାପ୍ତ ରେଞ୍ଜର ସୌମ୍ୟରଞ୍ଜନ ମାଝୀ, ଶ୍ୟାମସୁନ୍ଦର ପଂଚାୟତର ସରପଂଚ ପୁରସ୍ତମ ସେଠୀ, ୨ନମ୍ବର ଜୋନର ଜିଲ୍ଲା ପରିଷଦ ସଭ୍ୟା ଉଷାରାଣୀ ରାଉଳ, ପରିବେଶବିତ୍ ମନୋରଞ୍ଜନ ଦାସ, ସମିତି ସଭ୍ୟ ଭୋଳାନାଥ ମାଝୀ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରଣଜିତ ପରିଡ଼ା ପ୍ରମୁଖ ଉପସ୍ଥିତ ରହି ଜଙ୍ଗଲ ସୁରକ୍ଷା ଓ ବୃକ୍ଷ ରୋପଣ ଉପରେ ଆଲୋକପାତ କରିଥିଲେ। ଏହି ଅବସରରେ ବିଦ୍ୟାଳୟର ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରେ ଏକ ପଥ ପ୍ରାନ୍ତ ନାଟକ ମାଧ୍ୟମରେ ପରିବେଶକୁ କିପରି ସୁରକ୍ଷିତ ରଖିବା ବନୀକରଣ ବାବଦରେ ସମାଜକୁ ଦିଗ୍ ଦର୍ଶନ ଦେଉଥିଲେ। ଏହି ଅବସରରେ ବିଭିନ୍ନ ଜାଗାରେ ବୃକ୍ଷ ରୋପଣ କରାଯାଇଥିଲା। ୪ଜଣ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା।

## ମାଡ଼ ମାରି ଦୁର୍ବୃତ୍ତ ଲୁଟିନେଲେ ୨୦ଲକ୍ଷର ସୁନା ଗହଣା

ସିମୁଳିଆ, ୪।୭ (ସମିସ): ବନ୍ଧୁକ ଦେଖାଇବା ସହ ମାଡ଼ ମାରି ଦୁର୍ବୃତ୍ତମାନେ ୨୦ଲକ୍ଷ ଟଙ୍କା ସୁନା ଗହଣା ଲୁଟ କରିଥିବା ବେଳେ ସିମୁଳିଆ ପୁଲିସ ଘଟଣାର ଛାନଭିନ ଆରମ୍ଭ କରିଛି। ବାଲେଶ୍ୱର ଜିଲ୍ଲା ସିମୁଳିଆ ଥାନା ଅନ୍ତର୍ଗତ ସାଲ ଗ୍ରାମର କରୁଣାକର ଓଝାଙ୍କ ଘରେ ଗତକାଲି ରାତି ୯ଟାରେ ୫ ଦୁର୍ବୃତ୍ତ ହଠାତ ଘରେ ଭିତରେ ପଶି ଏକ ଛୋଟ ପିଲା ମୁଣ୍ଡରେ ବନ୍ଧୁକ ରଖି ଘରେ ଥିବା ସମସ୍ତ ସୁନା ରୁପା ଅଳଙ୍କାର ସମେତ ନଗଦ ୧ଲକ୍ଷ ଟଙ୍କା ଲୁଟ କରି ଫେରାର ହୋଇଯାଇଥିବା ଅଭିଯୋଗ ଆସିଛି। ଘରେ କେବଳ ଶାଶୂବୋହୂ ଏବଂ ଏକ ଛୋଟ ପିଲା ଥିବା ବେଳେ ଡକାୟତ ମାନେ ଘରେ ପଶିଥିଲେ। ଖବର ପାଇ ସିମୁଳିଆ ପୁଲିସ ଘଟଣା ସ୍ଥଳରେ ପହଞ୍ଚି ଛାନଭିନ ଆରମ୍ଭ କରିଛନ୍ତି। ପୂର୍ବରୁ ଏମିତି ଅନେକ ସ୍ଥାନରେ ଚୋରି ଏବଂ ଲୁଟ୍ ହେଉଥିବା ବେଳେ ସିମୁଳିଆ ପୋଲିସ ସେମାନଙ୍କୁ ଧରିବାରେ ଅସଫଳ। ଯାହାକୁ ନେଇ ସିମୁଳିଆ ଥାନା ଅଞ୍ଚଳରେ ବାରମ୍ବାର ଚୋରି ଏବଂ ଲୁଟ୍ ହେଉଛି।

## ଚୋରା କାଠ ବୋଝେଇ ପିକଅପ୍ ଜବତ

ଜଳେଶ୍ୱର ବ୍ଲକ, ୪।୭ (ସମିସ): ଜଳେଶ୍ୱର ବନ ବିଭାଗ ପକ୍ଷରୁ ମୂଲ୍ୟବାନ ଶାଗୁଆନ, ନିମ୍ବ, ଆକାଶିଆ ବୋଝେଇ ପିକଅପ୍ ୧୬ ନମ୍ବର ଜାତୀୟ ରାଜପଥ ରାଜଘାଟ ଫରେଷ୍ଟ ଗେଟ ନିକଟରୁ ଜବତ କରାଯାଇଛି। ଜବତ କାଠର ଆନୁମାନିକ ମୂଲ୍ୟ ୪୦ ହଜାର ଟଙ୍କା ହେବ। ଜଳେଶ୍ୱର ରେଞ୍ଜର ଭାରପ୍ରାପ୍ତ ବନପାଳ ପ୍ରହ୍ଲାଦ ଚନ୍ଦ୍ର ନାୟକ ଏବଂ ଫରେଷ୍ଟ ଗାର୍ଡ ସରସ୍ୱତୀ ମୁର୍ମୁ ଖବର ପାଇ ପଶ୍ଚିମବଙ୍ଗ ନମ୍ବର ଥିବା ଗାଡ଼ି ଜବତ କରି ଜଳେଶ୍ୱର ବନ ବିଭାଗ କାର୍ଯ୍ୟାଳୟକୁ ଆଣିଥିଲେ।

## ଡ୍ରେନ ନ ଥିବାରୁ ଅସୁବିଧାରେ ୬ ପରିବାର ଓ ବିଦ୍ୟାଳୟ କର୍ତ୍ତୃପକ୍ଷ



ଖଇରା, ୪।୭ (ସମିସ): ଖଇରା ବ୍ଲକ ଖଇରା ପଞ୍ଚାୟତ ଆଳଦା ମୌଜା ଅଧୀନସ୍ଥ ସାଇମନ୍ଦିର ପଚ୍ଛପଟ ରାସ୍ତା ଉପରୁ ଜଳନିଷ୍କାସନ ହୋଇ ପାରୁନଥିବାରୁ ୬ ପରିବାର ଜଳଘେରରେ ରହିଛନ୍ତି। ସେହିଭଳି ଏହି ମୌଜାରେ ଥିବା ଆଦର୍ଶ ବିଦ୍ୟାଳୟକୁ ଯାଉଥିବା ଛାତ୍ରୀଛାତ୍ର ମାନେ ପାଣି ଭିତରେ ଆତଙ୍କିତ ଅବସ୍ଥାରେ ସ୍କୁଲକୁ ଯିବାକୁ ବାଧ ହେଉଛନ୍ତି। ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଇ ଜଳ ନିଷ୍କାସନର ବ୍ୟବସ୍ଥା କରିବା ସହ ଡ୍ରେନେଜ ନିର୍ମାଣ ପାଇଁ ବସବାସ କରୁଥିବା ପରିବାର ଓ ବିଦ୍ୟାଳୟର ଅଭିଭାବକ ମାନେ ଦାବି କରିଛନ୍ତି। ଏହି ମୌଜାରୁ ଜଳ ନିଷ୍କାସନ ପାଇଁ ନକ୍ସାରେ କୌଣସୀ ପାଣିନାଳ ର ବ୍ୟବସ୍ଥା ନଥିବା ବେଳେ ସରକାରୀ ଜମି ଦେଇ ପାଣି ନିଷ୍କାସନ ହେଉଥିଲା। ଏବେ ଏହି ସରକାରୀ ଜମିକୁ ଅଧିକାଂଶ ନିଜ ନାମରେ କରାଇ ମାଟିପକାଇ ପୋତି ବ୍ୟକ୍ତିଗତ କାମ ପାଇଁ ବ୍ୟବହାର କରିବା ପରେ ସାମାନ୍ୟ ବର୍ଷାରେ ବନ୍ୟାଭଳି ପରିସ୍ଥିତି ସୃଷ୍ଟି ହେଉଛି। ଏ ସମ୍ପର୍କରେ ରାଜସ୍ୱ ନିରୀକ୍ଷକ ବସନ୍ତ କୁମାର ପାତ୍ରଙ୍କ ପ୍ରତିକ୍ରିୟା ନିଆଯିବାରେ ନକ୍ସାରେ ନାଳ ନଥିବାରୁ ଏଠାରେ ରହୁଥିବା ପରିବାର ଓ ସ୍କୁଲ ପରିଚାଳନା କମିଟି ଆଲୋଚନା କରି ସହମତିରେ କିଛି କିଛି ଜାଗା ଦେଇ ନାଳର ବ୍ୟବସ୍ଥା କରିବା ଦରକାର ବୋଲି କହିଛନ୍ତି।

## ଲୁଟେରାଙ୍କୁ କାବୁ କରି ପୁଲିସ ଜିମା

ଖଇରା, ୪।୭ (ସମିସ): ଖଇରା ଥାନା ମହତୀପୁର ପଞ୍ଚାୟତ ଅଧୀନ ବଟେଶ୍ୱର ଗ୍ରାମରେ ଗ୍ୟାସ ଏଜେଣ୍ଟ ପରିଚୟ ଦେଇ ଲୁଟ ଉଦ୍ୟମ ବେଳେ ପ୍ରଥମେ ପରିବାର ଓ ପରେ ଗ୍ରାମବାସୀ ମାଡିବସି ଖଇରା ପୁଲିସକୁ ହସ୍ତାନ୍ତର କରିଛନ୍ତି। ଶନିବାର ପୁର୍ବାହ୍ନ ପ୍ରାୟ ୧୧ଟା ସମୟରେ ୨ଜଣ ଯୁବକ ଏକ ଗ୍ୟାସ ଟାଙ୍କି ସହ ବାଇକରେ ଆସିଥିଲେ। ଜଣେ ବାଇକ ଉପରେ ବସିରହିଥିବା ବେଳେ ଅନ୍ୟଜଣକ ଟାଙ୍କି ଧରି ସ୍ୱର୍ଗତ ଅଲେଖ ଜେନାଙ୍କ ଘରକୁ ଯାଇ ପୂର୍ବରୁ ବୁକିଂ କରାଯାଇଥିବା ଗ୍ୟାସ ଆସିଥିବା କହିଥିଲେ। ଅଲେଖଙ୍କ ପତ୍ନୀ ବୈଜୟନ୍ତ ଫୋନ କରି କୌଣସି ଗ୍ୟାସ ବୁକିଂ ହୋଇନଥିବା କହିବା ସମୟରେ ସେ ପିନ୍ଧିଥିବା ଗହଣାକୁ ଯୁବକ ଜଣକ ଝାମ୍ପିବାକୁ ଉଦ୍ୟମ କରିଥିଲା। ବୈଜୟନ୍ତୀ ସାହସ ଖଟାଇ ତାଙ୍କୁ ମାଡିବସିଥିଲେ ଏବଂ କିଛି ଦୁରରେ ଥିବା ଝିଅ ପାଟିକରିବା ପରେ ଗାଁ ଲୋକଆସି କାବୁକରି ପୁଲିସକୁ ହସ୍ତାନ୍ତର କରିଥିଲେ। ଗାଡି ଉପରେ ବସିଥିବା ଅନ୍ୟଯୁବକ ଜଣକ ଫେରାର ହୋଇ ଯାଇଥିଲା। ଉକ୍ତ ଯୁବକ ଜଣକ ନିଜଘର ବାଲେଶ୍ୱର କହୁଥିବା ବେଳେ ଖଇରା ପୁଲିସ ଅଟକ ରଖି ପଚରାଉଚୁରା କରୁଛି।

## ଶ୍ରୀ ମଦନମୋହନ ଜୀଉଙ୍କ ନୂତନ ମନ୍ଦିରର ପ୍ରତିଷ୍ଠା ଉତ୍ସବ

ବାଲେଶ୍ୱର, ୪।୭(ସମିସ): ସହରର ଚୌକ ବଜାର ଅଂଚଳରେ ଶ୍ରୀ ମଦନମୋହନ ଜୀଉଙ୍କ ନୂତନ ମନ୍ଦିରର ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ତିନି ଦିନ ଧରି ଅନୁଷ୍ଠିତ ହୋଇଥିବା ଏହି ଉତ୍ସବର ପଥମ ଦିବସରେ ଅଧିବାସ ଓ ନାରାୟଣ ଭଗବାନଙ୍କ ଷଡୋଶ ଉପଚାର ପୂଜାନୀତି ପରେ ଦ୍ୱିତୀୟ ଦିବସରେ ପ୍ରତିଷ୍ଠା ଯଜ୍ଞ ଓ ଶ୍ରୀ ବିଗ୍ରହଙ୍କ ନ୍ୟାସାଦି କର୍ମ ଅନୁଷ୍ଠିତ ହୋଇଥିଲା। ଶେଷ ଦିବସରେ ଯଜ୍ଞ ପୂର୍ଣ୍ଣାହୂତି ପରେ ସର୍ବସାଧାରଣଙ୍କ ପାଇଁ ଦର୍ଶନ ଓ ସେବା ପୂଜା ନିମନ୍ତେ ମନ୍ଦିର ଲୋକାର୍ପିତ ହୋଇଛି। ତତ୍ତ୍ୱାବଧାରକ ପଣ୍ଡିତ ନୀଳାମ୍ବର ମହାପାତ୍ରଙ୍କ ନେତୃତ୍ୱରେ ଶ୍ୟାମସୁନ୍ଦର ଶୁକ୍ଲା, ବିମଳ ପ୍ରସାଦ ପଣ୍ଡା, ପ୍ରବୋଧ ଚନ୍ଦ୍ର ଦାଶଶର୍ମା, ଗଣେଶ ଚନ୍ଦ୍ର ପତି, ସଦାଶିବ ପଣ୍ଡା, ମନୋଜ କୁମାର ପଣ୍ଡା ପ୍ରମୁଖଙ୍କ ସହିତ ୧୫ଜଣ ବେଦଜ୍ଞ ବ୍ରାହ୍ମଣଙ୍କ ଦ୍ୱାରା କର୍ମକାଣ୍ଡ ଅନୁଷ୍ଠିତ ହେଉଛି। ମୁଖ୍ୟ ଯଜମାନ ଭାବେ ଉପବିଷ୍ଟ ହୋଇଛନ୍ତି ପ୍ରତିଷ୍ଠାତା ଦିଲ୍ଲୀପ କୁମାର ଚୌଧୁରୀ ଓ ତାଙ୍କ ପତ୍ନୀ ପୁଷ୍ପାଞ୍ଜଳି ଚୌଧୁରୀ। ଜମିଦାର ଚୌଧୁରୀ ବଂଶର ଇଷ୍ଟଦେବତା ଶ୍ରୀ ମଦନମୋହନ ଜୀଉ।

## ଦୁଇଦିନିଆ ଜୋନାଲସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା



ବାଲେଶ୍ୱର, ୪।୭ (ସମିସ): ସେଣ୍ଟ ଭିନସେଂଟ୍ କନ୍ଭେଣ୍ଟ୍ ସିନିୟର ସେକେଣ୍ଡାରୀ ସ୍କୁଲର ଦୁଇ ଦିନିଆ ଜୋନାଲ୍ ସ୍ତରୀୟ କ୍ରୀଡ଼ା ପ୍ରତିଯୋଗୀତା ସିଆଇଏସସିଇ ଆନୁକୂଲ୍ୟରେ ଦୁଇ ଦିନିଆ ଜୋନାଲ୍ ସ୍ତରୀୟ କ୍ରୀଡ଼ା ପ୍ରତିଯୋଗୀତା ଆରମ୍ଭ ହୋଇଛି। ବାଲେଶ୍ୱର, ମୟୁରଭଞ୍ଜ, କେନ୍ଦୁଝର, ଭଦ୍ରକ, କରଂଜିଆ, ବଡ଼ବିଲ୍, ଯୋଡ଼ା ଏବଂ ବାରିପଦା ଆଦି ୮ଟି କନ୍ଭେଣ୍ଟ୍ ସ୍କୁଲ୍ ର ୪୫୦ ଜଣ ଖେଳାଳୀ ଏଥିରେ ଅଂଶଗ୍ରହଣ କରିଛନ୍ତି। ଏହି ଟୁର୍ଣ୍ଣାମେଣ୍ଟରେ ବାଲେଶ୍ୱର କନ୍ଭେଣ୍ଟ୍ ସ୍କୁଲ୍ ଆୟୋଜକ ଭାବେ ଦାୟିତ୍ୱ ଗ୍ରହଣ କରିଥିବା ବେଳେ ପ୍ରଥମ ଦିନ ଖୋ-ଖୋ-ପ୍ରତିଯୋଗିତା ଶେଷ ହୋଇଛି। ଏଥିରେ ୧୪ ବର୍ଷରୁ କମ୍ ବାଳକ ବିଭାଗରେ ୫ଟି ଟିମ୍ ଏବଂ ବାଳିକା ବିଭାଗରେ ୫ଟିମ୍ ଅଂଶ ଗ୍ରହଣ କରିଥିଲେ। ସେହିପରି ୧୭ ବର୍ଷରୁ କମ୍ ବାଳକ ବିଭାଗରେ ୮ଟି ଏବଂ ବାଳିକା ବିଭାଗରେ ୮ଟିମ୍ ଏବଂ ୧୯ବର୍ଷରୁ କମ୍ ବାଳକ ବିଭାଗରେ ୩ଟି ଓ ବାଳିକା ବିଭାଗରେ ୩ଟିକୁ ମିଶାଇ ସମୁଦାୟ ୩୨ଟିମ୍ ଅଂଶ ଗ୍ରହଣ କରିଥିଲେ। ଜିଲ୍ଲା କ୍ରୀଡ଼ା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ଜେନା ମୁଖ୍ୟଅତିଥି ଭାବେ ଯୋଗ ଦେଇ ଖୋ-ଖୋ-ପ୍ରତିଯୋଗୀତାକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରିବା ସହିତ ଖେଳ ଛାତ୍ରଛାତ୍ରୀ ମାନଙ୍କର ଶାରୀରିକ ଦକ୍ଷତା ବୃଦ୍ଧି କରେ ବୋଲି କହିଥିଲେ। ରେଭେରେଣ୍ଡ ଫାଦର୍ ପଲ୍ କୁନମ୍ ପରମ ପଥ୍ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ଯୋଗ ଦେଇ କ୍ରୀଡ଼ା ଦ୍ୱାରା କ୍ରୀଡ଼ାବିତ୍ ମାନଙ୍କୁ ସହନଶୀଳତା, ଶୃଙ୍ଖଳା ଓ କାର୍ଯ୍ୟ କରିବା ଲାଗି ପ୍ରେରଣା ଯୋଗାଇ ଥାଏ ବୋଲି କହିଥିଲେ। ସ୍କୁଲ୍‌ର ଅଧ୍ୟକ୍ଷା ସିଷ୍ଟର ରେଭେରାଣ୍ଡ୍ ମେରିନ୍, ଓଡ଼ିଶା ବୋର୍ଡର ମୁଖ୍ୟ ଜୋନାଲ ଇନଚାର୍ଯ ସିଷ୍ଟର ଏଞ୍ଜେଲା ପ୍ରମୁଖ ଯୋଗ ଅନ୍ୟତମ ଅତିଥି ଭାବେ ଯୋଗ ଦେଇ ଜୋନାଲ୍ ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଆୟୋଜନର ଆଭିମୁଖ୍ୟ ସମ୍ପର୍କରେ ସୂଚନା ଦେବା ସହ ଏହିଭଳି କାର୍ଯ୍ୟକ୍ରମ ଦ୍ୱାରା ଛାତ୍ରଛାତ୍ରୀଙ୍କ କ୍ରୀଡ଼ାର ବିକାଶ ହୋଇ ପାରିବ ବୋଲି ଆଶାବ୍ୟକ୍ତ କରିଥିଲେ। ବରିଷ୍ଠ ସାମ୍ବାଦିକ ତଥା ପ୍ରେସ୍ କ୍ଲବ୍‌ର ସଭାପତି ବିପ୍ଳବ କୁମାର ମହାନ୍ତି ମଞ୍ଚାସୀନ ଥିଲେ। ଏହି ଅବସରରେ ଅତିଥିମାନଙ୍କୁ ସ୍କୁଲ୍ ପକ୍ଷରୁ ସମ୍ବର୍ଦ୍ଧନା ପ୍ରଦାନ କରାଯାଇ ଥିଲା। ଶେଷରେ ଛାତ୍ରୀ ଏସ୍ ଦୀକ୍ଷା ଧନ୍ୟବାଦ ଦେଇଥିଲେ।

## ଆନ୍ଦୋଳନରତ ଡାକ୍ତରଙ୍କୁ ଭେଟିଲା ସିପିଏମ୍

ବାଲେଶ୍ୱର, ୪।୭ (ସମିସ): ଚଳିତ ମାସ ୧ ତାରିଖ ଠାରୁ ଓଡ଼ିଶାର ସରକାରୀ ଡାକ୍ତରଖାନାରେ ନିଯୁକ୍ତ ଡାକ୍ତରମାନେ ୧୦ଦଫା ଦାବିରେ ଆନ୍ଦୋଳନ କରୁଛନ୍ତି। ଦାବିଗୁଡିକ ମଧ୍ୟରେ ରହିଛି ଚାକିରୀର ସର୍ତ୍ତାବଳୀ ପୂରଣ, ଆଡହକ ଓ ଚୁକ୍ତିଭିତ୍ତିକ ଡାକ୍ତରମାନଙ୍କୁ ନିୟମିତ କରିବା, ଖାଲିଥିବା ପଦବୀ ପୂରଣ, କାର୍ଯ୍ୟରତ ଥିବା ସମୟରେ ସେମାନଙ୍କ ସୁରକ୍ଷା,ସମସ୍ତ ସ୍ୱାସ୍ଥ୍ୟକର୍ମୀ ମାନଙ୍କୁ ବୀମାଭୁକ୍ତ ସହ ଜନସାଧାରଣଙ୍କୁ ଉନ୍ନତମାନର ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ କେତେକ ପ୍ରସ୍ତାବ। ଏହା କୌଣସି ଅଯୁକ୍ତିକର ଦାବି ନୁହେଁ। ସରକାର ଚାହିଁଥିଲେ ସେମାନଙ୍କ ସହିତ ଆଲୋଚନା କରି ସମସ୍ୟାର ସମାଧାନ କରିପାରିଥାନ୍ତେ। କିନ୍ତୁ ତାହା ନକରି ସେମାନଙ୍କ ବିରୁଦ୍ଧରେ ଏସମା ଲଗାଇବା, ଦରମା ବନ୍ଦ ଓ ଛଟେଇର ଧମକ ଦେଉଛନ୍ତି, ଯାହା ଅଗଣତାନ୍ତ୍ରିକ ଓ ଅସାମ୍ବିଧାନିକ। ଅନ୍ୟ ପକ୍ଷରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ସମ୍ପୂର୍ଣ୍ଣ ଠପ୍ ହୋଇ ଯାଇଛି। ଆମ ଦେଶ ଏକ ଜନମଙ୍ଗଳ ରାଷ୍ଟ୍ର। ସମସ୍ତ ନାଗରିକଙ୍କୁ ଉନ୍ନତମାନର ମାଗଣା ସ୍ୱାସ୍ଥ୍ୟସେବା ପ୍ରଦାନ ସରକାରଙ୍କ ଦାୟୀତ୍ୱ। ମାତ୍ର ଡବଲ ଇଞ୍ଜିନ ସରକାର ସରକାରୀ ସ୍ୱାସ୍ଥ୍ୟ ସେବାର ବିପର୍ଯ୍ୟୟ ଘଟାଇ କର୍ପୋରେଟ ବେପାରୀଙ୍କ ପାଇଁ କାର୍ଯ୍ୟ କରୁଛନ୍ତି। ଆୟୁଷ୍ମାନ ସ୍ୱାସ୍ଥ୍ୟକାର୍ଡ ତାହାର ଏକ ଉଦାହରଣ। ଏଥିସହିତ ସରକାର ନିଜର ଅପାରଗତାକୁ ଲୁଚାଇବା ପାଇଁ ବିଜ୍ଞାପନରେ ଯେତିକି ଖର୍ଚ୍ଚ କରୁଛନ୍ତି ସେହି ଅର୍ଥରେ ଡାକ୍ତରମାନଙ୍କ ଦାବି ପୂରଣ ହୋଇ ପାରିବ। ସରକାର ତୁରନ୍ତ ଡାକ୍ତର ମାନଙ୍କ ସହିତ ଆଲୋଚନା ସମସ୍ୟାର ସମାଧାନ କରନ୍ତୁ ଓ ସ୍ୱାସ୍ଥ୍ୟସେବାର ଅଚଳାବସ୍ଥା ଦୂର କରିବା ପାଇଁ ସିପିଆଇ(ଏମ) ବାଲେଶ୍ୱର ଜିଲ୍ଲା କମିଟି ତରଫରୁ ଦାବି କରାଯାଇଛି। ଏ ନେଇ ସିପିଆଇ(ଏମ) ତରଫରୁ ନିର୍ମଳ ନାୟକ, ପ୍ରେମ ରଞ୍ଜନ ପାତ୍ର, ପ୍ରଭାକର ବେହେରା ଓ ସିକନ୍ଦର ଖାଁ ଆନ୍ଦୋଳନରତ ଡାକ୍ତରମାନଙ୍କୁ ବାଲେଶ୍ୱର ଜିଲ୍ଲା ମୁଖ୍ୟ ଡାକ୍ତରଖାନା ପରିସରରେ ଭେଟିଥିଲେ।

## ଫ୍ଲୋରାଇଡ୍-ଦୂଷିତ ପାନୀୟ ଜଳର ନିରାକରଣ ଉପରେ ଅନ୍ତଃବିଭାଗୀୟ ବ୍ୟାଖ୍ୟାନ

ବାଲେଶ୍ୱର, ୪।୭ (ସମିସ): 'ପାନୀୟ ଜଳରେ ଫ୍ଲୋରାଇଡ୍ ଏବଂ ଫ୍ଲୋରାଇଡ୍-ଦୂଷିତ ଜଳର ବିଶୋଧନ ପାଇଁ ବୈଷୟିକ ଉପାୟ' ଶୀର୍ଷକ ଏକ ଅନ୍ତଃବିଭାଗୀୟ ବ୍ୟାଖ୍ୟାନ ଫକୀରମୋହନ ବିଶ୍ୱବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ପରିବେଶ ବିଜ୍ଞାନ ବିଭାଗ ପ୍ରଫେସର ପ୍ରକାଶ ଚନ୍ଦ୍ର ମିଶ୍ର ମୁଖ୍ୟ ବକ୍ତା ଭାବେ ଫ୍ଲୋରାଇଡ୍-ପ୍ରଦୂଷଣର ସ୍ୱାସ୍ଥ୍ୟଗତ କୁପ୍ରଭାବ, ସୁରକ୍ଷିତ ପାନୀୟ ଜଳର ଆବଶ୍ୟକତା ଏବଂ ଏହାର ବୈଜ୍ଞାନିକ ନିରାକରଣ ସମ୍ପର୍କରେ ବିସ୍ତୃତ ଆଲୋଚନା କରିଥିଲେ। ବୈଜ୍ଞାନିକ ଉଦ୍ଭାବନ ଓ ସ୍ଥାୟୀ ସମାଧାନ ମାଧ୍ୟମରେ ନିରାପଦ ପାନୀୟ ଜଳ ସୁନିଶ୍ଚିତ କରିବାର ଆବଶ୍ୟକତା ଉପରେ ବିଶେଷ ଗୁରୁତ୍ୱାରୋପ କରିଥିଲେ। ବିଶ୍ୱବିଦ୍ୟାଳୟରେ ଅନ୍ତଃବିଭାଗୀୟ ଜ୍ଞାନର ପ୍ରସାର, ଅଧ୍ୟାପକମାନଙ୍କ ବିଷୟଭିତ୍ତିକ ଦକ୍ଷତାର ବିକାଶ ଏବଂ ଗବେଷଣା ଓ ନବସୃଜନକୁ ସୁଦୃଢ଼ କରିବା ଲକ୍ଷ୍ୟରେ କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀଙ୍କ ପରିକଳ୍ପନାରେ ଏହି ବ୍ୟାଖ୍ୟାନମାଳାର ଆୟୋଜନ କରାଯାଉଛି। କୁଳପତି ପ୍ରଫେସର ତ୍ରିପାଠୀ ଓ ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ପ୍ରଫେସର ସନ୍ତୋଷ କୁମାର ଅଗ୍ରୱାଲାଙ୍କ ସମେତ ବିଶ୍ୱବିଦ୍ୟାଳୟର ବିଭିନ୍ନ ବିଭାଗର ୧୭୫ ଜଣ ଅଧ୍ୟାପକ ଓ ଗବେଷକ ଏହି ବ୍ୟାଖ୍ୟାନରେ ଅଂଶଗ୍ରହଣ କରି ବିଷୟବସ୍ତୁ ଉପରେ ଫଳପ୍ରଦ ଆଲୋଚନାରେ ସାମିଲ ହୋଇଥିଲେ। କାର୍ଯ୍ୟକ୍ରମକୁ ଡ଼କ୍ଟର ରବିନାରାୟଣ ବେହେରା ସଂଯୋଜନା କରିଥିବାବେଳେ ଶେଷରେ ଡ଼କ୍ଟର ବିଶ୍ୱଜିତ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

## ରେମୁଣା ଏନ୍‌ଏସି ପକ୍ଷରୁ ମଶା ବିରୋଧୀ ଅଭିଯାନ



ରେମୁଣା, ୪।୭ (ସମିସ): ବର୍ଷା ଦିନରେ ସମସ୍ତ ନାଳ ନର୍ଦ୍ଦମାରେ ମଶା ବଂଶ ବୃଦ୍ଧି ପାଉଥିବା ଓ ଡେଙ୍ଗୁ ରୋଗ ବ୍ୟାପିବାକୁ ରୋକିବା ପାଇଁ ରେମୁଣା ଏନଏସି ପକ୍ଷରୁ ମଶା ବିରୋଧୀ ଅଭିଯାନ ଆରମ୍ଭ ହୋଇଛି। ଏହି ଅଭିଯାନ ୫ ମାସ ପର୍ଯ୍ୟନ୍ତ ଚାଲିବ ବୋଲି କାର୍ଯ୍ୟନିର୍ବାହୀ ଅଧିକାରୀ କମଲ ବିହାରୀ ଦାସ ପ୍ରକାଶ କରିଛନ୍ତି। ଏହି ଅଭିଯାନରେ ପ୍ରତି ୱାର୍ଡରେ ଥିବା ନାଳରେ ମଶା ବଂଶ ଲୋପ ପାଇଁ ୭ ଦିନକୁ ଥରେ ମଶା ତେଲ ପକାଯିବ ଓ ୧୫ ଦିନକୁ ଥରେ ମଶା ଧୂଆଁ ଦିଆଯିବ। ଫଳରେ ମଶାଙ୍କ ବଂଶବୃଦ୍ଧିକୁ ନିୟନ୍ତ୍ରଣ କରାଯାଇପାରିବ। ଜୁଲାଇ ପହିଲାରୁ ମଶା ବିରୋଧୀ ଅଭିଯାନର ଶୁଭାରମ୍ଭ ହୋଇଥିବା ବେଳେ ଉକ୍ତ ମଶା ଧୂଆଁ ଗାଡ଼ିକୁ ଅନୁଷ୍ଠାନିକ ଭାବେ ପତାକା ଦେଖାଇ ଏନଏସି ଅଧ୍ୟକ୍ଷା ତନୁଜା ଗିରି, କାର୍ଯ୍ୟନିର୍ବାହୀ ଅଧିକାରୀ କମଲ ବିହାରୀ ଦାସ, କାଉନସିଲର ପାନମଣି ମୁର୍ମୁ, ଶିବଶଙ୍କର ରାୟ ପ୍ରମୁଖ ଉପସ୍ଥିତ ରହି ଉଦଘାଟନ କରିଥିଲେ।

## ବିଦ୍ୟାଳୟରେ ବନ ମହୋତ୍ସବ



ଜଳେଶ୍ୱର ବ୍ଲକ, ୪।୭ (ସମିସ): ଜୁଲାଇ ୧ ତାରିଖରୁ ସପ୍ତାହେ ଧରି ବନ ବିଭାଗ ପକ୍ଷରୁ ବନ ମହୋତ୍ସବ ଦିବସ ପାଳିତ ହୋଇଥାଏ। ବରଡ଼ିହା ବନ ବିଭାଗର ବନପାଳ ପ୍ରହ୍ଲାଦ ଚନ୍ଦ୍ର ନାୟକଙ୍କ ନେତୃତ୍ୱରେ ଜଳନ୍ଧର ଉଚ୍ଚ ବିଦ୍ୟାଳୟ ପ୍ରସାଦଶୋଳରେ ପ୍ରଧାନ ଶିକ୍ଷକ ଇଶ୍ୱର କୁମାର ମହାନ୍ତି ସହଯୋଗରେ ବିଦ୍ୟାଳୟର ପିଲାମାନଙ୍କୁ ନେଇ ବିଦ୍ୟାଳୟ ପରିସରରେ ବିଭିନ୍ନ ପ୍ରଜାତିର ଚାରା ରୋପଣ କରାଯାଇ ଥିଲା। ସେହିପରି ପୁରୁଷୋତ୍ତମ ବିଦ୍ୟା ନିକେତନ ଚନ୍ଦପୁର ସ୍କୁଲ ପରିସରରେ ପ୍ରଧାନ ଶିକ୍ଷକ ମୃତ୍ୟୁଞ୍ଜୟ ବେହାର ଓ ପିଲାମାନଙ୍କ ସହିତ ମିଶି ବନ ବିଭାଗ ଚାରା ରୋପଣ କରାଯାଇ ପରିବେଶ ସୁରକ୍ଷା ପାଇଁ ଗଛର ଉପକାର ସମ୍ପର୍କରେ ଆଲୋକପାତ କରିଥିଲେ। ଉତ୍ସବରେ ବରଡ଼ିହା ବନପାଳ ପ୍ରହ୍ଲାଦ ଚନ୍ଦ୍ର ନାୟକଙ୍କ ସମେତ ଫରେଷ୍ଟର ସୁଲୋଚନା ବେହେରା, ସ୍କ୍ୱାଡର୍ ଶିବ ମହାନ୍ତି, ଉଜଳ ଦାସ, ଅମରେଶ ଦାସ, ଦନାର୍ଦନ ପାଳ, ହେରେକୃଷ୍ଣ ବେହେରା, ସୁରେଶ ଦାସ ପ୍ରମୁଖ ଅନେକ ପ୍ରକୃତି ପ୍ରମୀ ଉପସ୍ଥିତ ରହି ଚାରାରୋପଣ କରିଥିଲେ।

## ପଞ୍ଚମୁଖୀ ହନୁମାନଙ୍କ ବାର୍ଷିକ ପୂଜା

ଖଇରା, ୪।୭ (ସମିସ): ଖଇରା ବଜାର ସଂଲଗ୍ନ ଆଳଦା ବାଲିସାହି ଛକ ନିକଟରେ ପଞ୍ଚମୁଖୀ ହନୁମାନଙ୍କ ବାର୍ଷିକ ପୂଜା ଶୁକ୍ରବାର ଦିନ ଆଧାତ୍ମିକ ପରିବେଶ ମଧ୍ୟରେ ଅନୁଷ୍ଠିତ ହୋଇ ଯାଇଛି। ରାଧାକୃଷ୍ଣ ଯୁଥ କ୍ଲବ ଆନୁକୂଲ୍ୟରେ ଆୟୋଜିତ ଏହି ବାର୍ଷିକୋତ୍ସବରେ ସମ୍ପାଦକ ଅଶୋକ କୁମାର ବେହେରା ଓ ମନୋଜ କୁମାରଙ୍କ ଦ୍ୱାରା ଘଟୋତ୍ତଳନ କରାଯାଇଥିଲା। ପଣ୍ଡିତ ବିରଞ୍ଚି ନାରାୟଣ ପଣ୍ଡା, ପରମାନନ୍ଦ ପଣ୍ଡା, ରମେଶ କୁମାର ପଣ୍ଡା,ଆଦିକନ୍ଦ ପଣ୍ଡାଙ୍କ ଦ୍ୱାରା ହନୁମାନ ଚାଳିଶା ପାଠ ସାଙ୍ଗକୁ ଯଜ୍ଞାଦି କର୍ମ ଅନୁଷ୍ଠିତ ହୋଇଥିଲା। ଯୁଥ କ୍ଲବ ସଭାପତି ପ୍ରିୟବ୍ରତ ସାହୁ,ସଭ୍ୟ ପ୍ରଫୁଲ୍ଲ କୁମାର ସାହୁ,ତପନ କୁମାର ପରିଡା, ସୌମ୍ୟ ରଞ୍ଜନ ସାହୁ, ଜଳଧର ସାହୁ, ହରେକୃଷ୍ଣ ସାହୁ, ଉଦୟ ପରିଡା, ବିକାଶ କୁମାର ସାହୁ, ଭାସ୍କର ଚନ୍ଦ୍ର ସାହୁ, ପ୍ରଦୀପ ସେଠୀ, ସୁନିଲ ସେଠୀ ଓ ରବିନ୍ଦ୍ର ଓଝା ପ୍ରମୁଖ ସହଯୋଗ କରିଥିଲେ। ଖଇରା ବଜାରବାସୀ ଏବଂ ବାଲିସାହି ଗ୍ରାମବାସୀ ସମ୍ପୁର୍ଣ୍ଣ ସହଯୋଗ କରିଥିଲେ।

## ଅଧାରେ ଅଟକିଛି ଷଡ଼ଭୁଜ ପୋଖରୀ ଉନ୍ନତୀକରଣ

ଜଳେଶ୍ୱର ବ୍ଲକ, ୪।୭ (ସମିସ)



ଜଳେଶ୍ୱର ପୌରପାଳିକ ସ୍ଥିତ ୬ ନମ୍ବର ୱାଡର୍‌ର କଲୋନୀ ମଧ୍ୟରେ ଷଡ଼ଭୂଜ ପୋଖରୀ ଅବସ୍ଥିତ। ଉକ୍ତ ପୋଖରୀ ୨୦୨୫ ମସିହାରେ ମ୍ୟୁନିସିପାଲିଟି ପକ୍ଷରୁ ପୂର୍ଣ୍ଣାଙ୍ଗୀକରଣ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ୨୯ ଲକ୍ଷ ୪୬ ହଜାର ଟଙ୍କା ବ୍ୟୟରେ କାର୍ଯ୍ୟ ଆରମ୍ଭ ହୋଇଥିଲା। ମାତ୍ର ଏଯାବତ ଉକ୍ତ ପୋଖରୀ କାର୍ଯ୍ୟ ସମ୍ପୂର୍ଣ ହେଉନାହିଁ। ପୋଖରୀ ଆଡ଼ି ବୃଦ୍ଧି ହେବା ନିୟମ ଥିଲେ ମଧ୍ୟ ଅଦ୍ୟାବଧି ହୋଇ ନାହିଁ। ମାଟି ଗଛିତ ଥିଲେ ମଧ୍ୟ କାର୍ଯ୍ୟ ଦାୟିତ୍ୱ ନେଇ ଥିବା ସଂସ୍ଥା ଜାଣିଶୁଣି ବନ୍ଧ ବା ଆଡ଼ି କରୁନାହିଁ। ପାଣି ନିଷ୍କାସନ ନାଳ ହେବା ସହ ଦୁଇ ଫୁଟ ଉପରକୁ ସ୍ଥାନିତ ହେବା ଆବଶ୍ୟକ। କାରଣ ବର୍ଷା ହେଲେ ବିଲ ପାଣି ପୋଖରୀ ମଧ୍ୟରେ ପ୍ରବେଶ କରିବ। ପୋଖରୀ ହୁଡ଼ା ଓ ତା'ର ଗଡାଣୀରେ ଘାସ ଚେକା ପକାଇବା ଦରକାର ଅଛି, ନଚେତ ବର୍ଷ ପାଣିରେ ମାଟି ଧୂଇ ଚଲାପଥ କାଦୁଅ ହେବା ସମ୍ଭାବନା ଅଧିକ (ଲୋକଙ୍କ ସୁବିଧା ପାଇଁ ଗାଧୁଆ ତୁଠ ନିର୍ମାଣ ପାଇଁ କୌଣସି ପଦକ୍ଷେପ ନିଆ ଯାଇନାହିଁ। ସରକାରୀ ଅମିନଙ୍କ ଦ୍ୱାରା ମାପ ହୋଇ ଚିହ୍ନଟ ପରେ ଦ୍ୱିତୀୟ ଥର ପାଇଁ ଠିକାଦାର କାର୍ଯ୍ୟ ଆରମ୍ଭ ସମୟରେ ଅନଧିକୃତ ଭାବେ କଲୋନା ଲୋକଙ୍କ ଯାତାୟାତ ରାସ୍ତାରୁ ମାଟି ଉଠାଇ ଅନ୍ୟତ୍ର ଗଛିତ କରି ରଖୁଛନ୍ତି। ସର୍ବୋପରି କାର୍ଯ୍ୟ ଆରମ୍ଭ ପୂର୍ବରୁ ଫଳକ ଲଗାଯାଇ ନାହିଁ।ଫଳରେ ଏଷ୍ଟିମେଣ୍ଟ ଅନୁସାରେ କାର୍ଯ୍ୟ ହେଉଛି କି ନାହିଁ ତାହା ଜଣା ପଡୁନାହିଁ। ଏଭଳି କାର୍ଯ୍ୟ ପାଇଁ ଅମର୍ଶୀ କଲୋନୀ ଉନ୍ନୟନ କମିଟି ପକ୍ଷରୁ ସଭାପତି ହିମାଂଶୁ ଶେଖର ଦାସ, ୬ ନମ୍ବର କାଉନସିଲର ଚନ୍ଦନ କୁମାର ଦାସଙ୍କ ସହ କଲୋନୀର ଅଟଳ ଚନ୍ଦ୍ର ଜେନା, ରାମଚନ୍ଦ୍ର ବାରିକ, ହରିଶ ଚନ୍ଦ୍ର ଖଟୁଆ, ଅରୂପମା ବାରିକ, ଅର୍ଜନା ଖଟୁଆ, ପରଶ ମଣି ପରିଡ଼ା, ମଣ୍ଟୁ ଚରଣ ରଣା, ବିକାଶ ଗିରି, ବିପ୍ଳବ ଗିରି, ମନୋଜ ପ୍ରଧାନ, ମମତା ରାଣୀ ପ୍ରଧାନ, ଗୋପାଳକୃଷ୍ଣ ବେହେରା ପ୍ରମୁଖ ବହୁ କଲୋନାବାସୀ ଗତ ଜୁନ ୧୧ ତାରିଖରେ ଉଚ୍ଚ ସ୍ତରୀୟ ତଦନ୍ତ କରି ଉଚିତ ପଦକ୍ଷେପ ନେବା ପାଇଁ ବାଲେଶ୍ୱର ସାଂସଦ, ବାଲେଶ୍ୱର ଜିଲ୍ଲାପାଳ ଏକ ଲିଖିତ ଅଭିଯୋଗ କରିଛନ୍ତି।

### କୁଡୁମୀ ଭବନ ଉଦ୍‌ଘାଟନ ନେଇ ଓଡ଼ିଶା କୁଡୁମୀ ସେନାର ଅସନ୍ତୋଷ

# ୪୮ ଘଣ୍ଟା ମଧ୍ୟରେ କ୍ଷମା ନ ମାଗିଲେ ବନ୍ଦ ଚେତାବନୀ

ସାରସକଣା, ୪।୭ (ସମିସ)




ସାରସକଣା ବ୍ଲକରେ କୁଡୁମୀ ସମାଜ ପାଇଁ ନିର୍ମିତ କୁଡୁମୀ ଭବନର ଉଦ୍‌ଘାଟନକୁ ନେଇ ବିବାଦ ଦେଖାଦେଇଛି। ଏହି ପ୍ରସଙ୍ଗରେ ଓଡ଼ିଶା କୁଡୁମୀ ସେନା ପକ୍ଷରୁ ବମ୍ବେ ଛକସ୍ଥ ଶିବ-ପାର୍ବତୀ ମଣ୍ଡପରେ ଏକ ସାମ୍ବାଦିକ ସମ୍ମିଳନୀ ଆୟୋଜନ କରାଯାଇ ସାରସକଣା ବିଧାୟକ ଓ ବ୍ଲକ ବିକାଶ ଅଧିକାରୀ (ବିଡିଓ)ଙ୍କ ବିରୋଧରେ ଅସନ୍ତୋଷ ପ୍ରକାଶ କରାଯାଇଛି। ସମ୍ମିଳନୀରେ ସଂଗଠନର ନେତୃବୃନ୍ଦ କହିଥିଲେ, କୁଡୁମୀ ସମାଜ ପ୍ରକୃତି ପୂଜକ ଓ ଦୀର୍ଘଦିନ ଧରି ନିଜର ମୌଳିକ ଅଧିକାର ପାଇଁ ସଂଘର୍ଷ କରିଆସୁଛି।

ସେମାନଙ୍କ ଅଭିଯୋଗ ଅନୁସାରେ ପୂର୍ବ ସରକାରଙ୍କ ସମୟରେ ସାରସକଣା ବ୍ଲକର ବଡ଼ଚାଟରା ଧାନଘେରୀ ପଡ଼ିଆରେ କୁଡୁମୀ ସମାଜ ପାଇଁ ଏକ ଭବନ ନିର୍ମାଣ ହୋଇଥିଲା। କିନ୍ତୁ ଜୁନ ୩୦ ତାରିଖରେ ରାଜ୍ୟ ସରକାରଙ୍କ ଦୁଇବର୍ଷ ପୂର୍ତ୍ତି ଅବସରରେ ଆୟୋଜିତ "ବିକାଶ ଧାରା' କାର୍ଯ୍ୟକ୍ରମରେ ସମାଜର ପାରମ୍ପରିକ ରୀତିନୀତିକୁ ଅବହେଳା କରି ଉକ୍ତ ଭବନର ଉଦ୍‌ଘାଟନ କରାଯାଇଥିଲା। ଓଡ଼ିଶା କୁଡୁମୀ ସେନାର ଅଭିଯୋଗ ହେଉଛି, କୁଡୁମୀ ସମାଜର ନିଜସ୍ୱ ପୂଜା ପଦ୍ଧତି ଅନୁଯାୟୀ ଭବନର ଶୁଭ ଉଦ୍‌ଘାଟନ ହେବା କଥା। ସେହି ପରମ୍ପରାକୁ ଅବହେଳା କରାଯିବା ସମାଜର ସଂସ୍କୃତି ଓ ଭାବାବେଗ ପ୍ରତି ଅସମ୍ମାନ ବୋଲି ସଂଗଠନ ପକ୍ଷରୁ କୁହାଯାଇଛି। ସାମ୍ବାଦିକ ସମ୍ମିଳନୀରେ ରାଜ୍ୟ ସାଧାରଣ ସମ୍ପାଦକ ଦୁର୍ଗାଚରଣ ମହାନ୍ତ, ଜିଲ୍ଲା ମହିଳା ସଭାନେତ୍ରୀ ପୂର୍ଣ୍ଣିମା ମହାନ୍ତ, ଜିଲ୍ଲା ସାଧାରଣ ସମ୍ପାଦକ ଅଶେଷ କୁମାର ମହାନ୍ତ, ସାରସକଣା ବ୍ଲକ ସଭାପତି ମାନସ ମହାନ୍ତ, ଉପସଭାପତି ହିରାଲାଲ ମହାନ୍ତ, ସତ୍ୟଜିତ ମହାନ୍ତ, ଯୁବ ନେତା କାର୍ତ୍ତିକ ମହାନ୍ତ, ବିଶୋଇ ବ୍ଲକ ମହିଳା ସଭାନେତ୍ରୀ ଆରତୀ ମହାନ୍ତ, ବାସନ୍ତୀ ମହାନ୍ତ, ଘନଶ୍ୟାମ ମହାନ୍ତ ପ୍ରମୁଖ ଉପସ୍ଥିତ ଥିଲେ।ସଂଗଠନ ପକ୍ଷରୁ ଚେତାବନୀ ଦିଆଯାଇଛି ଯେ, ୪୮ ଘଣ୍ଟା ମଧ୍ୟରେ ସାରସକଣା ବିଧାୟକ ଓ ବିଡିଓ ସମାଜ ସମ୍ମୁଖରେ କ୍ଷମା ପ୍ରାର୍ଥନା ନ କଲେ ଆସନ୍ତା ସୋମବାର ସାରସକଣା ବ୍ଲକ ଓ ବମ୍ବେ ଛକକୁ ସମ୍ପୂର୍ଣ୍ଣ ବନ୍ଦ କରି ପ୍ରତିବାଦ କରାଯିବ ବୋଲି ସୂଚନା ଦିଆଯାଇଛି। ଘଟଣା ସମ୍ପର୍କରେ ସାରସକଣା ବିଧାୟକ କିମ୍ବା ବିଡିଓଙ୍କ ପ୍ରତିକ୍ରିୟା ମିଳିପାରିନାହିଁ।

## ବୈତରଣୀ ମଣ୍ଡଳ ଯୁବ ମୋର୍ଚ୍ଚା ସଭାପତିଙ୍କୁ ସମ୍ବର୍ଦ୍ଧନା

ଆନନ୍ଦପୁର, ୪।୭ (ସମିସ): ଆନନ୍ଦପୁର ବ୍ଲକ ବୈତରଣୀ ମଣ୍ଡଳର ନୂତନ ବିଜେପି ଯୁବମୋର୍ଚ୍ଚା ସଭାପତି ଭାବେ ଧକୋଠାର ଅଜିତ କୁମାର ପୃଷ୍ଟିଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଛି। ଆଜି ଘସିପୁରା ନିର୍ବାଚନମଣ୍ଡଳୀ କାର୍ଯ୍ୟକର୍ତ୍ତା ସାଂଗଠାନିକ ବୈଠକରେ ଅଜିତ୍‌ଙ୍କୁ ଘସିପୁରା ବିଧାନସଭା ନେତା ଡ ଶମ୍ଭୁନାଥ ରାଉତ, ଜିଲ୍ଲା ସଭାପତି ଶୁକଦେବ ମହାନ୍ତ ସମ୍ବର୍ଦ୍ଧନା ଦେଇଥିଲେ। ସେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି, ସାଂସଦ ଅନନ୍ତ ନାୟକ, ଜିଲ୍ଲା ସଭାପତି ଶୁକଦେବ ମହାନ୍ତ, ବିଜେପି ନେତା ଡ଼ ଶମ୍ଭୁନାଥ ରାଉତ, ଜିଲ୍ଲା ଯୁବମୋର୍ଚ୍ଚା ସଭାପତି ରୁଦ୍ର ପ୍ରସାଦ ବେହେରା,ମଣ୍ଡଳ ସଭାପତି ମନମୋହନ ପାତ୍ର, ବରିଷ୍ଠ ନେତା ଭଗବାନ ସାହୁ, ମୁଖ୍ୟମନ୍ତ୍ରୀ ଜିଲ୍ଲା ପ୍ରଭାରୀ ରାମଚନ୍ଦ୍ର ସାହୁ, ଆନନ୍ଦପୁର ବିଧାୟକ ପର୍ଥୀ ଆଲୋକ ସେଠୀଙ୍କୁ କୃତଜ୍ଞତା ଜଣାଇଛନ୍ତି।

## ପିଜି ଶେଷ ସେମିଷ୍ଟର ପରୀକ୍ଷାରେ ଏମ୍‌ସିଏମ୍‌ର ଉଲ୍ଲେଖନୀୟ ସଫଳତା

ବାରିପଦା, ୪।୭ (ସମିସ): ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ ପକ୍ଷରୁ ପ୍ରକାଶିତ ୨୦୨୬ର ସ୍ନାତକୋତ୍ତର (ପିଜି) ଚତୁର୍ଥ ସେମିଷ୍ଟର ପରୀକ୍ଷା ଫଳ ପ୍ରକାଶ ପାଇଛି। ଏଥିରେ ବାରିପଦାର ମୟୂରଭଞ୍ଜ କଲେଜ ଅଫ୍ ଆକାଉଣ୍ଟାନ୍ସି ଆଣ୍ଡ ମ୍ୟାନେଜମେଣ୍ଟର ଛାତ୍ରଛାତ୍ରୀ ଚମତ୍କାର ସଫଳତା ହାସଲ କରିଛନ୍ତି। ଉଦ୍ଭିଦ, ପ୍ରାଣୀ, ରସାୟନ ଓ ପଦାର୍ଥ ବିଜ୍ଞାନ ସହିତ ଶିକ୍ଷା, ଇଂରାଜୀ, ଓଡ଼ିଆ, ରାଜନୀତି ବିଜ୍ଞାନ ଓ ପିଏମଆଇଆର ବିଭାଗର ସମସ୍ତ ଛାତ୍ରଛାତ୍ରୀ ପ୍ରଥମ ଶ୍ରେଣୀରେ ଉତ୍ତୀର୍ଣ୍ଣ ହୋଇ କଲେଜର ଗୌରବ ବୃଦ୍ଧି କରିଛନ୍ତି। ଉଦ୍ଭିଦ ବିଜ୍ଞାନରେ ଶାଶ୍ୱତୀ ବେହେରା ବେହେରା ୭୭.୪୪ ପ୍ରତିଶତ, ରାସାୟନ ବିଜ୍ଞାନରେ ଉତ୍ତମ ସୁନ୍ଦର ସ୍ୱାଗତ ୭୪.୧୯ ପ୍ରତିଶତ, ପଦାର୍ଥ ବିଜ୍ଞାନରେ ରୂପେଶ ସାହୁ ୬୮.୪୮ ପ୍ରତିଶତ, ପ୍ରାଣୀ ବିଜ୍ଞାନରେ ପିଙ୍କିଲତା ସାମନ୍ତରାୟ ୮୦.୬୩ ପ୍ରତିଶତ, ଶିକ୍ଷାରେ ମାନସୀ ସାମଲ ୮୦.୪୩ ପ୍ରତିଶତ, ଇଂରାଜୀରେ ପ୍ରିୟମ୍ବଦା ବିନ୍ଧାଣି ୭୫.୮୦ ପ୍ରତିଶତ, ଓଡ଼ିଆରେ ସୀମା ପଟ୍ଟାୟତ ୭୮.୦୩ ପ୍ରତିଶତ, ପିଏମ୍‌ଆଇଆରରେ ପ୍ରଶାନ୍ତ କୁମାର ତିରିଆ ୭୨.୬୫ ପ୍ରତିଶତ, ରାଜନୀତି ବିଜ୍ଞାନରେ ପୁଷ୍ପା ମହାନ୍ତି ୮୦.୦୦ ପ୍ରତିଶତ ନମ୍ବର ରଖିଛନ୍ତି। ଏହି ଉଲ୍ଲେଖନୀୟ ସଫଳତା ପାଇଁ କଲେଜ ଅଧ୍ୟକ୍ଷ ପ୍ରଫେସର ପ୍ରଦୀପ କୁମାର ନାୟକ ସନ୍ତୋଷ ପ୍ରକାଶ କରିବା ସହ କହିଛନ୍ତି, ଏହି ସଫଳତା ଛାତ୍ରଛାତ୍ରୀଙ୍କ କଠିନ ପରିଶ୍ରମ, ଶିକ୍ଷକଙ୍କ ନିଷ୍ଠାପୂର୍ଣ୍ଣ ମାର୍ଗଦର୍ଶନ ଓ ଅଭିଭାବକଙ୍କ ସହଯୋଗର ପ୍ରତିଫଳନ। ଉପାଧ୍ୟକ୍ଷ ସଙ୍ଗମିତ୍ରା ରାଉତ ମଧ୍ୟ ଏହି ସଫଳତାରେ ଆନନ୍ଦ ବ୍ୟକ୍ତ କରି ଛାତ୍ରଛାତ୍ରୀଙ୍କୁ ଆଗାମୀ ଦିନରେ ଉଚ୍ଚଶିକ୍ଷା, ଗବେଷଣା ଓ ବୃତ୍ତିଗତ ଜୀବନରେ ଆହୁରି ସଫଳତା ହାସଲ କରିବାକୁ ଶୁଭେଚ୍ଛା ଜଣାଇଛନ୍ତି। କଲେଜର ସମସ୍ତ ଅଧ୍ୟାପକ ଓ ଅଧ୍ୟାପିକା, କର୍ମଚାରୀ, ପୁରାତନ ଛାତ୍ରଛାତ୍ରୀ ଓ ଅଭିଭାବକ ଏହି ସଫଳତା ପାଇଁ କୃତୀ ଛାତ୍ରଛାତ୍ରୀଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ବନ ମହୋତ୍ସବ ଉପଲକ୍ଷେ ବିଦ୍ୟାଳୟସ୍ତରୀୟ ତର୍କ ପ୍ରତିଯୋଗିତା



କେନ୍ଦୁଝର, ୪।୭ (ସମିସ): ଶନିବାର କୋର୍ଟ ପରିସରରେ ଆଇନ ସଚେତନତା କ୍ଲବରେ ସାମିଲ ବିଭିନ୍ନ ବିଦ୍ୟାଳୟସ୍ତରୀୟ ଛାତ୍ରଛାତ୍ରୀମାନଙ୍କୁ ନେଇ ଏକ ତର୍କ ପ୍ରତିଯୋଗିତା ବନ ମହୋତ୍ସବ ଅବସରରେ ଅନୁଷ୍ଠିତ ହୋଇଥିଲା। ବିଚାରକ ଭାବେ ପ୍ରାଧିକରଣ ଅଧ୍ୟକ୍ଷ ତଥା ଜିଲ୍ଲାଜଜ୍ ଗୋପାଳଚନ୍ଦ୍ର ବେହେରା, ସ୍ଥାୟୀ ଲୋକ ଅଦାଲତ ଅଧ୍ୟକ୍ଷ ଇ. ବିଘ୍ନେଶ୍ୱର ରାଓ ଓ ଅବସରପ୍ରାପ୍ତ ଅଧ୍ୟକ୍ଷ କୃଷ୍ଣଚନ୍ଦ୍ର ମିଶ୍ର ଯୋଗ ଦେଇଥିଲେ। ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର, ନିର୍ମଳା କନଭେଣ୍ଟ ବିଦ୍ୟାଳୟ, ରବିନ୍ଦ୍ର ବିଦ୍ୟା ନିକେତନ, ପିଏମ୍‌ଶ୍ରୀ ବାଳିକା ଉଚ୍ଚବିଦ୍ୟାଳୟ, ଧନୁର୍ଜୟ ନାରାୟଣ ଉଚ୍ଚବିଦ୍ୟାଳୟ, ଡିଏଭି ସ୍କୁଲ, ପୁଲିସ ଉଚ୍ଚ ବିଦ୍ୟାଳୟ, ମୋଚିବନ୍ଧ ଉଚ୍ଚବିଦ୍ୟାଳୟର ଛାତ୍ରଛାତ୍ରୀ ଭାଗ ନେଇଥିଲେ। ପୁରସ୍କାର ବିତରଣ ଉତ୍ସବରେ ପ୍ରାଧିକରଣ ଅଧ୍ୟକ୍ଷ ଗୋପାଳଚନ୍ଦ୍ର ବେହେରା, ଦୁର୍ନୀତି ନିବାରଣ ସ୍ୱତନ୍ତ୍ର ଜଜ୍ ଭଗବାନ ପ୍ରଧାନ, ପରିବାର ଅଦାଲତ ଜଜ୍ ଶ୍ୱେତା ମିଶ୍ର, ଅତିରିକ୍ତ ଜିଲ୍ଲା ଜଜ୍ ଦିଲ୍ଲୀପ ମିଶ୍ର, ସ୍ଥାୟୀ ଲୋକ ଅଦାଲତ ଅଧ୍ୟକ୍ଷ ଇ. ବିଘ୍ନେଶ୍ୱର ରାଓ, ଅତିରିକ୍ତ ଜିଲ୍ଲା ଜଜ୍ (ପୋକ୍ସ) ମୋନାଲିସା ମହାନ୍ତି, ଅତିରିକ୍ତ ଜିଲ୍ଲା ଜଜ୍ (ଆଡହକ୍) ବିଜୟ କୁମାର ମିଶ୍ର, ମୁଖ୍ୟ ବିଚାର ବିଭାଗୀୟ ବିଚାରପତି ହିମାଂଶୁ ଶେଖର ବିଶ୍ୱାଳ, ଦେୱାନୀ ବିଚାରପତି ଅମରେଶ ନାୟକ, ରେଜିଷ୍ଟ୍ରାର ସୁଚେତା କୃପାଳିନୀ, ମହିଳା ଅଦାଲତ ବିଚାରପତି ନେହା ଦାଶ, ଉପଖଣ୍ଡୀୟ ବିଚାରପତି ସନ୍ତୋଷ କୁମାର ବାରିକ ଓ ପ୍ରଥମ ଶ୍ରେଣୀ କନିଷ୍ଠ ବିଚାରପତି ପ୍ରଜ୍ଞା ପରମିତା ସ୍ୱାଇଁ ଯୋଗ ଦେଇ ଥିବାବେଳେ ପ୍ରାଧିକରଣ ସଚିବ ସସ୍ମିତା ନନ୍ଦିନୀ ତ୍ରିପାଠୀ ସମସ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ପ୍ରାଧିକରଣ ସଦସ୍ୟ ତଥା ତଦାଶା ସଂପାଦକ ଅକ୍ଷୟ କୁମାର ଚକ୍ର ଉକ୍ତ କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ। ତର୍କ ବିଭାଗ ବରିଷ୍ଠ ବର୍ଗରେ ଧନୁର୍ଜୟ ନାରାୟଣ ଉଚ୍ଚ ବିଦ୍ୟାଳୟର ସ୍ମୃତିରେଖା ରାମ ପ୍ରଥମ ଏବଂ ସଂଚିତା ସାହୁ ଦ୍ୱିତୀୟ, ପୁଲିସ ଉଚ୍ଚ ବିଦ୍ୟାଳୟର ଜ୍ୟୋତିରଞ୍ଜନ ମହାନ୍ତ ତୃତୀୟ ସ୍ଥାନ ଅଧିକାର କରିଥିବାବେଳେ କନିଷ୍ଠ ବର୍ଗରେ କେନ୍ଦୁଝର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ସୁଶ୍ରୀ ସମ୍ପର୍ଣ୍ଣା ବେହେରା ପ୍ରଥମ, ନିର୍ମଳା କନଭେଣ୍ଟ ସ୍କୁଲର ସ୍ୱରୂପ ସାହୁ ଦ୍ୱିତୀୟ, କେନ୍ଦୁଝର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ତାପ୍ତି ପ୍ରିୟଦର୍ଶିନୀ ପାତ୍ର ତୃତୀୟ ସ୍ଥାନରେ ପୁରସ୍କୃତ ହୋଇଥିଲେ। ତର୍କ ପ୍ରତିଯୋଗିତାରେ ଭାଗ ନେଇଥିବା ସମସ୍ତ ପ୍ରତିଯୋଗୀଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା।

## ଘରେ ପଶି ସୁନା ଅଳଙ୍କାର ଚୋରି



ତୁରୁମୁଙ୍ଗା, ୪।୭ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ କପୁଣ୍ଡି ଗ୍ରାମର ଭଗବାନ ବେଜ୍‌ଙ୍କ ଘରୁ ଶୁକ୍ରବାର ରାତିରେ ଚୋରି ହୋଇଛି। ତାଙ୍କ ପରିବାର ପୁତୁରା ବାଘଘରରେ ଯୋଗ ଦେବାକୁ ଗତକାଲି କେନ୍ଦୁଝର ଯାଇ ରାତିରେ ଫେରିବା ପରେ ଘରର ଚାବି ଭଙ୍ଗାଯାଇ ଚୋରି ହୋଇଥିଲା। ଦୁର୍ବୃତ୍ତମାନେ ଘରେ ପଶି ବାକ୍ସ ଭାଙ୍ଗି ୨ଟି ସୁନା ହାର, ୨ଟି ମୁଦି ୫ଟି ତୁଳସୀ ପଦକ, କାନ ଟିଂ ୨ ହଳ ମଙ୍ଗଳସୂତ୍ର, ରୁପା ପାଉଁଜି ୨ ହଳ ଆଦି ଚୋରି କରିନେଇଥିବା ଜାଣିବାକୁ ପାଇବା ପରେ ଭଗବାନ ବେଜ୍ ଶନିବାର ପାଟଣା ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ୨୪୪/୨୬ରେ ଏକ ମାମଲା ରୁଜୁ କରିବା ସହ ଥାନା ଏସଆଇ ଲକ୍ଷ୍ମଣ ମାଝୀ ଘଟଣାର ତଦନ୍ତ କରୁଛନ୍ତି।

## ଚୋରି ମାମଲାରେ ଆସାମୀକୁ ୬ ମାସ ଜେଲ୍

ମୋରଡା,୪।୭ (ସମିସ): ମୋରଡା ଜେଏମଏଫସି କୋର୍ଟ ଶନିବାର ଏକ ଚୋରି ମାମଲାର ଶୁଣାଣି କରି ଦୋଷୀଙ୍କୁ ଦଣ୍ଡ ଶୁଣାଇଛନ୍ତି। ମୋରଡା ଥାନା ଅଧୀନ ସାନମୁଣ୍ଡାବଣି ଗ୍ରାମରେ ସଂଗ୍ରାମ ସୋରେନ ତାଙ୍କ ଶଶୁର ଘରେ ଦୀର୍ଘ ୧୭ ବର୍ଷ ହେଲା ରହି ଆସୁଥିଲେ। ୨୦୧୪ ଡିସେମ୍ବର ୭ ତାରିଖ ସନ୍ଧ୍ୟାରେ ଘରେ ତାଙ୍କ ଶାଶୂ ଶଶୁର ନ ଥିବା ସମୟରେ ଜଣେ ବ୍ୟକ୍ତି ଘରେ ଭିତରେ ପଶି ଦୁଇଟି ବାକ୍ସରେ ଥିବା ୧୫୦୦୦ ଟଙ୍କା ଚୋରି କରି ନେଇ ପଳାଉଥିବାବେଳେ ଗ୍ରାମବାସୀ ତାଙ୍କୁ କାବୁ କରି ମାଡ଼ ମାରିଥିଲେ। ଚୋର ଜଣକ କଉଡିଆ ଗ୍ରାମର ଶମ୍ଭୁନାଥ ବାରିକ ବୋଲି ଜଣାପଡ଼ିଥିଲା ଓ ପୁଲିସକୁ ଖବର ଦେଇଥିଲେ। ବିଚାରପତି ଉକ୍ତ ଘଟଣାର ବିଚାର କରି ଶମ୍ଭୁନାଥଙ୍କୁ ପାଞ୍ଚଶହ ଟଙ୍କା ଜରିମାନା କରିବା ସହିତ ୬ ମାସ ଜେଲ ଦଣ୍ଡାଦେଶ ଶୁଣାଇଛନ୍ତି। ଏପିପି ସମ୍ବିତ ଦାସ ମାମଲା ପରିଚାଳନା କରିଥିଲେ।

### ● ବାଇକ୍‌କୁ ଧକ୍କାଦେଲା ହାଇଡ୍ରା

## ବାଇକ୍ ଚୁରମାର, ଅଳ୍ପକେ ବର୍ତ୍ତିଲେ ଦୁଇ ଆରୋହୀ

ରାଇରଙ୍ଗପୁର, ୪।୭ (ସମିସ): ରାଇରଙ୍ଗପୁର ଟାଉନ ଥାନା ଅନ୍ତର୍ଗତ ରାଇରଙ୍ଗପୁର- ଗୋରୁମହିଷାଣୀ ରାସ୍ତାର ୩ କିମି ଦୂର ଦୁବୁଲାବେଡା ରାସ୍ତା କଡ଼ରେ ଏକ ବାଇକ୍ ଛିଡ଼ା ହୋଇଥିବା ଅବସ୍ଥାରେ ଏକ ହାଇଡ୍ରା ଧକ୍କା ଦେବା ଫଳରେ ବାଇକ୍ ଚୁରମାର ହୋଇଥିବା ଅଭିଯୋଗ ହୋଇଛି। ବହଳଦା ବ୍ଲକର ଡଲସରା ଗ୍ରାମର ଆଇଁଠୁ ଟୁଡୁ ଓ ସାଙ୍ଗ ସୁନାରାମ କିସ୍କୁ ତାଙ୍କ ମାମୁଁ ଘର ଗ୍ରାମ ଦେଉରାଡିହିକୁ ଆଜି ସକାଳେ ବାଇକ୍‌ରେ ଯାଉଥିବାବେଳେ ଦୁବୁଲାବେଡା ରାସ୍ତା କଡ଼ରେ ବାଇକ୍ ରଖି ପରିସ୍ରା କରୁଥିଲେ। ହଠାତ୍ ଏକ ଢୋ ଶବ୍ଦ ଶୁଭିଲା। ସେମାନେ ଚମକି ପଡ଼ି ଆଗକୁ ଦୌଡିଲେ। ପଛରୁ ଅନାଇ ଦେଖନ୍ତି ତ ତାଙ୍କ ବାଇକକୁ ଏକ ହାଇଡ୍ରା ଗାଡ଼ି ଧକ୍କା ଦେଇଛି। ହାଇଡ୍ରା ଗାଡ଼ି ରାଇଭର ଗାଡ଼ି ରଖି ଜଙ୍ଗଲ ଭିତରକୁ ପ୍ରାଣ ବିକଳରେ ଦୌଡ଼ି ପଳାଇଥିଲା। ବାଇକ୍‌ଟି ଚୁରମାର ହୋଇଥିଲା। ପରେ ଖବର ପାଇ ରାଇରଙ୍ଗପୁର ଟାଉନ ଥାନା ପୁଲିସ ପହଞ୍ଚି ଗାଡ଼ି ଦୁଇଟିକୁ ଜବତ କରିବା ସହ ତଦନ୍ତ କରୁଛି।

### ● କରଞ୍ଜିଆ-କେନ୍ଦୁଝର ରାଜପଥରେ ଦୁର୍ଘଟଣା

## ୩ ଗୁରୁତର, ଗୋଟିଏ ଗୋରୁ ମୃତ

କରଞ୍ଜିଆ, ୪।୭ (ସମିସ): କରଞ୍ଜିଆ-କେନ୍ଦୁଝରକୁ ସଂଯୋଗ କରୁଥିବା ୨୨୦ନଂ ଜାତୀୟ ରାଜପଥର ଦେଓନଦୀ ପୋଲ ଉପରେ ଦୁର୍ଘଟଣା ଘଟିଛି। ଗୋରୁ ବୋଝେଇ ଏକ ପିକଅପ ଭ୍ୟାନ୍ ଓ ଏକ ଅଟୋ ମଧ୍ୟରେ ମୁହାଁମୁହିଁ ଧକ୍କା ହେବାରୁ ଅଟୋରେ ଯାତ୍ରା କରୁଥିବା ୩ ଜଣ ଗୁରୁତର ଆହତ ହୋଇଥିବାବେଳେ ପିକଅପରେ ଥିବା ୬ଟି ଗୋରୁ ମଧ୍ୟରୁ ଗୋଟିଏ ଗୋରୁର ମୃତ୍ୟୁ ଘଟିଛି। ଅନ୍ୟ ୫ଟି ଗୋରୁ ଆହତ ହୋଇଥିବା ସୂଚନା ମିଳିଛି। ଏହି ଦୁର୍ଘଟଣା ପରେ ଅଞ୍ଚଳରେ କିଛି ସମୟ ପାଇଁ ଉତ୍ତେଜନା ସୃଷ୍ଟି ହୋଇଥିବାବେଳେ ବେଆଇନ ଗୋରୁ ଚାଲାଣକୁ ନେଇ ସାଧାରଣରେ ପୁଣିଥରେ ପ୍ରଶ୍ନ ଉଠିଛି। ଦେଓନଦୀ ପୋଲ ଉପରେ ଏକ ଦ୍ରୁତଗାମୀ ଗୋରୁ ବୋଝେଇ ପିକଅପ ଭ୍ୟାନ୍ ବିପରୀତ ଦିଗରୁ ଆସୁଥିବା ଅଟୋକୁ ସାମ୍ନାସାମ୍ନି ଧକ୍କା ଦେଇଥିଲା। ଫଳରେ ଉଭୟ ଗାଡ଼ି ସମ୍ପୂର୍ଣ୍ଣ କ୍ଷତିଗ୍ରସ୍ତ ହୋଇଯାଇଥିଲା। ଅଟୋରେ ଥିବା ୩ ଜଣ ଯାତ୍ରୀ ଗୁରୁତର ଭାବେ ଆହତ ହୋଇ ଗାଡ଼ି ଭିତରେ ଫସି ରହିଥିଲେ।

ସେହିପରି ପିକଅପ ଗାଡ଼ିରେ ଥିବା ଗୋରୁମାନେ ମଧ୍ୟ ଧକ୍କାର ପ୍ରଭାବରେ ଗୁରୁତର ଆହତ ହୋଇଥିଲେ। ଖବର ପାଇ ଫାଣ୍ଡି ଅଧିକାରୀ ଓ ପୁଲିସ ଟିମ୍ ପହଞ୍ଚି ସ୍ଥାନୀୟ ଲୋକଙ୍କ ସହଯୋଗରେ ଉଦ୍ଧାର କରି ଆହତମାନଙ୍କୁ କରଞ୍ଜିଆ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ଆହତ ୩ ଜଣଙ୍କ ଅବସ୍ଥା ସଙ୍କଟାପନ୍ନ ଥିବାରୁ ସେମାନଙ୍କୁ ଉନ୍ନତ ଚିକିତ୍ସା ପାଇଁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିବା ଜଣାପଡ଼ିଛି।

## ସାପ କାମୁଡ଼ାରେ ଯୁବକଙ୍କ ମୃତ୍ୟୁ

ଠାକୁରମୁଣ୍ଡା, ୪।୭ (ସମିସ): ମୟୂରଭଞ୍ଜ ଜିଲ୍ଲା ଠାକୁରମୁଣ୍ଡା ବ୍ଲକ ତାଳପଦା ପଞ୍ଚାୟତ ଅନ୍ତର୍ଗତ ଭଦୁବାହାଳି ଗ୍ରାମରେ ଗତକାଲି ରାତିରେ ଶୋଇଥିବା ଅବସ୍ଥାରେ ସାପ କାମୁଡ଼ିବାରୁ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ଭଦୁବାହାଳି ଗ୍ରାମର ମଙ୍ଗଳ ମାରାଣ୍ଡି (୨୫)। ମଙ୍ଗଳ ଗତକାଲି ରାତିରେ ନିଜ ଘରେ ଶୋଇଥିବା ସମୟରେ ଏକ ବିଷାକ୍ତ ସାପ ତାଙ୍କୁ କାମୁଡ଼ି ଦେଇଥିଲା। ପରିବାର ଲୋକ ଏହା ଜାଣିବା ପରେ ତାଙ୍କୁ ଠାକୁରମୁଣ୍ଡା ଡାକ୍ତରଖାନାକୁ ନେଇଥିଲେ। ସଠାରେ ଡାକ୍ତର ତାଙ୍କୁ ପ୍ରାଥମିକ ଚିକିତ୍ସା କରିବା ପରେ ଅଧିକ ଚିକିତ୍ସା ପାଇଁ ଆନନ୍ଦପୁର ଡାକ୍ତରଖାନାକୁ ସ୍ଥାନାନ୍ତର କରିଥିଲେ। ଆନନ୍ଦପୁର ଯିବା ରାସ୍ତାରେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି।

## ବାଲିବନ୍ଧ ସେକ୍ସନ ପକ୍ଷରୁ ବନ ମହୋତ୍ସବ



ନାରଦପୁର, ୪।୭ (ସମିସ): ଚମ୍ପୁଆ ରେଞ୍ଜ ବାଲିବନ୍ଧ ସେକ୍ସନ ପକ୍ଷରୁ ଆଜି ବାଲିବନ୍ଧସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ୭୭ତମ ବନମହୋତ୍ସବ ପାଳିତ ହୋଇଯାଇଛି। ଅତିଥି ଭାବେ ଆଦିବାସୀ ହୋ ସମାଜ ମହାସଭା ଜିଲ୍ଲା ସଭାପତି ଗୌରଚନ୍ଦ୍ର ମୁଣ୍ଡା, ଫରେଷ୍ଟର ରାଜେନ୍ଦ୍ର କୁମାର ଜେନା, ଝୁମ୍ପୁରା ମଣ୍ଡଳ ସଭାପତି ଉମାକାନ୍ତ ମହାନ୍ତ ପ୍ରମୁଖ ଯୋଗଦେଇଥିଲେ। ଏହି ବନମହୋତ୍ସବକୁ ଫରେଷ୍ଟ ଗାର୍ଡ କିରାଣି ମହାରଣା, ରଶ୍ମିତା ଖଣ୍ଡେଇ, ଉମେଶ ଦାସ, ଜ୍ଞାନରଂଜନ କର ପରିଚାଳନା କରିଥିବା ବେଳେ ସ୍କ୍ୱାଡ୍ ପୁକାମ ମୁଣ୍ଡା, ଜାମ୍ବିରା ମୁଣ୍ଡା, ଉମେଶ ନାଏକ, ଯଗେଶ୍ୱର ମୁଣ୍ଡା, ଏନଜିଓ ସ୍ନେହା ପ୍ରମୁଖଙ୍କ ସମେତ ଶିଶୁବଦ୍ୟା ମନ୍ଦିରର ସମସ୍ତ ଗୁରୁଜୀ ଗୁରୁମା ଓ ଛାତ୍ରଛାତ୍ରୀ ଓ ଗ୍ରାମବାସୀ ସହଯୋଗ କରିଥିଲେ।

## ଭଞ୍ଜସେନା ପକ୍ଷରୁ ମଶାଲ ଶୋଭାଯାତ୍ରା

ମୋରଡା,୪।୭ (ସମିସ): ରତ୍ନଗର୍ଭା ଶିମିଳିପାଳର ସମ୍ପୂର୍ଣ୍ଣ ସୁରକ୍ଷା ସହ ପର୍ଯ୍ୟଟନ ଶିଳ୍ପ ଓ ପ୍ରାକୃତିକ ସମ୍ପଦ ମାଧ୍ୟମରେ ମୟୂରଭଞ୍ଜବାସୀଙ୍କୁ ଆତ୍ମନିର୍ଭରଶୀଳ କରିବା ସହିତ ଜିଲ୍ଲାରୁ ଦାଦନ ସମସ୍ୟା ଦୂର କରିବା ଲକ୍ଷ୍ୟ ନେଇ ଭଞ୍ଜସେନା ପକ୍ଷରୁ ସାରା ଜିଲ୍ଲାରେ ମଶାଲ ଶୋଭାଯାତ୍ରା କରାଯାଉଛି। ଏ ପରିପ୍ରେକ୍ଷୀରେ ଶୁକ୍ରବାର ସନ୍ଧ୍ୟାରେ ଚିତ୍ରଡା ଏନଏସି ଅଧୀନରେ ଥିବା ବସଷ୍ଟାଣ୍ଡରୁ ଭଞ୍ଜସେନା ଜିଲ୍ଲା ଅଧ୍ୟକ୍ଷ ସଞ୍ଜୀବ ରାଉତ ଓ ଉପଖଣ୍ଡ ସଭାପତି ପରିତୋଷ ବାରିକଙ୍କ ନେତୃତ୍ୱରେ ମଶାଲ ଶୋଭାଯାତ୍ରା ବାହାରି ଶୀର୍ଷାପାଳ ଛକ ହୋଇ ଜଗନ୍ନାଥ ମନ୍ଦିର ପର୍ଯ୍ୟନ୍ତ ଶତାଧିକ ଲୋକଙ୍କ ସମାଗମରେ ଅନୁଷ୍ଠିତ ହୋଇଯାଇଛି। ବିଭିନ୍ନ ପ୍ରକାରର ସ୍ଲୋଗାନ ଦେଇ ମହିଳା, ଯୁବକମାନେ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଜିଲ୍ଲା ଆଦିବାସୀ ଶାଖା ସଭାପତି ବାଜୁନ ହାଁସଦା, ବ୍ଲକ ସଭାପତି ପରିତୋଷ ବାରିକ, ଲଲିଟେନ୍ଦୁ ଦାସ, ତୋଫାନ ମହାନ୍ତ, ତ୍ରିନାଥ ପାତ୍ର, ତାପସ ବେହେରା, ମଙ୍ଗଳ ଦାସ, ଦୀପୁ ମହାନ୍ତ, ସୁନୀଲ ମହାନ୍ତ, ସଂଜୟ ମହାନ୍ତ, ଆକାଶ ପାତ୍ର, ସତ୍ୟନାରାୟଣ ବେହେରା, ଜନ୍ମେଜୟ ମହାନ୍ତ ପ୍ରମୁଖ ସାମିଲ ଥିଲେ।

## କପ୍ତିପଦା ବ୍ଲକ୍ ପାଇଁ ସ୍ଥାୟୀ ଯୋଗାଣ ଅଧିକାରୀ ନିଯୁକ୍ତି ଦାବି

କପ୍ତିପଦା,୪।୭ (ସମିସ): କପ୍ତିପଦା ବ୍ଲକ ଏକ ଆଦିବାସୀ ଅଧ୍ୟୁଷିତ ଅଞ୍ଚଳ। ୨୬ଟି ପଞ୍ଚାୟତକୁ ନେଇ ଏହି ବ୍ଲକ ଗଠିତ। ପ୍ରତିଦିନ ଶହ ଶହ ଲୋକ ନିଜର ଅଭିଯୋଗ ନେଇ ଆସୁଥିବାବେଳେ ଯୋଗାଣ ଅଧିକାରୀଙ୍କ ଦେଖାମିଳୁନାହିଁ। ଦୀର୍ଘଦିନ ହେବ ଯୋଗାଣ ଅଧିକାରୀ ପଦବୀ ଫାଙ୍କା ପଡିଥିବାବେଳେ ଗୋପବନ୍ଧୁନଗର ବ୍ଲକରେ କାର୍ଯ୍ୟରତ ଯୋଗାଣ ଅଧିକାରୀ ପ୍ରଶାନ୍ତ କୁମାର ନାୟକ କପ୍ତିପଦା ବ୍ଲକ ଦାୟିତ୍ୱରେ ଦୀର୍ଘ ୬ ମାସ ହେବ ରହିଛନ୍ତି। କିନ୍ତୁ କପ୍ତିପଦା ବ୍ଲକଟି ସବୁଠାରୁ ବଡ଼ ବ୍ଲକ ହୋଇଥିବାବେଳେ ଶ୍ରୀ ନାୟକ ସପ୍ତାହରେ ଗୋଟିଏ କିମ୍ବା ଦୁଇଦିନ ଆସୁଥିବାରୁ ଅନେକ ସମୟରେ ହିତାଧିକାରୀ ତାଙ୍କ ନିକଟକୁ ଆସି ନିରାଶ ହୋଇ ଫେରୁଥିବା ଦେଖାଯାଇଛି। ବେଳେବେଳେ ହିତାଧିକାରୀଙ୍କ ସହ ଖରାପ ବ୍ୟବହାର କରିବା ସହ କିପରି ମୋଟା ଅଙ୍କରେ ବଟି ମିଳିପାରିବ, ନିଜର ମନମାନୀ ଜାହିର କରନ୍ତି। ଫଳରେ ସାଧାରଣ ଗରିବ ଲୋକଟିଏ ନିଜର ଦୈନନ୍ଦିନ କାମ ବନ୍ଦ କରି ରାସନ କାର୍ଡ ପାଇବା ପାଇଁ ଓ ରାସନ କାର୍ଡରେ କୌଣସି ସମସ୍ୟାକୁ ନେଇ ବ୍ଲକକୁ ଯାଉଥିଲେ ସୁଦ୍ଧା ତାହାର ସୁଫଳ ପାଇପାରୁନାହିଁ। ତେଣୁ ଏହି ୨୬ଟି ପଞ୍ଚାୟତରେ ରାସନ ସାମଗ୍ରୀର ସୁବଣ୍ଟନ ନିମନ୍ତେ ତୁରନ୍ତ ଜଣେ ସ୍ଥାୟୀ ଯୋଗାଣ ଅଧିକାରୀ ନିଯୁକ୍ତ କରିବାକୁ କପ୍ତିପଦାବାସୀ ଦାବି କରିଛନ୍ତି।

## ବାରିପଦାରେ ଓଷ୍ଟା ସାମ୍ବିଧାନିକ ସମ୍ମିଳନୀ

ବାରିପଦା,୪।୭ (ସମିସ): ବାରୁଣୀ ନିକଟସ୍ଥ ବିଦ୍ୟାବିହାର ଉଚ୍ଚବିଦ୍ୟାଳୟ ପ୍ରାଙ୍ଗଣରେ ଓଷ୍ଟା ବାରିପଦା ବ୍ଲକ ଓ ମ୍ୟୁନିସିପାଲିଟି ସ୍ତରୀୟ ସାମ୍ବିଧାନିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ବ୍ଲକ ଉପସଭାପତି ସୁରଥ ମଲ୍ଲିକଙ୍କ ସଭାପତିତ୍ୱରେ ଏକ ସଭା ଅନୁଷ୍ଠିତ ହୋଇଥିଲା। ପ୍ରଥମେ ବ୍ଲକ ସମ୍ପାଦକ ସଭାର ଆଭିମୁଖ୍ୟ ପ୍ରକାଶ କରି ବିବରଣୀ ପାଠ କରିଥିଲେ। ମୁଖ୍ୟଅତିଥି ଭାବେ ଜିଲ୍ଲା ଓଷ୍ଟା ସଭାପତି ଚିତ୍ତରଞ୍ଜନ ପଲତା, ସମ୍ମାନିତ ଅତିଥି ଭାବେ ଉପଦେଷ୍ଟା ସନ୍ତୋଷ କାସ୍ତ, ମୁଖ୍ୟବକ୍ତା ଭାବେ ସଂଗଠନ ସମ୍ପାଦକ ପ୍ରଭାସ ନାୟକ ଓଷ୍ଟାର ଇତିହାସ, ସମ୍ବିଧାନ ଓ ବର୍ତ୍ତମାନ ସଂଗଠିତ ହୋଇ ରହିବାର ଆବଶ୍ୟକତା ବିଷୟରେ ଆଲୋଚନା କରିଥିଲେ। ବ୍ଲକ ଓ ମ୍ୟୁନିସିପାଲିଟିର ଶିକ୍ଷକମାନେ ସମ୍ମୁଖୀନ ହେଉଥିବା ବିଭିନ୍ନ ସମସ୍ୟା ବିଷୟରେ ଆଲୋଚନା ହୋଇ ସମାଧାନ ପାଇଁ ଏକତ୍ରିତ ହେବା ପାଇଁ ଶପଥ ନେଇଥିଲେ। ପରେ ଆଗାମୀ ତିନି ବର୍ଷ ପାଇଁ ସଭାପତି ଭାବେ ସୁକାନ୍ତ ବେହେରା, ଉପସଭାପତି ଭାବେ ରଜତ ମହାନ୍ତ ଓ ମୋନାଲିସା ମାସନ୍ତ, ସମ୍ପାଦକ ଭାବେ ପ୍ରଦୀପ ଚନ୍ଦ୍ର ମହାନ୍ତ, ଯୁଗ୍ମସମ୍ପାଦକ ଭାବେ ମନୋଜ ପରିଡା ଓ ଚିଲିମା ନାୟକ, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଭାବେ ଜ୍ୟୋତିରଞ୍ଜନ ବାରିକ ଓ ଅନୁପମା ବେହେରା, ଜିଲ୍ଲା କାର୍ଯ୍ୟକାରିଣୀ ସଦସ୍ୟ ଭାବେ ଦିବସ କୁମାର ମହାନ୍ତ, ସତ୍ୟବ୍ରତ ସିଂହ, ଗୋବିନ୍ଦ ମହାନ୍ତ ଓ ସୁକେଶିନୀ ମହାନ୍ତ ପ୍ରମୁଖଙ୍କୁ ଦାୟିତ୍ୱ ଅର୍ପଣ କରାଯାଇଥିଲା। ଜିଲ୍ଲା ସଭାପତି ସମସ୍ତ ସଭ୍ୟଙ୍କୁ ଶପଥ ପାଠ କରାଇଥିଲେ। ଉପସଭାପତି ରଜତ ମହାନ୍ତ ଧନ୍ୟବାଦ ଅର୍ପଣ କରିଥିଲେ।

## ରାଜ୍ୟ ଓମ୍ବାଡ୍‌ସି ଟିମର ପାଟଣା ରେଞ୍ଜରେ ସମୀକ୍ଷା



ତୁରୁମୁଙ୍ଗା, ୪।୭ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ରେଞ୍ଜ ଝାଟିପଡ଼ା ଓ ପଟୁଳିଆ ଜଙ୍ଗଲ ମଧ୍ୟରେ ୨୦୨୩-୨୪ ଆର୍ଥିକ ବର୍ଷରେ ଓମ୍ବାଡସି ତରଫରୁ ଖୋଳାଯାଇଥିବା ପୁଷ୍କରିଣୀ କାର୍ଯ୍ୟକୁ ଶନିବାର ରାଜ୍ୟ ଓଓମ୍ବାଡସି ଟିମ ବୁଲି ସମୀକ୍ଷା ଓ ପରିଦର୍ଶନ କରିଛନ୍ତି। ଟିମରେ ସଂସ୍ଥାର ପ୍ରୋଜେକ୍ଟ ଡାଇରେକ୍ଟର ଡିଭିଜନନାଲ ଟିମ, ପାଟଣା ରେଞ୍ଜର ବନ ବିହାରୀ ସର୍ଦ୍ଦାର ଓ ପାଟଣା ବନପାଳ ନିରଞ୍ଜନ ସେଠୀ, ଖିରେଇଟାଙ୍ଗିରି ବନପାଳ ପୂର୍ଣ୍ଣଚନ୍ଦ୍ର ମହାନ୍ତ, ସାହାରପଡା ବନପାଳ ଶ୍ରୀମନ୍ତ ବେହେରା ପ୍ରମୁଖଙ୍କ ସହ ବନରକ୍ଷୀମାନେ ପ୍ରତିନିଧି ଦଳଙ୍କୁ କ୍ଷେତ୍ର ପରିଦର୍ଶନରେ ସହଯୋଗ କରିଥିଲେ। ପରିଦର୍ଶନ ସମୟରେ ଓମ୍ବାଡିସି ଅନୁଦାନରେ ନିର୍ମିତ ଜଳାଶୟ, ମୃତ୍ତିକା ସଂରକ୍ଷଣ କାର୍ଯ୍ୟ ଓ ଆଡିବନ୍ଧ ଆଦି ଅନ୍ୟାନ୍ୟ ଉନ୍ନୟନ କାର୍ଯ୍ୟର ସମୀକ୍ଷା କରାଯାଇଥିଲା। ବେଲଦା, ଯଡିପଦା, ମହିଷାମୁଣ୍ଡି, କୋଡ଼ଖମଣ, ପଦ୍ମପୁର, ମାଛଗଡ଼ ଓ ବଡ଼ବିଲ ଆଦି ସହ ଅନ୍ୟାନ୍ୟ ସ୍ଥାନରେ ପ୍ରତିନିଧିମାନେ କାର୍ଯ୍ୟସ୍ଥଳକୁ ଯାଇ ପରିଦର୍ଶନ କରିବା ସହ କାର୍ଯ୍ୟର ସମୀକ୍ଷା କରିଥିଲେ।

# 'ଫୋର୍ବସ ଇଣ୍ଡିଆ' ତାଲିକାରେ ସ୍ଥାନ ପାଇଲା ଇନଫୋକ୍ରିଏଟିଭ୍ସ ସର୍ଭିସେସ୍ ପ୍ରାଇଭେଟ୍ ଲିମିଟେଡ୍

ବାରିପଦା, ୪।୭ (ସମିସ)

ଓଡ଼ିଶାର ବିକାଶମୁଖୀ ପ୍ରଯୁକ୍ତିବିଦ୍ୟା କ୍ଷେତ୍ର ପାଇଁ ଏକ ଉଲ୍ଲେଖନୀୟ ସଫଳତା ସ୍ୱରୂପ ମୟୂରଭଞ୍ଜର ବାରିପଦାରେ ମୁଖ୍ୟ କାର୍ଯ୍ୟାଳୟ ଥିବା 'ଇନଫୋକ୍ରିଏଟିଭ୍ସ ସର୍ଭିସେସ୍ ପ୍ରାଇଭେଟ୍ ଲିମିଟେଡ୍'କୁ ପ୍ରସିଦ୍ଧ ବ୍ୟବସାୟିକ ପତ୍ରିକା 'ଫୋର୍ବସ ଇଣ୍ଡିଆ' ଏହାର ଏକ ସ୍ୱତନ୍ତ୍ର ସଂସ୍କରଣ 'ଇଣ୍ଡିଆଜ୍ ମୋଷ୍ଟ ଟ୍ରଷ୍ଟେଡ୍ ଇମର୍ଜିଂ ବ୍ରାଣ୍ଡ୍ସ' (ଭାରତର ସବୁଠାରୁ ଭରସାଯୋଗ୍ୟ ଉଦୀୟମାନ ବ୍ରାଣ୍ଡ)ରେ ସ୍ଥାନ ଦେଇଛି।

ନୂତନତ୍ୱ, ସାଧୁତା ଓ ଗ୍ରାହକଙ୍କ ଆସ୍ଥା ମାଧ୍ୟମରେ ବିଭିନ୍ନ ଶିଳ୍ପ ଜଗତରେ ପରିବର୍ତ୍ତନ ଆଣୁଥିବା ଦୂରଦୃଷ୍ଟି ସମ୍ପନ୍ନ ସଂସ୍ଥାଗୁଡ଼ିକୁ ଏହି ସ୍ୱୀକୃତି ପ୍ରଦାନ କରାଯାଏ। ଫୋର୍ବସ ଇଣ୍ଡିଆର ଏହି ସଂସ୍କରଣରେ ଇନଫୋକ୍ରିଏଟିଭ୍ସକୁ ଦେଶର ଏକ ପ୍ରତିଶ୍ରୁତିବଦ୍ଧ ପ୍ରଯୁକ୍ତିବିଦ୍ୟା କମ୍ପାନୀ ଭାବେ ଦର୍ଶାଯାଇଛି। ଯାହା ଉଚ୍ଚମାନର ଗୁଣବତ୍ତା ଓ ଗ୍ରାହକ ସନ୍ତୋଷ ବଜାୟ ରଖିବା ସହିତ କ୍ରମାଗତ ଭାବେ ଅଭିନବ ଡିଜିଟାଲ୍ ସମାଧାନ ପ୍ରଦାନ କରିଆସୁଛି। ୨୦୧୧ରେ ପ୍ରତିଷ୍ଠିତ ଓ ୨୦୧୫ରେ ପଞ୍ଜିକୃତ ହୋଇଥିବା ଇନଫୋକ୍ରିଏଟିଭ୍ସ ସର୍ଭିସେସ୍ ପ୍ରାଇଭେଟ୍ ଲିମିଟେଡ୍ ସଫ୍ଟୱେର ବିକାଶ, ୱେବ୍ ଆପ୍ଲିକେସନ୍ ବିକାଶ, ମୋବାଇଲ୍ ଆପ୍ ବିକାଶ, କ୍ଲାଉଡ୍ ସଲ୍ୟୁସନ୍ସ, ଡିଜିଟାଲ୍ ମାର୍କେଟିଂ, ଇ-ଗଭର୍ଣ୍ଣାନ୍ସ ସଲ୍ୟୁସନ୍ସ ଓ ଆଇଟି କନସଲଟିଂ କ୍ଷେତ୍ରରେ ବିଶେଷଜ୍ଞତା ହାସଲ କରି ଏକ ଅଗ୍ରଣୀ ସୂଚନା ପ୍ରଯୁକ୍ତିବିଦ୍ୟା କମ୍ପାନୀ ଭାବେ ନିଜକୁ ପ୍ରତିଷ୍ଠିତ କରିପାରିଛି। ଏହି ପତ୍ରିକାରେ ଓଡ଼ିଶା ସରକାରଙ୍କ ବିଭିନ୍ନ ବିଭାଗ ଓ ସଂସ୍ଥା ପାଇଁ କମ୍ପାନୀ ଦ୍ୱାରା ସଫଳତାର ସହ କାର୍ଯ୍ୟକାରୀ କରାଯାଇଥିବା ପ୍ରଯୁକ୍ତିବିଦ୍ୟାଭିତ୍ତିକ ପ୍ରକଳ୍ପଗୁଡ଼ିକୁ ମଧ୍ୟ ସ୍ୱୀକୃତି ଦିଆଯାଇଛି। ଏଥିମଧ୍ୟରେ ଉଚ୍ଚଶିକ୍ଷା ନିର୍ଦ୍ଦେଶାଳୟ, ବୈଷୟିକ ଶିକ୍ଷା ଓ ପ୍ରଶିକ୍ଷଣ ନିର୍ଦ୍ଦେଶାଳୟ, ଓରମାସ୍, ମୟୂରଭଞ୍ଜ ଜିଲ୍ଲା ପ୍ରଶାସନ ଓ ଆଇଟିଡିଏ ବାରିପଦା ସାମିଲ ଅଛନ୍ତି।

କମ୍ପାନୀର ବ୍ୟବସାୟିକ ସଫଳତା ବ୍ୟତୀତ, ଜିଲ୍ଲା ପ୍ରଶାସନର ଏକ ପ୍ରମୁଖ କାର୍ଯ୍ୟକ୍ରମ "ଆକାଂକ୍ଷା ଆଇଟି ହବ୍'ରେ ସକ୍ରିୟ ଅଂଶଗ୍ରହଣ ମାଧ୍ୟମରେ ଦକ୍ଷତା ବିକାଶ କ୍ଷେତ୍ରରେ ଇନଫୋକ୍ରିଏଟିଭ୍ସର ଅବଦାନକୁ ଫୋର୍ବସ ଇଣ୍ଡିଆ ପ୍ରଶଂସା କରିଛି। ଏହି ହବ୍ ମାଧ୍ୟମରେ କମ୍ପାନୀ ଭବିଷ୍ୟତର ଆଇଟି ପେସାଦାରଙ୍କୁ ଶିଳ୍ପ ଉପଯୋଗୀ ଆଇଟି ତାଲିମ, ଦକ୍ଷତା ବୃଦ୍ଧି କାର୍ଯ୍ୟକ୍ରମ ଓ ନିଯୁକ୍ତି ସହାୟତା ପ୍ରଦାନ କରୁଛି। ଏହି ସମ୍ମାନଜନକ ସ୍ୱୀକୃତି ଉପରେ କମ୍ପାନୀର ନେତୃତ୍ୱ ମଣ୍ଡଳୀ କହିଛନ୍ତି, ସ୍ଥାୟୀ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ଓ ଯୁବ ନବସୃଜନକାରୀଙ୍କୁ ସଶକ୍ତ କରିବା ସହିତ ଡିଜିଟାଲ୍ ରୂପାନ୍ତର ପାଇଁ ପ୍ରଯୁକ୍ତିବିଦ୍ୟାର ସଦୁପଯୋଗ କରିବାକୁ କମ୍ପାନୀ ସଦାସର୍ବଦା ପ୍ରତିବଦ୍ଧ। ଫୋର୍ବସ ଇଣ୍ଡିଆ ଦ୍ୱାରା ମିଳିଥିବା ଏହି ଜାତୀୟ ସ୍ୱୀକୃତି କେବଳ ଇନଫୋକ୍ରିଏଟିଭ୍ସ ସର୍ଭିସେସ୍‌ର ସୁନାମକୁ ବଢ଼ାଇ ନାହିଁ, ବରଂ ମୟୂରଭଞ୍ଜ ଓ ଓଡ଼ିଶା ପାଇଁ ଅପାର ଗର୍ବ ଆଣିଦେଇଛି। ଏହା ପ୍ରଯୁକ୍ତିବିଦ୍ୟା, ନୂତନତ୍ୱ ଓ ଉଦ୍ୟୋଗୀତା ପାଇଁ ଏକ ଉଦୀୟମାନ କେନ୍ଦ୍ର ଭାବେ ଏହି ଜିଲ୍ଲାର ବଢ଼ୁଥିବା ସାମର୍ଥ୍ୟକୁ ବିଶ୍ୱ ଦରବାରରେ ପ୍ରଦର୍ଶିତ କରିଛି। ଏହି ସଫଳତା ସମଗ୍ର ଅଞ୍ଚଳର ଷ୍ଟାର୍ଟଅପ୍ ଓ ଉଦ୍ୟୋଗୀମାନଙ୍କ ପାଇଁ ଏକ ପ୍ରେରଣା ଉତ୍ସ ସାଜିବ।



## ଆସିବ 'ବାହୁବଳୀ-୩'

ଏସ୍ଏସ୍ ରାଜମୌଳିଙ୍କ ଫିଲ୍ମ 'ବାହୁବଳୀ' ଏବଂ 'ବାହୁବଳୀ-୨'କୁ ଦର୍ଶକୀୟ ଆଦୃତି ମିଳିଛି । ତେବେ 'ବାହୁବଳୀ ୨' ପରେ ଲୋକେ ଭାବୁଥିଲେ ଏହାର ତୃତୀୟ ଭାଗ ଆସିବ ନାହିଁ । ତେବେ ଏବେ ଏହାର ତୃତୀୟ ଭାଗକୁ ନେଇ ବଡ଼ ଅପଡେଟ୍ ଆସିଛି । ନେଟ୍‌ଫ୍ଲିକ୍ସର ଡକ୍ୟୁମେଣ୍ଟ୍ରି 'ବାହୁବଳୀ: ଦ ଟାର୍ଚବିୟରର' ଏକ ଭିଡିଓ ସାମ୍ନାକୁ ଆସିଛି । ଏହି ଭିଡିଓରେ ପ୍ରଭାସ, ଅନୁଷ୍କା ସେଟି ଏବଂ ରାଣା ଦଗ୍‌ଗୁବତୀ ନଜର ଆସିଛନ୍ତି । ତିନି କଳାକାର ଏକଥା ଇଙ୍ଗିତ କରିଛନ୍ତି ଯେ, ଏହି ଫ୍ରାଞ୍ଚାଇଜ୍‌ର ଆଉ ଏକ ବଡ଼ ଫିଲ୍ମ ଆସିପାରେ । ରାଣା ଏହି ଭିଡିଓରେ କହିଛନ୍ତି ଯେ, ବାହୁବଳୀ ନିହାତି ଆସିବ । ଏହାପରେ ପ୍ରଭାତ ତିନିଟି ଅଙ୍ଗୁଳି ଦେଖାଇ ହସିଛନ୍ତି । ପୁଣି ଏହାପରେ ଅନୁଷ୍କା ଓ ରାଣା ପ୍ରଭାସଙ୍କ ହାତ ଧରି ହସିଛନ୍ତି । ଏହି ଭିଡିଓଟି ଏବେ ଚର୍ଚ୍ଚାର ବିଷୟ ପାଲଟିଛି । ସୋସିଆଲ ମିଡିଆରେ ଲୋକେ ଅନୁମାନ କରୁଛନ୍ତି ଯେ, ନିର୍ମାତା ଖୁବ୍‌ଶୀଘ୍ର 'ବାହୁବଳୀ-୩' ଆଣିପାରନ୍ତି । ଅବଶ୍ୟ ନିର୍ମାତାଙ୍କ ପକ୍ଷରୁ ଏହାକୁ ନେଇ କିଛି ସ୍ପଷ୍ଟ ସୂଚନା ସାମ୍ନାକୁ ଆସି ନାହିଁ ।

## ଜୁଲାଇ ୧୬ରେ 'ଦ ମିଲେଟ୍ ଡାଏରୀ'

'ଇନ୍‌ଫାଇସନ୍ ଏଣ୍ଟରଟେନମେଣ୍ଟ' ବ୍ୟାନରରେ ନିର୍ମିତ 'ଦ ମିଲେଟ୍ ଡାଏରୀ': କେବଳ ଏକ ସିନେମା ନୁହେଁ, ବରଂ ଏଥିରୁ କଳିଙ୍ଗର ଆତ୍ମସମ୍ମାନ ଓ ମାଣ୍ଡିଆର ଗୌରବଗାଥା ସ୍ପଷ୍ଟ ବାରି ହେଉଛି । ଆସନ୍ତା ଜୁଲାଇ ୧୬ତାରିଖ ରଥଯାତ୍ରା ଅବସରରେ ଏହି ଚଳଚ୍ଚିତ୍ରଟି ପରଦାକୁ ଆସୁଛି । ଏହି ସିନେମାଟି ଅତୀତର ସେହି ସମୟକୁ ନେଇଯିବ, ଯେଉଁଠି ମାଣ୍ଡିଆ କେବଳ ଏକ ଶସ୍ୟ ନଥିଲା, ଥିଲା ସଭ୍ୟତାର ପରିଚୟ । ସମସାମୟିକ କାଳଚକ୍ରର ଏକ ଶାଶ୍ୱତ ପ୍ରେମର ସୁନ୍ଦର ଝଲକ ଏହି ଚଳଚ୍ଚିତ୍ରକୁ ଅଧିକ ଭାବପୂର୍ଣ୍ଣ କରିଛି । ବୈଦ୍ୟ ଓ ବିଜ୍ଞାନ କଥା ରହିଛି ଯାହା କଳିଙ୍ଗର ପାରମ୍ପରିକ 'କବିରାଜି' ଚିକିତ୍ସା ଏବଂ ପ୍ରତିକୂଳ ପରିସ୍ଥିତିରେ ଜଣେ ବୈଦ୍ୟଙ୍କ ଦୃଢ଼ ଆତ୍ମବିଶ୍ୱାସର କାହାଣୀ ହେଉଛି 'ମିଲେଟ୍ ଡାଏରୀ' । ଏହି ଚଳଚ୍ଚିତ୍ରର ମୁଖ୍ୟ ଭୂମିକାରେ ସିଦ୍ଧାନ୍ତ ମହାପାତ୍ର, ଅଭିଷେକ ପଣ୍ଡା, ଶିବାନୀ ସଙ୍ଗୀତା, ରାଜ୍ ରାଜେଶ ଏବଂ ଶ୍ରୀତମ ଦାସ ଅଭିନୟ କରିଛନ୍ତି । ଅନ୍ୟାନ୍ୟ ପ୍ରମୁଖ କଳାକାରମାନଙ୍କ ମଧ୍ୟରେ କୁନା ତ୍ରିପାଠୀ, ଶକ୍ତି ବରାଳ, ସୁଶାନ୍ତ ଦାଶମହାପାତ୍ର, ରେଭାଂଶ ମହାନ୍ତି, ସାନ୍ତୁ ନିଜେ, କାଞ୍ଚନ, ରାଜଶ୍ରୀ, ଦୀପକ, ଦେବିକା ଏବଂ ଶ୍ରେୟା ପ୍ରମୁଖ ଅଛନ୍ତି । ଏହାର ପ୍ରଯୋଜନା ଓ କାହାଣୀରେ ଜେ.ଆର୍. ଏମ୍ ଥିବା ବେଳେ ନିର୍ଦ୍ଦେଶନା ଦେଇଛନ୍ତି ରାଜେନ୍ଦ୍ର ମହାନ୍ତ । ସିନେମାଟିର ଚିତ୍ରନାଟ୍ୟ ଓ ସଂଳାପରେ ଦିଲ୍ଲୀପ ବିଶୋଇ ଏବଂ ଉତ୍ତମ କୁମାର ଅଛନ୍ତି । ସଙ୍ଗୀତରେ ପ୍ରେମ ଆନନ୍ଦ ଅଛନ୍ତି । ଅନ୍ୟପଟେ "ଏହି ଚଳଚ୍ଚିତ୍ର ଦର୍ଶାଏ ଯେ ମାଣ୍ଡିଆ କେବଳ ଖାଦ୍ୟ ନୁହେଁ, ଏହା ଆମ ମାଟିର ଶକ୍ତି । ଶତ୍ରୁ କିମ୍ବା ପ୍ରକୃତିର ପ୍ରକୋପ-ସବୁଥିରୁ ନିଜକୁ ବଞ୍ଚାଇବା ପାଇଁ ଆମ ପୂର୍ବପୁରୁଷ କିଭଳି ଏହି 'ଶ୍ରୀଅନ୍ନ'କୁ ନିଜର ସାହାରା କରିଥିଲେ, ତାହା ଏବେକାର ପିଢ଼ି ପାଇଁ ଏକ ବଡ଼ ଶିକ୍ଷା ।"





ପରଦା ପଛର କାହାଣୀ

## ପ୍ରଥମ ଦୃଶ୍ୟ ସୁଟିଂରେ ଭୟରେ ଥରହର ଅମିଷା


ବଲିଉଡ୍ ଷ୍ଟାର୍ ସନ୍ନି ଦେଓଲ ଓ ଅଭିନେତ୍ରୀ ଅମିଷା ପଟେଲଙ୍କ ଅଭିନୀତ 'ଗଦର: ଏକ୍ ପ୍ରେମ କଥା' ଫିଲ୍ମକୁ ନିକଟରେ ୨୫ ବର୍ଷ ପୂରିଲା । ଏହି ବିଶେଷ ଅବସରରେ ଅଭିନେତ୍ରୀ ଅମିଷା ପଟେଲ ଫିଲ୍ମ ସହ ଜଡ଼ିତ ପୁରୁଣା ଦିନର ସ୍ମୃତିକୁ ସ୍ମରଣ କରିଛନ୍ତି । ତେବେ ଫିଲ୍ମରେ ଅମରୀଶ ପୁରୀଙ୍କ ସାମ୍ନାରେ ପ୍ରଥମ ଦୃଶ୍ୟ ସୁଟିଂରେ କିପରି ଭୟର ଥରିଥିଲେ ତାହା ପ୍ରକାଶ କରିଛନ୍ତି । ଗଦର ସେଟ୍‌ରେ ପହଞ୍ଚିବା ପରେ ତାଙ୍କୁ ଅମରୀଶପୁରୀଙ୍କ ସହ ଭାବପ୍ରବଣ ଦୃଶ୍ୟ ସୁଟିଂ କରିବାର ଥିଲା । ଏହି ଫିଲ୍ମରେ ଅମରୀଶଙ୍କ ସହ ତାଙ୍କର ଏହା ପ୍ରଥମ ଦୃଶ୍ୟ ସୁଟିଂ ଥିଲା । ଫଳରେ ସେ ଭୟରେ ଥରହର ହୋଇଥିଲେ । ତେବେ ପରବର୍ତ୍ତୀ ସମୟରେ ଏହା ଫିଲ୍ମରେ କାର୍ଯ୍ୟ କରିବାର ଏକ ଭଲ ଅନୁଭୂତି ପାଲଟିଥିଲା । ଅମରୀଶ ସୁଟିଂ ସେଟ୍‌ରେ ମୋ କାମକୁ ଖୁବ୍ ସହଜ କରିଦେଇଥିଲେ । ଏଥିସହ ସେ ଜଣେ ଏତେ ବଡ଼ ସୁପରଷ୍ଟାର ଏବଂ ମୁଁ ନ୍ୟୁକମର୍ ବୋଲି ଅନୁଭବ ହେବାକୁ ମଧ୍ୟ ଦେଇ ନ ଥିଲେ । 'ଇଣ୍ଡିଆ ଟୁଡେ' ସହ ବାର୍ତ୍ତାଳାପ ପରେ ସେ ଏବେ ବି ଅମରୀଶଙ୍କୁ ବହୁତ ମନେ ପକାନ୍ତି ବୋଲି କହିଛନ୍ତି । ସୁଟିଂ ସମୟରେ ସେ ଅମରୀଶଙ୍କୁ ଭୟ କରୁଥିଲେ ସତ, ହେଲେ ବାସ୍ତବରେ ସେ ଜଣେ ଖୁବ୍ ଭଲ ମଣିଷ ବୋଲି ଅମିଷା କହିଛନ୍ତି । ସେଟ୍‌ରେ ସେ ଖୁବ୍ ମଜାମସ୍ତି କରୁଥିଲେ । ମୋଗାମ୍ବୋ ଏବଂ ଆସରଫ୍ ଅଲି ଭଳି ଭୟଙ୍କର ଚରିତ୍ର ଦେଖି, କେହି କେବେ କଳ୍ପନା କରିନଥିବେ ଯେ ସେ ବାସ୍ତବରେ କେତେ ହସଖୁସ୍ ମିଜାଜ୍‌ର ଥିଲେ । "ଗଦର: ଏକ୍ ପ୍ରେମ କଥା' ପୂର୍ବରୁ ଅମିଷା କେବଳ ଗୋଟିଏ ଫିଲ୍ମ 'କହୋ ନା ପ୍ୟାର ହେ'ରେ ଅଭିନୟ କରିଥିଲେ ।



## ଚର୍ଚ୍ଚାରେ 'କନ୍ଧମାଳ ହଳଦୀ'

ବର୍ତ୍ତମାନ ଦର୍ଶକମାନେ ବେଶ୍ ଭଲପାଇବା ଦେଉଛନ୍ତି ମ୍ୟୁଜିକ୍ ଭିଡିଓକୁ । ୟୁଟ୍ୟୁବ୍ ଜରିଆରେ ପ୍ରତ୍ୟେକ ଦିନ ରିଲିଜ୍ ହେଉଛି ଭିନ୍ନ ଭିନ୍ନ ଭିଡିଓ । ଏହି ଅବସରରେ 'ଓମ୍ ସମ୍ ଏଣ୍ଟେନମେଣ୍ଟ' ଦ୍ୱାରା ନିର୍ଦ୍ଦେଶକ ବାବୁ ବାବୁଙ୍କ ନିର୍ଦ୍ଦେଶନାରେ ରିଲିଜ୍ ହୋଇଛି ମ୍ୟୁଜିକ ଭିଡିଓ 'କନ୍ଧମାଳ ହଳଦୀ' । କନ୍ଧମାଳ ହଳଦୀ ସବୁଠି ପ୍ରସିଦ୍ଧ । କନ୍ଧମାଳ ହଳଦୀକୁ ଆଧାର କରି ଏହି ଭିଡ଼ିଓଟି ତିଆରି ହୋଇଛି । ଏହି ଭିଡିଓଟିରେ ଅଭିନୟ କରିଛନ୍ତି ଅଭିନେତା ଜୟଦେବ୍ ରାଉଳ ଓ ଅଭିନେତ୍ରୀ ନେହା ନାଗେଶ୍ୱରୀ । ସେହିପରି ପ୍ରଯୋଜକ ଭାବରେ ଅଛନ୍ତି ରାଜେନ୍ଦ୍ର ମାଥାନ୍ । ଗୀତଟିରେ ଦେବେଶ ପତି ଓ ଅସୀମା ପଣ୍ଡା କଣ୍ଠଦାନ କରିଛନ୍ତି । ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ବିରଜା ପ୍ରସାଦ ଓ ଗୀତ ଲେଖିଛନ୍ତି ନିର୍ମଳ ନାୟକ । ଭିଡିଓଟି ନିର୍ଦ୍ଦେଶକ ବାବୁ ବାବୁଙ୍କ ନିର୍ଦ୍ଦେଶନାରେ କୋରିଓଗ୍ରାଫି କରିଛନ୍ତି ସୂର୍ଯ୍ୟନ୍ ରଥ । ଏହି ଗୀତଟି ସୋସିଆଲ୍ ମିଡିଆରେ ବେଶ୍ ଚର୍ଚ୍ଚାରେ ରହିଛି । ଏହାର ଭିଡ଼ିଓଟିକୁ ଦର୍ଶକମାନେ ବେଶ୍ ଭଲପାଇବା ଦେବେ ବୋଲି କହିଛନ୍ତି ନିର୍ଦ୍ଦେଶକ ବାବୁ ବାବୁ ।

## 'ଚୌହାନ'ରେ ଅଜୟ



ବଲିଉଡ୍‌ର ଲୋକପ୍ରିୟ ଅଭିନେତା ଅଜୟ ଦେବଗନଙ୍କ ଆଗାମୀ ଆକ୍ସନ ସିନେମାର ଶୀର୍ଷକ ରିଲିଜ୍ ହୋଇଯାଇଛି । ଏହି ସିନେମାର ନାଁ 'ଚୌହାନ' । ଏହି ସିନେମାରେ ଅଜୟଙ୍କୁ ଏକ ନୂଆ ଓ ଦମ୍‌ଦାର ଅବତାରରେ ଦେଖିବାକୁ ମିଳିବ । ଫିଲ୍ମ ନିର୍ମାତା ଆନନ୍ଦ ଏଲ୍ ରୟଙ୍କ ସହିତ ଏହା ହେଉଛି ଅଜୟଙ୍କ ପ୍ରଥମ ସିନେମା । ସେହିପରି ଫିଲ୍ମଟିକୁ ଜିଓ ଷ୍ଟୁଡିଓ ପ୍ରଯୋଜନା କରୁଛି । ତେବେ ସିନେମାର ପ୍ରଥମ ଲୁକ୍ ଜାରି କରାଯାଇଛି । ତାହା ପୁଣି ଦିବଂଗତ ବୀରୁ ଦେବଗନଙ୍କ ଜୟନ୍ତୀରେ । ଏକ ଉଗ୍ର ପ୍ରଦର୍ଶନୀ ଝଲକରୁ ଭିଡିଓ ପ୍ରାରମ୍ଭ ହୋଇଛି । ସିନେମାର ନିର୍ଦ୍ଦେଶନାରେ ନୀରଜ ଯାଦବ ଅଛନ୍ତି । ଏହାସହ ଏହାର ନିର୍ମାଣରେ ଜ୍ୟୋତି ଦେଶପାଣ୍ଡେ, ଆନନ୍ଦ ଏଲ୍ ରୟ, ହିମାଂଶୁ ଶର୍ମା କରିଛନ୍ତି । ସିନେମାଟି ୨୦୨୭ ମସିହା ଅକ୍ଟୋବର ୧ ତାରିଖରେ ପ୍ରେକ୍ଷାଳୟକୁ ଆସିବ ।

ସାକ୍ଷାତ

## "ବଜେଟ୍ ନୁହେଁ, କାହାଣୀ ଓ ଚରିତ୍ରକୁ ଗୁରୁତ୍ୱ ଦିଏ"

**ଦେବସ୍ମିତା ପଣ୍ଡା, ଅଭିନେତ୍ରୀ**

ରିଆଲିଟି ଶୋ'ରୁ ଓଲିଉଡ୍‌କୁ ତାଙ୍କର ଯାତ୍ରା ଆରମ୍ଭ ହୋଇଥିଲା । ମଡର୍ଣ୍ଣ ଲୁକ୍ ହେଉ କି ରୋମାଣ୍ଟିକ୍ ସିନ୍, ଇମୋସନ୍, ସବୁଥିରେ ନିଜ ପ୍ରତିଭାକୁ ଚମତ୍କାର ଭାବେ ପ୍ରଦର୍ଶନ କରିଥାନ୍ତି ଅଭିନେତ୍ରୀ ଦେବସ୍ମିତା ପଣ୍ଡା । ରାଉରକେଲାରେ ତାଙ୍କର ଜନ୍ମ । ୨୦୧୪ ମସିହାରେ ସେ 'ରଜ୍ କୁଇନ୍' ରିଆଲିଟି ଶୋ'ର ବିଜେତା ଥିଲେ । 'ମୁଁ ବି ହିରୋଇନ୍ ହେବି'ର ସେ ବିଜେତା ମଧ୍ୟ ଥିଲେ । 'ରଘୁପତି ରାଘବ ରାଜାରାମ' ତାଙ୍କର ଡେବ୍ୟୁ ସିନେମା । ଏହାପରେ ସେ କିଛି ସିନେମା ଏବଂ ଧାରାବାହିକରେ ଅଭିନୟ କରିଛନ୍ତି । ତନ୍ମଧ୍ୟରୁ 'ତୋ ପାଇଁ ମୁଁ' ଧାରାବାହିକରେ ଚମତ୍କାର ଅଭିନୟ କରି ଦର୍ଶକଙ୍କ ହୃଦୟ ଜିଣିବାରେ ସେ ସକ୍ଷମ ହୋଇ ପାରିଛନ୍ତି । ଅଭିନୟ ଜଗତକୁ ଆସିବା ପାଇଁ ତାଙ୍କୁ କେତେ ସଂଘର୍ଷ କରିବାକୁ ପଡ଼ିଛି ଜାଣିବା ତାଙ୍କ ମୁହଁରୁ... ।



**ଅଭିନୟ ଯାତ୍ରା କିପରି ଥିଲା?**

- ବ୍ୟାଙ୍କ୍‌ରେ ଚାକିରି କରିବାକୁ ସ୍ୱପ୍ନ ଦେଖୁଥିଲି । କଷ୍ଟିଂ କରିଥିଲି । ସ୍କୁଲ ଓ କଲେଜରେ ସାଂସ୍କୃତିକ କାର୍ଯ୍ୟକ୍ରମରେ ଭାଗ ନେଉଥିଲି । ମୋ ସାନ ଭଉଣୀ ୨୦୧୪ ମସିହାରେ ମୋତେ 'ରଜ କୁଇନ୍'ରେ ଅଂଶଗ୍ରହଣ କରିବାକୁ କହିଥିଲା । ଏଥିପାଇଁ ମୋର ପରିବାରର ମୋତେ ସହଯୋଗ କରିଥିଲେ । ଏହି ପ୍ଲାଟଫର୍ମରେ ନିଜର ପ୍ରତିଭା ପ୍ରଦର୍ଶିତ କରି ମୁଁ ବିଜେତା ହୋଇଥିଲି । 'ମୁଁ ବି ହିରୋଇନ୍ ହେବି'ରେ ଅଂଶ ଗ୍ରହଣ କରି ବିଜେତା ହୋଇଥିଲି । ସୌଭାଗ୍ୟବଶତଃ ଏଥିରୁ ମୋତେ 'ରଘୁପତି ରାଘବ ରାଜାରାମ' ସିନେମା କରିବାକୁ ସୁଯୋଗ ମିଳିଥିଲା । ଏଥିରେ ମୁନ୍ନା ଭାଇ, ଦେବାଶିଷ ଭାଇଙ୍କ ସମେତ ନିର୍ଦ୍ଦେଶକ ସୁଧାଂଶୁ ମୋହନ ସାର୍ ମୋତେ ବହୁତ ସହଯୋଗ କରିଥିଲେ । ଏହା ପରେ ଅଭିନୟ ଯାତ୍ରା ଆଗକୁ ବଢ଼ିଥିଲା । 'ଭଲପାଏ ତୋତେ ମୁଁ ଶହେରୁ ଶହେ'ରେ ଅତିଥି କଳାକାର ଭାବେ ନଜର ଆସିଥିଲି । ପରେ ଧାରାବାହିକ 'ଟୁପୁର୍ ଟାପର୍', 'ତୋ ପାଇଁ ମୁଁ', 'ବିଜୟିନୀ' ଧାରାବାହିକରେ ଅଭିନୟ କରିଲି । 'ତୋ ପାଇଁ ମୁଁ' ଧାରାବାହିକର 'ଭୂମି' ଚରିତ୍ର ମୋତେ ସ୍ୱତନ୍ତ୍ର ପରିଚୟ ଦେଇଛି । ଛତିଶଗଡ଼ି ହିନ୍ଦୀ ସିନେମା 'ମେରି ମା କର୍ମା'ରେ ମଧ୍ୟ ଅଭିନୟ କରିଛି ।

**ସୁଟିଂ ସେଟ୍‌ର ପ୍ରଥମ ଦିନର ଅନୁଭୂତି କେମିତି ଥିଲା?**

- 'ରଜକୁଇନ୍' ଓ 'ମୁଁ ବି ହିରୋଇନ୍ ହେବି'ର ପ୍ଲାଟ୍‌ଫର୍ମରେ କେମିତି ଅଭିନୟ କରିବାକୁ ହୁଏ, କ୍ୟାମେରାକୁ କେମିତି ସାମ୍ନା କରାଯାଏ, ନୃତ୍ୟ କରିବା ସବୁକିଛି ଜାଣି ଯାଇଥିଲି । ତେଣୁ ଏହି ଅନୁଭୂତି ମୋତେ ଫିଲ୍ମ ସୁଟିଂ କରିବାରେ ସାହସ ଦେଇଥିଲା । ତେଣୁ ପ୍ରଥମ ଦିନରେ ମୋତେ ଏତେ ଭୟ ଲାଗିନଥିଲା ।

**ଅଭିନୟକୁ ବାଦ୍ ଦେଲେ କ'ଣ କରିବାକୁ ଭଲ ଲାଗେ?**

- ନାଚ, ଗୀତ, ଚିତ୍ର ଆଙ୍କିବାକୁ ଭଲ ଲାଗେ ।

**ଅଭିନୟକୁ ଜୀବନ୍ତ କରିବାକୁ କଣ କରନ୍ତି?**

- ମୁଁ ଯେତେବେଳେ ଏହି ଲାଇନ୍‌କୁ ଆସିଥିଲି ସେତେବେଳେ ବହୁତ ପ୍ଲାଟ୍‌ଫର୍ମ ଥିଲା । ତେବେ ସବୁଠି ପ୍ରତିଯୋଗିତା । ତଥାପି ମୁଁ ମୋ ନିଜ ଉପରେ କେତେ ବିଶ୍ୱାସ ରଖି କାମ କରିବି ତାହାକୁ ଗୁରୁତ୍ୱ ଦେଇଥିଲି । ଏହି ଆତ୍ମବିଶ୍ୱାସ ବଳରେ ମୁଁ ଏତେବାଟ ଆସିପାରିଛି । ଏହା ସହିତ ସବୁବେଳେ ମୁଁ ନିର୍ଦ୍ଦେଶକଙ୍କ କଥା ମାନି ମୋର ଚରିତ୍ରକୁ କିପରି ଭଲ କରିବି ତାହାକୁ ଗୁରୁତ୍ୱ ଦିଏ । ଯାହାବି ଚରିତ୍ର ମିଳେ ସେଥିରେ ପ୍ରଥମେ ମୁଁ ନିଜକୁ ପ୍ରବେଶ କରାଏ ।

**ପ୍ରଥମ ପାରିଶ୍ରମିକରେ କ'ଣ କରିଥିଲେ?**

- ସୁନାରେ ନିବେଶ କରିଥିଲି ।

**ଦେବସ୍ମିତାଙ୍କ ଆଗାମୀ ଯୋଜନା ?**

- ରିଆଲିଟି ଶୋ'ରେ ନଜର ଆସୁଛି । ଫିଲ୍ମରେ କାମ କରିବାକୁ ଯୋଜନା ଥିବାରୁ ମେଗାଧାରବାହିକରେ କାମ କରୁନି ।

**ଫିଟ୍ ରହିବାକୁ କ'ଣ କରନ୍ତି?**

- କଳାକାରଙ୍କୁ ସବୁବେଳେ ଫିଟ୍ ରହିବାକୁ ହୁଏ । ତେଣୁ ସୁଟିଂ ସେଟ୍‌ର ବ୍ୟସ୍ତତା ଭିତରେ ମୁଁ ମୋ ନିଜକୁ ସମୟ ଦିଏ । ଫିଟ୍ ରଖିବାକୁ ଘରୋଇ ଖାଦ୍ୟ ଖାଏ ।

**ଡ୍ରିମ୍ ରୋଲ?**

- ମୁଁ ବଜେଟ୍ ନୁହେଁ, କାହାଣୀ ଓ ଚରିତ୍ରକୁ ଗୁରୁତ୍ୱ ଦିଏ । ତେଣୁ ବହୁତ ଇଚ୍ଛା ଅଛି 'ବେଟା' ସିନେମାର ଶ୍ରୀଦେବୀଙ୍କ ପରି ଚରିତ୍ର କରିବାକୁ । ତାଙ୍କ ପରି ଆତ୍ମନିର୍ଭରଶୀଳ ଏବଂ ରାଉଡି ପରି ଚରିତ୍ର କରିବାକୁ ଇଚ୍ଛା ଅଛି ।

**ଅଭିନୟ ଜଗତକୁ ଆସୁଥିବା ଯୁବପିଢ଼ିଙ୍କୁ କ'ଣ କହିବେ?**

- ସମସ୍ତେ ଭାବନ୍ତି ଅଭିନୟ କରିବା ବହୁତ ସହଜ । ହେଲେ ବାସ୍ତବ କଥା ହେଉଛି ବହୁତ କଷ୍ଟ । ଯେପର୍ଯ୍ୟନ୍ତ ତମେ ଅଭିନୟ କ'ଣ ଶିଖିନ କି ବୁଝିନ, ସେ ପର୍ଯ୍ୟନ୍ତ ଜୀବନ୍ତ ଅଭିନୟ କରିପାରବ ନାହିଁ । ଭିକାରି ଚରିତ୍ର ମିଳିଲେ ବି ତା' ଭିତରେ ପଶିବାକୁ ପଡ଼ିବ । ନଚେତ ଏ ଲାଇନ୍‌ରେ ଆଗକୁ ବଢ଼ିବା ସମ୍ଭବ ନୁହେଁ ।






## ସବୁ ରେକର୍ଡ ଭାଙ୍ଗିଲା ଆତ୍ମଘାତୀ ଗୋଲ୍

ଡଲାସ,୪।୭(ଏଜେନ୍ସି): ଚଳିତ ଫିଫା ବିଶ୍ୱକପ୍‌ରେ ଦୁଇଟି ନୂଆ ରେକର୍ଡ ହୋଇଛି। ପ୍ରଥମଟି ହେଉଛି ଆତ୍ମଘାତୀ ଗୋଲ ଏବଂ ଦ୍ୱିତୀୟଟି ହେଉଛି ବଦଳ ଖେଳାଳିଙ୍କ ଦ୍ୱାରା ହୋଇଥିବା ଗୋଲ। ଏଠାରେ ଶୁକ୍ରବାର ରାତିରେ ଖେଳାଯାଇଥିବା ଇଜିପ୍ଟ ବନାମ ଅଷ୍ଟ୍ରେଲିଆ ରାଉଣ୍ଡ-୩୨ ମୁକାବିଲାରେ ବିଜୟୀ ଦଳର ଡିଫେଣ୍ଡର ମହମ୍ମଦ୍ ହାନି ଗୋଟିଏ ଆତ୍ମଘାତୀ ଗୋଲ ଦେଇଥିଲେ। ଚଳିତ ବିଶ୍ୱକପ୍‌ରେ ଏହା ହେଉଛି ୧୩ତମ ଆତ୍ମଘାତୀ ଗୋଲ ଓ ଏହା ଫଳରେ ୨୦୧୮ ରୁଷିଆରେ ହୋଇଥିବା ୧୨ଟି ଗୋଲର ରେକର୍ଡକୁ ଅତିକ୍ରମ କରିଯାଇଥିଲା। ଏତିକିରେ ଏହି ରେକର୍ଡ ବନ୍ଦ ହୋଇ ନ ଥିଲା। ଶନିବାର ସକାଳେ ଆର୍ଜେଣ୍ଟିନା ଓ ଦୁଃସାହସୀ କେପ୍ ଭର୍ଡ ମଧ୍ୟରେ ଅନୁଷ୍ଠିତ ମୁକାବିଲାରେ ଆଉ ଏକ ଗୋଲ ଏହି ତାଲିକାରେ ଯୋଡି ହୋଇଯାଇଛି। କେପ୍ ଭର୍ଡର ଡିନେ ବୋର୍ଜେସ୍ ଏହି ବିଶ୍ୱକପ୍‌ର ୧୪ତମ ଆତ୍ମଘାତୀ ଗୋଲ ସ୍କୋର କରିଛନ୍ତି। ଅବଶ୍ୟ ଚଳିତ ବିଶ୍ୱକପ୍‌ରେ ପ୍ରଥମଥର ସର୍ବାଧିକ ୪୮ଟି ଟିମ୍ ଭାଗନେଉଥିବାରୁ ସର୍ବାଧିକ ୧୦୪ଟି ମ୍ୟାଚ୍ ଖେଳାଯିବ। ଯାହା ଫଳରେ ଆତ୍ମଘାତୀ ଗୋଲ ସଂଖ୍ୟା ମଧ୍ୟ ବୃଦ୍ଧି ପାଇବା ସ୍ୱାଭାବିକ୍। ସେହିପରି ରାଉଣ୍ଡ-୩୨ ମ୍ୟାଚ୍ ଶେଷରେ ୪୬ଟି ଗୋଲ ବଦଳ ଖେଳାଳିଙ୍କ ଦ୍ୱାରା ସ୍କୋର ହୋଇଛି। ଏହି ସଂଖ୍ୟା ମଧ୍ୟ ବୃଦ୍ଧି ପାଇବ। ପୂର୍ବରୁ ଗୋଟିଏ ସଂସ୍କରଣରେ ସର୍ବାଧିକ ୩୦ଟି ଗୋଲ ହୋଇଥିଲା।

ଅଷ୍ଟ୍ରେଲିଆ ବିପକ୍ଷ ମ୍ୟାଚ୍‌ରେ ଇଜିପ୍ଟର ମହମ୍ମଦ ହାନି ଚଳିତ ବିଶ୍ୱକପ୍‌ରେ ବ୍ୟକ୍ତିଗତ ଭାବେ ଦ୍ୱିତୀୟ ଆତ୍ମଘାତୀ ଗୋଲ ସ୍କୋର କରିଥିଲେ। ଫଳରେ ୧୯୬୬ରେ ବେଲଜିୟମର ଡିଫେଣ୍ଡର ଇଭାନ ଭୁଟସୋଭଙ୍କ ପରେ ଗୋଟିଏ ଟୁର୍ଣ୍ଣାମେଣ୍ଟରେ ୨ଟି ଆତ୍ମଘାତୀ ଗୋଲ କରିବାରେ ଦ୍ୱିତୀୟ ଖେଳାଳି।

| |
|---|
| ଫିଫା ବିଶ୍ୱକପ୍ |
| ରାଉଣ୍ଡ ଅଫ୍ ୧୬ ମୁକାବିଲା |
| ରବିବାର ରାତି |
| ବ୍ରାଜିଲ-ନରୱେ |
| ନ୍ୟୁୟର୍କ, ରାତି ୧.୩୦ |
| ସୋମବାର ସକାଳ |
| ଇଂଲଣ୍ଡ-ମେକ୍ସିକୋ |
| ମେକ୍ସିକୋ ସିଟି, ସକାଳ ୫ଟା |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

## ଘାନାକୁ ବିଦାକଲା କଲମ୍ବିଆ

କାନ୍‌ସାସ୍ ସିଟି,୪।୭(ଏଜେନ୍ସି): ଜନ୍ ଆରିଆସ୍‌ଙ୍କ ଏକମାତ୍ର ଗୋଲ ବଳରେ ଘାନାକୁ ୧-୦ ଗୋଲରେ ପରାସ୍ତ କରି କଲମ୍ବିଆ ଫିଫା ବିଶ୍ୱକପ୍ ରାଉଣ୍ଡ ଅଫ୍ ୧୬ରେ ପ୍ରବେଶ କରିଛି। କଲମ୍ବିଆ ମଧ୍ୟ ଏହି ମେଗା ଇଭେଣ୍ଟରେ ପ୍ରଥମ ନକ୍‌ଆଉଟ ବିଜୟ ହାସଲ କରିଛି। ଜୁଲାଇ ୬ ତାରିଖ ମଙ୍ଗଳବାର ରାତି ୧ଟା ୩୦ ମିନିଟ୍‌ରେ ଖେଳାଯିବାକୁ ଥିବା ଶେଷ ରାଉଣ୍ଡ ଅଫ୍ ୧୬ ମୁକାବିଲାରେ କଲମ୍ବିଆ ସହ ଏର୍ଲିଙ୍ଗ ହଲାଣ୍ଡଙ୍କ ସ୍ୱିଜରଲାଣ୍ଡର ମୁକାବିଲା ହେବ। ଏଠାରେ ଖେଳାଯାଇଥିବା ମୁକାବିଲା ଶାନ୍ତିପୂର୍ଣ୍ଣ ଭାବେ ଶେଷ ହୋଇଥିଲା। ଖେଳର ୧୪ତମ ମିନିଟ୍‌ରେ ଆରିଆସ୍ ଗୋଲ ସ୍କୋର କରିବା ପରେ ଘାନା ଏହି ଗୋଲ ଶୁଝାଇବାକୁ ଚେଷ୍ଟା କରିଥିଲା। କିନ୍ତୁ ୬୨ ଭାଗ ବଲ୍ ନିୟନ୍ତ୍ରଣରେ ରଖିଥିବା କଲମ୍ବିଆ ଉପରେ ଘାନା ଗୋଟିଏ ହେଲେ ଆକ୍ରମଣ କରି ପାରି ନ ଥିଲା। କଲମ୍ବିଆ ରକ୍ଷଣଭାଗ ଖେଳାଳିଙ୍କ ମଧ୍ୟରେ ଏତେ ଉନ୍ନତ ସମନ୍ୱୟ ଥିଲା ଯେ ଘାନାର ଫରୱାର୍ଡ ଖେଳାଳି ପୋଷ୍ଟ ଏରିଆରେ ଗୋଟିଏ ହେଲେ ଆକ୍ରମଣ କରି ପାରି ନଥିଲେ। ଫଳରେ କଲମ୍ବିଆ ସହଜ ବିଜୟ ହାସଲ କରି ରାଉଣ୍ଡ ଅଫ୍ ୧୬ରେ ସ୍ଥାନ ହାସଲ କରିଥିଲା।



# କାନାଡାକୁ ହରାଇ କ୍ୱାର୍ଟରରେ ମରୋକ୍କୋ

ହଷ୍ଟନ,୪।୭(ଏଜେନ୍ସି): ଯୁଗ୍ମ ଆୟୋଜକ କାନାଡାକୁ ୩-୦ ଗୋଲରେ ହରାଇ ଆଫ୍ରିକୀୟ ରାଷ୍ଟ୍ର ମରୋକ୍କୋ ପ୍ରଥମ ଦଳ ଭାବେ ଚଳିତ ଫିଫା ବିଶ୍ୱକପ୍ ଫୁଟବଲର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ବିଜୟୀ ମରୋକ୍କୋ ପକ୍ଷରୁ ଆଜେଦାଇନ୍ ଓଉନାହି ୨ଟି ଏବଂ ସୌଫିଆନେ ରହିମି ଗୋଟିଏ ଗୋଲ ଦ୍ୱିତୀୟାର୍ଦ୍ଧରେ ସ୍କୋର କରିଥିଲେ। ଆସନ୍ତା ୯ ତାରିଖ ଗୁରୁବାର ରାତି ୧ଟା ୩୦ ମିନିଟ୍‌ରେ ଖେଳାଯିବାକୁ ଥିବା ପ୍ରଥମ କ୍ୱାର୍ଟର ଫାଇନାଲରେ ମରୋକ୍କୋ ଆଜି ରାତିରେ ଅନୁଷ୍ଠିତ ଫ୍ରାନ୍ସ ଓ ପାରାଗୁଏ ମୁକାବିଲାର ବିଜେତାକୁ ଭେଟିବ। ଆଘାତ ସମସ୍ୟା ଓ ଫାଉଲ ଖେଳରେ ଛନ୍ଦିହୋଇପଡ଼ିଥିବା ଏହି ମ୍ୟାଚ୍‌ରେ ରେଫରି ମାଇକେଲ ଅଲିଭର ପ୍ରତ୍ୟେକ ଦଳର ୪ଜଣ ଲେଖାଏଁ ୮ଜଣ ଖେଳାଳିଙ୍କୁ ୟେଲୋକାର୍ଡ ଦେଖାଇଥିଲେ। ମରୋକ୍କୋର ଷ୍ଟ୍ରାଇକର ଇସ୍‌ମାଏଲ ସାଇବାରିଙ୍କ ମାଂସପେସୀ ଟାଣି ହୋଇଯିବାରୁ ସେ ଏହି ମ୍ୟାଚ୍‌ରେ ମାତ୍ର ୧୦ ମିନିଟ୍ ଖେଳିଥିଲେ। ଏହି ମ୍ୟାଚ ଆରମ୍ଭରୁ କାନାଡା ପ୍ରାଧାନ୍ୟ ବିସ୍ତାର କରିଥିଲେ ମଧ୍ୟ ୬୭ ଭାଗ ବଲ ମରୋକ୍କୋ ନିୟନ୍ତ୍ରଣରେ ରହିଥିଲା। ହାଇଡ୍ରେସନ ବ୍ରେକ୍ ପରେ ବଲ ନିୟନ୍ତ୍ରଣକୁ ନେଇ ମରୋକ୍କୋ ଅଧିନାୟକ ଅର୍ଚାଫ୍ ହାକିମି ଓ କାନାଡା ରିଚି ଲାରେୟାଙ୍କ ମଧ୍ୟରେ ଧକ୍କା ମରାମରି ହୋଇଥିଲା। ଏହାକୁ ନେଇ ଉଭୟ ଦଳ ମଧ୍ୟରେ ଉତ୍ତେଜନା ସୃଷ୍ଟି ହୋଇଥିଲା ଓ ପ୍ରଥମାର୍ଦ୍ଧ ଖେଳ ଗୋଲଶୂନ୍ୟ ରହିଥିଲା। ଦ୍ୱିତୀୟାର୍ଦ୍ଧରେ ଉଭୟ ଦଳ ଖେଳ ଉପରେ ଗୁରୁତ୍ୱ ଦେଇଥିଲେ। କିନ୍ତୁ ମରୋକ୍କୋ ଦଳ ଅଧିକ ଯୋଜନାବଦ୍ଧ ଭାବେ ଖେଳିଥିଲା। ବିଶେଷ କରି ଅଧିନାୟକ ହାକିମି ସୁଯୋଗ ସୃଷ୍ଟି କରିଥିଲେ। ତାଙ୍କ ଦ୍ୱାରା ପାସ୍ ପାଇ ଓଉନାହିଁ ୨ଟି ଯାକ ଗୋଲ ସ୍କୋର କରିଥିଲେ। ଖେଳ ବେଶ ରୋମାଞ୍ଚକ ଓ ପ୍ରତିଦ୍ୱନ୍ଦ୍ୱିତା ମୂଳକ ଭାବେ ଶେଷ ହେବାକୁ ଯାଉଥିଲାବେଳେ ଇଞ୍ଜୁରୀ ଟାଇମ୍ ବା ୯୮ତମ ମିନିଟ୍‌ରେ ରହିମି ଆଉ ଏକ ଗୋଲ ଦେଇ ମରୋକ୍କୋର ବିଜୟ ସୁନିଶ୍ଚିତ କରିଥିଲେ।



## ହଲାଣ୍ଡ ଓ ନରୱେକୁ ଡରୁଛି ବ୍ରାଜିଲ୍

ନ୍ୟୁୟର୍କ,୪।୭(ଏଜେନ୍ସି): ବ୍ରାଜିଲ ଓ ନରୱେ ମଧ୍ୟରେ ଚଳିତ ଫିଫା ବିଶ୍ୱକପ୍‌ର ପ୍ରି-କ୍ୱାର୍ଟର ଫାଇନାଲ ମୁକାବିଲା ରବିବାର ଖେଳାଯିବ। ଏହି ମ୍ୟାଚ୍‌ରେ ୫ଥରର ଚାମ୍ପିଅନ ବ୍ରାଜିଲ ଫେବରାଇଟ ବୋଲି ସମସ୍ତେ ଆଶା କରୁଛନ୍ତି। କିନ୍ତୁ ବ୍ରାଜିଲ୍‌ର ହେଡ୍ କୋଚ୍ କାର୍ଲୋ ଆନ୍‌ସେଲୋଟିଙ୍କ ମତ ଭିନ୍ନ। ତାଙ୍କ ମତରେ ନରୱେ ଏକ ଶକ୍ତିଶାଳୀ ଦଳ। ଏହି ଦଳରେ ଏର୍ଲିଙ୍ଗ ହଲାଣ୍ଡଙ୍କ ପରି ସୁପରଷ୍ଟାର ଖେଳାଳି ରହିଛନ୍ତି। ବ୍ରାଜିଲର ରେକର୍ଡ ମଧ୍ୟ ଭଲ ନୁହେଁ। ଉଭୟଙ୍କ ମଧ୍ୟରେ ୪ଥର ମୁକାବିଲା ହୋଇଥିଲେ ନରୱେ ବିପକ୍ଷରେ ଦକ୍ଷିଣ ଆମେରିକାର ଏହି ଶକ୍ତିଶାଳୀ ଦଳ ଗୋଟିଏ ହେଲେ ମ୍ୟାଚ୍ ଜିତିନାହିଁ। ୪ଟି ମୁକାବିଲାରୁ ୨ଟି ମ୍ୟାଚ୍ ଡ୍ର ରହିଥିଲାବେଳେ ୨ଟି ମ୍ୟାଚ୍‌ରେ ପରାଜିତ ହୋଇଛି। ଶେଷଥର ଦଳ ୧୯୯୮ ବିଶ୍ୱକପ୍‌ରେ ହାରିଥିଲା। ଚଳିତ ବିଶ୍ୱକପ୍‌ରେ ବ୍ରାଜିଲ ମଧ୍ୟ ଭଲ ଖେଳି ନାହିଁ। ଯଦିଓ ଦଳ ତାହାର ଶେଷ ୪ଟି ମ୍ୟାଚ୍‌ରେ ୩ଟି ବିଜୟ ହାସଲ କରିଛି ତଥାପି ଜାପାନ ବିପକ୍ଷ ରାଉଣ୍ଡ ଅଫ୍ ୩୨ ମ୍ୟାଚ୍ ଜିତିବାକୁ ୯୫ ମିନିଟ୍ ଯାଏ ଅପେକ୍ଷା କରିବାକୁ ପଡ଼ିଥିଲା। ଗାବ୍ରିଏଲ ମାର୍ଟିନେଲୀଙ୍କ ଗୋଲ ବଳରେ ବ୍ରାଜିଲ ଏହି ମ୍ୟାଚ୍ ଜିତିଥିଲା। ଯେଉଁ କଳାତ୍ମକ ଖେଳ ଲାଗି ବ୍ରାଜିଲର ଖ୍ୟାତି ରହିଛି ତାହା ଏପର୍ଯ୍ୟନ୍ତ ଦେଖିବାକୁ ମିଳିନାହିଁ। ଦଳର ସୁପରଷ୍ଟାର ନେମାର ମଧ୍ୟ ଫିଟ୍ ହୋଇ ନାହାନ୍ତି। ଏପରି ସ୍ଥଳେ ଭିନିସିଅସ ଜୁନିଅରଙ୍କ ଖେଳ ଉପରେ ବ୍ରାଜିଲ ନିର୍ଭର କରୁଛି। ଅନ୍ୟ ପକ୍ଷରେ ନରୱେ ହେଡ୍ କୋଚ୍ ଷ୍ଟେଲ ସୋଲବାକେନ୍ ମଧ୍ୟ ବ୍ରାଜିଲକୁ ସମ୍ମାନ ଦିଅନ୍ତି। ତାଙ୍କ ମତରେ ଆମ ବିପକ୍ଷରେ ବ୍ରାଜିଲ ସହଜରେ ବିଜୟୀ ହୋଇପାରିବ ନାହିଁ। ଷ୍ଟେଲ୍‌ଙ୍କ ମତରେ ବ୍ରାଜିଲ ଏବେ ଫର୍ମକୁ ଫେରିଆସିଲାଣି। ଖେଳାଳିଙ୍କ ମଧ୍ୟରେ ସମନ୍ୱୟ ରହିଛି। ପ୍ରତ୍ୟେକ ମ୍ୟାଚ୍‌ରେ ଦଳର ଖେଳରେ ଉନ୍ନତି ହୋଇଛି। ପ୍ରତ୍ୟେକ ପୋଜିସନରେ ସେମାନଙ୍କର ଶ୍ରେଷ୍ଠ ଖେଳାଳିମାନେ ରହିଛନ୍ତି।

## ଅଷ୍ଟ୍ରେଲିଆ ସୁଟ୍‌ଆଉଟ; ନକ୍‌ଆଉଟରେ ଇଜିପ୍ଟର ପ୍ରଥମ ବିଜୟ

ଡଲାସ,୪।୭(ଏଜେନ୍ସି)

ଏଠାରେ ଶୁକ୍ରବାର ରାତିରେ ଖେଳାଯାଇଥିବା ରାଉଣ୍ଡ-୩୨ର ଏକ ମୁକାବିଲାରେ ଇଜିପ୍ଟ ୪-୨ ପେନାଲ୍ଟି ସୁଟ୍‌ଆଉଟରେ ଅଷ୍ଟ୍ରେଲିଆକୁ ପରାସ୍ତ କରି ରାଉଣ୍ଡ ଅଫ୍ ୧୬ରେ ପ୍ରବେଶ କରିଛି। ଏହା ଫଳରେ ଇଜିପ୍ଟ ପ୍ରଥମଥର ଲାଗି ନକ୍‌ଆଉଟ ମୁକାବିଲାରେ ବିଜୟୀ ହୋଇଛି। ଜୁଲାଇ ୭ ତାରିଖ ମଙ୍ଗଳବାର ରାତିରେ ଖେଳାଯିବାକୁ ଥିବା ରାଉଣ୍ଡ ଅଫ୍ ୧୬ ବା ପ୍ରି-କ୍ୱାର୍ଟରଫାଇନାଲରେ ଇଜିପ୍ଟ ସହ ଆର୍ଜେଣ୍ଟିନାର ମୁକାବିଲା ହେବ। ରାଉଣ୍ଡ ଅଫ୍ ୩୨ର ଶେଷ ମୁକାବିଲାରେ କେପ୍ ଭର୍ଡକୁ ଅତିରିକ୍ତ ସମୟରେ ୩-୨ ଗୋଲରେ ପରାସ୍ତ କରି ଆର୍ଜେଣ୍ଟିନା ପ୍ରି-କ୍ୱାର୍ଟର ଫାଇନାଲକୁ ଉନ୍ନୀତ ହୋଇଛି।

ଡଲାସ ଷ୍ଟାଡିୟମ୍‌ରେ ଖେଳାଯାଇଥିବା ଇଜିପ୍ଟ ସହ ମ୍ୟାଚ୍‌ରେ ଅଷ୍ଟ୍ରେଲିଆ ଜୋରଦାର ମୁକାବିଲା କରିଥିଲା। ଖେଳର ୧୩ତମ ମିନିଟ୍‌ରେ କରିମ୍ ହାଫିଜ୍‌ଙ୍କଠାରୁ ପାଶ୍ ପାଇ ଏମାମ ଆଶୋର ଇଜିପ୍ଟ ଲାଗି ପ୍ରଥମ ଗୋଲ ଦେଇଥିଲେ। ଫିଫା ବିଶ୍ୱକପ୍ ନକ୍‌ଆଉଟରେ ଏହା ଥିଲା ଇଜିପ୍ଟର ପ୍ରଥମ ଗୋଲ। ଏହା ପରେ ଖେଳର ୫୫ତମ ମିନିଟ୍‌ରେ ମହମ୍ମଦ୍ ହାନିଙ୍କ ଆତ୍ମଘାତୀ ଗୋଲ ବଳରେ ଖେଳ ୧-୧ ଗୋଲରେ ସମାନସ୍ତରରେ ରହିଥିଲା। ଅତିରିକ୍ତ ସମୟରେ ଖେଳର ମିମାଂସା ହୋଇ ନ ପାରିବାରୁ ପେନାଲ୍ଟି ସୁଟ୍‌ଆଉଟର ସହାୟତା ନିଆଯାଇଥିଲା। ଏଥିରେ ଇଜିପ୍ଟ ପ୍ରଥମ ୪ଟି ସଟ୍‌କୁ ଗୋଲରେ ପରିଣତ କରିଥିଲା। ଅଷ୍ଟ୍ରେଲିଆ ୪ଟି ମଧ୍ୟରୁ ଗୋଟିଏ ସଟ୍ ପୋଷ୍ଟ ବାହାରେ ମାରି ମିସ୍ କରିଥିଲା। ଅନ୍ୟ ଏକ ସଟ୍ ପୋଷ୍ଟ ବାର୍‌ରେ ବାଜି ଫେରିଆସିଥିଲା। ଫଳରେ ଏସିଆ ମହାଦେଶର ଏହି ଶେଷ ଦଳ ରାଉଣ୍ଡ-୩୨ ମୁକାବିଲାକୁ ୨-୪ରେ ହାରିଯାଇଥିଲା।



## କେପ୍ ଭର୍ଡ ଆକ୍ରମଣରୁ ବର୍ତ୍ତିଗଲା ଆର୍ଜେଣ୍ଟିନା

ମିଆମି,୪।୭(ଏଜେନ୍ସି): ଉତ୍ସାହୀ ଓ ଦୁଃସାହସ ଖେଳ ପ୍ରଦର୍ଶନ କରୁଥିବା କେପ୍ ଭର୍ଡ ଆକ୍ରମଣରୁ ବର୍ତି ଡିଫେଣ୍ଡିଂ ଚାମ୍ପିଅନ ଆର୍ଜେଣ୍ଟିନା ରାଉଣ୍ଡ ଅଫ୍ ୧୬ରେ ପ୍ରବେଶ କରିଛି। ଏହା ଫଳରେ ଚଳିତ ବିଶ୍ୱକପ୍‌ରେ କେପ୍ ଭର୍ଡର ସ୍ମରଣୀୟ ଅଭିଯାନ ଶେଷ ହୋଇଛି। ଅନ୍ୟପକ୍ଷରେ ଇଜିପ୍ଟ ସହ ରାଉଣ୍ଡ ଅଫ୍ ୧୬ ମୁକାବିଲା କରିବାକୁ ଆର୍ଜେଣ୍ଟିନା ସୁଯୋଗ ପାଇଛି। ଏହି ମୁକାବିଲାରେ ସୁପରଷ୍ଟାର ଲିଓନେଲ ମେସି ଖେଳର ୨୯ତମ ମିନିଟ୍‌ରେ ପ୍ରଥମ ଗୋଲ ସ୍କୋର କରି ଆର୍ଜେଣ୍ଟିନାକୁ ଅଗ୍ରଣୀ ଦେଇଥିଲେ। ଦ୍ୱିତୀୟାର୍ଦ୍ଧର ୫୯ତମ ମିନିଟ୍‌ରେ କେପ୍ ଭର୍ଡର ଡେରଏ ଡୁଆର୍ଟେ ଗୋଲ ଶୁଝାଇ ଖେଳକୁ ସମାନସ୍ତରକୁ ନେଇଆସିଥିଲେ। ନିର୍ଦ୍ଧାରିତ ସମୟରେ ଖେଳ ୧-୧ ଗୋଲରେ ସମାନସ୍ତରରେ ରହିବାରୁ ଅତିରିକ୍ତ ସମୟର ସହାୟତା ନିଆଯାଇଥିଲା। ଖେଳର ୯୨ତମ ମିନିଟ୍‌ରେ ଆର୍ଜେଣ୍ଟିନାର ଲିସାଣ୍ଡ୍ରୋ ମାର୍ଟିନେଜ୍ ଓ ୧୦୩ତମ ମିନିଟ୍‌ରେ କେପ୍ ଭର୍ଡର ସିଡ୍‌ନୀ ଲୋପେଜ୍ କାର୍ବାଲ ଗୋଲ ସ୍କୋର କରିବା ପରେ ଖେଳ ୨-୨ ଗୋଲରେ ସମାନସ୍ତରରେ ଚାଲିଥିଲା। ୧୧୧ତମ ମିନିଟ୍‌ରେ ଏକ ଦୁର୍ଭାଗ୍ୟଜନକ ଗୋଲ କେପ୍ ଭର୍ଡକୁ ବିଶ୍ୱକପ୍‌ରୁ ବିଦା କରିଥିଲା। ଦଳର ପୋଷ୍ଟ ପାଖକୁ ମରାଯାଇଥିବା ପାସ୍‌କୁ ଆର୍ଜେଣ୍ଟିନାର କ୍ରିଷ୍ଟିଆନୋ ରୋମେରୋ ହେଡ୍ କରିଥିଲେ। ଏହା ପରେ ବଲଟି ଡିଫେଣ୍ଡର ଡିନେ ବୋର୍ଜେସଙ୍କ କାନ୍ଧରେ ବାଜି କେପ୍ ଭର୍ଡର ପୋଷ୍ଟ ମଧ୍ୟକୁ ଚାଲିଯାଇଥିଲା। ଏଥିରୁ ଆଉ ମୁକୁଳି ନପାରି ମ୍ୟାଚ୍‌କୁ କେପ୍ ଭର୍ଡ ହାତଛଡ଼ା କରିଥିଲା।



## ରେକର୍ଡ ଟାଇଟଲ ଲକ୍ଷ୍ୟରେ ଅଷ୍ଟ୍ରେଲିଆ

ଲଣ୍ଡନ, ୪।୭ (ଏଜେନ୍ସି): ଚଳିତ ଆଇସିସି ମହିଳା ଟି-୨୦ ବିଶ୍ୱକପର ୧୦ମ ସଂସ୍କରଣ ଚୂଡ଼ାନ୍ତ ପର୍ଯ୍ୟାୟରେ ଉପନୀତ ହୋଇଛି। ଟାଇଟଲ୍ ପାଇଁ ରବିବାର ଦୁଇ ଶକ୍ତିଶାଳୀ ଦଳ ଅଷ୍ଟ୍ରେଲିଆ ଓ ଇଂଲଣ୍ଡ ସାମ୍ନାସାମ୍ନି ହେବେ। ଐତିହାସିକ ଲର୍ଡ୍ସ ଗ୍ରାଉଣ୍ଡରେ ରାତି ୮ଟାରେ ଏହି ଗ୍ରାଣ୍ଡଫାଇନାଲ ମ୍ୟାଚ ଆରମ୍ଭ ହେବ। ପୂର୍ବରୁ ପ୍ରଥମ ସେମିଫାଇନାଲରେ ଅଷ୍ଟ୍ରେଲିଆ ୮ ୱିକେଟରେ ୱେଷ୍ଟଇଣ୍ଡିଜକୁ ହରାଇଥିଲା। ସେହିଭଳି ଆୟୋଜକ ଇଂଲଣ୍ଡ ଦ୍ୱିତୀୟ ସେମିଫାଇନାଲରେ ଦକ୍ଷିଣ ଆଫ୍ରିକାକୁ ୪୦ ରନରେ ପରାସ୍ତ କରି ଫାଇନାଲରେ ପହଞ୍ଚିଛି। ସୋଫି ମୋନିଲେକ୍ସଙ୍କ ନେତୃତ୍ୱାଧୀନ ଅଷ୍ଟ୍ରେଲିଆ ଏଠାରେ ଇଂଲଣ୍ଡକୁ ହରାଇ ରେକର୍ଡ ୭ମଥର ଲାଗି ଟାଇଟଲ୍ ଜିତିବାକୁ ଲକ୍ଷ୍ୟ ରଖିଛି। ସେହିଭଳି ଘରୋଇ ଇଂଲଣ୍ଡ ୧୭ ବର୍ଷ ପରେ ଦ୍ୱିତୀୟଥର ଟି-୨୦ ବିଶ୍ୱକପ ଜିତିବା ଲକ୍ଷ୍ୟରେ ରହିଛି। ୨୦୦୯ରେ ଏହି ଲର୍ଡ୍ସ ଗ୍ରାଉଣ୍ଡରେ ଅନୁଷ୍ଠିତ ପ୍ରଥମ ସଂସ୍କରଣର ଫାଇନାଲରେ ୬ ୱିକେଟରେ ନ୍ୟୁଜିଲାଣ୍ଡକୁ ହରାଇ ଇଂଲଣ୍ଡ ପ୍ରଥମ ଓ ଶେଷଥର ଲାଗି ଚାମ୍ପିଅନ ହୋଇଥିଲା। ଯଦି ଇଂଲଣ୍ଡ ରବିବାର ବିଜୟୀ ହୁଏ ତେବେ ବିଶ୍ୱର ଦ୍ୱିତୀୟ ଦଳ ଭାବେ ଏକାଧିକଥର ଟି-୨୦ ବିଶ୍ୱକପ ଜିତିବାର ସୌଭାଗ୍ୟ ଲାଭ କରିବ। ତେଣୁ ଇଂଲଣ୍ଡ ୧୭ ବର୍ଷ ପରେ ପୁଣିଥରେ ଲର୍ଡ୍ସରେ ସଫଳତା ଦୋହରାଇବାକୁ ଲକ୍ଷ୍ୟ ରଖିଛି।

**ଆଇସିସି ମହିଳା ଟି-୨୦ ବିଶ୍ୱକପ୍ ଫାଇନାଲ ଆଜି**

## ୱିମ୍ବଲଡନ ଟେନିସରେ ବିପର୍ଯ୍ୟୟ
## ହାରିଲେ ରିବାକିନା, ସ୍ୱିଆଟେକ

ଲଣ୍ଡନ,୪।୭(ଏଜେନ୍ସି): ଏଠାରେ ଚାଲିଥିବା ୱିମ୍ବଲଡନ ଟେନିସ ଟୁର୍ଣ୍ଣାମେଣ୍ଟର ମହିଳା ଏକକ ତୃତୀୟ ରାଉଣ୍ଡ ମୁକାବିଲାରେ ଏକାଧିକ ସିଡେଡ ଖେଳାଳି ପରାଜିତ ହୋଇଛନ୍ତି। ଆଜି ଅନୁଷ୍ଠିତ ମହିଳା ଏକକରେ ଦ୍ୱିତୀୟ ସିଡ୍ ଏଲିନା ରିବାକିନା (ବନାମ ଏଲିସେ ମେର୍ଟେନ୍ସ), ତୃତୀୟ ସିଡ୍ ଇଗା ସ୍ୱିଆଟେକ୍ (ବନାମ ଆଲେକ୍‌ଜାଣ୍ଡ୍ରା ଏଲା) ଓ ଷଷ୍ଠ ସିଡ୍ ଆମାଣ୍ଡା ଆନିସିମୋଭା (ବନାମ ମାଡିସନ୍ କିଜ୍‌ଙ୍କଠାରୁ) ପରାଜିତ ହୋଇଛନ୍ତି। କିନ୍ତୁ ୯ମ ସିଡ୍ ଲିଣ୍ଡା ନୋସ୍କୋଭା, ୧୩ଶ ସିଡ୍ ଜସ୍ମିନ୍ ପାଓଲିନ୍ ବିଜୟୀ ହୋଇ ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି। ପୁରୁଷ ବିଭାଗ ଏକକରେ ଦ୍ୱିତୀୟ ସିଡ୍ ଆଲେକ୍‌ଜାଣ୍ଡ ଜ୍ୱେରେଭ୍, ୫ମ ସିଡ୍ ଆଲେକ୍ସ ଡି ମିନାଉର, ୯ମ ସିଡ୍ ଫାବିଓ କୋବୋଲି (ବନାମ କାରେନ ଖାଚାନୋଭ ୩-୨ରେ) ଓ ୧୩ଶ ସିଡ୍ ଜିରି ଲେହେକା ବିଜୟ ହାସଲ କରି ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି।

■ ଜାତୀୟ ବରିଷ୍ଠ ମିନିଗଲ୍ଫ ଚାମ୍ପିଅନସିପ

## ଓଡ଼ିଶାକୁ ୨୦ ପଦକ; ମହିଳା ପ୍ରଥମ



ଭୁବନେଶ୍ୱର, ୪।୭ (ସମିସ): ଛତିଶଗଡ଼ର ରାୟପୁରଠାରେ ୧୧ତମ ଜାତୀୟ ବରିଷ୍ଠ ମିନିଗଲ୍ଫ ଚାମ୍ପିଅନସିପ୍ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଓଡ଼ିଶା ମିନିଗଲ୍ଫ ଦଳ ମୋଟ ୨୦ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୫ଟି ସ୍ୱର୍ଣ୍ଣ, ୬ଟି ରୌପ୍ୟ ଓ ୯ଟି କାଂସ୍ୟ ପଦକ ରହିଛି। ଏଥିସହ ଓଡ଼ିଶା ମହିଳା ଦଳ ଉଲ୍ଲେଖନୀୟ ପ୍ରଦର୍ଶନ କରି ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଲାଭ କରିଛି। ଏହି ସଫଳତା ଲାଗି ଓଡ଼ିଶା ମିନିଗଲ୍ଫ ସଂଘ ପକ୍ଷରୁ ସମସ୍ତ ଖେଳାଳି ଓ କୋଚଙ୍କୁ ଶୁଭେଚ୍ଛା ପ୍ରଦାନ କରାଯାଇଛି।

**ଭାରତ ପାଇଁ ସର୍ବକନିଷ୍ଠ ପଦାର୍ପଣକାରୀ ହେଲେ ସୂର୍ଯ୍ୟବଂଶୀ**

# ବିଷ ଭରିଦେଲେ ବିଷ୍ଣୋଇ

ମାଞ୍ଚେଷ୍ଟର,୪।୭(ଏଜେନ୍ସି): ଏଠାରେ ଆଜି ଅନୁଷ୍ଠିତ ଇଂଲଣ୍ଡ ବିପକ୍ଷ ଦ୍ୱିତୀୟ ଟି-୨୦ ମୁକାବିଲାରେ ଭାରତକୁ ବିଷ ଭରିଦେଇଛନ୍ତି ଅନାମଧେୟ ଲେଗ୍ ସ୍ପିନର ରବି ବିଷ୍ଣୋଇ। ଭାରତୀୟ ଦର୍ଶକଙ୍କ ଭରପୁର ଉପସ୍ଥିତିରେ ଘରୋଇ ଇଂଲଣ୍ଡ ଆଗରେ ଏହି ମ୍ୟାଚ୍ ଜିତିବାକୁ ଭାରତ ୧୯୧ ରନ୍‌ର ଲକ୍ଷ୍ୟ ଦେଇଥିଲା। ଇଂଲଣ୍ଡ ଇନିଂସର ପ୍ରଥମ ଓଭରରେ ଅର୍ଶଦୀପ ସିଂହ ଦୁଇ ଓପନରଙ୍କୁ ଆଉଟ କରି ବଡ଼ ସଫଳତା ମଧ୍ୟ ଦେଇଥିଲେ। ତାଙ୍କ ବ୍ୟତୀତ ଅନ୍ୟ ବୋଲରଙ୍କ ଦିଶାହୀନ ବୋଲିଂ ସତ୍ତ୍ୱେ ୧୬ ଓଭର ଖେଳ ଶେଷ ବେଳକୁ ଇଂଲଣ୍ଡ ୫ ୱିକେଟ ହରାଇ ୧୪୨ ରନ୍ କରିଥିଲା। ଏହି ସମୟରେ ଦଳକୁ ମ୍ୟାଚ୍ ଜିତିବା ଲାଗି ଶେଷ ୪ ଓଭର ବା ୨୪ଟି ବଲ୍‌ରେ ୪୯ ରନ୍ ଆବଶ୍ୟକ ହେଉଥିଲା। ୧୭ତମ ଓଭର ବୋଲିଂ କରିବାକୁ ଆସିଥିବା ରବି ବିଷ୍ଣୋଇ ନିଜର ଚମତ୍କାର ବୋଲିଂ ବଳରେ ଦାନ କରିଥିଲେ ୨୯ ରନ୍। ଏହି ଓଭରରେ ବେଥେଲ ୩ଟି ଛକା, ଗୋଟିଏ ଚୌକା ଓ ୨ଟି ୨ରନ୍ ଲେଖାଏଁ ସଂଗ୍ରହ କରିଥିଲେ। ଏହା ବ୍ୟତୀତ ବିଷ୍ଣୋଇ ଆହୁରି ଦୟା ଦେଖାଇ ୨ଟି ନୋବଲ୍‌ରୁ ୩ ରନ୍ ଦେଇଥିଲେ। ବିଷ୍ଣୋଇଙ୍କ ଏହି ବିଶୃଙ୍ଖଳିତ ଓ ଲଜ୍ଜାଜନକ ବୋଲିଂ ଫଳରେ ଇଂଲଣ୍ଡ ଗୋଟିଏ ଓଭର ଓ ୪ଟି ୱିକେଟ ବାକିଥାଇ ବିଜୟ ଲକ୍ଷ୍ୟରେ ପହଞ୍ଚିଥିଲା। ଦଳ ପକ୍ଷରୁ ୪୬ବଲ୍‌ରେ ୫ଟି ଲେଖାଏଁ ଚୌକା ଓ ଛକା ସହ ୭୬ ରନ୍ କରିଥିବା ଜ୍ୟାକବ ବେଥେଲଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ଇଂଲଣ୍ଡ ୧ରନ୍‌ରେ ୨ଟି ଓ ୫୧ ରନ୍‌ରେ ୩ଟି ୱିକେଟ ହରାଇଥିଲାବେଳେ ହ୍ୟାରୀ ବ୍ରୁକ୍‌ଙ୍କ ୧୫ ବଲ୍‌ରୁ ଏବଂ ଟମ୍ ବାଣ୍ଟନଙ୍କ ୩୨ ବଲ୍‌ରୁ ୩୯ ରନ୍ ଲେଖାଏଁ ସଂଗ୍ରହ ବେଶ୍ ଉପଯୋଗୀ ହୋଇଥିଲା। ପୂର୍ବରୁ ୧୫ ବର୍ଷ ୯୯ ଦିନରେ ସର୍ବକନିଷ୍ଠ ଖେଳାଳି ଭାବେ ଏଠାରେ ଅନ୍ତର୍ଜାତୀୟ ଡେବ୍ୟୁ କରିଥିବା ବୈଭବ ସୂର୍ଯ୍ୟବଂଶୀ ମଧ୍ୟ ୧୦ ବଲ୍‌ରେ ୧୪ ରନ୍ କରି ଭାରତକୁ ନିରାଶ କରିଥିଲେ। ଦଳର ଜଣେ ହେଲେ ଖେଳାଳି ବେଶି ସମୟ କ୍ରିଜ୍‌ରେ ତିଷ୍ଠି ନ ଥିଲେ। ଇଶାନ କିଶାନ ୪୯ ଓ ଅଭିଷେକ ଶର୍ମା ୪୩ ରନ୍ କରିଥିଲେ ମଧ୍ୟ ଆବଶ୍ୟକ ବେଳେ ନିଜ ୱିକେଟ ଫିଙ୍ଗିଦେଇଥିଲେ।

## ସଚିନଙ୍କ ୩୭ ବର୍ଷର ରେକର୍ଡ ଭାଙ୍ଗିଲା



ଯୁବ ବିସ୍ଫୋରକ ଓପନର ବୈଭବ ସୂର୍ଯ୍ୟବଂଶୀ ଭାରତ ପାଇଁ ଅନ୍ତର୍ଜାତୀୟ କ୍ରିକେଟରେ ପଦାର୍ପଣ କରିଛନ୍ତି। ଶନିବାର ଓଲ୍ଡ ଟ୍ରାଫୋର୍ଡରେ ଘରୋଇ ଇଂଲଣ୍ଡ ଓ ଭାରତ ମଧ୍ୟରେ ଅନୁଷ୍ଠିତ ଦ୍ୱିତୀୟ ଟି-୨୦ ମ୍ୟାଚ୍ ଖେଳି ସୂର୍ଯ୍ୟବଂଶୀ ଅନ୍ତର୍ଜାତୀୟ କ୍ରିକେଟରେ ପାଦ ଥାପି ଏକାଧିକ ରେକର୍ଡ ଭଙ୍ଗ କରିଛନ୍ତି। ସେ ଅନ୍ତର୍ଜାତୀୟ କ୍ରିକେଟ୍ ଖେଳିବାରେ ଭାରତ ପାଇଁ ସର୍ବକନିଷ୍ଠ କ୍ରିକେଟର୍ ହୋଇଛନ୍ତି। ଶନିବାର ପଦାର୍ପଣ କରିବା ସମୟରେ ସୂର୍ଯ୍ୟବଂଶୀଙ୍କୁ ୧୫ ବର୍ଷ ୯୯ ଦିନ ହୋଇଥିଲା। ଏହିକ୍ରମରେ ସୂର୍ଯ୍ୟବଂଶୀ ୩୭ ବର୍ଷ ତଳର ସଚିନ ତେନ୍ଦୁଲକରଙ୍କ ନାମରେ ରହିଥିବା ରେକର୍ଡକୁ ଭଙ୍ଗ କରିଛନ୍ତି। ୧୯୮୯ ସଚିନ ପାକିସ୍ତାନ ବିପକ୍ଷରେ ତାଙ୍କର ପ୍ରଥମ ଅନ୍ତର୍ଜାତୀୟ ମ୍ୟାଚ ଖେଳିବାବେଳକୁ ତାଙ୍କୁ ୧୬ ବର୍ଷ ୨୦୫ ଦିନ ବୟସ ହୋଇଥିଲା।

**ସଂକ୍ଷିପ୍ତ ସ୍କୋର**

**ଭାରତ: ୧୯୦/୭, ୨୦ ଓଭର** (ଇଶାନ-୪୯, ଅଭିଷେକ-୪୩, ଆୟର-୩୭, ତିଳକ-୨୪, ସାମ କରାନ-୩/୩୩)।
**ଇଂଲଣ୍ଡ: ୧୯୧/୬, ୧୯ ଓଭର** (ବେଥେଲ ଅପରାଜିତ ୭୫, ବ୍ରୁକ୍-୩୯, ବାଣ୍ଟନ-୩୯, ଅର୍ଶଦୀପ -୩/୪୦)।

ସକାଳ THE SAKALA
www.thesakala.in
The Sakala require the following post for Head Office urgently.
ADVERTISEMENT EXECUTIVE
Qualification: MBA with 5 yrs. experience.
Send your CV by 10.07.2026 to
Asst. Manager HR
Email: hr@thesakala.com
Mob.: 8249526803
THE SAKALA
(A unit of Nandighosha Network Pvt. Ltd.)
Plot No.: 90 & 91, Bhagabanpur I/E, Bhubaneswar

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS